RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

BHUBANESWAR | •VOLUME- 43 •ISSUE-81 •SUNDAY •14 SEPTEMBER 2025 •PAGE-12 •₹ 6.00

•ବର୍ଷ-୪୩ •ସଂଖ୍ୟା-୮୧ •ରବିବାର •୧୪ ସେପ୍ଟେମ୍ବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦


# ବିଶ୍ୱର ପ୍ରଥମ ଏଆଇ ମନ୍ତ୍ରୀ 'ଡାଏଲା'



## ଦୁର୍ନୀତି ରୋକିବାକୁ ନିଯୁକ୍ତ କଲା ଆଲ୍‌ବେନିଆ

■ ଟିରାନ,୧୩।୯(ଏଜେନ୍ସି): ବିଶ୍ୱର ପ୍ରଥମ ଦେଶ ଭାବେ ଆଲ୍‌ବେନିଆ ଏକ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ମନ୍ତ୍ରୀଙ୍କୁ ନିଯୁକ୍ତି ଦେଇଛି। ୟୁରୋପୀୟ ଦେଶ ଆଲ୍‌ବେନିଆର ଏହି ଏଆଇ ମନ୍ତ୍ରୀଙ୍କୁ ନେଇ ଚର୍ଚ୍ଚା ଆରମ୍ଭ ହୋଇଛି। କୌଣସି ବ୍ୟକ୍ତି ଏହି ମନ୍ତ୍ରୀପଦରେ ନାହାନ୍ତି। ବରଂ ଏହା ପିକ୍ସଲ ଓ କୋଡ୍ ଦ୍ୱାରା ତିଆରି ହୋଇଥିବା ଏକ ଆଭାସୀ ମନ୍ତ୍ରୀ। ଏହା ସମ୍ପୂର୍ଣ୍ଣ ଭାବେ ଏଆଇ ଦ୍ୱାରା କାମ କରିବ। ଏହାର ନାମ 'ଡାଏଲା' ରଖାଯାଇଛି। ଆଲ୍‌ବେନିଆ ଭାଷାରେ 'ଡାଏଲା' ଅର୍ଥ ଖରା ବା ସୂର୍ଯ୍ୟ। ଦୁର୍ନୀତି ରୋକିବାକୁ ଆଲ୍‌ବେନିଆ ଏହି ଅଭିନବ ଉପାୟ ଅବଲମ୍ବନ କରିଛି। ପ୍ରଧାନମନ୍ତ୍ରୀ ଏଡି ରାମା ଚତୁର୍ଥଥର ପାଇଁ ନିର୍ବାଚନ ଜିତିବା ପରେ କିଛିମାସ ପରେ ଡାଏଲାଙ୍କୁ ନିଜ କ୍ୟାବିନେଟ୍‌ରେ ସାମିଲ କରିଛନ୍ତି। ଡାଏଲାଙ୍କୁ ସରକାରୀ ପାଣ୍ଠି ପ୍ରକଳ୍ପ ଓ ପବ୍ଲିକ ଟେଣ୍ଡରରେ ଦୁର୍ନୀତି ରୋକିବାକୁ ଦାୟିତ୍ୱ ପ୍ରଦାନ କରାଯାଇଛି। କିନ୍ତୁ ବିରୋଧୀ ଦଳ ଡେମୋକ୍ରାଟିକ ପାର୍ଟି ଏହାକୁ ସମାଲୋଚନା କରିଛି ଓ ଏହାକୁ ପବ୍ଲିସିଟି ଷ୍ଟଣ୍ଟ ଅର୍ଥାତ ପ୍ରଚାର ସର୍ବସ୍ୱ ବୋଲି ଅଭିହିତ କରିଛି। ଏହାପୂର୍ବରୁ ଡାଏଲା ଆଲ୍‌ବେନିଆରେ କାର୍ଯ୍ୟ କରିଛି। ସେ ଏକ ଏଆଇ ଆଭାସୀ ଆସିଷ୍ଟାଣ୍ଟ ଭାବେ ନାଗରିକଙ୍କୁ ସରକାରୀ କାଗଜପତ୍ର ଦେବାରେ ସହାୟତା ପ୍ରଦାନ କରିଛି। ଏହି କ୍ରମରେ ସେ ୧୦ ଲକ୍ଷ ଲୋକଙ୍କୁ ସାହାଯ୍ୟ କରିଛି ଓ ଆଲ୍‌ବେନିଆ ନାଗରିକ ଡାଏଲା ସହ ପୂର୍ବରୁ ପରିଚିତ ଅଛନ୍ତି।

# ରାଜସ୍ଥାନରୁ ୧୫ରେ ମୌସୁମୀର ଲେଉଟାଣି

## ଏଥର ୭ ପ୍ରତିଶତ ଅଧିକ ବର୍ଷା ହେଲାଣି

## ହିମାଚଳରେ ପୁଣି ବାଦଲ୍‌ଫଟା ବର୍ଷା

■ ନୂଆଦିଲ୍ଲୀ, ୧୩।୯(ଏଜେନ୍ସି): ଏଥର ଦେଶରେ ରାଜସ୍ଥାନରୁ ହିଁ ମୌସୁମୀ ବିଦାୟ ନେବା ପ୍ରକ୍ରିୟା ଆରମ୍ଭ କରିବ। ସେପ୍ଟେମ୍ବର ୧୫ରୁ ମୌସୁମୀ ଭାରତର ଏହି ଉତ୍ତରପଶ୍ଚିମ ରାଜ୍ୟରୁ ମେଲାଣି ନେବା ଆରମ୍ଭ କରିବାର ଯଥେଷ୍ଟ ସମ୍ଭାବନା ରହିଛି। ସାଧାରଣତଃ ମୌସୁମୀ ସେପ୍ଟେମ୍ବର ୧୭ରୁ ଫେରିବା ଆରମ୍ଭ କରିଥାଏ ଓ ଅକ୍ଟୋବର ୧୫ରେ ଦେଶରୁ ସମ୍ପୂର୍ଣ୍ଣ ଭାବେ ବିଦାୟ ନେଇଥାଏ। ସୂଚନାଯୋଗ୍ୟ ଯେ ଏଥର ମୌସୁମୀ ମେ ୨୪ରେ କେରଳରେ ପ୍ରଥମେ ପ୍ରବେଶ କରିଥିଲା। ୨୦୦୯ ପରେ ସବୁଠାରୁ ଶୀଘ୍ର ଅର୍ଥାତ ୮ ଦିନ ପୂର୍ବରୁ ଆସିଥିଲା। ଏହାପରେ ▶ପୃଷ୍ଠା-୧୦



## ଭାରତ, ଚୀନ ଉପରେ କଠୋର କଟକଣା ପାଇଁ ମସୁଧା

# ସହଯୋଗୀ ଖୋଜୁଛନ୍ତି ଟ୍ରମ୍ପ



■ ୱାଶିଂଟନ, ୧୩।୯ (ଏଜେନ୍ସି): ବ୍ୟସ୍ତ ବିବ୍ରତ ହୋଇପଡ଼ିଲେଣି ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ। ଯେତେ ଯାହା କଲେ ମଧ୍ୟ ରୁଷ-ୟୁକ୍ରେନ ଯୁଦ୍ଧ ଅଟକାଇ ପାରୁ ନାହାନ୍ତି। ନୋବେଲ ଶାନ୍ତି ପୁରସ୍କାର ପାଇଁ ବ୍ୟାକୁଳ ଥିବା ଟ୍ରମ୍ପ ତାଙ୍କର ସମସ୍ତ ରାଗ ଭାରତ ଉପରେ ଶୁଝାଉଛନ୍ତି। ରୁଷ ଉପରେ ଚାପ ପକାଇବା ଉଦ୍ଦେଶ୍ୟରେ ଭାରତୀୟ ସାମଗ୍ରୀ ଉପରେ ସେ ୫୦ ପ୍ରତିଶତ ଶୁଳ୍କ ମଧ୍ୟ ଲଗାଇଛନ୍ତି। ଏହାସତ୍ତ୍ୱେ ରୁଷରୁ ତେଲ କିଣିବା ଅବ୍ୟାହତ ରଖିବା ସହିତ ଚୀନ ଓ ରୁଷ ସହିତ ବନ୍ଧୁତା ବଢ଼ାଇ ଚାଲିଛି ଭାରତ। ଏହାକୁ ନେଇ ଅସହାୟ ହୋଇପଡ଼ିଛନ୍ତି ଟ୍ରମ୍ପ। ତେଣୁ ଆମେରିକା ଭଳି ଭାରତ ଓ ଚୀନ ଉପରେ ଅଧିକ ଶୁଳ୍କ ଧାର୍ଯ୍ୟ କରିବା ଲାଗି ସେ ଜି-୭ ରାଷ୍ଟ୍ର ଓ ୟୁରୋପୀୟ ୟୁନିଅନ୍ ଉପରେ ଚାପ ପକାଉଛନ୍ତି। ଦରକାର ପଡ଼ିଲେ ଏହି ଦେଶମାନଙ୍କ ଉପରେ ଶହେ ପ୍ରତିଶତ ଶୁଳ୍କ ବସାଇବାକୁ ସେ ଧମକ ଦେଇଛନ୍ତି।

ରାଷ୍ଟ୍ରପତି ଟ୍ରମ୍ପଙ୍କ ନିର୍ଦ୍ଦେଶ କ୍ରମେ ଆମେରିକାର ଅର୍ଥ ମନ୍ତ୍ରୀ ସ୍କଟ୍ ବେସେଣ୍ଟ ଏବଂ ବାଣିଜ୍ୟ ପ୍ରତିନିଧି ଜେମିସନ୍ ଆଜି ଜି-୭ ଦେଶର ମନ୍ତ୍ରୀମାନଙ୍କୁ ଭେଟି ଟ୍ରମ୍ପଙ୍କ ବାର୍ତ୍ତା ଶୁଣାଇଛନ୍ତି। ସେମାନେ କହିଥିଲେ ଯେ ୟୁକ୍ରେନ ଉପରେ ରୁଷ ଯୁଦ୍ଧ ଶେଷ କରିବାକୁ ହେଲେ ରୁଷରୁ ତେଲ କିଣୁଥିବା ଦେଶମାନଙ୍କ ଉପରେ କଠୋର କଟକଣା ଜାରି କରାଯିବାର

### ଜି-୭, ନାଟୋର ସହାୟତା ଲୋଡ଼ିଲେ

ଆବଶ୍ୟକତା ରହିଛି। ସେମାନେ ଭାରତ ଓ ଚୀନକୁ ଟାର୍ଗେଟ କରି ଏହି ଅଭିଯାନ ଚଳାଇଛନ୍ତି। ଏହି ଜି-୭ ସଂଗଠନରେ ଆମେରିକା ସମେତ ବ୍ରିଟେନ, କାନାଡା, ଫ୍ରାନ୍ସ, ଜର୍ମାନୀ, ଇଟାଲୀ ଓ ଜାପାନ ଭଳି ବିକଶିତ ଓ ଶିଳ୍ପ ସମୃଦ୍ଧ ରାଷ୍ଟ୍ର ଅଛନ୍ତି। ଆମେରିକା ସେମାନଙ୍କୁ ବୁଝାଇଛି ଯେ ଜି-୭ ସହଯୋଗ ନ କଲେ ଆମେରିକାର କଟକଣା କାମ ଦେବନାହିଁ।

ଗୋଟିଏ ପଟେ ଭାରତ ଏବଂ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ପ୍ରଶଂସା କରି ସମ୍ପର୍କ ସୁଧାରିବା ପାଇଁ ଟ୍ରମ୍ପ ପ୍ରୟାସ କରୁଥିବା ବେଳେ ଅନ୍ୟପଟେ ଜି-୭ ରାଷ୍ଟ୍ର ସହ ମିଶି ଭାରତ ବିରୋଧୀ ଷଡ଼ଯନ୍ତ୍ର କରୁଥିବା ଏଥିରୁ ସ୍ପଷ୍ଟ ହୋଇଯାଉଛି। ଶୁଳ୍କ ଲଗାଇ ବିଶ୍ୱକୁ ଅସ୍ଥିରତା ମଧ୍ୟକୁ ଠେଲି ଦେଇଥିବା ଆମେରିକା ରାଷ୍ଟ୍ରପତି ଜି-୭ ରାଷ୍ଟ୍ର ଗୋଷ୍ଠୀଙ୍କୁ ମଧ୍ୟ ଏପରି କରିବାକୁ ପ୍ରବର୍ତ୍ତାଉଛନ୍ତି। ଏହା ମଧ୍ୟରେ ରୁଷଠୁ ତେଲ କିଣିବାକୁ ନେଇ ଜି-୭ ରାଷ୍ଟ୍ରଙ୍କ ବୈଦେଶିକ ମନ୍ତ୍ରୀ ଭାରତ ସହ ଆଲୋଚନା କରିବେ ବୋଲି ଜଣାପଡ଼ିଛି। ଜି-୭ ଆଲୋଚନା ପରେ ଆମେରିକା ଅର୍ଥ ବିଭାଗ ପକ୍ଷରୁ କୁହାଯାଇଛି ଯେ ସେମାନେ ରାଷ୍ଟ୍ରପତି ଟ୍ରମ୍ପଙ୍କ ବାର୍ତ୍ତା ରଖିଥିଲେ। ୟୁକ୍ରେନ ଯୁଦ୍ଧ ବନ୍ଦ କରିବାକୁ ଚାହୁଁଥିଲେ, ରୁଷଠୁ ତେଲ କିଣୁଥିବା ରାଷ୍ଟ୍ର ଉପରେ ଶୁଳ୍କ ଲଗାଇବା ଜରୁରି ବୋଲି କହିଥିଲେ। ଏନେଇ ଆମେରିକାକୁ ସହଯୋଗ କରିବା ଆବଶ୍ୟକ। ତେବେ ବିବୃତିରେ କୌଣସି ଦେଶର ନାମ ନିଆଯାଇ ନ ଥିଲା। କିନ୍ତୁ ଭାରତ ଏବଂ ଚୀନ୍‌କୁ ଆମେରିକା ଦୋଷ ଦେଇ ଆସୁଛି। ରୁଷ ଠାରୁ ଚୀନ୍ ସର୍ବାଧିକ ତେଲ କିଣୁଥିବା ବେଳେ ଟ୍ରମ୍ପ କେବଳ ଭାରତ ଉପରେ ଶୁଳ୍କ ଲଗାଇଛନ୍ତି। ▶ପୃଷ୍ଠା-୧୦

### ରୁଷରୁ କିଏ, କେତେ କିଣୁଛି
(ତେଲ, କୋଇଲା, ଗ୍ୟାସ)

| | |
|---|---|
| ଚୀନ୍ | ୬୨୦ କୋଟି ଡଲାର |
| ଭାରତ | ୪୨୦ କୋଟି ଡଲାର |
| ତୁର୍କୀ | ୩୫୦ କୋଟି ଡଲାର |
| ୟୁରୋପ | ୧୩୦ କୋଟି ଡଲାର |

## ଏସିଆ କପ୍ କ୍ରିକେଟ

# ଭାରତ-ପାକ୍ ମୁକାବିଲା ଆଜି

■ ଦୁବାଇ, ୧୩।୯ (ଏଜେନ୍ସି): ଏଠାରେ ଚାଲିଥିବା ଏସିଆ କପ୍ କ୍ରିକେଟ ପ୍ରତିଯୋଗିତାରେ ଆସନ୍ତାକାଲି ଭାରତ ଓ ପାକିସ୍ତାନ ମଧ୍ୟରେ ହାଇଭୋଲଟେଜ୍ ମୁକାବିଲା ହେବ। ଏହି ପ୍ରତିଯୋଗିତା ଲାଗି ଉଭୟ ଦଳର ଖେଳାଳି, ସମର୍ଥକ ଓ କର୍ମକର୍ତ୍ତା ପ୍ରସ୍ତୁତ ରହିଛନ୍ତି। ଆସନ୍ତାକାଲିର ମୁକାବିଲା ଭାରତୀୟ ସମୟ ରାତି ୮ ଟାରୁ ଆରମ୍ଭ ହେବ। ଏହି ମ୍ୟାଚ୍‌ର ସିଧାପ୍ରସାରଣ ସୋନି ଟିଭି ନେଟ୍‌ୱର୍କରେ ପ୍ରସାରିତ ହେବ।

ଅନ୍ୟପକ୍ଷରେ ପହଲଗାମ୍ ଆତଙ୍କବାଦୀ ଆକ୍ରମଣ ଏବଂ ଅପରେସନ ସିନ୍ଦୂର ପରିପ୍ରେକ୍ଷୀରେ ଭାରତ-ପାକିସ୍ତାନ ମଧ୍ୟରେ ହେବାକୁ ଥିବା ଏହି ମ୍ୟାଚ୍‌କୁ ବର୍ଜନ ଲାଗି ଦେଶ ଭିତରେ ବଡ଼ ଧରଣର ଅଭିଯାନ ଚାଲିଛି। ବିଶେଷ କରି ବିରୋଧୀ ଦଳ ଏହାର ନେତୃତ୍ୱ ନେଉଛନ୍ତି। ଏଥିରେ କ୍ରିକେଟ ପ୍ରଶଂସକ ମଧ୍ୟ ସାମିଲ ହୋଇଛନ୍ତି। ସେମାନେ ଯୁକ୍ତି କରିଛନ୍ତି ଯେ ପହଲଗାମରେ ପାକିସ୍ତାନୀ ଆତଙ୍କବାଦୀ ଅକ୍ରମଣର ଶିକାର ହୋଇଥିବା ପରିବାର ଆଖିରୁ ଲୁହ ଶୁଖି ନଥିବା ବେଳେ ପାକିସ୍ତାନ ସହ ମ୍ୟାଚ୍ ସେମାନଙ୍କର ଭାବନା ପ୍ରତି ଅସମ୍ମାନ। କେବଳ ଏତିକି ନୁହେଁ; ଏହା ସମଗ୍ର ଦେଶବାସୀଙ୍କ ପ୍ରତି ମଧ୍ୟ ଅପମାନ। ଏହାକୁ ବର୍ଜନ କରିବା ପାଇଁ ସେମାନେ ଆହ୍ୱାନ ଜଣାଇଛନ୍ତି। କଂଗ୍ରେସ, ଆପ୍ ଏବଂ ଶିବସେନା (ଉଦ୍ଧବ) ପକ୍ଷରୁ କୁହାଯାଇଛି ଯେ ସାମାଜିକ ଗଣମାଧ୍ୟମରେ ପାକିସ୍ତାନୀ ଖେଳାଳି ଭାରତୀୟଙ୍କ ପ୍ରତି ▶ପୃଷ୍ଠା-୧୦

### ମ୍ୟାଚ୍ ବର୍ଜନ ପାଇଁ ଭାରତରେ ଅଭିଯାନ

### ଦୁବାଇ ଯିବେନି ବିସିସିଆଇ କର୍ମକର୍ତ୍ତା

## ୨୭ରେ ଆସୁଛନ୍ତି ପ୍ରଧାନମନ୍ତ୍ରୀ ମୋଦୀ

# ବ୍ରହ୍ମପୁର ସମାବେଶରେ ଯୋଗଦେବେ

■ ଭୁବନେଶ୍ୱର, ୧୩।୯ (ସମିସ): ଆସନ୍ତା ୨୭ ତାରିଖରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓଡ଼ିଶା ଗସ୍ତରେ ଆସୁଛନ୍ତି। ବ୍ରହ୍ମପୁରରେ ଏକ ଜନସମାବେଶରେ ଯୋଗଦେବେ। ଖୁବ୍‌ଶୀଘ୍ର ଏନେଇ କାର୍ଯ୍ୟକ୍ରମ ସ୍ଥିର ହେବ ବୋଲି ବିଜେପିର ଓଡ଼ିଶା ପ୍ରଭାରୀ ବିଜୟ ପାଲ୍ ସିଂ ତୋମାର ସୂଚନା ଦେଇଛନ୍ତି। ସେ କହିଛନ୍ତି ଯେ ପ୍ରଧାନମନ୍ତ୍ରୀ ଯେତେବେଳେ ଓଡ଼ିଶା ଗସ୍ତରେ ଆସନ୍ତି, ସେତେବେଳେ ଓଡ଼ିଶାକୁ କିଛି ନା କିଛି ଦେଇକରି ଯାଇଥା'ନ୍ତି। ପ୍ରଧାନମନ୍ତ୍ରୀଙ୍କ ଫୋକସ୍‌ରେ ଓଡ଼ିଶା ରହିଛି। ପ୍ରଧାନମନ୍ତ୍ରୀ ସବୁବେଳେ ଯୁବ ଓ ମହିଳା ବର୍ଗକୁ ପ୍ରାଥମିକତା ଦେଇଆସିଛନ୍ତି ବୋଲି ତୋମାର କହିଛନ୍ତି।

ଅପରପକ୍ଷେ ରାଜ୍ୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ, ନିଗମ, ବୋର୍ଡରେ ନିଯୁକ୍ତି ନେଇ ଚର୍ଚ୍ଚା ଥମୁ ନଥିବା ସମ୍ପର୍କରେ ସାମ୍ବାଦିକଙ୍କ ପ୍ରଶ୍ନ ଉପରେ ପ୍ରତିକ୍ରିୟା ରଖି ଶ୍ରୀ ତୋମାର କହିଛନ୍ତି, ଏହି ମାସରେ ରାଜ୍ୟରେ ବହୁତ କିଛି ହେବ। ଶ୍ରୀ ତୋମାରଙ୍କ ଏପରି ବୟାନ ପରେ ଚଳିତ ମାସ ଶେଷ ଆଡ଼କୁ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସହ କିଛି ନିଗମ ଓ ବୋର୍ଡରେ ନିଯୁକ୍ତି ହୋଇପାରେ ବୋଲି ଦଳୀୟ ମହଲରେ ଆଲୋଚନା ଜୋର୍ ଧରିଛି। ବିଜେପିର ଓଡ଼ିଶା ପ୍ରଭାରୀ ଶ୍ରୀ ତୋମାରଙ୍କ ବକ୍ତବ୍ୟ ପରିପ୍ରେକ୍ଷୀରେ ପ୍ରଧାନମନ୍ତ୍ରୀଙ୍କ ଓଡ଼ିଶା ଗସ୍ତ କାର୍ଯ୍ୟକ୍ରମକୁ ରାଜନୈତିକ ବିଶ୍ଳେଷକମାନେ ମଧ୍ୟ ଭିନ୍ନ ଦୃଷ୍ଟିରେ ଆକଳନ କରୁଛନ୍ତି।

### ଚଳିତ ମାସରେ ବହୁତ କିଛି ହେବ: ତୋମାର

### ପୁଣି ବଢ଼ିଲା ମନ୍ତ୍ରିମଣ୍ଡଳ ପୁନର୍ଗଠନ ଚର୍ଚ୍ଚା



# ୧୭ ଯାଏଁ ବର୍ଷା

ଭୁବନେଶ୍ୱର, ୧୩।୯ (ସମିସ): ଆସନ୍ତା ୧୭ ତାରିଖ ଯାଏଁ ରାଜ୍ୟବ୍ୟାପୀ ବିଭିନ୍ନ ସ୍ଥାନରେ ବର୍ଷା ହେବ। ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ଏହି ସୂଚନା ଦିଆଯାଇଛି। କେନ୍ଦ୍ର କହିଛି, ରବିବାର ରାଜ୍ୟବ୍ୟାପୀ ବର୍ଷା ସମ୍ଭାବନା ରହିଛି। ନବରଙ୍ଗପୁର, କଳାହାଣ୍ଡି, ରାୟଗଡ଼ା, ମୟୂରଭଞ୍ଜ, କେନ୍ଦୁଝର ଓ ସୁନ୍ଦରଗଡ଼ରେ ପ୍ରବଳ ବର୍ଷା ସହ ବିଜୁଳି, ଘଡ଼ଘଡ଼ି ହୋଇପାରେ। ଏହାବ୍ୟତୀତ ଅନ୍ୟ ଜିଲ୍ଲାଗୁଡ଼ିକରେ ବର୍ଷା ସହ ବିଜୁଳି ଘଡ଼ଘଡ଼ି ହେବାର ସମ୍ଭାବନା ରହିଛି। ତେଣୁ ଏହି ସବୁ ଜିଲ୍ଲାଗୁଡ଼ିକ ପ୍ରତି ପାଣିପାଗ କେନ୍ଦ୍ର ପକ୍ଷରୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିପରି, ସୋମବାର ବର୍ଷାର ବିସ୍ତୃତି ବଢ଼ିବା ସହ ମୟୂରଭଞ୍ଜ, କେନ୍ଦୁଝର, ସୁନ୍ଦରଗଡ଼, ଗଞ୍ଜାମ, ଗଜପତି ଓ ରାୟଗଡ଼ାରେ ପ୍ରବଳ ବର୍ଷା ହୋଇପାରେ। ଏହାବ୍ୟତୀତ ରାଜ୍ୟର ଅନ୍ୟ ଜିଲ୍ଲାରେ ବର୍ଷା ସମ୍ଭାବନା ରହିଛି। ମଙ୍ଗଳବାର, ବୁଧବାର ବର୍ଷାର ପରିମାଣ କମିବାକୁ ଥିବା ବେଳେ ଗୁରୁବାରଠାରୁ ପାଗରେ ପରିବର୍ତ୍ତନ ଘଟିବ ବୋଲି କୁହାଯାଇଛି।

## ଉପନିର୍ବାଚନ ପ୍ରକ୍ରିୟା ଆରମ୍ଭ

# ନୂଆପଡ଼ାରେ ହେବ ଏସ୍‌ଏସ୍‌ଆର୍

■ ଭୁବନେଶ୍ୱର, ୧୩।୯ (ସମିସ): ନୂଆପଡ଼ା ବିଧାୟକ ରାଜେନ୍ଦ୍ର ଢୋଲକିଆଙ୍କ ଦେହାନ୍ତ ପରେ ଉକ୍ତ ବିଧାନସଭା ଆସନରେ ଉପନିର୍ବାଚନ ପାଇଁ ବିଧିବଦ୍ଧ ଭାବେ ପ୍ରକ୍ରିୟା ଆରମ୍ଭ ହୋଇଛି। ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ପକ୍ଷରୁ ଏହି ନିର୍ବାଚନମଣ୍ଡଳୀରେ ସ୍ୱତନ୍ତ୍ର ସଂକ୍ଷିପ୍ତ ଭୋଟର ତାଲିକା ସଂଶୋଧନ (ଏସଏସଆର) ପାଇଁ କାର୍ଯ୍ୟସୂଚୀ ଜାରି କରାଯାଇଛି। ୨୦୨୫ ଜୁଲାଇ ୧ ତାରିଖକୁ ଯୋଗ୍ୟତା ତାରିଖ ଭାବେ ବିବେଚନା କରି ଲୋକପ୍ରତିନିଧି ଆଇନ, ୧୯୫୦ର ଧାରା ୨୧ ଅନୁଯାୟୀ ଏହି ଭୋଟର ତାଲିକା ସ୍ୱତନ୍ତ୍ର ସଂକ୍ଷିପ୍ତ ସଂଶୋଧନ କରାଯିବ ବୋଲି ମୁଖ୍ୟ ନିର୍ବାଚନ ଅଧିକାରୀ ସ୍ପଷ୍ଟ କରିଛନ୍ତି। କାର୍ଯ୍ୟସୂଚୀ ▶ପୃଷ୍ଠା-୧୦

### ଅକ୍ଟୋବର ୯ରେ ପ୍ରକାଶ ପାଇବ ଚୂଡ଼ାନ୍ତ ସଂଶୋଧିତ ଭୋଟର ତାଲିକା






## ରାଜଧାନୀରେ ଲଜ୍ଜା

# ମେଲୋଡି ଗାର୍ଲଙ୍କୁ ଗଣଦୁଷ୍କର୍ମ

■ ଭୁବନେଶ୍ୱର, ୧୩।୯(ସମିସ): ରାଜଧାନୀରେ ପୁଣି ଲଜ୍ଜା। ଗୀତ ଶିଖାଇବା ନାଁରେ ଓୟୋରେ ଯୁବତୀଙ୍କୁ ଗଣଦୁଷ୍କର୍ମ। ଚନ୍ଦ୍ରଶେଖରପୁର ଥାନା ଅଞ୍ଚଳରେ ଗତ ବୁଧବାର ଏଭଳି ଏକ ଲଜ୍ଜାଜନକ ଘଟଣା ଘଟିଥିବା ବେଳେ ଆଜି ପଦାକୁ ଆସିଛି। ଏହି ଘଟଣାରେ ପୁଲିସ ୩ ଜଣଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି। ସେମାନେ ହେଲେ, ଜଗତସିଂହପୁର ଜିଲ୍ଲା ବିରିଡ଼ି ଥାନା ଚାଷୀଖଣ୍ଡା ଗାଁର ଚନ୍ଦନ କୁମାର ହାତୀ (୨୫) ଓରଫ୍ ଚନ୍ଦୁ, ପ୍ରସନ୍ନ କୁମାର ଆଚାର୍ଯ୍ୟ (୩୭) ଓ ଶ୍ରୀମାର୍ଗ ଗେଷ୍ଟହାଉସ୍ କେୟାରଟେକର୍ ରାଜେଶ କୁମାର ଦାସ (୩୨)। ଚନ୍ଦନ ଓ ପ୍ରସନ୍ନ ହେଉଛନ୍ତି ଦୁଇ ସାଙ୍ଗ।

ପୁଲିସ ସୂଚନା ଅନୁସାରେ, ବଡ଼ ଭଉଣୀ ସହ ଭୁବନେଶ୍ୱରରେ ରହୁଥିବା ଯୁବତୀଜଣଙ୍କ ମେଲୋଡି କାର୍ଯ୍ୟକ୍ରମରେ କଣ୍ଠଶିଳ୍ପୀ ଭାବେ କାମ କରନ୍ତି। କିଛି ଦିନ ତଳେ ସାମାଜିକ ଗଣମାଧ୍ୟମ ଜରିଆରେ ସେ ଚନ୍ଦନ ସହ ପରିଚିତ ହୋଇଥିଲେ। ଚନ୍ଦନ ଏକ ପ୍ରତିଷ୍ଠିତ ଚ୍ୟାନେଲର ଷ୍ଟୁଡିଓରେ ସଙ୍ଗୀତ ସମ୍ବନ୍ଧୀୟ କାମ କରୁଛି ବୋଲି କହିଥିଲା। ଚନ୍ଦନ କିଛି ଦିନ କଥା ହେବା ପରେ ସଙ୍ଗୀତ ରେକର୍ଡିଂ ଓ ଫଟୋ ସୁଟ୍ କରିବା ବାହାନାରେ ଯୁବତୀଙ୍କୁ ଚନ୍ଦ୍ରଶେଖରପୁର ▶ପୃଷ୍ଠା-୧୦

### ଥଣ୍ଡା ପାନୀୟରେ ନିଶା ଦେଇଥିଲେ

### ଗୀତ ଶିଖାଇବା ଆଳରେ ଗେଷ୍ଟହାଉସ୍‌କୁ ଡକାଇଥିଲେ

### ୩ ଅଭିଯୁକ୍ତ ଗିରଫ






## ଆତ୍ମସମର୍ପଣ କଲେ ମାଓ ନେତା କିଶେନ୍‌ଜୀଙ୍କ ପତ୍ନୀ

ହାଇଦରାବାଦ୍, ୧୩।୯(ଏଜେନ୍ସି): ଏକ ଉଲ୍ଲେଖନୀୟ ଘଟଣାକ୍ରମରେ ଦିଂବଗତ ମାଓନେତା ତଥା କମାଣ୍ଡର କିଶେନଜୀଙ୍କ ପତ୍ନୀ ପଥୁଲା ପଦ୍ମାବତୀ ଓରଫ୍ କଳ୍ପନା ଶନିବାର ତେଲଙ୍ଗାନା ପୁଲିସ ଡିଜି ଜିତେନ୍ଦରଙ୍କ ନିକଟରେ ଆତ୍ମସମର୍ପଣ କରିଛନ୍ତି। ୧୯୮୨ରୁ ପଦ୍ମାବତୀ ଅଣ୍ଡରଗ୍ରାଉଣ୍ଡ ହୋଇ ରହିଥିଲେ। ୬୨ ବର୍ଷୀୟ ପଦ୍ମାବତୀଙ୍କ ଉପରେ ଏକ କୋଟି ଟଙ୍କାର ପୁରସ୍କାର ଘୋଷଣା କରାଯାଇଥିଲା। ସେ ମାଓ ସଂଗଠନରେ ଗୁରୁତ୍ୱପୂର୍ଣ୍ଣ ପଦବୀରେ ରହି ଦାୟିତ୍ୱ ସମ୍ପାଦନ କରୁଥିଲେ। ସେ ସଂଗଠନର ସାଉଥ ସବ୍- ଜୋନାଲ ବ୍ୟୁରୋ ସେକ୍ରେଟାରୀ ଥିଲେ। ସେ ମଧ୍ୟ ଦଣ୍ଡକାରଣ୍ୟ ସ୍ପେଶିଆଲ ଜୋନାଲ କମିଟିରେ ଜନତା ସରକାରର କାର୍ଯ୍ୟବାହୀ ମୁଖ୍ୟ ଥିଲେ। ସେ ମଧ୍ୟ ସିପିଆଇ (ମାଓଷ୍ଟ) କେନ୍ଦ୍ରୀୟ କମିଟିର ସଦସ୍ୟ ଥିଲେ। ତେଲେଙ୍ଗାନାର ଜୋଗୁଲାମ୍ବା ଗଡ୍‌ୱାଲ ଜିଲ୍ଲାରେ ସେ ଏକ ଚାଷୀ ପରିବାରରେ ଜନ୍ମଗ୍ରହଣ କରିଥିଲେ। ସେ ବରିଷ୍ଠ ମାଓନେତା ମାଲୋଜୁଲା କୋଟେଶ୍ୱର ରାଓ ଓରଫ୍ କିଶେନଜୀଙ୍କୁ ବିବାହ କରିଥିଲେ। ନିଜର ସମ୍ପର୍କୀୟ ଭାଇଙ୍କଠାରୁ ପ୍ରେରଣା ପାଇ ମାଓ ଆନ୍ଦୋଳନରେ ଯୋଗ ଦେଇଥିଲେ। ଛତିଶଗଡ଼, ମହାରାଷ୍ଟ୍ର, ତେଲଙ୍ଗାନା ଓ ଓଡ଼ିଶା ପୁଲିସ ତାଙ୍କୁ ଖୋଜୁଥିଲା।

## ୧୧୪ ରାଫେଲ ପାଇଁ ବାୟୁସେନାର ବରାଦ

ନୂଆଦିଲ୍ଲୀ, ୧୩।୯(ଏଜେନ୍ସି): ଭାରତୀୟ ବାୟୁସେନାକୁ ଏବେ ୧୧୪ଟି ମେଡ୍ ଇନ୍ ଇଣ୍ଡିଆ ତଥା ସ୍ୱଦେଶୀ ଲଢୁଆ ରାଫେଲ ବିମାନ ଆବଶ୍ୟକ। ଏଥିପାଇଁ ବାୟୁସେନା ତରଫରୁ ପ୍ରତିରକ୍ଷା ମନ୍ତ୍ରଣାଳୟକୁ ପ୍ରସ୍ତାବ ଦିଆଯାଇଛି। ଏହି ବିମାନଗୁଡିକୁ ଫ୍ରାନ୍ସର ଡାସଲ୍ଟ ଅଭିଏସନ କମ୍ପାନୀ ଓ ଭାରତୀୟ ଏରୋସ୍ପେଶ କମ୍ପାନୀ ମିଶିକରି ପ୍ରସ୍ତୁତ କରିବେ। ପାକିସ୍ତାନ ବିପକ୍ଷରେ ଅପରେସନ ସିନ୍ଦୂରରେ ରାଫେଲର ଦମ୍‌ଦାର ପ୍ରଦର୍ଶନ ପରେ ଏହି ନିଷ୍ପତ୍ତି ନିଆଯାଇଛି। ଏହି ପ୍ରସ୍ତାବ ଅନୁସାରେ ୧୧୪ଟି ରାଫେଲ ବିମାନ ନିର୍ମାଣ କରିବାକୁ ପାଖାପାଖି ୨ ଲକ୍ଷ କୋଟି ଟଙ୍କା ବ୍ୟୟ ହେବ। ବାୟୁସେନା ତରଫରୁ ଦିଆଯାଇଥିବା ଏହି ପ୍ରସ୍ତାବ ମନ୍ତ୍ରଣାଳୟ ନିକଟରେ ପହଞ୍ଚିଛି। ଏ ନେଇ ବିଚାର କରାଯାଉଛି ବୋଲି ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ଭାରତୀୟ ବାୟୁସେନା ପାଖରେ ଏବେ ୩୬ଟି ରାଫେଲ ବିମାନ ରହିଛି। ଭାରତୀୟ ନୌସେନା ମଧ୍ୟ ୨୬ଟି ରାଫେଲ ମେରିନର ଅର୍ଡର ଦେଇଛି। ୧୧୪ଟି ବିମାନ ମିଳିବା ପରେ ଭାରତ ପାଖରେ ମୋଟ୍ ୧୭୬ଟି ରାଫଲେ ବିମାନ ଉପଲବ୍ଧ ହେବ। ଗତ ଜୁନ୍ ମାସରେ ଭାରତ ୨୬ଟି ରାଫେଲ ମେରିନ୍ ନେଇ ଫ୍ରାନ୍ସ ସହ ୬୩, ୦୦୦ କୋଟି ଟଙ୍କାର ଡିଲ୍ କରିଥିଲା।

## ଏଡିଆର୍ ପ୍ରତିଷ୍ଠାତା ଜଗଦୀପଙ୍କ ପରଲୋକ

ନୂଆଦିଲ୍ଲୀ, ୧୩।୯(ଏଜେନ୍ସି): ଆସୋସିଏସନ ଫର ଡେମୋକ୍ରାଟିକ୍ ରିଫର୍ମ୍ସ (ଏଡିଆର)ର ସହ ପ୍ରତିଷ୍ଠାତା ଜଗଦୀପ ଏସ୍ ଛୋକର ଶୁକ୍ରବାର ଦିଲ୍ଲୀରେ ହୃଦ୍‌ଘାତ୍‌ରେ ୮୦ ବର୍ଷ ବୟସରେ ପରଲୋକଗମନ କରିଛନ୍ତି। ନିର୍ବାଚନ ପ୍ରକ୍ରିୟାରେ ସଂସ୍କାର ଆଣିବାରେ ଏହି ସଂଗଠନ ଏଡିଆର ନିର୍ଣ୍ଣାୟକ ଭୂମିକା ଗ୍ରହଣ କରିଛି। ଇଚ୍ଛା ଅନୁସାରେ ତାଙ୍କ ମରଶରୀରକୁ ରିସର୍ଚ୍ଚ ପାଇଁ ଲେଡି ହାର୍ଡିଙ୍ଗେ ମେଡିକାଲ କଲେଜକୁ ପ୍ରଦାନ କରାଯାଇଛି। ଆଇଆଇଏମ୍ ଅହମଦାବାଦ୍‌ରେ ପ୍ରଫେସର ଭାବେ ଶିକ୍ଷାଦାନ କରିଥିବା ଛୋକର ୧୯୯୯ରେ ଏଡିଆର ସ୍ଥାପନ କରିଥିଲେ। ଏହି ସଂଗଠନ ଜରିଆରେ ନିର୍ବାଚନ ପ୍ରକ୍ରିୟାକୁ ସୁଧାରିବାରେ ସେ ଆଇନଗତ ଲଢ଼େଇ ଲଢିଥିଲେ। ନିର୍ବାଚନରେ ପ୍ରାର୍ଥୀଙ୍କ ପୃଷ୍ଠଭୂମି ଓ ଇଲେକଟୋରାଲ ବଣ୍ଡ ସ୍କିମକୁ ରଦ୍ଦ କରିବାକୁ ସେ ପ୍ରୟାସ କରିଥିଲେ। ୧୯୪୪ ନଭେମ୍ବର ୨୫ରେ ଜନ୍ମଗ୍ରହଣ କରିଥିବା ଛୋକର ଭାରତୀୟ ରେଳବାଇରେ ନିଜର କ୍ୟାରିଅର ଆରମ୍ଭ କରିଥିଲେ। ଏହାପରେ ସେ ଦିଲ୍ଲୀ ବିଶ୍ୱବିଦ୍ୟାଳୟରେ ଫ୍ୟାକଲ୍ଟି ଅଫ୍ ମ୍ୟାନେଜମେଣ୍ଟ ଷ୍ଟଡିଜରେ ଏମ୍‌ବିଏ, ଆମେରିକାର ଲୋଇସିଆନା ଷ୍ଟେଟ ବିଶ୍ୱବିଦ୍ୟାଳୟରେ ପିଏଚ୍‌ଡି କରିବାର ପରେ ଆଇଆଇଏମ୍ ଅହମଦାବାଦ୍‌ରେ ୧୯୮୫ରେ ପ୍ରଫେସର ଭାବେ ଯୋଗ ଦେଇଥିଲେ।

## ୧୨ ମହଲାରୁ ଖସି ମା’-ପୁଅ ମୃତ

ନୋଏଡା, ୧୩।୯(ଏଜେନ୍ସି): ନୋଏଡାର ଗୌତମ ବୁଦ୍ଧ ନଗରରେ ଶନିବାର ସକାଳେ ଏକ ବିଲ୍ଡିଂର ଦ୍ୱାଦଶ ମହଲାରୁ ଖସିପଡ଼ି ଜଣେ ୧୨ ବର୍ଷୀୟ ପୁଅ ଓ ତା’ର ମା ମୃତ୍ୟୁବରଣ କରିଛନ୍ତି। ଦର୍ପନ ଚାୱଲା ନାମକ ଜଣେ ମାନସିକ ଅଗ୍ରସର ବାଳକ ରହୁଥିଲା। ସେ ଦ୍ରୁତଗତି ଦୌଡି ଆସି ବାଲକୋନୀ ଉପରୁ ତଳକୁ ଖସିପଡ଼ିଥିଲା। ତାକୁ ବଞ୍ଚାଇବାକୁ ଯାଇ ତା’ର ମା ୩୮ ବର୍ଷୀୟା ସାକ୍ଷୀ ଚାୱଲା ମଧ୍ୟ ତଳକୁ ଖସିପଡ଼ିଥିଲେ ବୋଲି ବିସରାଖ ଭାରପ୍ରାପ୍ତ ଥାନା ଅଧିକାରୀ ମନୋଜ କୁମାର ସିଂ କହିଛନ୍ତି। ପୁଲିସ ଦୁଇଜଣଙ୍କ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ପଠାଯାଇଛି। ଘଟଣା ବେଳେ ଦର୍ପନ ଅଲଗା ପ୍ରକୋଷ୍ଠରେ ଥିଲା। ଏହି ଘଟଣା ସ୍ଥାନୀୟ ଅଞ୍ଚଳରେ ଶୋକ ଖେଳାଇ ଦେଇଛି।

## ମେଘାଳୟର ପୂର୍ବତନ ମୁଖ୍ୟମନ୍ତ୍ରୀଙ୍କ ପରଲୋକ

ନୂଆଦିଲ୍ଲୀ, ୧୩।୯(ଏଜେନ୍ସି): ଉତ୍ତରପୂର୍ବ ରାଜ୍ୟ ମେଘାଳୟର ପୂର୍ବତନ ମୁଖ୍ୟମନ୍ତ୍ରୀ ଡିଡି ଲାପାଙ୍ଗ ଶୁକ୍ରବାର ରାତିରେ ୯୨ ବର୍ଷ ବୟସରେ ପରଲୋକଗମନ କରିଛନ୍ତି। ୧୯୩୪ ଏପ୍ରିଲ ୧୦ରେ ଜନ୍ମିତ ଲାପାଙ୍ଗ ୧୯୯୨ରୁ ୨୦୦୮ ମଧ୍ୟରେ ୪ ଥର ମୁଖ୍ୟମନ୍ତ୍ରୀ ଭାବେ ସଫଳତାର ସହ ଦାୟିତ୍ୱ ସମ୍ପାଦନ କରିଥିଲେ। ରାଜଧାନୀ ଶିଲଂର ଏକ ହସ୍ପିଟାଲରେ ସେ ଶେଷ ନିଃଶ୍ୱାସ ତ୍ୟାଗ କରିଛନ୍ତି। ୧୯୭୨ରେ ତାଙ୍କର ରାଜନୈତିକ ଯାତ୍ରା ଆରମ୍ଭ ହୋଇଥିଲା। ସେ ଜଣେ ସ୍ୱାଧୀନ ପ୍ରାର୍ଥୀ ଭାବେ ପ୍ରଥମେ ନୋଙ୍ଗପୋ ନିର୍ବାଚନ ମଣ୍ଡଳୀରୁ ବିଧାୟକ ଭାବେ ନିର୍ବାଚିତ ହୋଇଥିଲେ। ମୁଖ୍ୟମନ୍ତ୍ରୀ ଭାବେ ଦାୟିତ୍ୱ ନେବା ପୂର୍ବରୁ ସେ ଏକାଧିକବାର ବିଭିନ୍ନ ବିଭାଗରେ ମନ୍ତ୍ରୀ ଭାବେ କାର୍ଯ୍ୟ କରିଥିଲେ। ଏକ ସାଧରଣ ପରିବାରରେ ଜନ୍ମଗ୍ରହଣ କରିଥିଲେ ମଧ୍ୟ ସେ ୪ ଥର ରାଜ୍ୟର ମୁଖ୍ୟମନ୍ତ୍ରୀ ହେବାର ସୌଭାଗ୍ୟ ଲାଭ କରିଥିଲେ।

## ନେପାଳର ବିତାଡିତ ପ୍ରଧାନମନ୍ତ୍ରୀଙ୍କ ବିରୋଧରେ ଏତଲା



କଠମାଣ୍ଡୁ, ୧୩।୯(ଏଜେନ୍ସି): ନେପାଳର ବିତାଡିତ ପ୍ରଧାନମନ୍ତ୍ରୀ କେପି ଶର୍ମା ଓଲିଙ୍କ ବିରୋଧରେ ଶନିବାର ରାଜଧାନୀ କାଠମାଣ୍ଡୁରେ ଏଫ୍‌ଆଇଆର ବା ଏତଲା ଦିଆଯାଇଛି। ସେପ୍ଟେମ୍ବର ୮ରେ ଯେତେବେଳେ ଆନ୍ଦୋଳନ ଆରମ୍ଭ ହେଲା ସେ ପ୍ରଦର୍ଶନକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଓ ଆକ୍ରମଣ କରିବାକୁ ପୁଲିସକୁ ନିର୍ଦ୍ଦେଶ ଦେଇଥିବାର ଅଭିଯୋଗ ହୋଇଛି। ସେ ୯ ତାରିଖରେ ଚାପର ସମ୍ମୁଖୀନ ହୋଇ ନପାରି ପ୍ରଧାନମନ୍ତ୍ରୀ ପଦରୁ ଇସ୍ତଫା ଦେଇଥିଲେ। ସେବେଠାରୁ ସେ ସେନା ସୁରକ୍ଷା ବଳୟ ମଧ୍ୟରେ ଶରଣ ନେଇଛନ୍ତି। ସେପଟେ ନେପାଳର ମଧ୍ୟବର୍ତ୍ତୀକାଳୀନ ପ୍ରଧାନମନ୍ତ୍ରୀ ସୁଶୀଲା କାର୍କି ଆହତ ହୋଇଥିବା ଆନ୍ଦୋଳନାକାରୀଙ୍କୁ ଭେଟିବା ପାଇଁ କାଠମାଣ୍ଡୁର ହସ୍ପିଟାଲରେ ପହଞ୍ଚିଛନ୍ତି। ସେ ଶୁକ୍ରବାର କାମଚଳା ପ୍ରଧାନମନ୍ତ୍ରୀ ଭାବେ ଶପଥ ଗ୍ରହଣ କରିଥିଲେ। ୨୦୨୬ ମାର୍ଚ୍ଚ ୫ ପର୍ଯ୍ୟନ୍ତ ସେ ସଂସଦୀୟ ନିର୍ବାଚନ କରାଇବେ ଦାୟିତ୍ୱ ନେଇଛନ୍ତି। ଇତିମଧ୍ୟରେ ୬ ଦିନର ହିଂସା ପରେ କାଠମାଣ୍ଡୁ କେତକ ଅଞ୍ଚଳରେ କର୍ଫ୍ୟୁକୁ ହଟାଇ ଦିଆଯାଇଛି। କିନ୍ତୁ ୬ଟି ସ୍ଥାନରେ ଏବେବି କର୍ଫ୍ୟୁ ଜାରି ରହିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମଧ୍ୟ ସୁଶୀଳାଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## ବ୍ରିଟେନରେ ଶିଖ୍ ଯୁବତୀଙ୍କୁ ଗଣଦୁଷ୍କର୍ମ



ଜଲନ୍ଧର, ୧୩।୯(ଏଜେନ୍ସି): ବ୍ରିଟେନର ଓଲ୍ଡବୁରୀ ଟାଉନ୍‌ରେ ଜଣେ ୨୦ ବର୍ଷୀୟା ଭାରତୀୟ ଶିଖ ଯୁବତୀ ଗଣଦୁଷ୍କର୍ମର ଶିକାର ହୋଇଛନ୍ତି। ଦୁଇଜଣ ବ୍ୟକ୍ତି ତାଙ୍କୁ ବର୍ଣ୍ଣବୈଷମ୍ୟ ଆକ୍ଷେପ କରିବା ସହ ଏକ ପାର୍କରେ ଏହି କାଣ୍ଡ ଘଟାଇଛନ୍ତି। ପୁଣି ସେମାନେ ଯୁବତୀଙ୍କୁ ସ୍ୱଦେଶ ଫେରିଯିବାକୁ ଚେତାବନୀ ଦେଇଛନ୍ତି। ଏଠାରେ ତମେ ରହିବାର କୌଣସି ଆବଶ୍ୟକତା ନାହିଁ ବୋଲି ଦୁହେଁ କହିଥିଲେ। ଗତ ମଙ୍ଗଳବାର ସକାଳ ୮.୩୦ରେ ଓଲ୍ଡବୁରୀର ଟେମ୍ ରୋଡ୍‌ରେ ଏହି ଯୁବତୀ ଜଣକ ଦୁଷ୍କର୍ମର ଶିକାର ହୋଇଥିଲେ। ସିସିଟିଭି ଫୁଟେଜକୁ ଆଧାର କରି ପୁଲିସ ଦୁଇ ଅଭିଯୁକ୍ତଙ୍କୁ ଖୋଜିବା ଆରମ୍ଭ କରିଛି। ତେବେ ଏହି ଦୁଇ ଅଭିଯୁକ୍ତ ଇଂରେଜ ନଥିଲେ ବୋଲି ପୁଲିସ ସ୍ପଷ୍ଟ କରିଛି। କିନ୍ତୁ ଏହି ଦୁଇ ଜଣ ଡେଙ୍ଗା ଚଉଡା ବ୍ରିଟେନର ଯୁବକ ଥିଲେ ବୋଲି ଯୁବତୀ ଜଣକ କହିଛନ୍ତି। ୟୁନାଇଟେଡ କିଙ୍ଗଡ଼ମ୍‌ର ଶିଖ ଫେଡେରେସନ ଏହି ଘଟଣାକୁ କଡ଼ା ଭାଷାରେ ନିନ୍ଦା କରିଛି। ଫରେନ୍‌ସିକ ଟିମ୍ ଏହାର ଯାଞ୍ଚ କରୁଛି। ଏହି ଘଟଣା ପରେ ସ୍ଥାନୀୟ ସମୁଦାୟ ମଧ୍ୟରେ ଆକ୍ରୋଶ ଦେଖିବାକୁ ମିଳିଛି। ବ୍ରିଟେନର ଶିଖ ସାଂସଦ ପ୍ରୀତ କୌର ଏହି ଘଟଣାକୁ ନିନ୍ଦା କରିଛନ୍ତି। ସେହିପରି ଲେବର ପାର୍ଟିର ସାଂସଦ ଗୁରିନ୍ଦର ସିଂ ଜୋସାନ ମଧ୍ୟ ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରି ଏହି ଘଟଣା ନିହାତି ଭୟାଭୟ ବୋଲି କହିଛନ୍ତି।

# ରୁଷରେ ପୁଣି ୭.୪ ତୀବ୍ରତାର ଭୂକମ୍ପ



**ଜାରି ହେଲା ସୁନାମୀ ସତର୍କତା**

**୩ ମାସରେ ୭ ତୀବ୍ରତାର ଆସିଲା ୩ ଭୂକମ୍ପ**

**ଗତ ୬ ମାସରେ ବିଶ୍ୱରେ ୧ ଲକ୍ଷରୁ ଅଧିକ ଭୂକମ୍ପ**

ମସ୍କୋ, ୧୩।୯(ଏଜେନ୍ସି): ରୁଷିଆର ସୁଦୂର ପୂର୍ବ ଉପକୂଳରେ ଥିବା କାମ୍‌ଚଟକାରେ ଶନିବାର ଏକ ବଡ଼ ଧରଣର ଭୂକମ୍ପ ଆସିଥିଲା। ଏହାର ତୀବ୍ରତା ୭.୪ ଥିଲା। ଭୂକମ୍ପ ପରେ ଏହି ଅଞ୍ଚଳରେ ସୁନାମୀ ସତର୍କତା ଜାରି କରାଯାଇଛି। ଏହି ଭୂକମ୍ପ ଭୂପୃଷ୍ଠର ୩୯.୫ କିମି ଗଭୀରରେ ହୋଇଥିଲା। ୟୁନାଇଟେଡ ଷ୍ଟେଟ୍ସ ଜିଓଲୋଜିକାଲ ସର୍ଭେ (ୟୁଏସ୍‌ଜିଏସ୍) ପ୍ରଥମେ ଭୂକମ୍ପର ତୀବ୍ରତା ୭.୫ ବୋଲି କହିଥିଲା। କିନ୍ତୁ ପରେ ଏହାକୁ ସଂଶୋଧନ କରି ୭.୪ ବୋଲି ସୂଚନା ଦେଇଥିଲା। ଏହି ଭୂକମ୍ପ ଫଳରେ ରୁଷିଆର ପୂର୍ବ ଉପକୂଳରେ ୩୦୦ କିମି ଅଞ୍ଚଳରେ ସମୁଦ୍ରରୁ ବିପଜ୍ଜନକ ଲହରି ତଥା ସୁନାମୀ ଆସିବ ବୋଲି ପ୍ୟାସିଫିକ ସୁନାମୀ ଚେତାବନୀ କେନ୍ଦ୍ର ସତର୍କତା ଜାରି କରିଛି। ଏପର୍ଯ୍ୟନ୍ତ କେହି ମୃତାହତ ହୋଇଥିବାର ଖବର ଆସିନାହିଁ। ଏହାପୂର୍ବରୁ ଜୁଲାଇ ୩୦ରେ ରୁଷିଆରେ ୮.୯ ତୀବ୍ରତାର ଭୂକମ୍ପ ଆସିଥିଲା ଓ ଏହାକୁ ବିଶ୍ୱର ଷଷ୍ଠ ସର୍ବବୃହତ ଭୂକମ୍ପ ବୋଲି କୁହାଯାଇଥିଲା। କାମଚଟକାରେ ଗତ ୩ ମାସ ମଧ୍ୟରେ ୭ରୁ ଅଧିକ ତୀବ୍ରତାରେ ୩ଟି ଭୂକମ୍ପ ଆସିଛି। ଚଳିତ ବର୍ଷ ଏହି ଅଞ୍ଚଳରେ ମୋଟ୍ ୧, ୨୦୦ରୁ ଅଧିକ ଭୂକମ୍ପ ଆସିବା ୟୁଏସ୍‌ଜିଏସ୍ ତରଫରୁ କୁହାଯାଇଛି। ଏଥିମଧ୍ୟରୁ ଅଧିକାଂଶ ଛୋଟଛୋଟ ଭୂକମ୍ପ ସାମିଲ ରହିଛି। କିନ୍ତୁ ୪ରୁ ଅଧିକ ତୀବ୍ରତାର ଭୂକମ୍ପର ସଂଖ୍ୟା ୧୫୦ରୁ ଅଧିକ ଥିଲା। କାମଚଟକା ଦକ୍ଷିଣରେ ଜାପାନ, ପୂର୍ବରେ ଆମେରିକା ଓ ଦକ୍ଷିଣ ପଶ୍ଚିମରେ ଚୀନ୍ ରହିଛି। ତେବେ ଜାପାନ ଏହି ଭୂକମ୍ପ ପାଇଁ କୌଣସି ସୁନାମୀ ସତର୍କତା ଜାରି କରିନାହିଁ।

ଗତ ୬ ମାସ ମଧ୍ୟରେ ବିଶ୍ୱରେ ବହୁ ସଂଖ୍ୟାରେ ଭୂକମ୍ପ ଆସିଛି। ମାର୍ଚ୍ଚରୁ ସେପ୍ଟେମ୍ବର ୧୩ ମଧ୍ୟରେ ବିଶ୍ୱରେ ଭୂକମ୍ପର ପ୍ରକ୍ରିୟା ଜାରି ରହିଛି। ଏହି ସମୟ ଅବଧିରେ ପାଖାପାଖି ୧ ଲକ୍ଷ ୧୦ ହଜାର ଭୂକମ୍ପ ଆସିଛି ବୋଲି ୟୁଏସ୍‌ଜିଏସ୍ ତରଫରୁ କୁହାଯାଇଛି। ଗତ ଅଗଷ୍ଟ ୩୧ରେ ଆଫଗାନିସ୍ତାନର ପୂର୍ବାଞ୍ଚଳରେ ୬.୦ ତୀବ୍ରତାର ଭୂକମ୍ପ ଆସିଥିଲା ଓ ଏଥିରେ ୩ ହଜାରରୁ ଊର୍ଦ୍ଧ୍ୱ ଲୋକ ମୃତ୍ୟୁବରଣ କରିଥିଲେ। ସେହିପରି ଗତ ମାର୍ଚ୍ଚ ୨୮ରେ ମିଆଁମାରରେ ୭.୭ରୁ ୭.୯ ତ୍ରୀବ୍ରତାର ଭୂକମ୍ପ ଆସିଥିଲା ଓ ଏଥିରେ ୨ ହଜାର ଲୋକ ପ୍ରାଣ ହରାଇଥିଲେ। ଅଗଷ୍ଟ ୩୦ରେ ଆଣ୍ଟାର୍ଟିକା ନିକଟସ୍ଥ ଦକ୍ଷିଣ ଆଣ୍ଟାଲାଟିକ ମହାସାଗରରେ ଥିବା ସାଉଥ ସେଟଲାଣ୍ଡ ଦୀପରେ ୭.୫ ତୀବ୍ରତାର ଭୂକମ୍ପ ଆସିଥିଲା।

## ଟ୍ରକ୍ ଚକ ତଳେ ଫସି ୯ ମୃତ, ୨୨ ଆହତ

ବେଙ୍ଗାଲୁରୁ, ୧୩।୯(ଏଜେନ୍ସି): କର୍ଣ୍ଣାଟକର ହାସନ ଜିଲ୍ଲାରେ ଶୁକ୍ରବାର ରାତିରେ ଏକ ଗଣେଶ ବିସର୍ଜନ ଶୋଭାଯାତ୍ରା ଅବସରରେ ବଡ଼ଧରଣ ଦୁର୍ଘଟଣା ଘଟିଛି। ନିୟନ୍ତ୍ରଣ ହରାଇ ଏକ ଟ୍ରକ ଏହି ଶୋଭାଯାତ୍ରା ଭିତରକୁ ପଶିଯାଇଥିଲା। ଫଳରେ ଟ୍ରକ୍ ଚକ ତଳେ ଆସି ୯ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୨୨ ଜଣ ଆହତ ହୋଇଛନ୍ତି। ହୋସାହଲ୍ଲୀ ଗାଁରେ ରାତି ପାଖପାଖି ୮.୪୫ରେ ଏହି ଦୁର୍ଘଟଣା ଘଟିଛି। ମୃତକଙ୍କ ମଧ୍ୟରେ ଅଧିକ ଯୁବକ ରହିଛନ୍ତି। ଆହତଙ୍କୁ ହାସନ ଇନଷ୍ଟିଚ୍ୟୁଟ ଅଫ୍ ମେଡିକାଲ ସାଇନ୍ସରେ ଭର୍ତ୍ତି କରାଯାଇଛି। ଆହତ ହୋଇଥିବା ଟ୍ରକ୍ ଚାଳକଙ୍କୁ ଗିରଫ କରାଯାଇଛି। ଟ୍ରକ୍‌ଟି ଅରକଲାଗୁଡୁ ଆଡୁ ଆସୁଥିଲା। ଲୋକେ ଡିଜେ ବଜାଇ ନୃତ୍ୟ କରୁଥିଲେ। ଶୋଭାଯାତ୍ରାର ନିକଟତର ହେବା ମାତ୍ରେ ଟ୍ରକ୍ ଚାଳକ ନିୟନ୍ତ୍ରଣ ହରାଇଥିଲେ। ଲୋକ ଚକ ତଳକୁ ଆସିଥିଲେ। ଏହି ଘଟଣାରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦୁଃଖ ପ୍ରକାଶ କରିଛନ୍ତି। ମୃତକଙ୍କ ପରିଜନଙ୍କୁ ୨ ଲକ୍ଷ ଟଙ୍କା ଓ ଆହତଙ୍କୁ ୫୦, ୦୦୦ ଟଙ୍କା ଅନୁକମ୍ପାମୂଳକ ରାଶି ଦେବାକୁ ଘୋଷଣା କରିଛନ୍ତି।

## ମ୍ୟାନ୍‌ମାର ସ୍କୁଲ ଉପରେ ଆକ୍ରମଣ; ୧୯ ଛାତ୍ର ମୃତ

ନେପିଡ, ୧୩।୯(ଏଜେନ୍ସି): ମ୍ୟାନମାରର ଦୁଇଟି ସ୍କୁଲ ଉପରେ ଏୟାର ଷ୍ଟ୍ରାଇକ କରାଯାଇଛି। ଏଥିରେ ୧୯ ଜଣ ଛାତ୍ର ମୃତ୍ୟୁବରଣ କରିଥିବା ବେଳେ ୨୨ ଜଣ ଆହତ ହୋଇଛନ୍ତି। ପଶ୍ଚିମ ମ୍ୟାନମାରର ରାଖାଇନ ରାଜ୍ୟରେ ଏହି ଆକ୍ରମଣ କରାଯାଇଛି ବୋଲି ଏଥିନିକ ଆରାକାନ ଆର୍ମି ତରଫରୁ କୁହାଯାଇଛି। ଶୁକ୍ରବାର ଅଧରାତିରେ ଛାତ୍ରମାନେ ନିଦରେ ଶୋଇଥିବା ବେଳେ ଏହି ଆକ୍ରମଣ କରାଯାଇଥିଲା। ଏଥିନିକ ଆରାକାନ ଆର୍ମି ଓ ମ୍ୟାନମାର ମିଲିଟାରୀ ଜୁଣ୍ଟା ମଧ୍ୟରେ ସଂଘର୍ଷ ଚାଲିଥିବା ବେଳେ ଏହି ଘଟଣା ଘଟିଛି। ମ୍ୟାନମାର ସେନା ହିଁ ଏହି ଆକ୍ରମଣ କରି ୫୦୦ ପାଉଣ୍ଡ ଅର୍ଥାତ ୨୨୬.୭୯ କେଜିର ବୋମା ପକାଇଥିଲା ବୋଲି କୁହାଯାଇଛି। ତେବେ ଏହି ଘଟଣା ନେଇ ମ୍ୟାନମାର ସେନା ତରଫରୁ କିଛି କୁହାଯାଇ ନାହିଁ। ଏହି ଆକ୍ରମଣକୁ ଜାତିସଂଘ ନିନ୍ଦା କରିଛି। ୨୦୨୧ରେ ସରକାରଙ୍କୁ ଗାଦିଚ୍ୟୁତ କରିବା ପରେ ମ୍ୟାନମାନରରେ ଅରାଜକତା ଓ ହିଂସା ଜାରି ରହିଛି। ସେନା ତଥା ମିଲିଟାରୀ ଜୁଣ୍ଟା ଆଙ୍ଗ ସାନ ସୁ କିଙ୍କ ସରକାରଙ୍କୁ ଗାଦିଚ୍ୟୁତ କରି ଶାସନ ହାତକୁ ନେଇଥିଲା।

# ମଣିପୁରରେ ମୋଦୀ, କ୍ଷତିଗ୍ରସ୍ତଙ୍କୁ ଭେଟିଲେ



**ଶାନ୍ତିର ରାସ୍ତା ଆପଣାଇବାକୁ ଜନତାଙ୍କୁ ନିବେଦନ**

**ହେଲିକପ୍ଟର ବଦଳରେ ଗାଡ଼ିରେ ଗଲେ ଚୁରାଚାନ୍ଦପୁର**

ଇମ୍ଫାଲ, ୧୩।୯ (ଏଜେନ୍ସି): ସଂରକ୍ଷଣକୁ ନେଇ ୨୦୨୩ ମେ’ ୩ରୁ ମଣିପୁରରେ କୁକି ଏବଂ ମେଇତି ସମ୍ପ୍ରଦାୟ ମଧ୍ୟରେ ହିଂସା ଲାଗି ରହିଛି। ଏହି ହିଂସାରେ ଏ ପର୍ଯ୍ୟନ୍ତ ୨୬୦ରୁ ଅଧିକ ଲୋକଙ୍କ ଜୀବନ ଗଲାଣି। ୭୦ ହଜାରରୁ ଊର୍ଦ୍ଧ୍ୱ ବିସ୍ଥାପିତ ହେଲେଣି। ହିଂସାର ଦୁଇ ବର୍ଷ ପରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶନିବାର ମଣିପୁର ଗସ୍ତ କରିଛନ୍ତି। ସେ ଚୁରାଚାନ୍ଦପୁର ଏବଂ ଇମ୍ଫାଲରେ ପହଞ୍ଚିଛନ୍ତି। ଚୁରାଚାନ୍ଦପୁରରେ ୭,୩୦୦ କୋଟି ଏବଂ ଇମ୍ଫାଲରେ ୧୨୦୦ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ବିକାଶ ପ୍ରକଳ୍ପଗୁଡିକର ଉଦ୍‌ଘାଟନ ଓ ଶିଳାନ୍ୟାସ କରିଛନ୍ତି। ସେ ଇମ୍ଫାଲରେ ଜନସାଧାରଣଙ୍କୁ ସମ୍ବୋଧନ କରି ହିଂସାକୁ ଦୁର୍ଭାଗ୍ୟଜନକ କହିଛନ୍ତି। ଇମ୍ଫାଲ ହେଉଛି ସମ୍ଭାବନାର ସହର। ଏକବିଂଶ ଶତାବ୍ଦୀ ଉତ୍ତର-ପୂର୍ବ ରାଜ୍ୟଗୁଡିକର ହେବ। ଆମକୁ ରାଜ୍ୟକୁ ଶାନ୍ତି ଏବଂ ବିକାଶର ମାର୍ଗରେ ନେବାକୁ ହେବ। ମୋଦୀ ସବୁ ସଂଗଠନଗୁଡିକୁ ଶାନ୍ତିର ମାର୍ଗରେ ଯିବା ପାଇଁ ନିବେଦନ କରିଛନ୍ତି। ସମସ୍ତଙ୍କ ସହ ରହିବି ବୋଲି ପ୍ରତିଶ୍ରୁତି ଦେଇଛନ୍ତି।

ମୋଦୀ ଇମ୍ଫାଲ ବିମାନବନ୍ଦରରେ ଅବତରଣ କରିଥିଲେ। ସେ ପ୍ରଥମେ ଚୁରାଚାନ୍ଦପୁର ଯିବାର ଥିଲା। ମାତ୍ର ଇମ୍ଫାଲରେ ପ୍ରବଳ ବର୍ଷା ହେଉଥିଲା। ହେଲିକପ୍ଟର ଉଡ଼ାଣ ପାଇଁ ପାଗ ଅନୁକୂଳ ନ ଥିଲା। ତେଣୁ ପ୍ରଧାନମନ୍ତ୍ରୀ ସଡ଼କ ମାର୍ଗରେ ୬୪ କିମି ଯାତ୍ରା କରି ଦେଢ଼ ଘଣ୍ଟାରେ ଚୁରାଚାନ୍ଦପୁରରେ ପହଞ୍ଚି ଥିଲେ। ପ୍ରଥମେ ଚୁରାଚାନ୍ଦପୁରରେ କାର୍ଯ୍ୟକ୍ରମ ସାରି ଇମ୍ଫାଲ ଆସିଥିଲେ। ମୋଦୀ ଚୁରାଚାନ୍ଦପୁରର ରିଲିଫ କ୍ୟାମ୍ପରେ ପୀଡ଼ିତଙ୍କୁ ଭେଟି ଥିଲେ। ସେ କାର୍ଯ୍ୟକ୍ରମ ସ୍ଥଳରେ ହିଂସା ପୀଡ଼ିତଙ୍କ ସହ ଆଲୋଚନା କରିଥିଲେ। ଚୁରାଚାନ୍ଦପୁର କୁକି ଏବଂ ଇମ୍ଫାଲ ମେଇତି ବହୁଳ ପାହାଡି ଅଞ୍ଚଳ। ଗତ ଦୁଇ ବର୍ଷ ହେଲା ଉଭୟ ସମ୍ପ୍ରଦାୟ ପରସ୍ପର ଅଞ୍ଚଳକୁ ଯାଉନାହାନ୍ତି।

ମୋଦୀ କହିଥିଲେ ଯେ ମଣିପୁରରେ ଶାନ୍ତି ଏବଂ ସ୍ଥିରତା ପ୍ରତିଷ୍ଠା ହେଉ। ଲୋକଙ୍କ ସ୍ୱାର୍ଥ ସୁରକ୍ଷା ହେଉ। କ୍ୟାମ୍ପରେ ରହୁଥିବା ଲୋକେ ପୁଣିଥରେ ମୁଖ୍ୟସ୍ରୋତକୁ ଫେରନ୍ତୁ। ଏଥିପାଇଁ ସରକାର କ୍ରମାଗତ ଭାବେ କାର୍ଯ୍ୟ ଜାରି ରଖିଛନ୍ତି। ମାଆ ଭାରତୀଙ୍କ ମୁକୁଟରେ ସଜ୍ଜିତ ରତ୍ନ ହେଉଛି ମଣିପୁର। ମଣିପୁରର ବିକାଶବାଦୀ ଛବିକୁ କ୍ରମାଗତ ଭାବେ ମଜବୁତ କରିବାକୁ ହେବ। ରାଜ୍ୟରେ କୌଣସି ପ୍ରକାରର ହିଂସା ଦୁର୍ଭାଗ୍ୟଜନକ। ଏହି ହିଂସା ପୂର୍ବଜ ଏବଂ ପରବର୍ତ୍ତୀ ପିଢି ପାଇଁ ବହୁତ ବଡ଼ ଅନ୍ୟାୟ। ମଣିପୁରରେ ସାମର୍ଥ୍ୟର ଅଭାବ ନାହିଁ। କିନ୍ତୁ ଆମକୁ ସମ୍ବାଦର ପଥକୁ ମଜବୁତ କରିବାକୁ ହେବ। ପାହାଡି ଏବଂ ଘାଟୀର ଲୋକଙ୍କ ମଧ୍ୟରେ ବିଶ୍ୱାସର ସେତୁକୁ ମଜବୁତ କରିବାକୁ ହେବ। ମଣିପୁର ଯୁବଗୋଷ୍ଠୀଙ୍କ ପରିଚୟକୁ ହିଂସାର କରାଳ ଛାୟାରେ ବୁଡ଼ିବାକୁ ଦିଆଯିବ ନାହିଁ। ମଣିପୁର ଆଶା ଏବଂ ଆକାଂକ୍ଷାର ଭୂମି। ଦୁର୍ଭାଗ୍ୟ ଯେ ହିଂସା ଏହି ସୁନ୍ଦର ଅଞ୍ଚଳକୁ ନିଜ ସଂସ୍ପର୍ଶକୁ ନେଇଯାଇଛି। ଆଶା ଏବଂ ବିଶ୍ୱାସର ନୂଆ ସକାଳ ମଣିପୁରରେ ପ୍ରବେଶ କରୁଛି। କୌଣସି କ୍ଷେତ୍ରର ବିକାଶ ପାଇଁ ଶାନ୍ତି ଜରୁରୀ। ଗତ ୧୧ ବର୍ଷରେ ପୂର୍ବୋତ୍ତରର ଅନେକ ସଂଘର୍ଷ ସମାପ୍ତ ହୋଇଛି। ମଣିପୁରରେ ମଧ୍ୟ ଶାନ୍ତିର ବାର୍ତ୍ତା ଆରମ୍ଭ ହୋଇସାରିଛି। ମୋଦୀ ଏହି ଅବସରରେ ନେପାଳର କାମଚଳା ପ୍ରଧାନମନ୍ତ୍ରୀ ସୁଶୀଳା କାର୍କିଙ୍କୁ ଭାରତବାସୀଙ୍କ ପକ୍ଷରୁ ଶୁଭେଚ୍ଛା ଜଣାଇଛନ୍ତି। ସେ ନେପାଳରେ ଶାନ୍ତି, ସ୍ଥିରତା ଏବଂ ସମୃଦ୍ଧିର ମାର୍ଗ ପ୍ରଶସ୍ତ କରିବେ ବୋଲି ଆଶା ବ୍ୟକ୍ତି କରିଛନ୍ତି।

## ମିଜୋରାମର ପ୍ରଥମ ରେଳ ଲାଇନ ଉଦ୍‌ଘାଟନ କଲେ ପ୍ରଧାନମନ୍ତ୍ରୀ

ଆଇଜୋଲ, ୧୩।୯ (ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶନିବାର ମିଜୋରାମର ପ୍ରଥମ ରେଳ ଲାଇନ ‘ବୈରାବୀ-ସାଇରଙ୍ଗ’କୁ ଉଦ୍‌ଘାଟନ କରିଛନ୍ତି। ୫୧ କିମିର ଏହି ରେଳ ଲାଇନ ମାଧ୍ୟମରେ ମିଜୋରାମରୁ ଦିଲ୍ଲୀ, ଗୌହାଟୀ ଏବଂ କୋଲକାତାକୁ ସିଧାସଳଖ ଟ୍ରେନ ଯୋଗାଯୋଗ ହୋଇଯାଇଛି। ଏହି ରେଳ ମାର୍ଗରେ ୪୫ ସୁଡ଼ଙ୍ଗ, ୮୮ ଛୋଟ ଏବଂ ୫୫ଟି ବଡ଼ ବ୍ରିଜ୍ ରହିଛି। ଏହା ବ୍ୟତୀତ ୧୧୪ ମିଟର ଉଚ୍ଚା ଦେଶର ଦ୍ୱିତୀୟ ବୃହତ୍ତମ ପିୟର ବ୍ରିଜ ରହିଛି। ଏହା କୁତୁବମିନାର (୭୨ମିଟର)ଠୁ ମଧ୍ୟ ବଡ଼। ଏହି ବ୍ରିଜ୍ ଉଦ୍‌ଘାଟନ କରି ମୋଦୀ କହିଥିଲେ ଯେ ଦୀର୍ଘ ଦିନ ହେଲା ଦେଶର କିଛି ରାଜନୈତିକ ଦଳ ଭୋଟ ବ୍ୟାଙ୍କ ରାଜନୀତି କରୁଛନ୍ତି। ସେମାନେ ମିଜୋରାମକୁ ଅଣଦେଖା କରିଥିଲେ। କିନ୍ତୁ ଆଜି ଏହି ରାଜ୍ୟ ଆଗରେ ରହିଛି। ମୋଦୀ ଏହି ଅବସରରେ ଲେଙ୍ଗପୁଇ ବିମାନବନ୍ଦରରୁ ୯ ହଜାର କୋଟି ଟଙ୍କାର ପ୍ରକଳ୍ପର ଶିଳାନ୍ୟାସ କରିଥିଲେ। ଏହା ପରେ ସେ ମଣିପୁର ଯାଇଥିଲେ।

## ଗାଜା- ହମାସ୍ ମାମଲାରେ ଫ୍ରାନ୍ସ, ବ୍ରିଟେନକୁ ଇସ୍ରାଏଲର ସମାଲୋଚନା



ତେଲଅଭିଭ୍, ୧୩।୯(ଏଜେନ୍ସି): ଗାଜା- ହମାସ ମାମଲାରେ ଇସ୍ରାଏଲ ଏବେ ଫ୍ରାନ୍ସ ଓ ବ୍ରିଟେନ ଭଳି ୟୁରୋପୀୟ ଦେଶକୁ ସମାଲୋଚନା କରିଛି। ଜାତିସଂଘ ମହାସଭାରେ ଇସ୍ରାଏଲ୍ ରାଷ୍ଟ୍ରଦୂତ ଡ୍ୟାନି ଡାନନ କାତାରରେ ହମାସ ଆତଙ୍କବାଦୀଙ୍କୁ ଟାର୍ଗେଟ କରି କରାଯାଇଥିବା ଆକ୍ରମଣକୁ ଯଥାର୍ଥ ବୋଲି କହିଛନ୍ତି। ଇସ୍ରାଏଲର ଏହି ଆକ୍ରମଣମକୁ ଫ୍ରାନ୍ସ ଓ ବ୍ରିଟେନ ନିନ୍ଦା କରିଥିଲେ। ଡାନନ କିନ୍ତୁ ଏହାକୁ ଠିକ୍ ବୋଲି କହିଛନ୍ତି। ୨୦୧୪ରୁ ୨୦୨୨ ପର୍ଯ୍ୟନ୍ତ ଫ୍ରାନ୍ସ ମାଲି, ଚାଦ, ବୁର୍କିନା ଫାସୋ ଓ ମାରିଟନିଆରେ ଆତଙ୍କବାଦୀଙ୍କ ଉପରେ ଆକ୍ରମଣ କରିଥିଲା। ସେହିପରି ବ୍ରିଟେନ ଇରାକ ଓ ସିରିଆ ଉପରେ ଆଇଏସ୍‌ଆଇଏସ୍ ବିରୋଧରେ ଏୟାର ଷ୍ଟ୍ରାଇକ୍ କରିଥିଲା। ତେଣୁ ଯଦି ସେତେବେଳେ ଏଭଳି ଆକ୍ରମଣ ଯଥାର୍ଥ ଥିଲା ଏବେ କାହିଁକି ନୁହଁ ବୋଲି ସେ ପ୍ରଶ୍ନ କରିଛନ୍ତି। କାତାର ଉପରେ ଇସ୍ରାଏଲର ଆକ୍ରମଣ ଠିକ୍ ବୋଲି ଡାନନ କହିଛନ୍ତି। ଉଲ୍ଲେଖଥାଉ କି, ଇସ୍ରାଏଲ ସେନା ଗତ ୯ ତାରିଖରେ କାତାର ରାଜଧାନୀ ଦୋହା ଉପରେ ହମାସ ମୁଖ୍ୟ ଖଲିଲ ଅଲ- ହାୟାଙ୍କୁ ଲକ୍ଷ୍ୟ କରି ଏୟାର ଷ୍ଟ୍ରାଇକ୍ କରିଥିଲା। ଏହାପରେ ଫ୍ରାନ୍ସ, ବ୍ରିଟେନ ସମେତ କେତୋଟି ଦେଶ ଇସ୍ରାଏଲକୁ ସମାଲୋଚନା କରିଥିଲେ। ଏହି ଲୋକମାନେ ୨୦୨୩ ଅକ୍ଟୋବର ୭ରେ ଇସ୍ରାଏଲରେ ନରସଂହାର କରିଥିଲେ ବୋଲି ଡାନନ କହିଛନ୍ତି।

## ସାହାର ଇଣ୍ଡିଆର ନିବେଶକଙ୍କୁ ଶୀଘ୍ର ମିଳିବ ଟଙ୍କା

# ୫ ହଜାର କୋଟି ପ୍ରଦାନ କରିବାକୁ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ

ନୂଆଦିଲ୍ଲୀ, ୧୩।୯ (ଏଜେନ୍ସି): ‘ସାହାର ଇଣ୍ଡିଆ’ରେ ଟଙ୍କା ନିବେଶ କରିଥିବା ଲୋକଙ୍କ ପାଇଁ ଭଲ ଖବର ଆସିଛି। ସାହାରା ଗ୍ରୁପ୍‌ର ସହକାରୀ ସମିତି (କୋଅପରେଟିଭ ସୋସାଇଟି)ରେ ଟଙ୍କା ଜମା କରିଥିବା ଲୋକଙ୍କୁ ଫେରାଇବା ପାଇଁ ଜମା ଅର୍ଥରୁ ୫ ହଜାର କୋଟି ଟଙ୍କା ପ୍ରଦାନ କରିବାକୁ ସୁପ୍ରିମକୋର୍ଟ ସେବିକୁ ନିର୍ଦ୍ଦେଶ ଦେଇଛନ୍ତି। କେନ୍ଦ୍ର ସରକାରଙ୍କ ଆବେଦନ ଉପରେ ବିଚାର କରି ଜଷ୍ଟିସ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କ ଖଣ୍ଡପୀଠ ଶୁକ୍ରବାର ଏହି ନିର୍ଦ୍ଦେଶ ଦେଇଥିଲେ। ସାହାରାର ରିଫଣ୍ଡ ଖାତାରେ ଥିବା ରାଶିରୁ ଜମାକାରୀଙ୍କୁ ପୈଠ କରିବା ପାଇଁ ଟଙ୍କା ପ୍ରଦାନ ଲାଗି ଅନୁରୋଧ କରାଯାଇଥିଲା। ଏହା ବ୍ୟତୀତ ୨୦୨୩ରେ ପ୍ରଦାନ କରାଯାଇଥିବା ୫ ହଜାର କୋଟି ଟଙ୍କାକୁ ଆବଣ୍ଟନ କରିବାର ସମୟସୀମାକୁ ୨୦୨୫ ଡିସେମ୍ବର ୩୧ରୁ ୨୦୨୬ ଡିସେମ୍ବର ୩୧ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି।

ସୁପ୍ରିମକୋର୍ଟ କହିଥିଲେ ଯେ ୨୦୨୩ ମାର୍ଚ୍ଚ ୨୯ରେ ପାରିତ ନିର୍ଦ୍ଦେଶ ଆଧାରରେ କେନ୍ଦ୍ରର ଏହି ଅନୁରୋଧକୁ ସ୍ୱୀକାର କରାଯାଇଛି। ୫ ହଜାର କୋଟିର ରାଶିକୁ ସେବି-ସାହାରା ରିଫଣ୍ଡ ଖାତାରୁ କୋ-ଅପରେଟିଭ ସୋସାଇଟିର ସେଣ୍ଟ୍ରାଲ ରେଜିଷ୍ଟ୍ରାରଙ୍କ ଖାତାକୁ ସ୍ଥାନାନ୍ତର କରାଯାଉ। ଯାଞ୍ଚ ପ୍ରକୃତ ଜମାକାରୀଙ୍କୁ ଏହି ଟଙ୍କା ଆବଣ୍ଟନ କରାଯିବ। ଖଣ୍ଡପୀଠ କହିଥିଲେ ଯେ ପୂର୍ବତନ ବିଚାରପତି ଆର ସୁଭାଷ ରେଡ୍ଡୀଙ୍କ ତତ୍ତ୍ୱାବଧାନରେ ସପ୍ତାହେ ଭିତରେ ଏହି ରାଶି ସ୍ଥାନାନ୍ତର କରାଯାଉ। ୨୦୨୩ ମାର୍ଚ୍ଚେ ଦିଆଯାଇଥିବା ନିର୍ଦ୍ଦେଶ ପାଳନ ହେଉ। ପିନାକ ପି ମହାନ୍ତିଙ୍କ ଜନସ୍ୱାର୍ଥ ମାମଲାକୁ ନେଇ କେନ୍ଦ୍ର ପକ୍ଷରୁ ଏହି ଆବେଦନ ଦାଏର କରାଯାଇଥିଲା। ଏହି ଆବେଦନରେ ବିଭିନ୍ନ ଚିଟ୍‌ଫଣ୍ଡ କମ୍ପାନୀ ଏବଂ ସାହାରା କ୍ରେଡିଟ ଫାର୍ମରେ ନିବେଶ କରିଥିବା ନିବେଶକଙ୍କୁ ଟଙ୍କା ଫେରାଇବା ନେଇ ନିବେଦନ କରାଯାଇଥିଲା।

ଏ ପର୍ଯ୍ୟନ୍ତ ପ୍ରାୟ ୫.୪୩ କୋଟି ନିବେଶକ ୧, ୧୩, ୫୦୪.୧୨୪ କୋଟି ଟଙ୍କାର ଦାବି କଲେଣି। ଏଥିରୁ ୨୬, ୨୫, ୦୯୦ ପ୍ରକୃତ ଜମାକାରୀଙ୍କୁ ୫, ୦୫୩.୦୧ ଟଙ୍କା ଫେରାଗଲାଣି। ଏହା ବ୍ୟତୀତ ୧୩, ୩୪, ୯୯୪ ନିବେଶକ ନିର୍ଦ୍ଧାରିତ ୱେବ ପୋର୍ଟାଲରେ ନିଜ ଦାବି ପଞ୍ଜିକରଣ କରିଛନ୍ତି। ଏହାର ଯାଞ୍ଚ ପ୍ରକ୍ରିୟା ଜାରି ରହିଛି। ଏହି ସବୁ ଦାବିରେ ପ୍ରାୟ ୨୭,୮୪୯.୯୫ କୋଟି ଟଙ୍କା ଦାବି କରାଯାଇଛି।

■ ପରକୀୟା ପ୍ରୀତି ସନ୍ଦେହରେ କଙ୍ଗାରୁକୋର୍ଟ

## ମହିଳାଙ୍କ ସମେତ ୩ ଜଣଙ୍କୁ ଖୁଣ୍ଟରେ ବାନ୍ଧି ଛେଚିଲେ

କରଞ୍ଜିଆ, ୧୩।୯ (ସମିସ): ପରକୀୟା ପ୍ରୀତି ସନ୍ଦେହରେ କଙ୍ଗାରୁକୋର୍ଟ। ଦୁଇ ଯୁବକ ଓ ଜଣେ ମହିଳାଙ୍କୁ ଏକ ଖୁଣ୍ଟରେ ବାନ୍ଧି ନିସ୍ତୁକ ଛେଚିଲେ ଗ୍ରାମବାସୀ। ମୟୂରଭଞ୍ଜ ଜିଲ୍ଲା ଯଶିପୁର ଥାନା ବେଗୁନିଆ ଗାଁରେ ଏଭଳି ଏକ ଘଟଣା ଘଟିଛି। ଏନେଇ



ଅଭିଯୋଗ ହେବା ପରେ ପୁଲିସ ୨ ଜଣଙ୍କୁ ଅଟକ ରଖି ପଚରାଉଚରା ଚଳାଇଛି।

ସୂଚନାନୁସାରେ, ଶୁକ୍ରବାର ମହିଳାଜଣଙ୍କ ହାଟକୁ ସଉଦା ପାଇଁ ଯଶିପୁର ଯାଇଥିଲେ। କିଣାକିଣିରେ ସାହାଯ୍ୟ କରିବା ପାଇଁ ନିକଟସ୍ଥ କାଶୀପାଳ ଗାଁର ତାଙ୍କ ସମ୍ପର୍କୀୟ ଦୁଇ ଦିଅରଙ୍କୁ ସାଙ୍ଗରେ ନେଇଥିଲେ। ଅପରାହ୍ଣ ପ୍ରାୟ ୪ଟାରେ ସମସ୍ତେ ଏକ ବାଇକ୍‌ରେ ଘରକୁ ଫେରିଥିଲେ। ତେବେ ମହିଳାଙ୍କ ପରିବାରଲୋକ ତାଙ୍କୁ ଦୁଇ ଯୁବକଙ୍କ ସହ ଦେଖି ହଠାତ୍ ଉତ୍ତ୍ୟକ୍ତ ହୋଇଉଠିଥିଲେ।

**୨ ଅଟକ**

ଯୁବକଦ୍ୱୟଙ୍କ ସହ ମହିଳାଙ୍କ ଅନୈତିକ ସଂପର୍କ ଥିବା ନେଇ ପରିବାରଲୋକ ଅଭିଯୋଗ କରିବାରୁ ଘଟଣାସ୍ଥଳରେ ଉତ୍ତେଜନା ପ୍ରକାଶ ପାଇଥିଲା। ଗାଁ ଲୋକ ରୁଣ୍ଡ ହୋଇ ୩ ଜଣଙ୍କୁ ମାରଧର କରିଥିଲେ। ପରେ ସେମାନଙ୍କୁ ନିକଟସ୍ଥ ଏକ ପଡ଼ିଆରେ ଥିବା ବିଦ୍ୟୁତ୍ ଖୁଣ୍ଟରେ ବାନ୍ଧି ନିସ୍ତୁକ ପିଟିଥିଲେ। ଖବର ପାଇ ଯଶିପୁର ପୁଲିସ ପହଞ୍ଚି ସେମାନଙ୍କୁ ଉଦ୍ଧାର କରି ଯଶିପୁର ମେଡିକାଲରେ ଭର୍ତ୍ତି କରାଇଥିଲା। ଏନେଇ ପୁଲିସ୍ ଏକ ମାମଲା ରୁଜୁ କରି ଦୁଇଜଣଙ୍କୁ ଅଟକ ରଖି ତଦନ୍ତ ଚଳାଇଛି।

---

**ରାଜ୍ୟରେ ବିଚିତ୍ର ସ୍ୱାସ୍ଥ୍ୟସେବା**

# ଘରୋଇ ହସ୍ପିଟାଲ୍‌ରେ ମୃତ; ଏମ୍ସରେ ଜୀବିତ

ଭୁବନେଶ୍ୱର, ୧୩।୯ (ସମିସ): ଏମ୍ସ ହସ୍ପିଟାଲ୍ ନିକଟରେ ଘରୋଇ ସହାୟିକା ଭାବେ କାମ କରୁଥିବା ଜଣେ ମହିଳା ଦୈନନ୍ଦିନ କାମ ସାରି ଘରକୁ ଫେରୁଥିଲେ। ଏମ୍ସ ରାସ୍ତାରେ ଏକ ଅଜଣା ଗାଡ଼ି ତାଙ୍କୁ ଧକ୍କା ଦେଲା। ଦୁର୍ଘଟଣାରେ ତାଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଲା। ସେଠାରେ ଥିବା ଲୋକମାନେ ତାଙ୍କୁ ଏମ୍ସ ହସ୍ପିଟାଲ୍‌ରେ ଭର୍ତ୍ତି କରିଥିଲେ। ଡାକ୍ତର ତାଙ୍କୁ ପ୍ରାଥମିକ ଚିକିତ୍ସା କଲେ। ମାତ୍ର ବେଳକୁ ବେଳ ତାଙ୍କ ଅବସ୍ଥା ସଂକଟାପନ୍ନ ହୋଇଗଲା। ଆଇସିୟୁ ଭେଣ୍ଟିଲେଟରର୍ ଆବଶ୍ୟକତା ପଡ଼ିଲା। ତେଣୁ ପରିବାରଲୋକ ତାଙ୍କୁ ଗୋଟିଏ ପରେ ଗୋଟିଏ ତିନୋଟି ଘରୋଇ ହସ୍ପିଟାଲ୍‌କୁ ନେଲେ। କିନ୍ତୁ କୋଉଠି ବି ତାଙ୍କୁ ଭେଣ୍ଟିଲେଟର୍ ମିଳିଲାନି। ଶେଷରେ ଗୋଟିଏ ଘରୋଇ ହସ୍ପିଟାଲ୍ ତାଙ୍କୁ ମୃତ ଘୋଷଣା କରି ଶବ ବ୍ୟବଚ୍ଛେଦ ପାଇଁ ସରକାରୀ ଡାକ୍ତରଖାନାକୁ ପଠାଇଦେଲା। ପରିବାରଲୋକ ତାଙ୍କୁ ଆଣି ଏମ୍ସ ଶବାଗାରରେ ଭର୍ତ୍ତି କରିବା ବେଳକୁ ମହିଳାଙ୍କ ନିଶ୍ୱାସ ପ୍ରଶ୍ୱାସ ଚଳପ୍ରଚଳ ହେଉଥିବା ଦେଖିବାକୁ ପାଇଲେ। ତେଣୁ ତାଙ୍କୁ ପୁଣି ଏମ୍ସରେ ଭର୍ତ୍ତି କରି ଚିକିତ୍ସା କରାଯାଉଛି। ଏବେ ବି ତାଙ୍କ ଅବସ୍ଥା ସଂକଟାପନ୍ନ ଥିବା ଏମ୍ସ ହସ୍ପିଟାଲ୍ ସୂତ୍ରରୁ ଜଣାପଡ଼ିଛି। ମାତ୍ର ମହିଳାଜଣଙ୍କ ଜୀବିତ ଥିବା ଡାକ୍ତର ସ୍ପଷ୍ଟ କରିଛନ୍ତି।

ସୂଚନାନୁସାରେ, ଢୁମୁଢୁମା ସୁବାସ ନଗରର ଅମ୍ରିତା ସାହୁ(୩୮) ଏମ୍ସ ନିକଟ ଭିପୁଲ୍ ଗାର୍ଡେନ୍

■ ଏମ୍ସ ଭେଣ୍ଟିଲେଟର୍‌ରେ ଗୁରୁତର ମହିଳା ଚିକିତ୍ସିତ
■ ତିନି ତିନିଟି ଘରୋଇ ହସ୍ପିଟାଲ ଫେରାଇଦେଲେ

ଆପାର୍ଟମେଣ୍ଟରେ ଜଣେ ଡାକ୍ତରଙ୍କ ଘରେ ରୋଷେୟା ଭାବେ କାମ କରନ୍ତି। ଗତକାଲି ସନ୍ଧ୍ୟାରେ କାମ ସାରି ସେ ଚାଲି ଚାଲି ଘରକୁ ଫେରୁଥିଲେ। ତେବେ ଲୋଚନବିହାର ମନ୍ଦିର ସମ୍ମୁଖରେ ତାଙ୍କୁ ପଛପଟୁ ଏକ ସ୍କୁଟି ଧକ୍କା ଦେଇଥିଲା। ତଳେ ପଡ଼ି ତାଙ୍କ ମୁଣ୍ଡ ଓ କାନ୍ଧରେ ଗଭୀର ଆଘାତ ଲାଗିଥିଲା। କାନ୍ଧ ହାଡ଼ ଭାଙ୍ଗି ଯାଇଥିବା ବେଳେ ମୁଣ୍ଡର ପଛପାର୍ଶ୍ୱ ମାଡ଼ ହୋଇଯାଇଛି। ସ୍ଥାନୀୟ ଲୋକମାନେ ଉଦ୍ଧାର କରି ତାଙ୍କୁ ଏମ୍ସ ଜରୁରୀକାଳୀନ ୱାର୍ଡରେ ଭର୍ତ୍ତି କରାଇଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା ପରେ ଡାକ୍ତର ତାଙ୍କୁ ଭେଣ୍ଟିଲେଟର୍ ଥିବା ଏକ ହସ୍ପିଟାଲ୍‌କୁ ରେଫର୍ କରିଥିଲେ। ପରିବାର ଲୋକେ ତାଙ୍କୁ ଆମ୍ବୁଲାନ୍ସ ଯୋଗେ କୋଳଥିଆସ୍ଥିତ ଏକ ଘରୋଇ ହସ୍ପିଟାଲ୍‌କୁ ନେଇଥିଲେ। ସେଠାରେ ଭେଣ୍ଟିଲେଟର୍ ନଥିବାରୁ ଡାକ୍ତର ଫେରାଇ ଦେଇଥିଲେ। ପରିବାରଲୋକ ପରେ ତାଙ୍କୁ ପଟିଆସ୍ଥିତ ଏକ ଘରୋଇ ହସ୍ପିଟାଲ୍‌କୁ ନେଇଥିଲେ। ସେଠି ମଧ ସମାନ ସ୍ଥିତି। ଶେଷରେ ସହର ଶେଷମୁଣ୍ଡରେ ଥିବା ଏକ ଘରୋଇ ହସ୍ପିଟାଲ୍‌ରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ଡାକ୍ତର ତାଙ୍କର ଇସିଜି କରିବା ପରେ ସେ ମୃତ ବୋଲି ଘୋଷଣା କରିଥିଲେ। ତାଙ୍କୁ ସରକାରୀ ଡାକ୍ତରଖାନାକୁ ନେଇ ତାଙ୍କର ଶବ ବ୍ୟବଚ୍ଛେଦ କରିବା ପାଇଁ ପରିବାରଲୋକଙ୍କୁ କହିଥିଲେ। ପରିବାରଲୋକ ତାଙ୍କୁ ଏମ୍ସ ଆଣିଥିଲେ। ମାତ୍ର ଏମ୍ସରେ ସେ ଜୀବିତ ଥିବା ଡାକ୍ତରମାନେ ଦେଖିଥିଲେ। ଏବେ ସେ ଏମ୍ସର ଜରୁରୀକାଳୀନ ୱାର୍ଡରେ ଭେଣ୍ଟିଲେଟର୍ ସପୋର୍ଟରେ ଅଛନ୍ତି। ତାଙ୍କ ଦେହରେ ଜୀବନ ଥିଲେ ସୁଦ୍ଧା ଘରୋଇ ହସ୍ପିଟାଲ୍ ତାଙ୍କୁ ମୃତ ଘୋଷଣା କରିବା ସଚେତନ ନାଗରିକଙ୍କ ମହଲରେ ଗଭୀର ଆଲୋଡ଼ନ ସୃଷ୍ଟି କରିଛି।

ଏ ସମ୍ପର୍କରେ ଗୁରୁତର ମହିଳାଙ୍କ ପୁଅ ତ୍ରିଲୋଚନ ସାହୁ କହିଛନ୍ତି, ତିନୋଟିଯାକ ଘରୋଇ ହସ୍ପିଟାଲ୍ ତାଙ୍କୁ ଆମ୍ବୁଲାନ୍ସରୁ ଦେଖି ଫେରାଇ ଦେଲା। ଶେଷରେ ଆଉ ଏକ ଘରୋଇ ହସ୍ପିଟାଲ୍‌ରେ ଡାକ୍ତର ସେହି ଆମ୍ବୁଲାନ୍ସରେ ହିଁ ତାଙ୍କର ଇସିଜି କରିଥିଲେ। ବାରମ୍ବାର ଭିତରେ ଯାଇ ଆଲୋଚନା କଲେ। ଶେଷରେ ମୋର ଜୀବିତ ମା'ଙ୍କୁ ମୃତ ବୋଲି ଘୋଷଣା କଲେ। ଏହା ମାନସିକ ଭାବେ ଆମକୁ ଗଭୀର ଆଘାତ ଦେଇଛି। ଘରୋଇ ହସ୍ପିଟାଲ୍ ଅର୍ଥ ଲୋଭରେ ଆମ ଭଳି ସାଧାରଣ ଲୋକମାନଙ୍କ ପ୍ରତି ଅବିଚାର କରୁଛି ବୋଲି ସେ କ୍ଷୋଭର ସହ କହିଛନ୍ତି।

---

**କେନ୍ଦ୍ରକୁ ଯିବେ ଆଉ ଜଣେ ଆଇଏଏସ୍**

## ଶାଳିନୀ ପଣ୍ଡିତ କେନ୍ଦ୍ର ଅର୍ଥ ସେବା ଯୁଗ୍ମ ସଚିବ ନିଯୁକ୍ତ

ଭୁବନେଶ୍ୱର, ୧୩।୯ (ସମିସ): କେନ୍ଦ୍ରକୁ ଯିବେ ଆଉ ଜଣେ ଆଇଏଏସ୍। ୨୦୦୧ ବ୍ୟାଚ୍ ଆଇଏଏସ୍ ଶାଳିନୀ ପଣ୍ଡିତଙ୍କୁ କେନ୍ଦ୍ର ଅର୍ଥ ସେବା ଯୁଗ୍ମ ସଚିବ ଭାବେ ନିଯୁକ୍ତି ମିଳିଛି। ନିଯୁକ୍ତି ସଂକ୍ରାନ୍ତ କ୍ୟାବିନେଟ୍ କମିଟିର ଅନୁମୋଦନ ପରେ ଶନିବାର ଏନେଇ କେନ୍ଦ୍ର କାର୍ମିକ ମନ୍ତ୍ରଣାଳୟ ପକ୍ଷରୁ ବିଧିବଦ୍ଧ ବିଜ୍ଞପ୍ତି ଜାରି ହୋଇଛି। ସୂଚନାନୁସାରେ, ଶ୍ରୀମତୀ ପଣ୍ଡିତଙ୍କୁ କେନ୍ଦ୍ର ଅର୍ଥ ସେବା ଯୁଗ୍ମ ସଚିବ ଭାବେ ୫ବର୍ଷ ଅବା ପରବର୍ତ୍ତୀ ନିର୍ଦ୍ଦେଶ ପର୍ଯ୍ୟନ୍ତ ନିଯୁକ୍ତି ମିଳିଛି। ଶ୍ରୀମତୀ ପଣ୍ଡିତ ଏବେ ରାଜ୍ୟ ସ୍କୁଲ ଓ ଗଣଶିକ୍ଷା ବିଭାଗ ଏବଂ ମିଶନ ଶକ୍ତି ବିଭାଗର ସଚିବ ଭାବେ କାର୍ଯ୍ୟରତ ଅଛନ୍ତି।

## ବଟି ଆଦାୟ କରି ଆଇଆଇସି ମଧୁସ୍ମିତା ନିଲମ୍ବିତ

ଯାଜପୁର/ବଡ଼ଚଣା, ୧୩।୯ (ସମିସ): ବଡ଼ଚଣା ଥାନାର ପୂର୍ବତନ ଅଧିକାରୀ ମଧୁସ୍ମିତା ବେହେରାଙ୍କ ବିରୋଧରେ ଆସିଥିବା ବଟି ଆଦାୟ ଅଭିଯୋଗର ପ୍ରମାଣ ମିଳିବା ପରେ ଆଜି ପୁଲିସ ମହାନିର୍ଦ୍ଦେଶକ ତାଙ୍କୁ ନିଲମ୍ବିତ କରିଛନ୍ତି। ଏହା ପୂର୍ବରୁ ତାଙ୍କୁ ଗତ ୭ ତାରିଖରେ ବଡ଼ଚଣା ଥାନାରୁ ଯାଜପୁର ପୁଲିସ ମୁଖ୍ୟାଳୟକୁ ବଦଳି କରାଯାଇଥିଲା। ମଧୁସ୍ମିତାଙ୍କୁ ବଦଳିକୁ ନେଇ ନାନା ଗୁଜବ କରାଯାଉଥିଲେ ମଧ ତାଙ୍କ ବିରୋଧରେ ଆସିଥିବା ବଟି ଆଦାୟ ଅଭିଯୋଗ ପାଇଁ ଏଭଳି କାର୍ଯ୍ୟାନୁଷ୍ଠାନ ହୋଇଥିବା ଆଜି ସ୍ପଷ୍ଟ ହୋଇଛି।

ସୂଚନା ମୁତାବକ, ମଧୁସ୍ମିତାଙ୍କ ବିରୋଧରେ ଗୁରୁତର ଅଭିଯୋଗ ହୋଇଥିଲା। କଟକ ଜିଲ୍ଲା ନିଶ୍ଚିନ୍ତକୋଇଲି ଥାନା ଅନ୍ତର୍ଗତ କଟିକଟା ବଜାରର ଜଣେ ଔଷଧ ବ୍ୟବସାୟୀ ପ୍ରଫୁଲ୍ଲ ସାହୁଙ୍କୁ ବେଆଇନ ଭାବେ ଉଠାଇ ଆଣି ସେ ବଡ଼ଚଣା ଥାନାରେ ୩ଦିନ ଅଟକ ରଖିଥିଲେ। ତାଙ୍କୁ ମୁକୁଳାଇବା ପାଇଁ ମାହାଙ୍ଗା/ନିଶ୍ଚିନ୍ତକୋଇଲି ଅଞ୍ଚଳର ଦୁଇ ସାମ୍ବାଦିକଙ୍କ ଜରିଆରେ ଅଢ଼େଇ ଲକ୍ଷ ଟଙ୍କା ବଟି ଆଦାୟ କରିଥିଲେ। ସେଥିମଧ୍ୟରୁ ୯୦ ହଜାର ଟଙ୍କା ଫୋନ୍-ପେ'ରେ ଆଦାୟ

**ବଡ଼ଚଣା ଥାନାରୁ ପୁଲିସ ମୁଖ୍ୟାଳୟକୁ ବଦଳି ହୋଇଥିଲେ**

କରାଯାଇଥିବା ଅଭିଯୋଗ ହୋଇଥିଲା। ଏ ସଂକ୍ରାନ୍ତରେ ପ୍ରଫୁଲ୍ଲଙ୍କ ପରିବାର ବିଭିନ୍ନ ଫୋରମ୍‌ରେ ଅଭିଯୋଗ କରିବା ସହ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠ, ପୁଲିସ ମହାନିର୍ଦ୍ଦେଶକ, ଜାତୀୟ ମାନବାଧିକାର କମିସନଙ୍କ ନିକଟରେ ମଧ ଅଭିଯୋଗ କରିଥିଲେ। ଏହି ଘଟଣା ଗତ ଜୁନ୍ ମାସରେ ହୋଇଥିଲେ ମଧ ଏହାକୁ ପୁଲିସ ବେଶ୍ ହାଲୁକା ଭାବେ ଗ୍ରହଣ କରିଥିଲା। ଏ ସଂକ୍ରାନ୍ତରେ ଗତ ଅଗଷ୍ଟ ୨୩ ତାରିଖରେ 'ସକାଳ'ରେ ଖବର ପ୍ରକାଶ ପାଇବା ପରେ ବିଭାଗୀୟ ତଦନ୍ତରେ ତତ୍ପରତା ପ୍ରକାଶ ପାଇଥିଲା। ମଧୁସ୍ମିତାଙ୍କ ବିରୋଧରେ ଆସିଥିବା ବଟି




ଆଦାୟ ଅଭିଯୋଗରେ ସତ୍ୟତା ଥିବା ଜଣାପଡ଼ିବା ପରେ ପ୍ରଥମେ ତାଙ୍କୁ ଜିଲ୍ଲା ପୁଲିସ ମୁଖ୍ୟାଳୟକୁ ବଦଳି କରାଯାଇଥିଲା। କିନ୍ତୁ ଉକ୍ତ ବଦଳି ଆଦେଶକୁ ପ୍ରତ୍ୟାହାର କରିବା ପାଇଁ ବଡ଼ଚଣା ଥାନା ଓ ଏସ୍‌ପି ଅଫିସ ସମ୍ମୁଖରେ ବିକ୍ଷୋଭ ଓ ନାରାବାଜି କରାଯାଇଥିଲା।

## ଆଇଟିଆଇ ଛାତ୍ରୀଙ୍କ ସନ୍ଦେହଜନକ ମୃତ୍ୟୁ

ବସ୍ତାବ୍ଲକ୍, ୧୩।୯ (ସମିସ): ବାଲେଶ୍ୱର ଜିଲ୍ଲା ବସ୍ତା ଥାନା ଅନ୍ତର୍ଗତ ସୁନ୍ଦରହୋତା ଗ୍ରାମ ନିକଟ ୬୦ ନମ୍ବର ଜାତୀୟ ରାଜପଥର ତାରିଣୀ ଛକ ନିକଟରେ ଅବସ୍ଥିତ ପପୁଲାର୍ ନାମକ ଏକ ଘରୋଇ ଶିଳ୍ପ ତାଲିମ କେନ୍ଦ୍ର (ଆଇଟିଆଇ)ରେ ପଢୁଥିବା ଜଣେ ଛାତ୍ରୀଙ୍କ ସନ୍ଦେହଜନକ ମୃତ୍ୟୁ ଘଟିଛି। ମୃତ ଛାତ୍ରୀଜଣଙ୍କ ହେଲେ, ମୟୂରଭଞ୍ଜ ଜିଲ୍ଲା ବଡ଼ସାହି ଅଞ୍ଚଳର ଶୁକୁରମଣି ମାଝି(୧୬)। ହଷ୍ଟେଲ ଛାତ ଉପରୁ ତାଙ୍କର ଝୁଲନ୍ତା ମୃତଦେହ ଉଦ୍ଧାର ହୋଇଛି। ତେବେ ଏହାକୁ ଶୁକୁରମଣିଙ୍କ ପରିବାରଲୋକ ସହଜରେ ଗ୍ରହଣ କରିପାରୁନାହାନ୍ତି। ଝିଅକୁ ହତ୍ୟା କରି ଆତ୍ମହତ୍ୟାର ରୂପ ଦେବାକୁ ଚେଷ୍ଟା କରାଯାଉଥିବା ଛାତ୍ରୀଙ୍କ ବାପା-ମା' ଥାନାରେ ଅଭିଯୋଗ କରିଛନ୍ତି। ଏନେଇ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

**ହତ୍ୟା ଅଭିଯୋଗ ଆଣିଲେ ପରିବାରଲୋକେ**

ଶୁକୁରୁମଣି ଉକ୍ତ ତାଲିମ କେନ୍ଦ୍ରରେ ଇଲେକ୍ଟ୍ରିସିଆନ୍ ବିଭାଗର ପ୍ରଥମ ବର୍ଷ ଛାତ୍ରୀ। ଶୁକ୍ରବାର ରାତିରେ ହଷ୍ଟେଲ କର୍ତ୍ତୃପକ୍ଷ ତାଙ୍କ ଶବ ଛାତ ଉପରୁ ଝୁଲନ୍ତା ଅବସ୍ଥାରେ ଉଦ୍ଧାର କରି ବସ୍ତା ହସ୍ପିଟାଲରେ ଭର୍ତ୍ତି କରାଇଥିଲେ। ସେଠାରେ ଡାକ୍ତର ତାଙ୍କୁ ବିଧିବଦ୍ଧ ଭାବେ ମୃତ ଘୋଷଣା କରିଥିଲେ। ପୁଲିସ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଏହି ଘଟଣାରେ କର୍ତ୍ତୃପକ୍ଷଙ୍କୁ ଦାୟୀ କରି କାର୍ଯ୍ୟାନୁଷ୍ଠାନ ସହ କ୍ଷତିପୂରଣ ଦାବି କରିଛନ୍ତି ଛାତ୍ରୀଙ୍କ ପରିବାରଲୋକେ।


## କ୍ୟାମ୍ପରୁ ଦେଶୀ ବନ୍ଧୁକ ସହ ଗୁଳି ଜବତ, ୨ ଗିରଫ

ଅନୁଗୋଳ, ୧୩।୯ (ସମିସ): ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ବନଖଣ୍ଡ ଧଣ୍ଡାତୋପା ବନାଞ୍ଚଳ ଧଣ୍ଡାତୋପା ଓଭରବ୍ରିଜ୍ ନିକଟ ଏକ କ୍ୟାମ୍ପରୁ ଶୁକ୍ରବାର ଦେଶୀ ବନ୍ଧୁକ ସହ କିଛି ଅଫୁଟା ଗୁଳି ଜବତ ହୋଇଛି। ଧଣ୍ଡାତୋପା ବନ ବିଭାଗ ଓ ଠାକୁରଗଡ଼ ଥାନା ପୁଲିସ ମିଳିତ ଚଢ଼ଉ କରି ବନ୍ଧୁକ ଓ ଗୁଳି ଜବତ କରିଛନ୍ତି। ଏହି ଘଟଣାରେ ୨ ଜଣଙ୍କୁ ଗିରଫ କରାଯାଇଛି। ସେମାନେ ହେଲେ, କିଶୋରନଗର ଥାନା ବ୍ରାହ୍ମଣୀପାଳି ଗ୍ରାମର ସୁଶାନ୍ତ ପ୍ରଧାନ ଓ କଦଳୀମୁଣ୍ଡା ଗ୍ରାମର ଧୋବେଇ ପ୍ରଧାନ। ଏନେଇ ଧଣ୍ଡାତୋପା ରେଞ୍ଜର ବବ୍ରୁବାହାନ ସାହୁଙ୍କ ଅଭିଯୋଗକ୍ରମେ ପୁଲିସ ଏକ ମାମଲା ରୁଜୁ କରି ଶନିବାର ଦୁଇ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରିଛି। ପୁଲିସ ସୂଚନାନୁଯାୟୀ, ସୁଶାନ୍ତ ଓ ଧୋବେଇ ଧଣ୍ଡାତୋପା ନିକଟରେ ଏକ କ୍ୟାମ୍ପ କରି କିଛି ଦିନ ହେବ ରହି ଆସୁଥିଲେ। ଦେଶୀ ବନ୍ଧୁକ ସାହାଯ୍ୟରେ ସେମାନେ ନିକଟସ୍ଥ ଜଙ୍ଗଲରୁ ଜନ୍ତୁ ଶିକାର କରୁଥିଲେ। ଏନେଇ ସୂଚନା ମିଳିବା ଚଢ଼ଉ କରାଯାଇଥିଲା। ସେଠାରୁ ବନ୍ଧୁକ ଓ ଗୁଳି ସହ ବାରୁଦ, ଛୁରୀ, ୨ଟି ମୋବାଇଲ, ଟାଙ୍ଗିଆ, ତାର ଆଦି ଜବତ କରାଯାଇଛି।

**ଜାତୀୟ ଆଇନ ବିଶ୍ୱବିଦ୍ୟାଳୟର ସମାବର୍ତ୍ତନ ଉତ୍ସବ**

# 'ଯୁବ ଆଇନଜୀବୀମାନେ ଦେଶର ଆବଶ୍ୟକତା ପୂରଣ କରନ୍ତୁ'

କଟକ, ୧୩।୯ (ସମିସ): ଆଇନ ବୃତ୍ତିର ପରିସର ବୃଦ୍ଧି ପାଇ ଚାଲିଛି। ଏଣୁ ଲକ୍ଷ୍ୟ ଏବଂ ନୀତିକୁ ସ୍ଥିର କରି ଏହି ପେସାରେ ଛାତ୍ରଛାତ୍ରୀମାନେ ଅଗ୍ରସର ହେବା ଉଚିତ। ଅଦାଲତ କାର୍ଯ୍ୟ ବାହାରେ ଆଇନଜୀବୀମାନଙ୍କ ଗୁରୁତ୍ୱପୂର୍ଣ୍ଣ ସାମାଜିକ ଭୂମିକା ରହିଛି। ସେଗୁଡ଼ିକୁ ନିଷ୍ଠା ଓ ଶୃଙ୍ଖଳାର ସହ ତୁଲାଇବା ଆବଶ୍ୟକ ବୋଲି କହିଛନ୍ତି ସୁପ୍ରିମକୋର୍ଟର ପ୍ରାକ୍ତନ ବିଚାରପତି ତଥା ଜାତୀୟ ଜୁଡିସିଆଲ ଏକାଡେମିର ନିର୍ଦ୍ଦେଶକ ଜଷ୍ଟିସ ଅନିରୁଦ୍ଧ ବୋଷ। ଜାତୀୟ ଆଇନ ବିଶ୍ୱବିଦ୍ୟାଳୟର ୧୨ତମ ସମାବର୍ତ୍ତନ ଉତ୍ସବରେ ମୁଖ୍ୟଅତିଥି ଭାବେ ଦୀକ୍ଷାନ୍ତ ଅଭିଭାଷଣ ଦେଇ ଜଷ୍ଟିସ ବୋଷ ଏହା କହିଛନ୍ତି। ବିଶେଷକରି ପ୍ରତ୍ୟେକ ଆଇନଜୀବୀମାନେ ଲଢୁଥିବା ମାମଲାଗୁଡ଼ିକର ୨୫ ପ୍ରତିଶତ ବିନା ଦେୟରେ ପରିଚାଳନା କରିବା ଦରକାର। ପରିବର୍ତ୍ତିତ ପରିସ୍ଥିତିରେ ଦେଶ ସେମାନଙ୍କଠାରୁ ଯାହା ଆବଶ୍ୟକ କରୁଛି, ଯୁବ ଆଇନଜୀବୀମାନେ ତାହା ପୂରଣ କରିବା ଆବଶ୍ୟକ ବୋଲି ସେ କହିଛନ୍ତି।




ଜାତୀୟ ଆଇନ ବିଶ୍ୱବିଦ୍ୟାଳୟର କୁଳାଧିପତି ତଥା ଓଡ଼ିଶା ହାଇକୋର୍ଟର ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ସମାବର୍ତ୍ତନ ଉତ୍ସବରେ ଅଧ୍ୟକ୍ଷତା କରି କହିଲେ, କଠିନ ପରିଶ୍ରମ ସାମାଜିକ ଦାୟିତ୍ୱ ଆଇନ ପେସାରେ ନିତାନ୍ତ ଦରକାର।

ବିଶ୍ୱବିଦ୍ୟାଳୟ ପରିସରରେ ଅନୁଷ୍ଠିତ ଏହି ସମାବର୍ତ୍ତନ ଉତ୍ସବରେ ୨୦୨୪-୨୫ବର୍ଷ ପାଇଁ ୨୧୮ ଜଣ ଛାତ୍ରଛାତ୍ରୀମାନଙ୍କୁ ୟୁଜି, ପିଜି ଏବଂ ପିଏଚ୍‌ଡି ଡିଗ୍ରୀ ପ୍ରଦାନ କରାଯାଇଥିଲା। ସେମାନଙ୍କ ମଧ୍ୟରୁ ୧୬୮ ଛାତ୍ରଛାତ୍ରୀଙ୍କୁ ପାଞ୍ଚବର୍ଷିୟା ଇଣ୍ଟିଗ୍ରେଟେଡ୍ ପାଠ୍ୟକ୍ରମର ସ୍ନାତକ ଡିଗ୍ରୀ ୪୭ଜଣଙ୍କୁ ସ୍ନାତକୋତ୍ତର ଏବଂ ୩ଜଣ ଛାତ୍ରଛାତ୍ରୀଙ୍କୁ ପିଏଚଡି ଡିଗ୍ରୀ ପ୍ରଦାନ କରାଯାଇଛି। ଏଥିସହ ୧୪ମେଧାବୀ ଛାତ୍ରୀଙ୍କୁ ସ୍ୱର୍ଣ୍ଣପଦକ ପ୍ରଦାନ କରାଯାଇଥିଲା। ପ୍ରାରମ୍ଭରେ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ବେଦ କୁମାରୀ ସ୍ୱାଗତ ଭାଷଣ ଦେଇ ବିଶ୍ୱବିଦ୍ୟାଳୟ ସମ୍ପର୍କରେ ଏକ ରିପୋର୍ଟ ଉପସ୍ଥାପନ କରିଥିଲେ। କାର୍ଯ୍ୟକ୍ରମରେ ଏନ୍‌ଏଲୟୁର ରେଜିଷ୍ଟ୍ରାର ପ୍ରଫେସର୍ ରଙ୍ଗୀନ ପଲ୍ଲଭ ତ୍ରିପାଠୀ ଧନ୍ୟବାଦ ଦେଇଥିଲେ। ହାଇକୋର୍ଟର ବହୁ ବିଚାରପତି, ଆଡଭୋକେଟ ଜେନରାଲଙ୍କ ସମେତ ବିଶିଷ୍ଟ ବ୍ୟକ୍ତିମାନେ ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ।

## ଶ୍ରୀମନ୍ଦିର ଉତ୍ତରଦ୍ୱାର ନିକଟରେ ଦାଦା-ପୁତୁରାଙ୍କୁ ଛୁରାମାଡ଼

ପୁରୀ, ୧୩।୯ (ସମିସ): ପୁରୀ ସହରକୁ ଅପରାଧମୁକ୍ତ ଓ ନିଶାମୁକ୍ତ କରିବା ପାଇଁ ଏସ୍‌ପି ପ୍ରତୀକ ସିଂଙ୍କ ତତ୍ତ୍ୱାବଧାନରେ 'ଅପରେସନ୍ ଚକ୍ର' ଚାଲିଛି। ବିଭିନ୍ନ ଥାନାର ବରିଷ୍ଠ ପୁଲିସ ଅଧିକାରୀଙ୍କୁ ନେଇ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଛି। ସଞ୍ଜ ନଇଁଲେ ପ୍ରମୁଖ ସ୍ଥାନରେ ନାକାବନ୍ଦୀ କରାଯାଉଛି। ଗାଡ଼ିମୋଟର ଯାଞ୍ଚ ସାଙ୍ଗକୁ ଅପରାଧୀଙ୍କ ଗତିବିଧି ଉପରେ ତୀକ୍ଷ୍ଣ ନଜର ରଖିଛି ପୁଲିସ। ସପ୍ତାହକ ମଧ୍ୟରେ ବିଭିନ୍ନ ମାମଲାରେ ଅନେକ ଅଭିଯୁକ୍ତ ମଧ ବନ୍ଧା ହେଲେଣି। ଏହା ସତ୍ତ୍ୱେ କିଛି ଅପରାଧୀ ଏବେ ବି ପୁଲିସର କାର୍ଯ୍ୟାନୁଷ୍ଠାନକୁ ଭୟ କରୁନାହାନ୍ତି। 'ଅପରେସନ୍ ଚକ୍ର'କୁ ଖୋଲା ଚ୍ୟାଲେଞ୍ଜ ଦେବା ଭଳି ଘଟଣା ଘଟିଛି ଶ୍ରୀମନ୍ଦିର ଉତ୍ତର ଦ୍ୱାର ନିକଟରେ। ଶ୍ରୀମନ୍ଦିର ଉତ୍ତରଦ୍ୱାର ନିକଟରେ ଜଣେ ଦୁର୍ବୃତ୍ତ ଦାଦା-ପୁତୁରାଙ୍କୁ ଛୁରାମାଡ଼ କରି ଆତଙ୍କ ସୃଷ୍ଟି କରିଛି। ଆକ୍ରମଣର ଶିକାର ଦାଦା-ପୁତୁରା ହେଉଛନ୍ତି, ମାର୍କଣ୍ଡେଶ୍ୱର ସାହିର ଗୌରାଙ୍ଗ ସାହୁ ଓ ସନ୍ତୋଷ କୁମାର ସାହୁ। ଉଭୟଙ୍କ ଦେହର ବିଭିନ୍ନ ସ୍ଥାନରେ ଆଘାତ ଲାଗିଥିବା ବେଳେ ଆକ୍ରମଣକାରୀ ଘଟଣାସ୍ଥଳରୁ ଚମ୍ପଟ ମାରିଛି। ଆହତ ଦାଦା-ପୁତୁରାଙ୍କୁ ଚିକିତ୍ସା ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ଖବର ପାଇ ଘଟଣାସ୍ଥଳରେ ସିଂହଦ୍ୱାର ପୁଲିସ ପହଞ୍ଚି ତଦନ୍ତ କରିଛି। ପୂର୍ବଶତ୍ରୁତାକୁ କେନ୍ଦ୍ର କରି ଏହି ଘଟଣା ଘଟିଥିବା ଅନୁମାନ କରାଯାଉଛି। ବିଶେଷକରି ବ୍ୟବସାୟକୁ ନେଇ ଏହି ଘଟଣା ଘଟିଥାଇପାରେ ବୋଲି ପୁଲିସ ଅନୁମାନ କରୁଛି। ପୁଲିସ ଅଭିଯୁକ୍ତଙ୍କୁ ଧରିବା ଲାଗି ଚଢ଼ଉ ଜାରି ରଖିଛି।

## ବାର୍‌ହା ଆକ୍ରମଣରେ ମହିଳା ଚାଷୀ ମୃତ

ପୋଲସରା, ୧୩।୯ (ସମିସ): ବାର୍‌ହା ଆକ୍ରମଣରେ ମହିଳା ଚାଷୀଙ୍କ ମୃତ୍ୟୁ। ପୋଲସରା ବ୍ଲକ୍ କବିସୂର୍ଯ୍ୟନଗର ଥାନା ଅନ୍ତର୍ଗତ ଡୁଙ୍ଗୁରି ଗ୍ରାମରେ ଶୁକ୍ରବାର ସଂଧ୍ୟାରେ ଏଭଳି ଏକ ଅଘଟଣ ଘଟିଛି। ମୃତକ ହେଲେ, ସେହି ଗ୍ରାମର ପଦ୍ମାବତୀ ପୋଲାଇ। ପଦ୍ମାବତୀ ଗତକାଲି ସଂଧ୍ୟାରେ ନିଜ ଜମିକୁ ଯାଇଥିଲେ। ବିଳମ୍ବିତ ରାତି ପର୍ଯ୍ୟନ୍ତ ଘରକୁ ନ ଫେରିବାରୁ ପରିବାରଲୋକଙ୍କ ସନ୍ଦେହ ହୋଇଥିଲା। ଖୋଜାଖୋଜି କରିବାରୁ ଚାଷଜମିରେ ସେ କ୍ଷତାକ୍ତ ଅବସ୍ଥାରେ ପଡ଼ିଥିବା ଦେଖିଥିଲେ। ପରିବାରଲୋକ ତାଙ୍କୁ ପୋଲସରା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ ହେଁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପଦ୍ମାବତୀଙ୍କୁ ବାର୍‌ହା ଆକ୍ରମଣ କରିଥିବା ସନ୍ଦେହ କରାଯାଉଛି। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ପ୍ରକୃତ କାରଣ ସ୍ପଷ୍ଟ ହୋଇପାରିବ ବୋଲି ପୋଲସରା ରେଞ୍ଜର ଅନିଲ କୁମାର ପଣ୍ଡା କହିଛନ୍ତି। ଉଲ୍ଲେଖଯୋଗ୍ୟ, ପ୍ରତିବର୍ଷ ନିକଟସ୍ଥ ପାହାଡ଼ିଆ ଅଞ୍ଚଳରେ ବାର୍‌ହା ଉପଦ୍ରବ ଯୋଗୁଁ ବ୍ୟାପକ ଫସଲ ହାନି ହେଉଥିବା ଅଞ୍ଚଳବାସୀ କ୍ଷୋଭର ସହ କହିଛନ୍ତି।

**ବ୍ୟକ୍ତିଗତ କାମରେ ଲଗାଉଛନ୍ତି ଏଏନ୍‌ଏମ୍**

# ଘାସବଛା, ବଗିଚା କାମ କରୁଛନ୍ତି ଆଶାକର୍ମୀ

ମୋହନା, ୧୩।୯ (ସମିସ): ସୁରକ୍ଷିତ ମାତୃତ୍ୱ ଲାଭ କରିବାରେ ସହଯୋଗ ସହ ଗ୍ରାମାଞ୍ଚଳରେ ସ୍ୱାସ୍ଥ୍ୟ ଭିତ୍ତିଭୂମିକୁ ସୁଦୃଢ଼ କରିବା ପାଇଁ ସରକାର ବିଭିନ୍ନ ସ୍ଥାନରେ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ତଥା ସ୍ୱାସ୍ଥ୍ୟ ଉପକେନ୍ଦ୍ର ଖୋଲିଛନ୍ତି। ପ୍ରତ୍ୟେକ ଆରୋଗ୍ୟ କେନ୍ଦ୍ରରେ ଜଣେ ଲେଖାଏଁ ଏଏନ୍‌ଏମ୍ ନିଯୁକ୍ତ କରିବା ସହ ତାଙ୍କ ଅଧୀନରେ

■ କାମ ନ କଲେ ଚାକିରିରୁ ବିଦା ଧମକ
■ ତଦନ୍ତ ପରେ କାର୍ଯ୍ୟାନୁଷ୍ଠାନ: ସିଡିଏମ୍‌ଓ

ଆଶାକର୍ମୀଙ୍କୁ ନିଯୁକ୍ତି ପ୍ରଦାନ କରିଛନ୍ତି। କିନ୍ତୁ ଉପାନ୍ତ ଅଞ୍ଚଳରେ ଆଶାକର୍ମୀଙ୍କୁ ସ୍ୱାସ୍ଥ୍ୟ ବିଭାଗ କାର୍ଯ୍ୟ ସହ ଏଏନ୍‌ଏମ୍ ନିଜ ସରକାରୀ ଗୃହର ବିଭିନ୍ନ କାର୍ଯ୍ୟରେ ନିୟୋଜିତ କରିବା ଭଳି ସଂଗୀନ ଅଭିଯୋଗ ହୋଇଛି। ଏଭଳି ଅଭିଯୋଗ ଆସିଛି ଗଜପତି ଜିଲ୍ଲା ମୋହନା ବ୍ଲକର ବୁଡୁଲିସ୍ଥିତ ସ୍ୱାସ୍ଥ୍ୟ ଉପକେନ୍ଦ୍ରରୁ। ଏଠାରେ ଦାୟିତ୍ୱରେ ଥିବା ଏଏନ୍‌ଏମ୍ ବିଶ୍ୱରଞ୍ଜନୀ ପାଣି ସେକ୍ଟର୍‌ର ବିଭିନ୍ନ ଅଞ୍ଚଳରେ କାର୍ଯ୍ୟରତ ଆଶାକର୍ମୀଙ୍କୁ ଉପକେନ୍ଦ୍ରର ସଫେଇ, ବଗିଚା କାମ, ଘାସ ବଛା ଆଦି କାର୍ଯ୍ୟରେ ଲଗାଉଥିବା ଆଶାକର୍ମୀମାନେ ଅଭିଯୋଗ କରିଛନ୍ତି। ଯିଏ କାମ କରିବାକୁ ଅମଙ୍ଗ ହେଉଛି, ଉପର ଅଧିକାରୀଙ୍କୁ କହି ତା' ଚାକିରି



ନେଇଯିବେ ବୋଲି ଧମକାଉଛନ୍ତି। ଏନେଇ ଗ୍ରାମବାସୀ, ଜନପ୍ରତିନିଧି ଅବଗତ ହେବା ପରେ ଜିଲ୍ଲାପାଳ ଏବଂ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀଙ୍କୁ ଏଏନ୍‌ଏମ୍‌ଙ୍କ ମନମୁଖୀ କାର୍ଯ୍ୟ ସମ୍ପର୍କରେ ଲିଖିତ ଭାବେ ଏକ ଅଭିଯୋଗ ଦେଇଛନ୍ତି। ସଂପୃକ୍ତ ଏଏନ୍‌ଏମ୍‌ଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି। ଏ ସଂପର୍କରେ ଗଜପତି ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଏମ୍.ଏମ୍ ଅଲ୍ଲୀଙ୍କୁ ଯୋଗାଯୋଗ କରାଯିବାରୁ ସେ କହିଥିଲେ, ଅଭିଯୋଗ ପାଇବା ପରେ ମୋହନା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ଜୟ ପଣ୍ଡାଙ୍କୁ ତଦନ୍ତ ପାଇଁ ନିର୍ଦ୍ଦେଶ ଦିଆଯାଇଛି। ରିପୋର୍ଟ ଆସିବା ପରେ ସମ୍ପୃକ୍ତ ଏଏନ୍‌ଏମ୍‌ଙ୍କ ବିରୋଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ସେ କହିଛନ୍ତି।

**ପାଦ ଛୁଇଁ ଜୁହାର ନ ହେବାରୁ ଦଣ୍ଡ !**

# ୩୧ ପିଲାଙ୍କୁ ମାଡ଼ମାରି ଶିକ୍ଷୟିତ୍ରୀ ନିଲମ୍ବିତ

ବୈଶିଙ୍ଗା, ୧୩।୯ (ସମିସ): ପାଦ ଛୁଇଁ ଜୁହାର ନ କରିବାରୁ ବାଉଁଶ ବାଡ଼ିରେ ୩୧ ଛାତ୍ରଛାତ୍ରୀଙ୍କୁ ନିର୍ଦ୍ଧୁମ୍ ପିଟିଲେ ଶିକ୍ଷୟିତ୍ରୀ। ବେତନଟୀ ବ୍ଲକ୍ ପ୍ରତିମାଦେଇପୁର କ୍ଲଷ୍ଟର୍ ଅନ୍ତର୍ଗତ ଖଣ୍ଡଦେଉଳା ସରକାରୀ ଉଚ୍ଚ ପ୍ରାଥମିକ ସ୍କୁଲରେ ଶୁକ୍ରବାର ଏଭଳି ଏକ ଅମାନବୀୟ ଘଟଣା ଘଟିଛି। ଏହି ଘଟଣାରେ ଆଜି ସଂପୃକ୍ତ ସହକାରୀ ଶିକ୍ଷୟିତ୍ରୀ ସୁକାନ୍ତୀ କରଙ୍କୁ ବେତନଟୀ ବିଇଓ ଚାକିରିରୁ ନିଲମ୍ବିତ କରିଛନ୍ତି। ସ୍କୁଲ ପରିଚାଳନା କମିଟି ଏବଂ ଅଭିଭାବକଙ୍କ ଅଭିଯୋଗ ଆଧାରରେ ତଦନ୍ତ କରି ବିଇଓ ଆଜି ଏପରି ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ନେଇଛନ୍ତି।

ସୂଚନାନୁସାରେ, ଖଣ୍ଡଦେଉଳା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ସହକାରୀ ଶିକ୍ଷୟିତ୍ରୀ ଭାବେ ସୁକାନ୍ତୀ କର କାର୍ଯ୍ୟରତ। ଶୁକ୍ରବାର ସେ ଧାର୍ଯ୍ୟ ସମୟରେ ସ୍କୁଲରେ ପହଞ୍ଚିଥିଲେ। ସମସ୍ତ ଛାତ୍ରଛାତ୍ରୀ ସମବେତ ପ୍ରାର୍ଥନା ପରେ ନିଜ ନିଜ ଶ୍ରେଣୀକୁ ଚାଲିଯାଇଥିଲେ। ତେବେ ଷଷ୍ଠ ଶ୍ରେଣୀ, ୭ମ ଶ୍ରେଣୀ ଏବଂ ୮ମ ଶ୍ରେଣୀ ଗୃହକୁ ପର୍ଯ୍ୟାୟକ୍ରମେ ପାଠ ପଢ଼ାଇବାକୁ ସହକାରୀ ଶିକ୍ଷୟିତ୍ରୀ ସୁକାନ୍ତୀ ଯାଇଥିବା ବେଳେ କେଉଁ କେଉଁ ଛାତ୍ରଛାତ୍ରୀମାନେ ପ୍ରାର୍ଥନା ପରେ ତାଙ୍କୁ ପାଦ ଛୁଇଁ ପ୍ରଣାମ କରିନାହାନ୍ତି ବୋଲି ପଚାରିଥିଲେ। ଯେଉଁ ଛାତ୍ରଛାତ୍ରୀମାନେ ହାତ ଟେକିଥିଲେ, ସେମାନଙ୍କୁ ସେ ବାଉଁଶବାଡ଼ିରେ ନିସ୍ତୁକ ପିଟିଥିଲେ। ଶିକ୍ଷୟିତ୍ରୀଙ୍କ ଆଖିବୁଜା ମାଡ଼ରେ ଏକାଧିକ ଛାତ୍ରଛାତ୍ରୀ କ୍ଷତାକ୍ତ ହୋଇଥିଲେ। ଅଭିଭାବକଙ୍କ ପାଖରେ ଏ ଖବର ପହଞ୍ଚିବା ପରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଥିଲେ। ଏ ନେଇ ସ୍କୁଲ ପରିଚାଳନା କମିଟିର କାର୍ଯ୍ୟକର୍ତ୍ତା ଏବଂ ସଦସ୍ୟ/ ସଦସ୍ୟାଙ୍କ ମଧ୍ୟରେ ତୀବ୍ର ଉତ୍ତେଜନା ଦେଖାଦେଇଥିଲା। ଘଟଣା ବାବଦରେ ପ୍ରଧାନଶିକ୍ଷକ ସଙ୍ଗେସଙ୍ଗେ ବେତନଟୀ ବ୍ଲକ୍ ଶିକ୍ଷା ଅଧିକାରୀ ବିପ୍ଳବ କର ଏବଂ ପ୍ରତିମାଦେଇପୁର କ୍ଲଷ୍ଟର୍ ସିଆରସିସି ଦେବାଶିଷ ସାହୁଙ୍କୁ ଅବଗତ କରାଇଥିଲେ। ଘଟଣାର ଗୁରୁତ୍ୱର ସହ ନେଇ ବ୍ଲକ୍ ଶିକ୍ଷା ଅଧିକାରୀ ବିପ୍ଳବ କର ଏବଂ ସିଆରସିସି ଶ୍ରୀ ସାହୁ ସ୍କୁଲରେ ପହଞ୍ଚି ତଦନ୍ତ କରିଥିଲେ। ସେମାନେ ପରିଚାଳନା କମିଟିର କାର୍ଯ୍ୟକର୍ତ୍ତା, ଅଭିଭାବକ ଏବଂ ପ୍ରଧାନଶିକ୍ଷକ ସମେତ ଆହତ ଛାତ୍ରଛାତ୍ରୀଙ୍କ ସହିତ ଆଲୋଚନା କରିଥିଲେ।



# ବାଲିହରଚଣ୍ଡୀଙ୍କ ଷୋଡ଼ଶ ଉପଚାର ପୂଜା

**ବ୍ରହ୍ମଗିରି,୧୩।୯ (ସମିସ):** ବ୍ରହ୍ମଗିରିର ଅଧିଷ୍ଠାତ୍ରୀ ଦେବୀ ମା' ବାଲି ହରଚଣ୍ଡୀଙ୍କ ପୀଠରେ ଶାରଦୀୟ ପାର୍ବଣ ପୂଜା ଆଜିଠାରୁ ଆରମ୍ଭ ହୋଇଛି। ଷୋଳଦିନର ପାଳିଆ ସେବକ ପ୍ରମୁଖ ଯୋଗ ଦେଇଛନ୍ତି। ମୂଳାଷ୍ଟମୀଠାରୁ ମା'ଙ୍କର ଷୋଳଦିନାତ୍ମକ ପୂଜାନୀତି କିଭଳି ଭାବରେ ପାଳନ କରାଯିବ ସେ ନେଇ କାର୍ଯ୍ୟଖସଡ଼ା ପ୍ରସ୍ତୁତ କରାଯାଇଛି। ମୂଳାଷ୍ଟମୀ ଦିନ ବ୍ରାହ୍ମଣଙ୍କ ଦ୍ୱାରା ମା'ଙ୍କର ସହସ୍ର କୁମ୍ଭାଭିଷେକ ନୀତି ଆରମ୍ଭ ହୋଇ ଅଖଣ୍ଡ ଦୀପ ପ୍ରଜ୍ୱଳନ କରାଯାଇଛି। ଆଜିଠାରୁ ମା'ଙ୍କ ମନ୍ଦିରରେ ବିଭିନ୍ନ ପ୍ରକାର ନୀତିକାନ୍ତି ଆରମ୍ଭ ହୋଇଛି। ପ୍ରତ୍ୟୁଷରୁ ଦ୍ୱାରା ଫିଟା ଯାଇ ମଙ୍ଗଳ ଆଳତି, ସକାଳ ଧୂପ ନୀତି, ହୋମ କୁଣ୍ଡରେ ଅଗ୍ନି ସ୍ଥାପନ ସମ୍ପନ୍ନ ହେବାପରେ ଝାଳେରି ଭୋଗ ଲାଗି ହୋଇଥିଲା। ଦ୍ୱିପ୍ରହରେ ଖେଚେଡ଼ି, ମାଛ ବେସର, ଡାଲି, ଖିରୀ ଭୋଗ ଲାଗି ହୋଇଥିଲା। ମନ୍ଦିରରେ ୨୨ ତାରିଖଠାରୁ ଅକ୍ଟୋବର ୨ତାରିଖ ପର୍ଯ୍ୟନ୍ତ ମା'ଙ୍କର ନବଦିନାତ୍ମକ ପୂଜାନୀତି ଅନୁଷ୍ଠିତ ହେବ। ୨୬ ତାରିଖ ପଞ୍ଚମୀ ଦିନ ତୀରକମାଣ ବେଶ, ଷଷ୍ଠୀ ଦିନ କାତିଖର୍ପର ବେଶ, ସପ୍ତମୀ ଦିନ ସିଂହବାହିନୀ ବେଶ, ଅଷ୍ଟମୀରେ ମହିଷାମର୍ଦ୍ଦିନୀ ବେଶ ଅନୁଷ୍ଠିତ ହେବା ସହିତ ନବମୀ ତିଥିରେ ଶାନ୍ତିବେଶ ଅନୁଷ୍ଠିତ ହୋଇ ଦଶମୀ ଦିନ ହରଦୁର୍ଗା ଭେଟ କରାଯାଇ ଶାରଦୀୟ ପାର୍ବଣ ଉଦ୍‌ଯାପିତ ହେବ।

# ମୁଖ୍ୟମନ୍ତ୍ରୀ ବସ୍ ସେବାରୁ ବଞ୍ଚିତ କୃଷ୍ଣପ୍ରସାଦବାସୀ

ବ୍ରହ୍ମଗିରି,୧୩।୯ (ସମିସ)




ମୁଖ୍ୟମନ୍ତ୍ରୀ ବସ୍ ସେବାରୁ ବଞ୍ଚିତ ହୋଇଛନ୍ତି କୃଷ୍ଣପ୍ରସାଦ ଅଞ୍ଚଳବାସୀ। ପୁରୀ ଜିଲ୍ଲା କୃଷ୍ଣପ୍ରସାଦ ବ୍ଲକ୍ ଏକ ମାତ୍ର ବିଚ୍ଛିନ୍ନାଞ୍ଚଳ ଭାବେ ପରିଚିତ। ଯେଉଁ ବ୍ଲକ୍ କାର୍ଯ୍ୟାଳୟରେ ପ୍ରତିଦିନ ସାଧାରଣ ଲୋକଙ୍କ ବିଭିନ୍ନ କାର୍ଯ୍ୟ ରହୁଥିବାବେଳେ ଯାତାୟାତ ବ୍ୟବସ୍ଥା ବାଧକ ସାଜିଛି। ସରକାର ଏହାକୁ ଦୃଷ୍ଟିରେ ରଖି ରାଜ୍ୟର ସମସ୍ତ ବ୍ଲକ୍‌କୁ ମୁଖ୍ୟମନ୍ତ୍ରୀ ବସ ସେବାର ବ୍ୟବସ୍ଥା କରିଥିଲେ ମଧ୍ୟ ଉକ୍ତ ସେବାର ଆଢୁଆଳରେ କୃଷ୍ଣପ୍ରସାଦ ବ୍ଲକ୍ ରହିଛି। ଓଡ଼ିଶାର ପ୍ରତ୍ୟେକ ଜିଲ୍ଲାରେ ମୁଖ୍ୟମନ୍ତ୍ରୀ ବସ ସେବା କାର୍ଯ୍ୟକାରୀ ହୋଇ ୫ ଟଙ୍କାରେ ଯାତାୟାତ କରୁଥିବା ବେଳେ କୃଷ୍ଣପ୍ରସାଦ ବ୍ଲକ୍‌ରେ ୨/୩ ଶହ ଟଙ୍କା ଅଟୋ ଭଡ଼ା ଦେଇ ଯାତାୟାତ କରିଥାନ୍ତି। ମହିଳାଙ୍କୁ ଉତ୍ତମ ସେବା ଯୋଗାଇ ଦେବା ପାଇଁ ଏହି ଯୋଜନା ହୋଇଥିବା ବେଳେ ତାହା କୃଷ୍ଣପ୍ରସାଦ ବ୍ଲକ୍‌ରେ ଏଯାଏ କାର୍ଯ୍ୟକାରୀ ହୋଇପାରିନାହିଁ। ଏ ନେଇ ଅଞ୍ଚଳବାସୀ ସ୍ଥାନୀୟ ବିଡିଓ, ଜିଲ୍ଲାପାଳ, ବିଭାଗୀୟ ମନ୍ତ୍ରୀ ଏବଂ ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ ମଧ୍ୟ ତାହା କାର୍ଯ୍ୟକାରୀ ହୋଇପାରିନାହିଁ। ଯାହା ଦ୍ୱାରା ବ୍ଲକ୍ କାର୍ଯ୍ୟାଳୟ ସହ ଲୋକମାନଙ୍କର ଯୋଗାଯୋଗ ଏକ ପ୍ରକାର ବିଚ୍ଛିନ୍ନ ହେବା ସହ ଉନ୍ନୟନ କାର୍ଯ୍ୟରେ ବ୍ୟାଘାତ ଘଟିଥିବା ଜଣାପଡ଼ିଛି। ଖୁବ୍‌ଶୀଘ୍ର କୃଷ୍ଣପ୍ରସାଦ ବ୍ଲକ୍‌ର ରାମଲେଙ୍କା, ବଜ୍ରକୋଟ, ମାଲୁଦ, ବୁଦ୍ଧିବର, ସିଆଣ୍ଡି, ସିଆଳ, ବଡ଼ଅଁଳ, କୃଷ୍ଣପ୍ରସାଦ, ଅଲଣ୍ଡା, ତିତିପ, ଗୋମୁଣ୍ଡିଆ, ବଡ଼ଝାଡ଼, ନୂଆପଡ଼ା, ବ୍ରହ୍ମପୁର ଆଦି ୧୪ ପଞ୍ଚାୟତରେ ମୁଖ୍ୟମନ୍ତ୍ରୀ ବସ ସେବା ଯୋଗାଇ ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

# 'ମୁଖ୍ୟମନ୍ତ୍ରୀ କାମଧେନୁ ଯୋଜନା'ରେ କାର୍ଯ୍ୟାଦେଶ ବଣ୍ଟନ




**ନିମାପଡ଼ା,୧୩।୯ (ସମିସ):** ନିମାପଡ଼ାସ୍ଥିତ ଟାଉନହଲ୍ ପରିସରରେ ପ୍ରାଣୀ ସମ୍ପଦ ବିଭାଗ ଓ କୃଷକ ସଶକ୍ତି କରଣ ବିଭାଗ ଆନୁକୂଲ୍ୟରେ ମୁଖ୍ୟମନ୍ତ୍ରୀଙ୍କ କାମଧେନୁ ଯୋଜନା ଓ ସମନ୍ୱିତ କୃଷି ପଦ୍ଧତି ରାଜ୍ୟ ଯୋଜନାରେ ହିତାଧିକାରୀଙ୍କୁ ଉପ-ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡାଙ୍କ ଦ୍ୱାରା କାର୍ଯ୍ୟାଦେଶ ବଂଟନ କରାଯାଇଛି। ନିମାପଡା ଉଦ୍ୟାନ ବିଭାଗ ଅଧିକାରୀ ଶୁଭଶ୍ରୀ କର କାର୍ଯ୍ୟକ୍ରମର ସଂଯୋଜନା କରିଥିଲେ। ମୁଖ୍ୟ ଅତିଥିଭାବେ ସ୍ଥାନୀୟ ବିଧାୟିକା ତଥା ରାଜ୍ୟ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା, ଆତ୍ମା ଅଧ୍ୟକ୍ଷ ଦିଲ୍ଲୀପ କୁମାର ପରିଡ଼ା, ସାଂସଦଙ୍କ ବ୍ଲକ୍ ପ୍ରତିନିଧି ପୂର୍ଣ୍ଣଚନ୍ଦ୍ର ଓଝା, ଏନ୍‌ଏସି ପ୍ରତିନିଧି ମୀନଲତା ମହାନ୍ତି, ଏଡିଭିଓ ପୁରୀ ଡା. ରାଜେଶ ପାଣି, ଏଓ କୃଷି ବିଭାଗ ପ୍ରିୟବ୍ରତ ପୃଷ୍ଟି, ବିଭିଓ ନିମାପଡ଼ା ଡା.ପ୍ରଦୀପ କୁମାର ଜେନା ପ୍ରମୁଖ ଯୋଗ ଦେଇଥିଲେ। ଏହି ଅବସରରେ ୫ଜଣଙ୍କୁ ମୁଖ୍ୟମନ୍ତ୍ରୀ କାମଧେନୁ ଯୋଜନାରେ ଓ କୃଷି ବିଭାଗ ପକ୍ଷରୁ ୨୩ ଜଣଙ୍କୁ ସମନ୍ୱିତ କୃଷି ଉଦ୍ୟାନ ଯୋଜନାରେ କାର୍ଯ୍ୟାଦେଶ ବଣ୍ଟନ କରାଯାଇଥିଲା।

■ ନଦୀବନ୍ଧ ସ୍ଥିତି ଅନୁଧ୍ୟାନ କଲେ ଅଧୀକ୍ଷଣ ଯନ୍ତ୍ରୀ

# ମେଳଣ ପଡ଼ିଆ ସୁରକ୍ଷା ଲାଗି ହେବ ପଥର ପ୍ୟାଂକି



**ଗୋପ,୧୩।୯ (ସମିସ):** ଶନିବାର ଅପରାହ୍ଣରେ ଜଳସମ୍ପଦ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ ପ୍ରୀତମ୍ ଚେତନ ପୋଥାଳ ପରିଦର୍ଶନ କରିଛନ୍ତି। ଗୋପ ବଜାର ସନ୍ନିକଟ କୁଶଭଦ୍ରା ନଦୀବନ୍ଧ ବୁଲି ଦେଖିଥିଲେ। କୁଶଭଦ୍ରା ନଦୀ ପରିସରରେ ଥିବା ଗୋପ ମେଳଣ ପଡ଼ିଆର ବିଭିନ୍ନ ସ୍ଥାନ ମାଟି ଅତଡ଼ା ଖସି ମେଳା ପଡ଼ିଆ ସଙ୍କୁଚିତ ହେବାରେ ଲାଗିଛି। ମେଳା ପଡ଼ିଆକୁ ସୁରକ୍ଷା ଯୋଗାଇ ଦେବାକୁ ଜନସାଧାରଣଙ୍କ ପକ୍ଷରୁ ଦାବି ହେବାପରେ ଶନିବାର ଅଧୀକ୍ଷଣ ଯନ୍ତ୍ରୀ ଶ୍ରୀ ପୋଥାଳ ପରିଦର୍ଶନ କରିଥିବା ବେଳେ ମେଳା ପଡ଼ିଆକୁ ସୁରକ୍ଷା ନିମନ୍ତେ ମାଟି ଧସୁଥିବା ସ୍ଥାନରେ ପଥର ପ୍ୟାଂକି କରାଯିବା ଲାଗି ଯୋଜନା ପ୍ରସ୍ତୁତ କରାଯିବ ବୋଲି ଜଣାପଡ଼ିଛି। ତେବେ ଏହି ପରିଦର୍ଶନ ସମୟରେ ନିର୍ବାହୀ ଯନ୍ତ୍ରୀ ସଂଗ୍ରାମ କେଶରୀ ମହାନ୍ତି, ସହକାରୀ ଯନ୍ତ୍ରୀ ସଞ୍ଜୀବ ନାରାୟଣ ସାହୁ, ସଞ୍ଜୟ କୁମାର ଗାଆଁଣ ପ୍ରମୁଖ ଉପସ୍ଥିତ ଥିଲେ।

## ଦୁର୍ଘଟଣାରେ ବାଇକ୍ ଆରୋହୀ ମୃତ

**ସାକ୍ଷୀଗୋପାଳ,୧୩।୯ (ସମିସ):** ସତ୍ୟବାଦୀ ଥାନା ଅନ୍ତର୍ଗତ ପୁରୀ ଭୁବନେଶ୍ୱର ଜାତୀୟ ରାଜପଥର କଲେଜ ଛକ ନିକଟରେ ଆଜି ସନ୍ଧ୍ୟାରେ ଦୁର୍ଘଟଣା ଘଟିଛି। ଏଥିରେ ଜଣେ ବାଇକ୍ ଆରୋହୀଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ବଳଙ୍ଗା ଥାନା ଉଛୁପୁର ପଞ୍ଚାୟତର ନରୁଡ଼ା ଗ୍ରାମର ଲକ୍ଷ୍ମୀଧର ରାଉତ। ଏକ ଯାତ୍ରୀବାହୀ ବସ୍ ସହିତ ତାଙ୍କ ବାଇକ୍ ଧକ୍କା ହେବା ଫଳରେ ଶ୍ରୀ ରାଉତ ଗୁରୁତର ହୋଇଥିଲେ। ତାଙ୍କୁ ସାକ୍ଷୀଗୋପାଳ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ତେବେ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଥିଲା। ସତ୍ୟବାଦୀ ପୁଲିସ ଶବ ଜବତ କରିଥିବାବେଳେ ରବିବାର ଶବ ବ୍ୟବଚ୍ଛେଦ କରାଯିବ। ପୁଲିସ ଘଟଣାସ୍ଥଳରୁ ସମ୍ପୃକ୍ତ ବସ୍ ଓ ମୋଟର ସାଇକଲ ଜବତ କରି ତଦନ୍ତ ଜାରି ରଖିଛି।

■ କଣାସରେ ଲୋକ ଅଦାଲତ

# ଫଇସଲା ହେଲା ୨୦ ମାମଲା

**କଣାସ,୧୩।୯ (ସମିସ):** ପୁରୀ ଜିଲ୍ଲା କଣାସର ଜେଏମ୍‌ଏଫ୍‌ସି କୋର୍ଟ ପରିସରରେ ଆଜି ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଯାଇଛି। ଏହି ଲୋକ ଅଦାଲତରେ ବିଚାରପତି ଭାବେ ଶ୍ରୀଯାରତୁପୂର୍ଣ୍ଣା ସାହୁ ଯୋଗଦେଇ ଏକ ସିଭିଲ୍ ମକଦମା ଓ ୧୯ଟି ଫୌଜଦାରୀ ମକଦ୍ଦମା ଫଇସଲା କରିଛନ୍ତି। ଏହି ଲୋକ ଅଦାଲତରେ ପ୍ୟାନେଲ ଓକିଲ ସୁକାନ୍ତ କୁମାର ମହାନ୍ତି, ଏପିପି ଓକିଲ ବିକ୍ରମ ନାଥ, ଓକିଲ ଅଶୋକ କୁମାର ପାଣିଗ୍ରାହୀ, ପ୍ରଶାନ୍ତ ଜେନା, ପ୍ରଶାନ୍ତ ବରାଳ, ମିହିର କୁମାର ବେହେରା ପ୍ରମୁଖ ଉପସ୍ଥିତ ରହିଥିଲେ। ବରିଷ୍ଠ କୋର୍ଟ ପେସ୍କାର ଦିଲୀପ କୁମାର ତରାଇ, ନାଜିର ଆଶିଷ କୁମାର ଭଟ୍ଟାଚାର୍ଯ୍ୟ, ଓପି ରବି ନାରାୟଣ ମହାନ୍ତି, କୃଷ୍ଣଚନ୍ଦ୍ର ତ୍ରିପାଠୀ ସହଯୋଗ କରିଥିଲେ।

## ମା'କୁଞ୍ଜେଶ୍ୱରୀଙ୍କ ଷୋଳପୂଜା ପ୍ରସ୍ତୁତି ବୈଠକ

**କଣାସ,୧୩।୯ (ସମିସ):** କଣାସ ଅଞ୍ଚଳର ଆରାଧ୍ୟା ଦେବୀ ମା' କୁଞ୍ଜେଶ୍ୱରୀଙ୍କ ଷୋଳ ପୂଜା ପାଇଁ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ମାର୍ଫତ୍‌ଦାର କୈଳାସ ଚନ୍ଦ୍ର ମହାପାତ୍ର ଓ ବସନ୍ତ କୁମାର ମହାପାତ୍ରଙ୍କ ଆବାହକତ୍ୱରେ ଅନୁଷ୍ଠିତ ବୈଠକରେ ସମାଜସେବୀ ତଥା ମନ୍ଦିର ମୁଖ୍ୟ ପୂଜକ ହାଡ଼ିବନ୍ଧୁ ପାଢ଼ୀ ସଭାପତିତ୍ୱ କରିଥିଲେ। ମା'ଙ୍କ ସେବା କାର୍ଯ୍ୟ କରୁଥିବା ସୁଧାକର ପଣ୍ଡା, ଲକ୍ଷ୍ମୀଧର ମହାପାତ୍ର, ବିଜୟ କୁମାର ମହାପାତ୍ର, ଶ୍ୟାମସୁନ୍ଦର ନାୟକ, ଅକ୍ଷୟ କୁମାର ନାୟକ ଆସନ୍ତା କାଲିଠାରୁ ଅକ୍ଟୋବର ୨ ତାରିଖ ପର୍ଯ୍ୟନ୍ତ ଅର୍ଥାତ୍ ଶହସ୍ର କୁମ୍ଭ ବରଣଠାରୁ ଦଶହରା ପର୍ଯ୍ୟନ୍ତ ମା'ଙ୍କ ନୀତିକାନ୍ତି କିପରି ଶାନ୍ତି ଶୃଙ୍ଖଳାର ସହିତ ହେବ, ମା'ଙ୍କ କାଠି ଦିଅଁ ଷୋଳ ଖଣ୍ଡ ଗ୍ରାମ ବୁଲି ଭୋଗ ଖାଇବା ସମୟରେ କିପରି ଶାନ୍ତି ବଜାୟ ରହିବ ସେ ସର୍ମ୍ପକରେ ଆଲୋଚନା କରିଥିଲେ।

ପାର୍କିଂ ସ୍ଥାନ ଚିହ୍ନଟ କରିନି ପ୍ରଶାସନ

# ବେଆଇନ ପାର୍କିଂ କହି ଚାଲାଣ କାଟୁଛି ପୁଲିସ

**କାକଟପୁର,୧୩।୯ (ସମିସ):** କାକଟପୁର ମୁଖ୍ୟ ବଜାରରେ ନିର୍ଦ୍ଦିଷ୍ଟ ପାର୍କିଂ ବ୍ୟବସ୍ଥା ନଥିବାରୁ ସାଧାରଣ ଲୋକଙ୍କ ମଧ୍ୟରେ ଅସନ୍ତୋଷ ସୃଷ୍ଟି ହୋଇଛି। ଅପରପକ୍ଷରେ ପୂଜା ସମୟରେ ଭିଡ଼ ବଢ଼ିଥିବାବେଳେ, ଲୋକମାନେ ଗାଡ଼ି ରାସ୍ତା କଡ଼ରେ ରଖି ଚାଲିଯାଉଛନ୍ତି। ପୁଲିସ ଗାଡ଼ିର ନମ୍ବର ପ୍ଲେଟ ଫଟୋ ଧରି ଇ-ଚାଲାଣ କାଟୁଛି। ଏଥିରେ ସାଧାରଣ ଜନତା ଅସନ୍ତୋଷ ବ୍ୟକ୍ତ କରୁଥିବାବେଳେ ପୁଲିସ ଯାତାୟାତରେ ବାଧା ସୃଷ୍ଟି କରୁଥିବା ଦର୍ଶାଇ ଚାଲାଣ କାଟୁଛି। କାକଟପୁରରେ ପାର୍କିଂ ବ୍ୟବସ୍ଥାର ଅଭାବ ହେତୁ, ଏପରି ଅସନ୍ତୋଷ ସାଧାରଣରେ ସୃଷ୍ଟି ହେଉଛି ବୋଲି ବୁଦ୍ଧିଜୀବୀ ମତ ଦେଉଛନ୍ତି। ଆଜି ପର୍ଯ୍ୟନ୍ତ ପ୍ରଶାସନ ପକ୍ଷରୁ ନିର୍ଦ୍ଦିଷ୍ଟ ପାର୍କିଂ ସ୍ଥାନ ଚିହ୍ନଟ ହୋଇନଥିବାରୁ, ସାଧାରଣ ଲୋକ ବାଧ ହୋଇ ରାସ୍ତା କଡ଼ରେ ଗାଡ଼ି ରଖୁଛନ୍ତି। ଏହାର ପରିଣାମ ସ୍ୱରୂପ ଟ୍ରାଫିକ୍ ଜାମ୍, ଆମ୍ବୁଲାନ୍ସ ଫସିଯିବା, ଦୁର୍ଘଟଣା ଘଟିବା ପରି ସମସ୍ୟା ଲୋକେ ଭୋଗ କରୁଛନ୍ତି।




# ଜିଲ୍ଲାସ୍ତରୀୟ ମତ୍ସ୍ୟଚାଷ ପ୍ରଶିକ୍ଷଣ ଓ ସଚେତନତା ଶିବିର



**ନିମାପଡ଼ା,୧୩।୯ (ସମିସ):** ନିମାପଡ଼ା ପଞ୍ଚାୟତ ସମିତି ପରିସରରେ ଜିଲ୍ଲାସ୍ତରୀୟ ମତ୍ସ୍ୟଚାଷ ପ୍ରଶିକ୍ଷଣ ଓ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ସହକାରୀ ମତ୍ସ୍ୟ ବିଭାଗ ଅଧିକାରୀ ସଂଘମିତ୍ରା ପାଣିଗ୍ରାହୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଶିବିରରେ ମୁଖ୍ୟ ଅତିଥିଭାବେ ସ୍ଥାନୀୟ ବିଧାୟିକା ତଥା ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା, ବ୍ଲକ୍ ଅଧ୍ୟକ୍ଷ ଶଙ୍କର ଭୋଇ, ଉପାଧ୍ୟକ୍ଷା ଅନସୂୟା ମହାନ୍ତି, ସାଂସଦଙ୍କ ବ୍ଲକ୍ ପ୍ରତିନିଧି ପୂର୍ଣ୍ଣଚନ୍ଦ୍ର ଓଝା, ଏନ୍‌ଏସି ପ୍ରତିନିଧି ମୀନଲତା ମହାନ୍ତି, ବିଡିଓ ଡଃ ଅଭିଜିତ୍ ଷଡ଼ଙ୍ଗୀ, କେଭିକେ ବୈଜ୍ଞାନିକ ଅମ୍ବିକା ପ୍ରସାଦ ନାୟକ, ସରପଞ୍ଚ ଦେବାଶିଷ ଆଚାର୍ଯ୍ୟ, ବ୍ଲକ୍ ମତ୍ସ୍ୟ ବିଭାଗ ଅଧିକାରୀ ଆଶିଷ କୁମାର ସାହୁ, ଆତ୍ମା ଅଧ୍ୟକ୍ଷ ଦିଲ୍ଲୀପ କୁମାର ପରିଡ଼ା ପ୍ରମୁଖ ଯୋଗ ଦେଇଥିଲେ। ଶିବିରରେ ମତ୍ସ୍ୟଚାଷ ଓ ତାହାର ଉପକାରିତା ସମ୍ପର୍କରେ ପ୍ରଶିକ୍ଷଣ ଦିଆଯାଇଥିଲା। ଏହି ଅବସରରେ ମତ୍ସ୍ୟ ଚାଷ ପାଇଁ ୧୬ ସ୍ୱୟଂ ସହାୟକ ଗୋଷ୍ଠୀକୁ କାର୍ଯ୍ୟାଦେଶ ପ୍ରଦାନ, ୩୨ଜଣ ହିତାଧିକାରୀଙ୍କୁ ସବ୍‌ସିଡି ଚେକ୍ ପ୍ରଦାନ କରାଯାଇଥିଲା। ଏଥିରେ ଅସ୍ତରଙ୍ଗ, କାକଟପୁର, ଗୋପ, ନିମାପଡ଼ା ବ୍ଲକ୍‌ର ଶତାଧିକ ମତ୍ସ୍ୟଚାଷୀ, ସ୍ୱୟଂ ସହାୟିକା ଗୋଷ୍ଠୀର କର୍ମକର୍ତ୍ତା, ସରପଞ୍ଚ, ସମିତିସଭ୍ୟା ଯୋଗ ଦେଇଥିଲେ।

# ୟୁଜିଏସ୍ କଲେଜରେ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ



**ସାକ୍ଷୀଗୋପାଳ,୧୩।୯ (ସମିସ):** ଉତ୍କଳମଣି ଗୋପବନ୍ଧୁ ସ୍ମୃତି ମହାବିଦ୍ୟାଳୟ (ୟୁଜିଏସ୍) ସାକ୍ଷୀଗୋପାଳ ପରିସରରେ ଯୁବ ରେଡ୍‌କ୍ରସ୍ ବିଭାଗ ପକ୍ଷରୁ ମହାବିଦ୍ୟାଳୟର ସଭାଗୃହରେ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ ପାଳିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷା ପ୍ରଫେସର ପୁଷ୍ପମିତ୍ରା ପଟ୍ଟନାୟକ ସଭାପତିତ୍ୱ କରିଥିଲେ। ପ୍ରଫେସର ପଟ୍ଟନାୟକ ନିଜ ସଭାପତିତ୍ୱ ଅଭିଭାଷଣରେ ଛାତ୍ରଛାତ୍ରୀଙ୍କୁ ପ୍ରାଥମିକ ଚିକିତ୍ସାର ଗୁରୁତ୍ୱ ସମ୍ବନ୍ଧରେ ଅବଗତ କରାଇଥିଲେ। ଗଣିତ ବିଭାଗର ମୁଖ୍ୟ ପ୍ରଫେସର ଧନୁର୍ଦ୍ଧର ମୁଦୁଲି ପ୍ରାଥମିକ ଚିକିତ୍ସା ମାଧ୍ୟମରେ କିପରି ବଡ଼ବଡ଼ ବ୍ୟାଧିକୁ ଦୂରୀକରଣ କରାଯାଇପାରେ ସେ ବିଷୟରେ ମତ ରଖିଥିଲେ। ଜଳବାୟୁ ପରିବର୍ତ୍ତନ କ'ଣ ଏବଂ ଏହାଦ୍ୱାରା ଉପୁଜୁଥିବା ଆକସ୍ମିକ ଦୁର୍ଘଟଣାରୁ ପ୍ରାଥମିକ ଚିକିତ୍ସା ମାଧ୍ୟମରେ କିପରି ନିଜକୁ ବଞ୍ଚାଇବା ସହ ଅନ୍ୟମାନଙ୍କୁ କିପରି ସଚେତନ କରାଯାଇପାରିବ ସେ ବିଷୟରେ ଯୁବ ରେଡ୍‌କ୍ରସ୍ ଉପଦେଷ୍ଟା ଅଧ୍ୟାପକ ଜିତେନ୍ କୁମାର ଦାସ୍ ସୂଚନା ଦେଇଥିଲେ। କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ ଏବଂ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ଇତିହାସ ବିଭାଗର ମୁଖ୍ୟ ଅଧ୍ୟାପିକା ସ୍ୱର୍ଣ୍ଣଲତା ମାହାରୀ କାର୍ଯ୍ୟକ୍ରମ ପରିଚାଳନା ସହ ଧନ୍ୟବାଦ ଅର୍ପଣ କରିଥିଲେ।

# ୪ ସେବା ସମବାୟ ସମିତି ଗୃହର ଶିଳାନ୍ୟାସ

**ଚାରିଛକ,୧୩।୯ (ସମିସ):** ନିମାପଡ଼ା ବ୍ଲକ୍‌ର ୪ଟି ସେବା ସମବାୟ ସମିତି ଗୃହର ଶିଳାନ୍ୟାସ କରିଛନ୍ତି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା। ଛଣିଜଙ୍ଗ କନ୍ତିଆ କାନପୁରଠାରେ ପ୍ରଭାତୀ ପରିଡ଼ାଙ୍କ ଦ୍ୱାରା ଭିତ୍ତିପ୍ରସ୍ତର ସ୍ଥାପନ ହୋଇଥିଲା। ଏଥିପାଇଁ ୧ କୋଟି ୯୨ଲକ୍ଷ ଟଙ୍କା ବ୍ୟୟ ହେବ। ତୁଳସୀପୁର ପ୍ରାଥମିକ କୃଷି ସେବା ସମବାୟ ସମିତି, ଅଂଶାଲୋ ପ୍ରାଥମିକ କୃଷି ସେବା ସମବାୟ ସମିତି, କନ୍ତିଆ କାନପୁର ପ୍ରାଥମିକ କୃଷି ସେବା ସମବାୟ ସମିତି ଓ ବିଷ୍ଣୁପୁର ପ୍ରାଥମିକ କୃଷିସେବା ସମବାୟ ସମିତିର ଏହି ନୂତନ ଗୃହ ନିର୍ମାଣ କାର୍ଯ୍ୟ ୧ବର୍ଷ ମଧ୍ୟରେ ଶେଷ କରିବାକୁ ବିଭାଗୀୟ ଅଧିକାରୀଙ୍କୁ ଶ୍ରୀମତୀ ପରିଡ଼ା ନିର୍ଦ୍ଦେଶ ଦେଇଛନ୍ତି। ଶିଳାନ୍ୟାସ କାର୍ଯ୍ୟକ୍ରମରେ ଉପ-ମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ାଙ୍କ ସହିତ ସାଂସଦଙ୍କ ବ୍ଲକ୍ ପ୍ରତିନିଧି ପୂର୍ଣ୍ଣଚନ୍ଦ୍ର ଓଝା, ଡିଆର୍‌ସିଏସ୍ ସୁନିତା ପତି, ପୂର୍ତ୍ତ ବିଭାଗ ଅଧୀକ୍ଷଣ ଯନ୍ତ୍ରୀ ସୌମ୍ୟରଞ୍ଜନ ଦ୍ୱିବେଦୀ, ସହକାରୀ ନିର୍ବାହୀ ଯନ୍ତ୍ରୀ କୁଶାଳ କୁମାର ହେମ୍ବ୍ରମ, ପୂର୍ବତନ ସରପଞ୍ଚ ଭଗବାନ ମିଶ୍ର, ଭକ୍ତବନ୍ଧୁ ବିଶ୍ୱାଳ, ସୁରେଶ ମହାନ୍ତି, ପ୍ରଭାତ କୁମାର ନାୟକ, ସାଇ ପ୍ରୀତମ୍ ପଟ୍ଟନାୟକ, ଦୁର୍ଯ୍ୟୋଧନ ମହାନ୍ତି, ମହେନ୍ଦ୍ର ମହାପାତ୍ର, ବିଜୟ ଦାଶ, ପ୍ରଭାତ କୁମାର ସାହୁ, କୈଳାସ ଚନ୍ଦ୍ର କର, ସଞ୍ଜୟ ବାରିକ, କୃଷ୍ଣଚନ୍ଦ୍ର ନାୟକ ପ୍ରମୁଖ ଯୋଗ ଦେଇଥିଲେ।



# ପାଇପ୍ ଫାଟି ବଜାର ସାରା ଭାସୁଛି ପାଣି

ଚାରିଛକ,୧୩।୯ (ସମିସ)




ଚାରିଛକ ନିକଟ ବ୍ରହ୍ମକୁଣ୍ଡୀସ୍ଥିତ ପାନୀୟ ଜଳ ପ୍ରକଳ୍ପରୁ ଯାଇଥିବା ପାଣି ପାଇପ୍ ଫାଟି ବଜାର ସାରା ପାଣି ଭାସୁଥିବା ଦେଖିବାକୁ ମିଳିଛି। ଟାଙ୍କିଠାରୁ ମାତ୍ର ୧୦୦ ମିଟର ଦୂର କାକଟପୁର ରାସ୍ତାର ବଜାର କଡ଼ରେ ଥିବା ନାୟକ ମାର୍କେଟ କମ୍ପ୍ଲେକ୍ସ ନିକଟରେ ପାଇପ୍ ଫାଟି ପାଣି ଅପଚୟ ହେଉଥିଲେ ବି କାହାରି ଦୃଷ୍ଟି ପଡୁନାହିଁ। ଦୀର୍ଘ ୧୫ଦିନ ଧରି ଏଭଳି ଅବ୍ୟବସ୍ଥା ଯୋଗୁଁ ମାର୍କେଟ ମଧ୍ୟରେ କୃତ୍ରିମ ହ୍ରଦ ସୃଷ୍ଟି ହେଲା ପରି ଲାଗୁଛି। ଏଠାରେ ବ୍ୟବସାୟ କରୁଥିବା ୧୫ ଜଣ ବ୍ୟବସାୟୀ ଯାତାୟାତରେ ଘୋର ସମସ୍ୟା ଭୋଗୁଛନ୍ତି। ଖାଲି ସେତିକି ନୁହେଁ ଏହା ଫଳରେ ଚାରିଛକ ବଜାର, କୁମ୍ଭାରସାହି, ମେଡିକାଲ ଛକ ପ୍ରମୁଖ ଅଞ୍ଚଳର ଶତାଧିକ ପରିବାର ପାନୀୟ ଜଳ ଠିକ୍ ଭାବେ ପାଇପାରୁନାହାନ୍ତି। କେତେକ ସ୍ଥାନରେ ନିମ୍ନମାନର କାର୍ଯ୍ୟ ଓ ରକ୍ଷଣାବେକ୍ଷଣ ଅଭାବରୁ ମାଟିତଳେ ଯାଇଥିବା ପାଇପ୍ ଫାଟି ପାଣି ଅପଚୟ ହେବା ସହ ଦୂଷିତ ପାଣି ପିଇ ବିଭିନ୍ନ ପ୍ରକାର ରୋଗର ଶିକାର ହେଉଛନ୍ତି ଲୋକେ। ସେହିପରି ଏହି ପ୍ରକଳ୍ପରୁ ଯାଇଥିବା ପାଇପ୍ ବଜାରର ଏକାଧିକ ସ୍ଥାନରେ ଫାଟି ଦୀର୍ଘଦିନ ହେବ ପାଣି ଅପଚୟ ହେଉଥିଲେ ସୁଦ୍ଧା ବିଭାଗୀୟ ଅଧିକାରୀଙ୍କ ଦୃଷ୍ଟି ପଡୁନଥିବା ନେଇ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଉଛି।

# ନୟାହାଟ ଫାଣ୍ଡିରେ ଏସ୍‌ଆଇ ନିଯୁକ୍ତି ଦାବି

**ନୟାହାଟ,୧୩।୯ (ସମିସ):** ନୟାହାଟ ଫାଣ୍ଡିରେ ଜଣେ ଏସ୍‌ଆଇଙ୍କୁ ନିଯୁକ୍ତି ଦେବାକୁ ଦାବି ହେଉଛି। ନୟାହାଟ ଏକ ବ୍ୟବସାୟିକ ପେଣ୍ଠସ୍ଥଳୀ ହୋଇଥିବାବେଳେ ଏହି ଫାଣ୍ଡି ଉପରେ ୭ଟି ପଞ୍ଚାୟତର ୭୫ଟି ଗ୍ରାମର ୫୦ ହଜାରରୁ ଉର୍ଦ୍ଧ୍ୱ ଲୋକ ନିର୍ଭର କରନ୍ତି। ଫାଣ୍ଡିରେ ନିଯୁକ୍ତ ଏଏସ୍‌ଆଇଙ୍କ ଚାକିରି କାଳ ଅଳ୍ପଦିନ ଥିବା ବେଳେ ଫାଣ୍ଡିକୁ ଦୈନିକ ୧୦ ରୁ ୧୫ ଅଭିଯୋଗ ଆସୁଥିଲେ ମଧ୍ୟ ଜଣେ ଫାଣ୍ଡି ଅଧିକାରୀ ଉକ୍ତ ଘଟଣାକୁ ଅନୁଧ୍ୟାନ କରିବା ସମ୍ଭବ ନୁହେଁ। ନୟାହାଟ ବଜାରରେ ଦୈନିକ ଟ୍ରାଫିକ ସମସ୍ୟା ଲାଗିରହିଥିବା ବେଳେ ଓ ରାତ୍ରିକାଳୀନ ପାଟ୍ରୋଲିଂରେ ମଧ୍ୟ ଫାଣ୍ଡି ଅଧିକାରୀଙ୍କୁ କାମ କରିବାକୁ ପଡୁଛି। ଫାଣ୍ଡିରେ ଏସ୍‌ଆଇ ନଥିବାରୁ କେତେକ ମକଦ୍ଦମାରେ ଲୋକେ ଖର୍ଚ୍ଚାନ୍ତ ହୋଇ ଗୋପ ଥାନା ଯିବାକୁ ପଡୁଛି। ଆଇନଶୃଙ୍ଖଳା ଦୃଷ୍ଟିରୁ ଓ ଲୋକମାନଙ୍କ ସୁବିଧା ପାଇଁ ନୟାହାଟ ଫାଣ୍ଡିରେ ଏସ୍‌ଆଇ ନିଯୁକ୍ତି ପାଇଁ ପୁରୀ ଏସ୍‌ପି ଦୃଷ୍ଟି ଦେବାକୁ ଅଞ୍ଚଳର ବିଭିନ୍ନ ଦଳର ନେତା, ସମାଜସେବୀ ତଥା ବରିଷ୍ଠ ନାଗରିକ ମଞ୍ଚ ପକ୍ଷରୁ ଦାବି ହେଉଛି।

# ମଦ ଜବତ; ଜଣେ ଗିରଫ

**କଣାସ,୧୩।୯ (ସମିସ):** କଣାସ ବ୍ଲକ୍ ଗଡ଼ିଶାଗୋଦା ଥାନା ବଡ଼ାଲ ପଞ୍ଚାୟତର ବିଣଯଡ଼ିପୁର ଗ୍ରାମରୁ ଆଇଆଇସି ସୁଧୀର କୁମାର ଦାସ ୯ ଲିଟରରୁ ଉର୍ଦ୍ଧ୍ୱ ଦେଶୀ ଓ ବିଦେଶୀ ମଦ ଜବତ କରିବା ସହିତ ଅନାମ ବଳିୟାରସିଂହ ନାମକ ଜଣେ ଯୁବକକୁ ଗିରଫ କରିଥିବା ଜଣାପଡ଼ିଛି। ଏ ନେଇ ଗଡ଼ିଶାଗୋଦା ଥାନାରେ କେସ ନମ୍ବର ୧୫୨/୨୦୨୫ରେ ମକଦ୍ଦମା ରୁଜ ହୋଇଛି। ଗିରଫ ଅନାମକୁ କୋର୍ଟ ଚାଲାଣ କରାଯାଇଥିବା ଥାନା ଅଧିକାରୀ ସୂଚନା ଦେଇଛନ୍ତି। କଣାସ ଅଞ୍ଚଳରେ ବ୍ୟାପକ ଚୋରା ମଦ ବିକ୍ରି ହେଉଥିବାବେଳେ କଣାସ ଓ ଗଡ଼ିଶାଗୋଦା ଥାନା ପୁଲିସ ଚଢ଼ଉ ଜାରି ରଖିଛି।



# ଶ୍ରୀକ୍ଷେତ୍ର ସିଟି

୧୩/୯/୨୦୨୫ (ଶନିବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ

ଟ. ୬,୦୦,୧୮୨/- ସୁନା: ୦୪.୭୦୦ ଗ୍ରାମ୍ ରୁପା: ୯୧.୫୦୦ ଗ୍ରାମ୍



## ଗୁଞ୍ଜନ ସନ୍ଧ୍ୟାରେ 'ଆହେ ନୀଳ ଶଇଳ' ପରିବେଷଣ

**ପୁରୀ,୧୩।୯ (ସମିସ):** ଜାତୀୟ ତଥା ଆନ୍ତର୍ଜାତୀୟ ସ୍ତରରେ ନାଁ କରିଥିବା ଓଡ଼ିଶାର ସୁନାମଧନ୍ୟ ନୃତ୍ୟାନୁଷ୍ଠାନ "ଗୁଞ୍ଜନ ଡାନ୍ସ ଏକାଡେମୀ'ର ଏକ ନିଆରା କାର୍ଯ୍ୟକ୍ରମ ଗୁଞ୍ଜନ ସନ୍ଧ୍ୟା। ଶନିବାର ସଦାଶିବ ପରିସର "ଜୟଦେବ ଅଡିଟୋରିୟମ'ରେ ଅନୁଷ୍ଠିତ ହୋଇଥିଲା ଏହି "ଗୁଞ୍ଜନ ସନ୍ଧ୍ୟା' କାର୍ଯ୍ୟକ୍ରମ। ଏଥିରେ ଅନୁଷ୍ଠାନର ନୃତ୍ୟଶିଳ୍ପୀମାନେ ମଙ୍ଗଳାଚରଣ, ପଲ୍ଲବୀ ଏବଂ ପରିଶେଷରେ ନୃତ୍ୟାଭିନୟରେ 'ଆହେ ନୀଳ ଶଇଳ' ପରିବେଷଣ କରିଥିଲେ। ଏହି ନୃତ୍ୟନାଟିକାରେ ନୀଳ ଶଇଳର ଶିଖରରେ ମହା କରୁଣାର ଦେବତା ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କର ଭିନ୍ନ ଭିନ୍ନ କଥାବସ୍ତୁ ଏବଂ ଭକ୍ତ ସାଲବେଗଙ୍କ ଅନନ୍ୟ ଭକ୍ତି ଓ ସମର୍ପଣର ସାରକଥା ସହିତ ଆହେ ନୀଳ ଶଇଳର ଆଧାରରେ ନାଟକୀୟ ପରିକଳ୍ପନାକୁ ନୃତ୍ୟରେ ସଂରଚନା କରିଥିଲେ ଅନୁଷ୍ଠାନର ମୁଖ୍ୟ ତଥା ଗୁରୁ ମୀରା ଦାସ।

ଏଥିରେ ମୁଖ୍ୟଅତିଥି ଭାବେ ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆ ଏବଂ ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ ଅଶୋକ କୁମାର ମିଶ୍ର ଅନ୍ୟତମ ଅତିଥି ଭାବେ ଯୋଗ ଦେଇଥିଲେ। ସନ୍ଧ୍ୟା କାର୍ଯ୍ୟକ୍ରମରେ ପୁରୀର ଓଡିଶୀ ନୃତ୍ୟଗୁରୁ ଅଶୋକ କୁମାର ଦାସ, ନାରାୟଣ ପଣ୍ଡା, କୁମାର ଭୀମସେନ୍ ଏବଂ ମାହାରୀ ଗୁରୁ ରୂପଶ୍ରୀ ମହାପାତ୍ରଙ୍କୁ ସମ୍ମାନିତ କରାଯାଇଥିଲା। ଏହି ଅବସରରେ ଅଭିନନ୍ଦନିକା ପକ୍ଷରୁ ଗୁରୁ ମୀରା ଦାସଙ୍କୁ ଶ୍ୟାମ ପ୍ରକାଶ ସେନାପତି ସମ୍ବର୍ଦ୍ଧିତ କରିଥିଲେ। କାର୍ଯ୍ୟକ୍ରମକୁ ଶ୍ରୀନିବାସ ଘଟୁଆରୀ ସଞ୍ଚାଳନ କରିଥିଲେ।

### ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ

## ଫଇସଲା ହେଲା ୧୯,୦୫୫ ମକଦ୍ଦମା

**ପୁରୀ,୧୩।୯ (ସମିସ):** ଜିଲ୍ଲା ଆଇନ ସେବା ପ୍ରାଧିକରଣ ଆନୁକୂଲ୍ୟରେ ଶନିବାର ପୁରୀ ସମେତ ନିମାପଡ଼ା, ପିପିଲି, କୋଣାର୍କ, କଣାସ, ବ୍ରହ୍ମଗିରି, ଅସ୍ତରଙ୍ଗ, କାକଟପୁର କୋର୍ଟରେ ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଯାଇଛି। ପୁରୀ ଜିଲ୍ଲା ଆଇନ ସେବା ପ୍ରାଧିକାରଣର ଅଧ୍ୟକ୍ଷା ତଥା ଜିଲ୍ଲା ଓ ଦୌରାଜଜ ଅଜନ୍ତା ଷଡଙ୍ଗୀଙ୍କ ତତ୍ତ୍ୱାବଧାନରେ ପ୍ରାଧିକରଣର ସଚିବ ପରିତୋଷ କୁମାର ସେଠୀଙ୍କ ପରିଚାଳନାରେ ଏହି ଲୋକ ଅଦାଲତ ଅନୁଷ୍ଠିତ ହୋଇଥିଲା। ଏଥିରେ ୧୯,୦୫୫ଟି ମକଦ୍ଦମା ଫଇସଲା କରାଯାଇ ଜରିମାନା ଓ କ୍ଷତିପୂରଣ ବାବଦରେ ୬,୨୩,୩୭,୪୬୬ ଟଙ୍କା ଆଦାୟ କରାଯାଇଛି। ପ୍ରାଧିକରଣ ପକ୍ଷରୁ କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା। ଜିଲ୍ଲା ଓ ଦୌରାଜଜ ଶ୍ରୀମତୀ ଷଡଙ୍ଗୀ ଏହାକୁ ଉଦ୍‌ଘାଟନ କରିଥିଲେ। ପରିବାର ଅଦାଲତ ବିଚାରପତି ସୁମିତା ଜେନା, ପ୍ରଥମ ଅତିରିକ୍ତ ଜିଲ୍ଲା ଓ ଦେରାଜଜ ସୈକତ ପାତ୍ର ଦ୍ୱିତୀୟ ଅତିରିକ୍ତ ଜିଲ୍ଲା ଓ ଦୌରାଜଜ ଚିନ୍ମୟ ମିଶ୍ର, ତୃତୀୟ ଅତିରିକ୍ତ ଜିଲ୍ଲା ଓ ଦୌରାଜଜ ଚିନ୍ମୟୀ ଦେହୁରୀ, ମୁଖ୍ୟ ବିଚାରପତି ସୁଶାନ୍ତ କୁମାର ମିଶ୍ର, ବରିଷ୍ଠ ଦେୱାନି ବିଚାରପତି ସୌମ୍ୟରୂପ ସାହୁ, ଅତିରିକ୍ତ ବରିଷ୍ଠ ଦେୱାନୀ ବିଚାରପତି ପ୍ରଜ୍ଞା ପଣ୍ଡା, ଦ୍ୱିତୀୟ ଅତିରିକ୍ତ ବରିଷ୍ଠ ଦେୱାନି ବିଚାରପତି ସୋନାଲି ଅପରାଜିତା, ଦେୱାନୀ ବିଚାରପତି ସିଦ୍ଧାର୍ଥ ଶଙ୍କର ସେନାପତି, ଉପଖଣ୍ଡ ବିଚାର ବିଭାଗୀୟ ବିଚାରପତି ପତିତପାବନ ପଣ୍ଡା, ଗ୍ରାମ୍ୟ ନ୍ୟାୟାଧିକାରୀ ସୋନାଲି ମହାନ୍ତି, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ବିଚାରପତି ମିସ୍ ରୀତିକା ଗର୍ଗ, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ବିଚାରପତି ଅନିମେଶ ଜେନା, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ବିଚାରପତି ସୌରଭ ମହାପାତ୍ର, ଶିବାନୀ ମହାପାତ୍ର, ଚତନ ଲାଢା, ନିଲିସା ପଟ୍ଟନାୟକ ମାମଲାଗୁଡିକର ବିଚାର କରିଥିଲେ। ଏଥିରେ ୧୧୯ଟି ମୋଟର ଦୁର୍ଘଟଣା ମାମଲା ବିଚାର କରାଯାଇ ୪,୩୮,୭୮,୦୦୦ଟଙ୍କା ଆଦାୟ କରାଯାଇଛି। ସେହିପରି ୪୩ଟି ଚେକ୍ ବାଉନ୍ସ କେସ୍, ୩୭ଟି ମ୍ୟାଟ୍ରିମୋନିଆଲ ମକଦ୍ଦମାର ଫଇସଲା କରାଯାଇଥିଲା। ଏହାଛଡା ୧୨୧ଟି ପ୍ରାକ ମକଦ୍ଦମା ମାମଲାର ଫଇସଲା କରାଯାଇ ବ୍ୟାଙ୍କ ଋଣ ବାବଦକୁ ୩୪,୭୬,୫୪୪ ଟଙ୍କା ଆଦାୟ କରାଯାଇଛି। ଆଜିର ଏହି ଲୋକ ଅଦାଲତରେ ଜିଲ୍ଲା କାରାଗାରର କଏଦୀମାନଙ୍କ ଦ୍ୱାରା ତିଆରି କରାଯାଇଥିବା ନିତ୍ୟ ବ୍ୟବହାର୍ଯ୍ୟ ଜିନିଷଗୁଡିକର ଷ୍ଟଲ କୋର୍ଟ ପରିସରରେ ଆୟୋଜିତ ହୋଇଥିଲା।

**ଜରିମାନା ଓ କ୍ଷତିପୂରଣ ବାବଦରେ ୬,୨୩,୩୭,୪୬୬ ଟଙ୍କା ଆଦାୟ**

## ଶ୍ରୀମନ୍ଦିର ଉତ୍ତର ଦ୍ୱାରରେ ଚିତ୍ରକଳା ଶିବିର



**ପୁରୀ,୧୩।୯ (ସମିସ):** ଓଡ଼ିଶା ଚାରୁ ଓ କାରୁ କଳା ମହାବିଦ୍ୟାଳୟ ପୁରୀ ଏବଂ ଚିତ୍କାର ବିଶ୍ୱବିଦ୍ୟାଳୟ ଫାଇନ ଆର୍ଟ ବିଭାଗର ମିଳିତ ଆନୁକୂଲ୍ୟରେ ଶ୍ରୀମନ୍ଦିର ଉତ୍ତର ଦ୍ୱାର ନିକଟରେ ଚିତ୍ରକଳା ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିସହିତ ଜଗନ୍ନାଥ ସଂସ୍କୃତିକୁ ଆଧାର କରି ଆଲୋଚନାଚକ୍ର ମଧ୍ୟ ଅନୁଷ୍ଠିତ ହୋଇଥିଲା। ଶନିବାର ଅପରାହ୍ନ ସାଢ଼େ ୪ରୁ ସନ୍ଧ୍ୟା ୭ଟା ପର୍ଯ୍ୟନ୍ତ ଏହା ଚାଲିଥିଲା। ରବିବାର ସକାଳ ସାଢ଼େ ୬ଟାରେ ବେଳାଭୂମିରେ ଏହି କାର୍ଯ୍ୟକ୍ରମ ଉଦ୍‌ଯାପିତ ହେବ। ଏଥିରେ ପ୍ରଫେସର ଡ. ରଞ୍ଜନ ମଲ୍ଲିକଙ୍କ ତତ୍ତ୍ୱାବଧାନରେ ୧୯ ଜଣ କଳା ଛାତ୍ରଛାତ୍ରୀ ଓ କଳା ଶିକ୍ଷକ ଆସିଷ୍ଟାଣ୍ଟ ପ୍ରଫେସର ଡ. ଶଶି କଳା ସିଂହ, ଡ. ରାହୁଲ ଧିମନ୍, ମିଷ୍ଟର ରମନ୍, ରିସର୍ଚ୍ଚ ଆସିଷ୍ଟାଣ୍ଟ ମିସ୍ ସ୍ମୃତି ଏବଂ ମିସ୍ ବିଧି ଗାର୍ଗ ଯୋଗଦେଇଥିଲେ। ଓଡ଼ିଶା ଚାରୁ ଓ କାରୁ କଳା ମହାବିଦ୍ୟଳୟର ଅଧ୍ୟକ୍ଷ ଡ. ଦୁର୍ଗାମାଧବ କରଙ୍କ ତତ୍ତ୍ୱାବଧାନରେ ମହାବିଦ୍ୟାଳୟର ଛାତ୍ରଛାତ୍ରୀ ଓ ଅଧ୍ୟାପକ ଅନନ୍ତ ପ୍ରଧାନ ଏହି ଶିବିର ଓ ଆଲୋଚନାରେ ଅଂଶଗ୍ରହଣ କରିଥିଲେ।

### ଆଜି ଶ୍ରୀମନ୍ଦିରରେ ସହସ୍ର କୁମ୍ଭାଭିଷେକ

## ମା' ବିମଳାଙ୍କ ପୀଠରେ ଷୋଳପୂଜା ଆରମ୍ଭ ହେବ

**ପୁରୀ,୧୩।୯ (ସମିସ):** ରବିବାର ଶ୍ରୀମନ୍ଦିରରେ ଅନୁଷ୍ଠିତ ହେବ ସହସ୍ର କୁମ୍ଭାଭିଷେକ ନୀତି। ଶ୍ରୀକ୍ଷେତ୍ରାଧିଶ୍ୱରୀ ମା' ବିମଳାଙ୍କ ଷୋଡ଼ଶ ଦିନାତ୍ମକ ପୂଜା ଆରମ୍ଭ ହେବ। ଏଥିସହ ଶ୍ରୀମନ୍ଦିରରେ ପାଳିତ ହେବ ଦୁର୍ଗାମାଧବ ଉପାସନା। ଶ୍ରୀଜଗନ୍ନାଥଙ୍କ ସ୍ୱରୂପ ହେଉଛନ୍ତି ମାଧବ। ସବୁଠି ଦୁର୍ଗାଙ୍କ ସହିତ ମହାଦେବଙ୍କ ଉପାସନାର ପରମ୍ପରା ରହିଥିବା ବେଳେ ଶ୍ରୀକ୍ଷେତ୍ରରେ ମାଧବଙ୍କ ସହିତ ଦୁର୍ଗାଙ୍କ ଉପାସନା ପ୍ରଚଳନ ରହିଛି। ଏହାକୁ ଶାକ୍ତ ତଥା ଗୁପ୍ତ ଗୁଣ୍ଡିଚା ମଧ୍ୟ କୁହାଯାଏ। ଏହି ଷୋଳଦିନ ମହିଳାମାନଙ୍କୁ ମା' ବିମଳାଙ୍କ ମନ୍ଦିର ଭିତରକୁ ଯିବା ବାରଣ ଥାଏ।

ଆଶ୍ୱିନ ମାସ କୃଷ୍ଣପକ୍ଷ ମୂଳାଷ୍ଟମୀଠାରୁ ଶୁକ୍ଳପକ୍ଷ ନବମୀ ପର୍ଯ୍ୟନ୍ତ ୧୬ ଦିନ ବ୍ୟାପୀ ପୂଜାର୍ଚ୍ଚନା ଚାଲେ। ଏହି ପୂଜା ଅବସରରେ ମହାପ୍ରଭୁଙ୍କ ସକାଳ ଧୂପ ବଢିବା ପରେ ଭଣ୍ଡାରରୁ ମା' ଦୁର୍ଗାଙ୍କ ସ୍ୱର୍ଣ୍ଣ ପ୍ରତିମା ଅଣାଯାଇ ରତ୍ନସିଂହାସନରେ ବିଜେ କରାଯିବ। ସୁଭଦ୍ରାଙ୍କ ଆଜ୍ଞାମାଳ ମା' ଦୁର୍ଗାଙ୍କୁ ଲାଗି କରାଯିବ। ଦେବୀ ସୋମନାଥ ମଣ୍ଡପକୁ ବିଜେ ହେବା ପରେ ସେଠାରେ କୁମ୍ଭାଭିଷେକ ହେବ। ମାଧବଙ୍କ ପ୍ରତିମୂର୍ତ୍ତିକୁ ବିଜେ କରାଯାଇ ଦୁର୍ଗାଙ୍କ ସହିତ ରୁନ୍ଧା ହୋଇ ଏକତ୍ର ଇନ୍ଦ୍ର ଆସନରେ ବିଜେ ହେବେ। ପରେ ସୁସଜ୍ଜିତ ବିମାନରେ ଯାଇ ମା' ବିମଳା ଠାକୁରାଣୀଙ୍କ ଜଗମୋହନରେ ବିଜେ ହେବେ। ଆଳତି ଓ ବନ୍ଦାପନା ନୀତି ବଢିବ। ଶୀତଳ ଭୋଗ ଅର୍ପଣ ହୋଇ ବନ୍ଦାପନା କରାଯିବ। ଠାକୁରଙ୍କ ରାତି ଚନ୍ଦନଲାଗି ନୀତି ପରେ ସେବାୟତମାନେ ଦୁର୍ଗାମାଧବଙ୍କୁ ଭଣ୍ଡାରଘରକୁ ବିଜେ କରାଇବେ। ଷୋଳପୂଜାର ନବମ ଦିନରୁ ଦୁର୍ଗାମାଧବଙ୍କୁ ବିମାନରେ ନେଇ ଶ୍ରୀମନ୍ଦିର ସମ୍ମୁଖ ଦୋଳମଣ୍ଡପ ସାହିସ୍ଥିତ ନାରାୟଣୀଙ୍କ ମନ୍ଦିରକୁ ବିଜେ କରାଯିବ। ସେଠାରେ ଯଥାବିଧି ପୂଜା ସମ୍ପନ୍ନ ପରେ ଠାକୁର ଠାକୁରାଣୀ ଶ୍ରୀମନ୍ଦିରକୁ ଫେରିଆସି ଭଣ୍ଡାରଘରେ ବିରାଜିବେ।

ଅନ୍ୟପକ୍ଷରେ ମା' ବିମଳାଙ୍କ ସମେତ ଶ୍ରୀମନ୍ଦିର ଏବଂ ଶ୍ରୀକ୍ଷେତ୍ରର ଅନ୍ୟ ଶକ୍ତି ପୀଠରେ ରବିବାରଠାରୁ ଷୋଡ଼ଶ ଦିନାତ୍ମକ ପୂଜା ଓ ଚଣ୍ଡୀପାଠ ଆରମ୍ଭ ହେବ। ଏଥିପାଇଁ ରବିବାର ପୂର୍ବାହ୍ନରେ ଶ୍ରୀନଅରରେ ଶ୍ରୋତ୍ରୀୟ ବ୍ରାହ୍ମଣମାନଙ୍କୁ ବରଣ କରାଯିବ।

**ଆଜି ଶ୍ରୀନଅରରେ ହେବ ବ୍ରାହ୍ମଣ ବରଣ**

### ଅବସରପ୍ରାପ୍ତ ପୁଲିସ ଅଧିକାରୀ କଲ୍ୟାଣ ସଂଘର ବାର୍ଷିକୋତ୍ସବ

## ସମସ୍ୟା ଆଲୋଚନା କଲେ, ଦାବି ରଖିଲେ

**ପୁରୀ,୧୩।୯ (ସମିସ):** ପୁରୀ ରିଜର୍ଭ ପୁଲିସ ଲାଇନ ସମ୍ମିଳନୀ କକ୍ଷରେ ଶନିବାର ଅବସରପ୍ରାପ୍ତ ପୁଲିସ ଅଧିକାରୀ କଲ୍ୟାଣ ସଂଘର ୧୮ ତମ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭବେ ଅବସରପ୍ରାପ୍ତ ପୁଲିସ ମହାନିର୍ଦ୍ଦେଶକ ପ୍ରକାଶ ମିଶ୍ର, ଅତିରିକ୍ତ ପୋଲିସ ମହାନିର୍ଦ୍ଦେଶକ ଆଧୁନିକୀକରଣ ସୌମେନ୍ଦ୍ର ପ୍ରିୟଦର୍ଶୀ ମୁଖ୍ୟବକ୍ତା ଓ ସମ୍ମାନିତ ଅତିଥି ଭାବେ କେନ୍ଦ୍ରାଞ୍ଚଳ ଆଇଜି ସତ୍ୟଜିତ ନାୟକ, ପୁରୀ ଏସ୍‌ପି ପ୍ରତୀକ ସିଂ, ଅବସରପ୍ରାପ୍ତ ପୁଲିସ ଅଧୀକ୍ଷକ ସୂର୍ଯ୍ୟମଣି ତ୍ରିପାଠୀ, ନୀଳମାଧବ ତ୍ରିପାଠୀ ଓ ସମାଜସେବୀ ବୁବୁ କର ଯୋଗଦେଇଥିଲେ। ଏଥିସହ ସଂଘର ବିଭିନ୍ନ ସମସ୍ୟା ବିଷୟରେ ଆଲୋକପାତ କରିଥିଲେ।

ପୁଲିସ ମୁଖ୍ୟାଳୟରେ ପୁଲିସ ସ୍ମାରକୀ ସ୍ତମ୍ଭ ସ୍ଥାପନ, ଶହୀଦ ଦିବସ ଦିନ ଏହାର ଭୂମି ପୂଜନ କାର୍ଯ୍ୟକ୍ରମ ସମ୍ପାଦନ, ପ୍ରତି ପୁଲିସ ମୁଖ୍ୟାଳୟରେ ଅବସାରପ୍ରାପ୍ତପୁଲିସପଦାଧିକାରୀକଲ୍ୟାଣସମିତି ପାଇଁ ଗୃହ ଆବଣ୍ଟନ, ପୋଲିସ ମୁଖ୍ୟାଳୟରେ ଥିବା ୱେଲଫେୟାର ଫଣ୍ଡରୁ ଅବସରପ୍ରାପ୍ତ ପୁଲିସ କର୍ମଚାରୀଙ୍କ ପାଇଁ ସେମାନଙ୍କର ଚିକିତ୍ସା ଉଦ୍ଦେଶ୍ୟରେ ଅର୍ଥରାଶି ପ୍ରଦାନ, ସିଏସ୍‌ଆର ଫଣ୍ଡରୁ ସବୁ ଅବସରପ୍ରାପ୍ତ ପୋଲିସ ସଂଘମାନଙ୍କୁ ଆବଶ୍ୟକୀୟ ଆସବାବପତ୍ର ଯୋଗାଇଦେବା ପାଇଁ ବକ୍ତାମାନେ ଅନୁରୋଧ କରିଥିଲେ। ଏସବୁର ପୂରଣ ପାଇଁ ଯଥାସମ୍ଭବ ପଦକ୍ଷେପ ନେବା ଲାଗି ମୁଖ୍ୟଅତିଥି ଓ ମୁଖ୍ୟବକ୍ତା ସହମତି ପ୍ରକାଶ କରିଥିଲେ। ଏଥିରେ ବିରଜା ପ୍ରସାଦ ସାମଲ ସଭା ପରିଚାଳନା କରିଥିବା ବେଳେ କାର୍ଯ୍ୟକାରୀ ସଭାପତି ଜ୍ଞାନରଞ୍ଜନ ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।




## ଉନ୍ନୟନ କାର୍ଯ୍ୟର ସମୀକ୍ଷା କଲେ ନୋଡାଲ ସଚିବ



**ପୁରୀ,୧୩।୯ (ସମିସ):** ପୁରୀ ଜିଲ୍ଲା ଦାୟିତ୍ୱରେ ଥିବା ନୋଡାଲ ସଚିବ ତଥା ବିଜ୍ଞାନ ଓ ବୈଷୟିକ ବିଭାଗ ପ୍ରମୁଖ ଶାସନ ସଚିବ ଚିତ୍ରା ଅରୁମୁଗମ ଶନିବାର ସ୍ଥାନୀୟ ସ୍ୱତନ୍ତ୍ର ସର୍କିଟ ହାଉସ୍‌ଠାରେ ପୁରୀ ଜିଲ୍ଲାର ସ୍ଥିତି ଓ ବିଭିନ୍ନ ଉନ୍ନୟନ ମୂଳକ ଯୋଜନାର ସମୀକ୍ଷା କରିଛନ୍ତି। ସରକାର ଲୋକମାନଙ୍କ ମୌଳିକ ଆବଶ୍ୟକତା ପୂରଣ ସହ ସେମାନଙ୍କ ବିକାଶ ପାଇଁ ବିଭିନ୍ନ ଜନ କଲ୍ୟାଣକାରୀ ଯୋଜନା ପ୍ରଣୟନ କରିଥାନ୍ତି। ଯୋଗ୍ୟତା ଅନୁସାରେ ହିତାଧିକାରୀମାନଙ୍କୁ ସାମିଲ କରି ତାହାର ସୁଫଳ ଯୋଗାଇବା ଆମ ସମସ୍ତଙ୍କ କର୍ତ୍ତବ୍ୟ ବୋଲି କହିଛନ୍ତି ନୋଡାଲ ସଚିବ। ଯେ କୌଣସି ଯୋଜନା ଓ ପ୍ରକଳ୍ପର ପ୍ରକୃତ ଲକ୍ଷ୍ୟ ସମ୍ପର୍କରେ ଜନସାଧାରଣଙ୍କୁ ସଚେତନ କରାଇବା ସହ ଯୋଗ୍ୟ ହିତାଧିକାରୀମାନଙ୍କୁ ଯୋଜନାରେ ସାମିଲ ଓ ସଫଳତା ହାସଲ କରିବା ଉପରେ ସେ ଗୁରୁତ୍ୱ ଦେଇଥିଲେ। ପ୍ରାରମ୍ଭରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡା ସମସ୍ତଙ୍କୁ ସ୍ୱାଗତ ସହ ଜିଲ୍ଲାରେ କାର୍ଯ୍ୟକାରୀ ବିଭିନ୍ନ ଯୋଜନା ସମ୍ପର୍କରେ ସୂଚନା ଦେଇଥିଲେ। ସ୍ୱାସ୍ଥ୍ୟ, ପ୍ରଧାନମନ୍ତ୍ରୀ ଆବାସ ଯୋଜନା, ସ୍ୱଚ୍ଛ ଭାରତ ମିଶନ, ପଞ୍ଚଦଶ ଅର୍ଥ କମିଶନର ବିଭିନ୍ନ କାର୍ଯ୍ୟ, ଗ୍ରାମ୍ୟ ଜଳ ଯୋଗାଣ, ସହରାଞ୍ଚଳରେ ୱାଟକୋ ଜଳ ଯୋଗାଣ, ପ୍ରାଣୀ ସମ୍ପଦ, ବିଦ୍ୟୁତ୍, ପର୍ଯ୍ୟଟନ, କୃଷି, ଉଦ୍ୟାନ କୃଷି, ମୃତ୍ତିକା ସଂରକ୍ଷଣ, ଜଳ ସମ୍ପଦ ଇତ୍ୟାଦି ବିଭାଗ ସମ୍ପର୍କରେ ନୋଡାଲ ସଚିବ ସମୀକ୍ଷା କରିବା ସହ କାର୍ଯ୍ୟରେ ଉନ୍ନତି ପାଇଁ ବିବିଧ ପରାମର୍ଶ ଦେଇଥିଲେ। ପରେ କ୍ଷେତ୍ର ପରିଦର୍ଶନ କରି ଶ୍ରୀମତୀ ଅରୁମୁଗମ ବିଭାଗୀୟ ଅଧିକାରୀମାନଙ୍କୁ ବିଭିନ୍ନ ପରାମର୍ଶ ଦେବା ସହ ହିତାଧିକାରୀଙ୍କ ସହ କଥା ହୋଇଥିଲେ।

ଏହି ସମୀକ୍ଷାରେ ଅତିରିକ୍ତ ଜିଲ୍ଲାପାଳ ରାଜସ୍ୱ ଡ. ଶରତ ଚନ୍ଦ୍ର ମହାପାତ୍ର, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରିୟରଞ୍ଜନ ପୃଷ୍ଟି, ପୌର ନିର୍ବାହୀ ଅଧିକାରୀ ଅଭିମନ୍ୟୁ ବେହେରା, ଯୋଜନା ଓ ପର୍ଯ୍ୟାଲୋଚନା ବିଭାଗର ଯୁଗ୍ମ ନିର୍ଦ୍ଦେଶକ ଶ୍ରୀଧର ସେଠୀଙ୍କ ସମେତ ଅନ୍ୟାନ୍ୟ ଜିଲ୍ଲାସ୍ତରୀୟ ଅଧିକାରୀ ପ୍ରମୁଖ ଯୋଗ ଦେଇଥିଲେ। ଶେଷରେ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ଶ୍ରୀ ପୃଷ୍ଟି ଧନ୍ୟବାଦ ଅର୍ପଣ କରିଥିଲେ।

## ଏସ୍‌ସିଏସ୍ କଲେଜ୍ ପରିସରରେ ସଫେଇ

**ପୁରୀ,୧୩।୯ (ସମିସ):** ପୁରୀର ଅଗ୍ରଣୀ ସ୍ୱେଚ୍ଛାସେବୀ ସଙ୍ଗଠନ ହାପିନେସ୍ ଫାଉଣ୍ଡେସନ ଓ ଏସ୍‌ସିଏସ୍ କଲେଜର ମିଳିତ ଆନୁକୂଲ୍ୟରେ କଲେଜ ପରିସରରେ ମେଗା ସଫେଇ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଫାଉଣ୍ଡେସନ ତରଫରୁ କଲେଜ୍‌ରେ ଗଠନ କରାଯାଇଥିବା "ଇକୋ କ୍ଲବ ତଥା ଷ୍ଟୁଡେଣ୍ଟ ୟୁଥ୍ କ୍ଲବ-ସେବା ପରମ ଧର୍ମ" ଏବଂ କଲେଜର ଏନ୍‌ସିସି, ଏନ୍‌ଏସ୍‌ଏସ୍, ୟୁଥ୍ ରେଡକ୍ରସ୍ ଓ ରେଞ୍ଜର୍ସ ରୋଭାରର ୩୦୦ରୁ ଊର୍ଦ୍ଧ୍ୱ ସ୍ୱେଚ୍ଛାସେବୀ ଏଥିରେ ସାମିଲ ହୋଇଥିଲେ। ଏହି ପରିପ୍ରେକ୍ଷୀରେ ଇକୋ କ୍ଲବରେ କଲେଜର ୧୦୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଯୋଡ଼ି ହୋଇ ପରିସର ସଫା ରଖିବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି। ସମସ୍ତ ସ୍ୱେଚ୍ଛାସେବୀଙ୍କୁ ଉତ୍ସାହିତ କରିବା ପାଇଁ ଅନୁଷ୍ଠାନ ତରଫରୁ ସାର୍ଟିଫିକେଟ ଦିଆଯାଇ ସମ୍ମାନିତ କରାଯାଇଛି। କାର୍ଯ୍ୟକ୍ରମରେ କଲେଜ ଅଧ୍ୟକ୍ଷ ଡ. ଚିତ୍ତରଞ୍ଜନ ଦ୍ୱିବେଦୀ, ଏନ୍‌ସିସି ଅଫିସର୍ କ୍ୟାପଟେନ ଡ. ସଚ୍ଚିଦାନନ୍ଦ ସାହୁ, ଏନ୍‌ଏସ୍‌ଏସ୍ କୋର୍ଡିନେଟର ପନିସା ନାୟକ, ପ୍ରଦୀପ୍ତ କୁମାର ପରିଡ଼ା, ୟୁଥ୍ ରେଡକ୍ରସର କୋର୍ଡିନେଟର ସଙ୍ଗୀତା ମିଶ୍ର, ରେଞ୍ଜରସ୍ ରୋଭାରର କୋର୍ଡିନେଟର ଡ. ଅନିରୁଦ୍ଧ ଜେନା, ସ୍ନିଗ୍ଧା ମିଶ୍ର ପ୍ରମୁଖ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ଏଥିରେ ହାପିନେସ ଫାଉଣ୍ଡେଶନର ପ୍ରତିଷ୍ଠାତା ତଥା ସଭାପତି ଇଂ ପ୍ରଦୀପ୍ତ କୁମାର ପ୍ରଧାନ, କାର୍ଯ୍ୟକାରୀ ସମ୍ପାଦକ ସୌମ୍ୟ ରଞ୍ଜନ ସାହୁ, ସଂଯୋଜକ ମାନସ ବେହେରା, ଟି. ମନୋଜ କୁମାର ପ୍ରଧାନ ଓ ସଂଯୋଜିକା ମାମିନା ପ୍ରଧାନ, ବିଷ୍ଣୁପ୍ରିୟା ସାହୁ, ଆରତୀ ନାୟକ, ରୋଜାଲିନ ସାହୁ, ଚିନ୍ମୟୀ ଲେଙ୍କା ଙ୍କ ସମେତ ଅନ୍ୟ ସମସ୍ତ ସଦସ୍ୟ ସଦସ୍ୟା କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଅନୁଷ୍ଠାନ ପକ୍ଷରୁ ପୁରୀର ବିଭିନ୍ନ ମହାବିଦ୍ୟାଳୟ ପରିସରରେ ବୃକ୍ଷରୋପଣ ସହିତ ପରିସରକୁ ସ୍ୱଚ୍ଛ, ସବୁଜ ଓ ସୁନ୍ଦର କରିବା ପାଇଁ ନିରନ୍ତର ପ୍ରଚେଷ୍ଟା ଜାରି ରହିଛି। କଲେଜ ଛାତ୍ରଛାତ୍ରୀଙ୍କୁ ପରିବେଶ ସୁରକ୍ଷା ଏବଂ ସେବା କାର୍ଯ୍ୟରେ ଜଡିତ କରିବା 'ଇକୋ କ୍ଲବ୍ ଓ ଷ୍ଟୁଡେଣ୍ଟ ୟୁଥ୍ କ୍ଲବ୍'ର ମୂଳ ଲକ୍ଷ ବୋଲି ଅନୁଷ୍ଠାନର ପ୍ରତିଷ୍ଠାତା ଶ୍ରୀ ପ୍ରଧାନ କହିଛନ୍ତି।



## ସପ୍ତାହକ ମଧ୍ୟରେ ୯ ଚୋରା ବାଇକ୍ ଉଦ୍ଧାର

**ପୁରୀ,୧୩।୯ (ସମିସ):** ପୁରୀ ଜିଲ୍ଲାରେ ବେଆଇନ ନିଶା କାରବାର ଉପରେ ରୋକ୍ ଲଗାଇବା ପାଇଁ ପୁଲିସ ପକ୍ଷରୁ ସ୍ୱତନ୍ତ୍ର ଅଭିଯାନ 'ଅପରେଶନ ଚକ୍ର' ଚାଲିଛି। ବିଶେଷକରି ବ୍ରାଉନସୁଗର, ଗଞ୍ଜେଇ କାରବାର କରୁଥିବା ଅଭିଯୁକ୍ତଙ୍କ ଗତିବିଧି ଉପରେ ତୀକ୍ଷ୍ଣ ନଜର ରଖିଛି ପୁଲିସ। ଯେଉଁମାନେ ଏହି କାରବାରରେ ସମ୍ପୃକ୍ତ ସେମାନଙ୍କ ପୁରୁଣା ତଥ୍ୟକୁ ଖୋଜି ଧରପଗଡ଼କୁ ଜୋର୍‌ଦାର କରାଯାଉଛି। ପୁରୀ ସହର ସମେତ ଜିଲ୍ଲାର ବିଭିନ୍ନ ସ୍ଥାନରେ ବ୍ଲକିଂ, ଚେକିଂ ଚାଲିଛି। ଏହି ଅଭିଯାନରେ ପୁରୀ ପୌରାଞ୍ଚଳ ଅନ୍ତର୍ଗତ ୨ଟି ଥାନା ପକ୍ଷରୁ ୩ଟି ଗୁରୁତ୍ୱପୂର୍ଣ୍ଣ ମାମଲାରେ ସଫଳତା ମିଳିଛି। ବାସେଲୀ ସାହି ଥାନା ପୋଲିସ ୧୧.୩୦ ଗ୍ରାମ ଧଳା ଜହର ଜବତ କରିଛି। ଏହି କାରବାରରେ ସମ୍ପୃକ୍ତ ମିଶ୍ର ନୋଳିଆ ସାହିର ଶିବୁନା ନାୟକକୁ ଗିରଫ କରାଯାଇଛି। ଶିବୁନା ନାଁରେ ସମୁଦ୍ରକୂଳ, ସଦର ଓ ବାସେଲୀ ସାହି ଥାନାରେ ୪ଟି ମାମଲା ରହିଛି। ସେହିପରି ବେଆଇନ ୨୨୦୦ ମିଲି କୋରେକ୍ସ ବିକ୍ରୀ ଅଭିଯୋଗରେ ସମୁଦ୍ରକୂଳ ଥାନା ପୁଲିସ ଜଣଙ୍କୁ ଗିରଫ କରିଛି। ସେ ହେଲେ ଅଜୟ ସିଂହ। ତା'ଠାରୁ ୩ଟି ବାଇକ୍ ଜବତ ହୋଇଛି। ଏଥିସହ ପୁରୀ ସହର ସବ୍‌ଡିଭିଜନ ଅନ୍ତର୍ଗତ ୮ ଟି ଥାନା ପକ୍ଷରୁ ଗତ ସପ୍ତାହକ ମଧ୍ୟରେ ୯ଟି ଚୋରା ମୋଟର ସାଇକେଲ, ୧୦ଟି ମଦ୍ୟପାନ ଜନିତ ଗାଡ଼ି ଚଳାଇବା ମାମଲା, ସର୍ବସାଧାରଣ ସ୍ଥାନରେ ମଦ୍ୟପାନ କରିବା ଜନିତ ୨୩୨ଟି ମାମଲା ରୁଜୁ କରାଯାଇ ୨୩,୩୦,୦୦୦ ଜୋରିମାନା ଆଦାୟ କରାଯାଇଥିବା ଏସ୍‌ପି ପ୍ରତୀକ ସିଂହ ସୂଚନା ଦେଇଛନ୍ତି।

### ଝଲସିବ ନାୟକପାଟଣା ଗାଁ ଦାଣ୍ଡ

## ପ୍ରତି ଘର କାନ୍ଥର ଶୋଭା ବଢ଼ାଇବ ପଟ୍ଟଚିତ୍ର



**ପୁରୀ,୧୩।୯ (ସମିସ):** ଝଲସିବ ପୋଥିଚିତ୍ର କାରିଗରଙ୍କ ଗାଁ ନାୟକପାଟଣା। ପ୍ରତି ଘର କାନ୍ଥର ଶୋଭା ବଢ଼ାଇବ ସୁନ୍ଦର ସୁନ୍ଦର ପଟ୍ଟଚିତ୍ର। ଗାଁରେ ବୁଲିବା ବେଳେ ପର୍ଯ୍ୟଟକମାନେ ମଧ୍ୟ ନିଆରା ଅନୁଭୂତି ସାଉଁଟିବେ। ଏମିତି ଏକ ମହତ ଉଦ୍ଦେଶ୍ୟ ରଖିଛନ୍ତି ଗ୍ରାମବାସୀ। ଗାଁର ଶିଳ୍ପୀମାନେ ନିଜେ ନିଜ ଘରର କାନ୍ଥକୁ ପଟ୍ଟଚିତ୍ରର ରୂପ ଦେବେ। ଏଥିପାଇଁ ସହଯୋଗର ହାତ ବଢ଼ାଇଛି ଆଦିତ୍ୟ ବିର୍ଲା ଫାଉଣ୍ଡେସନ। ଫାଉଣ୍ଡେସନ ସହଯୋଗରେ ଏବଂ ଗ୍ରାମବାସୀଙ୍କ ଉଦ୍ୟମରେ ଶନିବାର ଏହି ନିଆରା ପ୍ରୟାସର ଶୁଭାରମ୍ଭ ହୋଇଛି।

ପୋଥିଚିତ୍ରର ଗାଁ ଭାବେ ବେଶ୍ ପ୍ରସିଦ୍ଧି ଲାଭ କରିଛି ପୁରୀ ଜିଲ୍ଲାର ନାୟକ ପାଟଣା। ବହୁ ଅଭିଜ୍ଞ କଳାକାର ପୋଥିଚିତ୍ରକୁ ସମୃଦ୍ଧ କରିବା ପରେ ଏହା ରୋଜଗାରର ମାଧ୍ୟମ ପାଲଟିଥିଲା। ସମ୍ପୂର୍ଣ୍ଣ ଗାଁ ଏହି କଳାକୁ ଆଦରି ନେଇଥିଲା। ଏବେ ଗାଁରେ ୧୧୦ଟି ପରିବାର ରହିଥିବା ବେଳେ ପ୍ରାୟ ୩୫୦ରୁ ଊର୍ଦ୍ଧ୍ୱ ଶିଳ୍ପୀ ପୋଥିଚିତ୍ର ପ୍ରସ୍ତୁତ କରି ଜୀବିକା ନିର୍ବାହ କରିଆସୁଛନ୍ତି। କିନ୍ତୁ ପ୍ରଚାର ପ୍ରସାର ଏବଂ ସରକାରୀ ପ୍ରୋତ୍ସାହନ ଅଭାବରୁ ରଘୁରାଜପୁର ଭଳି ନାୟକପାଟଣା ଦୃଷ୍ଟି ଆକର୍ଷଣ କରିପାରିନାହିଁ। ତେଣୁ ଏହି ଗାଁକୁ ପର୍ଯ୍ୟଟକଙ୍କୁ ଆକର୍ଷିତ କରିବା ଉଦ୍ଦେଶ୍ୟ ନେଇ ଏଭଳି ଏକ ନିଆରା ପରିକଳ୍ପନା କରାଯାଇଛି। କଳାକୃତି ବିକାଶ କେନ୍ଦ୍ରର ସମ୍ପାଦକ ପ୍ରସନ୍ନ ନାୟକ କହିଛନ୍ତି ଫାଉଣ୍ଡେସନ ପକ୍ଷରୁ ସମଗ୍ର ଗ୍ରାମର କାନ୍ଥକୁ ପଟ୍ଟଚିତ୍ରର ରୂପ ଦେବା ନେଇ ଆରମ୍ଭ ହୋଇଥିବା ପ୍ରୟାସ ପର୍ଯ୍ୟଟକଙ୍କୁ ଗାଁରେ ବାନ୍ଧି ରଖିବାରେ ସହାୟକ ହେବ। ପୋଥିଚିତ୍ର କଳାର ପ୍ରସ୍ତୁତି ଏବଂ କ୍ରମ ବିକାଶ ଧାରାକୁ ଘର କାନ୍ଥ ମାନଙ୍କରେ ଚିତ୍ରିତ କରାଯିବ। ରାଧାକୃଷ୍ଣଙ୍କ ସମେତ ପୌରାଣିକ କଥାବସ୍ତୁର ରୂପାନ୍ତର ମଧ୍ୟ ଦେଖିବାକୁ ମିଳିବ ବୋଲି କହିଛନ୍ତି। ତେବେ ଶନିବାର ଏହି କାନ୍ଥଚିତ୍ର (ୱାଲ ପେଣ୍ଟିଂ) ଶୁଭାରମ୍ଭ ହୋଇଥିବା ବେଳେ ଆଜି ଆରମ୍ଭ ହୋଇଥିବା ବେଳେ ଏହି ଅବସରରେ ହସ୍ତଶିଳ୍ପ ବିଭାଗର ସହ ନିର୍ଦ୍ଦେଶକ ଭୂବନ ଭାସ୍କର, ଟେକ୍ସଟାଇଲ କମିଟିର ଅଧିକାରୀ ପ୍ରଦୀପ ଦାଶ, ଫେଡେରେଶନ ଅଫ ଏକ୍ସପୋର୍ଟର କମଳାକାନ୍ତ ସାହୁ, ହସ୍ତଶିଳ୍ପ ବିଭାଗର ଉପନିର୍ଦ୍ଦେଶକ ବିଷ୍ଣୁ ମାର୍ଣ୍ଡି ଓ ସୂର୍ଯ୍ୟକାନ୍ତ ପଣ୍ଡା, ଆଦିତ୍ୟ ବିର୍ଲାର କେଦାର କୁମାର ପତି ପ୍ରମୁଖ ଉପସ୍ଥିତ ଥିଲେ। ବରିଷ୍ଠ ପୋଥିଚିତ୍ର ଶିଳ୍ପୀ ମାଗା ନାୟକ, ସ୍ୱପ୍ନାମଞ୍ଜରୀ ନାୟକ, ଶରତ ପ୍ରଧାନ, ନାରାୟଣ ପ୍ରଧାନ, ମାଗା ବରାଳଙ୍କ ସମେତ ଗ୍ରାମବାସୀ ଉପସ୍ଥିତ ଥିଲେ।

ସୃଜନିକା
ସକାଳ THE SAKALA
www.sakalaepaper.com



ମହାଶ୍ୱେତା ସାହୁ



# ନୀଳମଣି

ଏଇ ଆକାଶ ବି ତୁମର ନୁହେଁ ! ଯେଉଁଠି ଜହ୍ନ, ତାରା, ଆକାଶରେ ଆସନ୍ତି ଓ ଯାଆନ୍ତି। ସୂର୍ଯ୍ୟ ମଧ ନୁହେଁ, ତୁମ ନୁହେଁ! କାରଣ ମୁଁ ସମୟର ଦାସ ନୁହେଁ, ମୁଁ ସମୟକୁ ଦାସ କରେ। ମୁଁ... ରାବଣ!! ମୋର ଦଶଟା ମୁଣ୍ଡ...ହା...ହା...ହା... ମୁଁ ରାବଣ!!

- "ମୋ ପାଇଁ କିନ୍ତୁ ତୁମେ ନୀଳମଣି!! ଅଜବ ମଣିଷ ତୁମେ। ଅସମାହିତ ପ୍ରଶ୍ନ ପରି ତୁମେ। ଅଡୁଆ ସୂତାଖିଅ ପରି ତୁମେ ଯେତେ ତୁମକୁ ଖୋଲିବ ସେତେ ଗୁଡ଼େଇ ହୋଇ ଯାଉଥିବ। ତୁମକୁ ବୁଝିବା ଭାରି କଷ୍ଟ" କହିଥିଲା ମାନିନୀ ବିମୂଢ଼ ହୋଇ।

କଥାକଥାକେ ତମକୁ କଷ୍ଟ ହୋଇଯାଏ। ଅଭିମାନର ଅସରନ୍ତି ଗନ୍ତାଘର ଯେପରି ତୁମେ। ପ୍ରତି କଥାରେ ଅଭିମାନ। ପ୍ରତିକଥାରେ ଅହଂକାର।

- "ଅହଂକାରୀ କେବଳ ଅହଂକାରୀ ହୁଏ। ପ୍ରେମ କରିପାରେନା। ପ୍ରେମିକ ତୁମେ ହୋଇ ପାରିବନି। ତୁମ ପାଖରେ କେହି ରହିପାରିବେନି। ପ୍ରକୃତ କଥା ତୁମ ପାଖରେ କେହି ରହିବେ ନାହିଁ।" କହିଲା ଅଭିମାନ କରି ମାନିନୀ।

- "କିନ୍ତୁ, ଏଇ ଅହଂକାରୀ ପ୍ରେମହୀନ ମଣିଷକୁ ତ' ତୁମେ ପ୍ରେମ କର !" କହିଥିଲା ଆକାଶ ଦାସ। ତା'ର ଦୁଇ ହାତକୁ ମେଲେଇ କହିଥିଲା- "ଜାଣିରଖ, ତଥାପି ଏଇ ଲୋକଟାର ଏଇ ଅହଂକାର ହିଁ ତା'ର ଗହଣା। ଅହଂକାର ବିନା ତା'ର ଅସ୍ତିତ୍ୱ ନାହିଁ। ଏଇ ଅହଂକାର ପାଇଁ ହିଁ ସେ ସଭିଙ୍କ ପ୍ରିୟ। କାରଣ ଯେବେ ଅଭାବଗ୍ରାସେ, ସେବେ ଏଇ ଅହଂକାରୀ କେବଳ ଏହି ଅହଂକାର ସହ; ଅଭାବ ସହ ଯୁଦ୍ଧ କରେ। ଆଉ ବିଜୟ ମଧ ପାଏ।"

ନିଜ କଥା କହି କହି ଥକି ପଡ଼େନା ଆକାଶ ଦାସ। ନିଜ ମୁହଁରେ ନିଜର ପାପପୁଣ୍ୟକୁ ବଖାଣେ। ବିନ୍ଦାସ ଭାବରେ ଜୀଇଁବାକୁ ସାଥୀ ଖୋଜେ।

କାହାର ଇଚ୍ଛାକୁ ଜାଣିବାର ପ୍ରୟାସ କରେନା, ପ୍ରଶ୍ନ ବିନା ସାଥୀ ବାଛେ। ଭାବେ କେବଳ ସମ୍ପର୍କ ପାଇଁ ନାରୀ ଓ ପୁରୁଷ ଲୋଡ଼ା। ବାକିସବୁ ଅଯୋଗ୍ୟ ବ୍ୟାପାର। ନିଜକୁ ସେ ଶ୍ରେଷ୍ଠ ଭାବେ। ଶ୍ରେଷ୍ଠ ମଧ କହେ। ତେଣୁ ସେ ଶ୍ରେଷ୍ଠା ଖୋଜେ।

କହେ ମୋଠୁ ଶ୍ରେଷ୍ଠ ପ୍ରେମିକ ଏ ଦୁନିଆରେ ପାଇବ ନାହିଁ। ଯେ ନିର୍ଭେଜାଲ ଭଲ ପାଇପାରେ। ସବୁ ଅତୀତର ଇତିହାସକୁ ପଛକରି ତୁମକୁ ସତୀ ପରି ପୂଜା କରିପାରେ। ଯେ ପ୍ରେମକୁ ଶ୍ରେଷ୍ଠ ତପସ୍ୟା ଭାବେ। ଯେ ପ୍ରେମିକାକୁ ପୂଜା କରିପାରେ। ଦେହରେ ନୁହେଁ ଆତ୍ମାରୁ ଖୋଜେ। ତାସହ ଖେଳିବ, ବୁଲିବ, ହସିବ, ଡେଇଁବ, ଖାଇବ.... । କିନ୍ତୁ ତାକୁ ନଷ୍ଟ କରିବ ନାହିଁ। ପ୍ରେମିକା ତା'ର ଦେବୀଟିଏ !

- ମୁଁ ବୁଝୁଛି ମୁଁ ପ୍ରେମ କରିବା ଶିଖି ନାହିଁ। ପ୍ରେମିକ ପାଖରେ ଯେଉଁ ଶବ୍ଦରେ ଯାଦୁଥିବା କଥା, ସେ ଯାଦୁ କରିପାରୁନି। ସତ କହିଦିଏ...ମତେ କ'ଣ ହୁଏ କେଜାଣି ମୁଁ ସତ କହିଦିଏ!! ସେପାଇଁ ମୋର ପ୍ରେମିକା କିଏ ରହେନି ବେଶୀଦିନ!! କଣ୍ଠରେ ହତାଶ ଥିଲା, ଦୁଃଖ ଥିଲା।

- ଏତେ ବି ସତ କୁହନା, ଯେକେହି ସତକୁ ସହ୍ୟ କରିପାରିବେ ନାହିଁ। - ବିବସ ହୋଇ କହିଥିଲା ମାନିନୀ।

ହଁ ଜାଣୁଛି ମୁଁ ଅସଭ୍ୟ, ମୋ ଶବ୍ଦରେ ବାଢ଼ବତା ନାହିଁ, କିନ୍ତୁ ମୁଁ ଏତେ ଖରାପ ମଧ ନୁହେଁ। ମୁଁ ପ୍ରେମ ଖୋଜୁଛି। ପ୍ରେମିକା ଖୋଜୁଛି, ଯେ ରହିବ ମୋ ସହ ଜୀବନର ଶେଷଯାଏ। ମୁଁ ବଦଳି ଯିବାକୁ ଚେଷ୍ଟା କରିବି। ତୁମେ ଜାଣି ରଖ।

କିନ୍ତୁ ସ୍ଥିର କିଛି ମଧ ନୁହେଁ। ଏ ଜୀବନ କିମ୍ବା ସମ୍ପର୍କ ମଧ ଚିରସ୍ଥାୟୀ ନୁହେଁ। ଖୁବ୍ ଅନ୍ତରଙ୍ଗ ଆପଣାର ବୋଧ ହଉଥିବା ସବୁଠାରୁ ପ୍ରିୟ ମଣିଷଟା ଦିନେ ସେତେ ପ୍ରିୟ ରହେ ନାହିଁ। ସମୟ ସହ ବଦଳିଯାଏ ସବୁ। ଏଇ ବଦଳିବା କିଛି ଭୁଲ୍ ନୁହେଁ – ଏହା ହିଁ ସତ୍ୟ !! ଏହାକୁ ଗ୍ରହଣ କରିବା ଉଚିତ।

- ହା...ହା...ହା... ଯାହା ବଦଳିଯାଏ ତା' କି ପ୍ରେମ। ଯାହା ଛାତିରେ ନ ରହେ ସେ କି ପ୍ରେମ, ଯାହା ତୁମକୁ ଚିରକାଳ ଆବଦ୍ଧ କରେ ବଦଳିଯିବାର ରାସ୍ତା ଦେଖାଏ ସେ କି ସମ୍ପର୍କ... ?? ଉଚ୍ଚ ହାସ୍ୟ କରି କହିଲା ଆକାଶ।

ମାନଚିତ୍ରର ଅନେକ କଥା ବଦଳିଯିବ, ମାତ୍ର ପ୍ରତ୍ୟେକ ଦିନ ନୂଆ ହୋଇ ସମ୍ପର୍କରେ ନୂତନତା ଆଣୁଥିବ।

ଜାଣୁ ଆକସ୍ମିକ ଦୁଃଘଟଣା ବା ଘଟଣାରୁ ତିଆରି ହୁଏ ସମ୍ପର୍କ। ଯେବେ ଅଡୁଆସୂତା ଖିଅ ହୋଇଯାଏ, ସେତେ ନିବିଡ଼ ହୋଇଯାଏ। ଆଉ ସେଥିରୁ ମୁକୁଳି ନ ପାରିବା ହିଁ ସମ୍ପର୍କର ମାଧୁର୍ଯ୍ୟ ଥାଏ!!

ଜୀବନ ଜୀଇଁ ପାରିଲେ ଖୁବ୍ ସୁନ୍ଦର। ନ ପାରିଲେ ଜୀବନ ଗୋଟେ ବୋଝ। ଦ୍ୱାପର ହେଉ କି ତ୍ରେତୟା ଅବା କଳି ସବୁକାଳେ ରାବଣର ମୃତ୍ୟୁ ସୁନିଶ୍ଚିତ!!- ଏତେ ସବୁ କଥା କହୁଥିବା ଲୋକ ଆଖିରେ ଲୁହ ଥିଲା। ସେ ଲୁହ କିନ୍ତୁ ଏକାନ୍ତ ନିଜସ୍ୱ, ଏକାନ୍ତ ଅନ୍ତରଙ୍ଗ।

ଦୁଃଖୀ ହୋଇ କହୁଥିଲା ଆକାଶ ଦାସ। ଲୁହ ଛଳ ଛଳ ଆଖିରେ କହିଲା – "ଜାଣ ତୁମେ ଏମିତି ପ୍ରେମାସ୍ପଦ, ତୁମକୁ ବୁଝାଇ ପାରୁନି କି ବୁଝି ମଧ ପାରୁନି। ଏମିତି ଜାଗାରେ ଅଛ ଯେଉଁଠି ମୁଁ ତୁମକୁ ପାର କରିପାରୁନି କି ପାଇ ମଧ ପାରୁନି। ତୁମକୁ ଅତିକ୍ରମ କରିଯିବାର କ୍ଷମତା ଯେମିତି ମୋ ପାଖରେ ନାହିଁ।"

ତୁମେ ଏମିତି ତର୍ପଣ ଯାହା ବିନା ପୂଜା ଅର୍ଘ୍ୟ। ତୁମେ ଏମିତି ଯେଉଁଠି ପ୍ରେମ ଓ ଘୃଣା ଏକାକାର। ଧର୍ମ ଓ ପ୍ରେମ ମଧ୍ୟରେ ଫରକ କିଛି ନାହିଁ। ଧର୍ମ ଓ ପ୍ରେମରେ ଶୁଦ୍ଧ ଭାବନା ଲୋଡ଼ା, ସୁଦ୍ଧ ମନୀଷା ଲୋଡ଼ା ଯାହା ତୋ ପାଖରେ ନାହିଁ। ତୁମେ ଗୋଟେ ପଥର।

ମାନିନୀ ନିରବ ହୋଇ ଯାଇଥିଲା – "ଅହଂକାରୀ ତୁମେ, କଦାପି ବଦଳିବ ନାହିଁ" ବୋଲି ବାହୁଡ଼ି ଗଲା।

ତୋ ପାଖରେ ମୁଣ୍ଡବାଡ଼େଇ ରକ୍ତାକ୍ତ ହେବା ଛଡ଼ା ଭିନ୍ନ କିଛି ପ୍ରାପ୍ତି ନାହିଁ। ସତକୁ ମୁଁ ରକ୍ତାକ୍ତ, କ୍ଷତାକ୍ତ, ଯନ୍ତ୍ରଣାରେ ଛଟପଟ ହଉଥିବା ରାବଣ ଯେ ଜାଣେ ସୀତାକୁ କଦାପି ପାଇବ ନାହିଁ। ସୀତା ହିଁ ତା'ର ମୃତ୍ୟୁର କାରଣ ସବୁ ସତ୍ତ୍ୱେ ସେ ସୀତାକୁ ପ୍ରେମ କରିବା ଛାଡ଼ିଲା ନାହିଁ!

ଗୋଟେ ନିଷ୍ଫଳ ପ୍ରାର୍ଥନା ସହ ଆକାଶ ଦାସ ବସିଥିଲା ମନ୍ଦିର ବେଢ଼ାରେ। ଯେଉଁଠି ଚମ୍ପାଫୁଲର ମହକ, କୋଇଲିର କୁହୁତାନ ସତ୍ତ୍ୱେ ଗୋଟେ ନିର୍ଜନକୁଞ୍ଜର ହାହାକାର ଶୁଭୁଥିଲା ପବନରେ। ପବନର ବାସ୍ନାରେ ମଧ ଗୋଟେ ଅସହାୟ ଆବେଗ ବନେଇ ଦେଇଥିଲା ସ୍ରୋତର ଢେଉ ପରି ଆକାଶ ଦାସର ଛାତିରେ।


ପ୍ରିୟତମା ମାନିନୀ ଯେବେ ପ୍ରତିଶ୍ରୁତି ପରିହାର କରି ଅନ୍ୟ କାହାର ଜୀବନସାଥୀ ପାଲଟି ସାରିଥିଲା। ତଥାପି ଆକାଶ ଦାସ ଗୋଲାପି କାଗଜର ଡଙ୍ଗା କରି ତା' ଦେହରେ ନୀଳ ରଙ୍ଗର ସାହିରେ ମାନି... ଲେଖି ପାଣିରେ ଭସାଇ ଦେଉଥିଲା....!! ■

ଅଧ୍ୟାପିକା ଓଡ଼ିଆ ବିଭାଗ
ସୁଶୀଳାବତୀ ସରକାରୀ ମହିଳା ମହାବିଦ୍ୟାଳୟ
ସେକ୍ଟର -୦୨, ରାଉରକେଲା-୨
ସୁନ୍ଦରଗଡ଼-୭୬୯୦୦୬

## ପୁସ୍ତକ ପରିଚୟ

### ବହ୍ନିକା

ଶୁଭଶ୍ରୀ ଶୁଭସ୍ମିତା ମିଶ୍ର




ଶାନ୍ତିସେନା ପବ୍ଲିକେଶନ୍ସ
ଜଗତସିଂହପୁର
ପ୍ରଥମ ପ୍ରକାଶନ: ୨୦୨୫
ମୂଲ୍ୟ: ୧୫୦ ଟଙ୍କା

"ଦେବୀ ତୁ ଦର୍ପଣରେ ମୋତେ ଦିଶୁଥାଉ ମୋର ଛାଇ ପରି/ ମୁଁ ତୋତେ ବାରମ୍ବାର ଆଉ ବାରମ୍ବାର ଗୋଟାଏ/ କେବେ ମୋ ଜେଜେମା'ର କବର ତଳୁ ତ/କେବେ ମୋ ବୋଉର ରକ୍ତଝରା ଜରାୟୁରୁ,/ ତୁ ପାହି ଆସୁଥାଉ ଦେବୀ/ ସୂର୍ଯ୍ୟାସ୍ତର ଲୋହିତ ଲାଲିମାରେ/ ତୋର ମୁହଁ ଦିଶେ ଧରିତ୍ରୀ ପରି,/ ତୋ ମୁହଁ ଦିଶେ ଧର୍ଷିତା ନାରୀ ପରି!" (ଦେବୀସୂକ୍ତ) ଏଭଳି ଦେବୀ ଓ ନାରୀର ନାନା ରୂପ ପ୍ରତିଫଳିତ ହୋଇଛି ଶୁଭଶ୍ରୀ ଶୁଭସ୍ମିତା ମିଶ୍ରଙ୍କ 'ବହ୍ନିକା' କବିତା ପୁସ୍ତକରେ। କେବେ ନାରୀର କୋମଳ ରୂପକୁ ପୁଣି କେବେ ନାରୀର ମହିଷାମର୍ଦ୍ଦିନୀ ରୂପକୁ ଆଙ୍କିବାରେ କବି ବେଶ୍ ସିଦ୍ଧହସ୍ତ। 'ଦେବୀମୁହଁ', 'ଅଗ୍ନି ଓ ଅସ୍ତ୍ର', 'ଦେବୀ ଓ ରକ୍ତବୀର୍ଯ୍ୟ', 'ଦେବୀ ଓ ପ୍ରେମିକ', 'ରୂପଜୀବୀ', 'ଈଶ୍ୱରବୋଧ', 'ଅଭାଗ୍ୟଲିପି', 'ନିଆଁରଙ୍ଗ', 'ଯୁଦ୍ଧୋତ୍ତର ଜଣେ ସ୍ତ୍ରୀଲୋକର ଡାକ', 'ଈଶ୍ୱରଙ୍କ ମୃତ୍ୟୁରେ', 'ଆସନ୍ତା ଦୁର୍ଗାପୂଜା', 'ଜାତିଭେଦ', 'ଲିଲିଥ୍' ଆଦି କବିତାଗୁଡ଼ିକ ହୃଦୟସ୍ପର୍ଶୀ ହୋଇଛି। ନାରୀ ଆଖିର ଲୁହ, ହୃଦୟର ବେଦନା ଏହି ପୁସ୍ତକର ଅନେକ କବିତାରେ ପ୍ରସ୍ଫୁଟିତ ହୋଇଉଠିଛି ଜୀବନ୍ତ ଭାବେ। ସାମାଜିକ ଅବ୍ୟବସ୍ଥା, ସାମାଜିକ ମୂଲ୍ୟବୋଧର ଅବକ୍ଷୟ, ରୁଢ଼ିବାଦୀ ଚିନ୍ତାଧାରା, ନାରୀ ପ୍ରତି ଅଶାଳୀନ ଆଚରଣ ପ୍ରଦର୍ଶନ ବିରୁଦ୍ଧରେ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି ଅନେକ କବିତାରେ। 'ବହ୍ନିକା'ର କବିତାଗୁଡ଼ିକ ପାଠକମାନଙ୍କ ହୃଦୟକୁ ଛୁଇଁ ପାରିବ ବୋଲି ଆଶା କରାଯାଏ। ■

### ହରମାନ୍ ହେସ୍‌ଙ୍କ ସିଦ୍ଧାର୍ଥ

ଅନୁସୃଜନ: ପ୍ରଦୀପ୍ତ ଶ୍ରୀଚନ୍ଦନ



ଏଥେନା ବୁକ୍ସ
ଭୁବନେଶ୍ୱର
ତୃତୀୟ ସଂସ୍କରଣ: ୨୦୨୪
ମୂଲ୍ୟ: ୨୫୦ ଟଙ୍କା

ସମଗ୍ର ବିଶ୍ୱ ସାହିତ୍ୟରେ ଏକ କାଳଜୟୀ ଉପନ୍ୟାସ ହେଉଛି ହରମାନ୍ ହେସ୍‌ଙ୍କ 'ସିଦ୍ଧାର୍ଥ'। ଏହି ଲୋକପ୍ରିୟ ଉପନ୍ୟାସକୁ ଓଡ଼ିଆ ଭାଷାରେ ଅନୁସୃଜନ କରିଛନ୍ତି ପ୍ରଦୀପ୍ତ ଶ୍ରୀଚନ୍ଦନ। ବୌଦ୍ଧ ଯୁଗର ସମୟ ଓ ସମାଜ ଭିତ୍ତିଭୂମି ଉପରେ ଏହି ଉପନ୍ୟାସଟି ଆଧାରିତ। ଉପନ୍ୟାସର ମୁଖ୍ୟ ଚରିତ୍ର 'ସିଦ୍ଧାର୍ଥ'ଙ୍କ ଆତ୍ମଲିପିର ଏକ ସୃଜନାତ୍ମକ ପରିପ୍ରକାଶ ଏହି ଉପନ୍ୟାସ। ବୌଦ୍ଧ ଧର୍ମ ଓ ଦର୍ଶନର ପ୍ରତିଫଳନ 'ସିଦ୍ଧାର୍ଥ' ଉପନ୍ୟାସରେ ପାଠକମାନେ ଅନୁଭବ କରିପାରିବେ। ତତ୍କାଳୀନ ଜୀବନଧାରା, ସାମାଜିକ ପୃଷ୍ଠଭୂମି, ଆଧ୍ୟାତ୍ମିକ ଅବବୋଧ, ସତ୍ୟ ଓ ଶାନ୍ତିର ସନ୍ଧାନ, ଶାଶ୍ୱତ ମାନବୀୟ ପ୍ରେମର ବର୍ଣ୍ଣନା 'ସିଦ୍ଧାର୍ଥ' ଉପନ୍ୟାସକୁ ଅଧିକ ଲୋକପ୍ରିୟ କରିଛି। ନିର୍ବାଣ ନୁହେଁ ଜୀବନ ହିଁ ଲୋଡ଼ା- ଏହି ଦର୍ଶନ ପ୍ରତିଫଳିତ ହୋଇଛି ଉପନ୍ୟାସରେ। ସିଦ୍ଧାର୍ଥଙ୍କ ଜୀବନ, ଜିଜ୍ଞାସା, ଦର୍ଶନକୁ କେନ୍ଦ୍ର କରି ଉପନ୍ୟାସର କାହାଣୀ ଗତିଶୀଳ। ଉପନ୍ୟାସଟିକୁ ସୁଖପାଠ୍ୟ କରିବା ପାଇଁ 'ବ୍ରାହ୍ମଣ ପୁତ୍ର,'ଶ୍ରମଣମାନଙ୍କ ସହିତ', 'ଗୌତମ', 'ଜାଗୃତି', 'କମଳା', 'ଜନସମାଜରେ', 'ସଂସାର', 'ନଦୀ ତଟରେ', 'ନୌବାହକ', 'ପୁତ୍ର' ଆଦି କେତୋଟି ଭାଗରେ ବିଭକ୍ତ କରାଯାଇଛି। ସିଦ୍ଧାର୍ଥଙ୍କ ଜନ୍ମ, ଜୀବନ ଓ ପୁନର୍ଜନ୍ମକୁ କେନ୍ଦ୍ର କରି ଏକ ମହିମ୍ନ ଉପଲବ୍ଧି ଓ ସୃଜନଶୀଳତାର କଳାତ୍ମକ ପରିପ୍ରକାଶ ହେଉଛି 'ସିଦ୍ଧାର୍ଥ' ଉପନ୍ୟାସ। 'ସିଦ୍ଧାର୍ଥ' ଉପନ୍ୟାସଟି ପାଠକଙ୍କ ହୃଦୟସ୍ପର୍ଶୀ ହେବ ବୋଲି ଆଶା କରାଯାଏ। ■

# ସୁଇସାଇଡ୍ ନୋଟ୍

ବିରଜା ବଳ



ନା, ମୁଁ ଚୋରି କରିନି ମା' ।
ପେଟରେ ଭୋକର କଳାବାଦଲ
ଖେଳି ବୁଲୁଥିବା ବେଳେ
ଦୋକାନରୁ ପବନରେ ଉଡ଼ି ଆସିଥିବା
ପାଞ୍ଚଟଙ୍କିଆ ତିନି ପ୍ୟାକେଟ୍ ଚିପ୍ସ
ଗୋଟେଇ ଆଣିଥିଲି ମା'।
ଏତିକି ମୋ'ର ଅପରାଧ ।

ମୁଁ ଚୋର, ମତେ କାନଧରି ଉଠ୍ ବସ୍ କରାଯାଏ ଓ
ଆଣ୍ଠେଇ ଦିଆଯାଏ ମଝି ରାସ୍ତାରେ
ତାଚ୍ଛଲ୍ୟଭରା ହସରେ
ମୋ' ଗାଲରେ ବସୁଥାଏ
ଗୋଟିଏ ପରେ ଗୋଟିଏ ଚାପୁଡ଼ା
ଦିନ ମଝିର ଖରାର ତେଜରେ ମୋ' ବିକଳ ଅଭିମାନ
ମରିଯାଉଥାଏ ମା'।

ତୁମେ ଶିଖେଇଥିବା, ପ୍ରେମ, ଭଲପାଇବା ଓ
ମୋ'ର କୁନି କୁନି କଳ୍ପନା ନିରୀହ ଦୀର୍ଘଶ୍ୱାସରୁ ବାହାରି
କୁଆଡ଼େ ମିଳେଇ ଯାଉଥାଏ ମା'

ତୁମେ ଶିଖେଇଥିବା
ମଣିଷ ଓ ଭୂମିର କେତେ ଯେ କଥା
ମଣିଷ ଓ ଆକାଶର କେତେ ଯେ କଥା
ତୁମର ଗେହ୍ଲାପଣ ଓ ମୋ'ର ଚପଳପଣର
କେତେ ଯେ କଥା !!!
ମୋ'ର ଚୋରପଣକୁ ତମେ କ'ଣ ବିଶ୍ୱାସ କରିବ ମା'?

ତମଠୁ ଶିଖିଚି ଭୋକରେ ରହିବାର କଳା
ମୋ' ପାଟିରେ ଦୁଇଗୁଣ୍ଡା ଭାତ ଗୁଞ୍ଜିଦେଇ
ତମେ କେମିତି ଶୋଇପଡ଼ ଗଭୀର ନିଦ୍ରାରେ
ତୁମ ପେଟ ଉପରେ ମଥାରଖି
ଭୋକକୁ ମୁଁ ଶୁଣିପାରେ ତୁମ ପେଟର କଳକଳରେ ।


ମୁଁ ବୁଝିଯାଇଛି ଭୋକର ସ୍ୱାଦ ପରି
ଚୋରି ଜିନିଷର ସ୍ୱାଦ ନଥାଏ ମା' ।

କାହିଁକି କେଜାଣି ଏ ସୁନ୍ଦର ପୃଥିବୀ ମୋ'ର
କ୍ଷଣକେ ନରକ ବୋଲି ପ୍ରତେ ହେଲା
ମଣିଷର ମାନବିକତା ମୋ' ପାଠ ବହିର
ଡାଇନୋସର ପରି ବିଲୁପ୍ତ ହୋଇଯାଉଥିଲା
ଜୀବନର ଆହତ ଫର୍ଦ୍ଦସବୁ ଫଡ଼ଫଡ଼ ହୋଇ
ଚିରିଗଲା ବେଳେ
ଜନ୍ମନେଲା ଏକ ସିଦ୍ଧାନ୍ତ
ମୋ' ଆଗରେ ପୁଣ୍ୟତୋୟା ଗଙ୍ଗାର
ଢେଉଢେଉକା ନୀଳ ଜଳରାଶି, ଉତ୍ତାଳ ତରଙ୍ଗ
ଛିଡ଼ିଗଲା ମୋ'ର ସବୁ ଆଶା,
ଆକାଂକ୍ଷାର ରଙ୍ଗିନ ଜାଲ ମା' ।

ନା, ମୁଁ ଚୋରି କରିନି ମା'
ନା, ମୁଁ ଚୋରି କରିନି ମା'
ଏ ପତ୍ର ପଢ଼ିସାରିଲା ପରେ
ତୁମ କୋଳ ଉପରେ ମତେ ଅନୁଭବ କରିବ ମା'
ଗୋଟେ ମଲା କୁନି ପୃଥିବୀକୁ
ଥରୁଟିଏ ଆଲିଙ୍ଗନ କରିବ ମା'
ମୋ' ନିରପରାଧ ଛାଇଟିକୁ କ୍ଷମା କରିଦବ ମା' । ■

(କବିତାର ବସ୍ତୁ ଆହରଣ : ପ୍ରିୟ ଅନୁସୃଜକ ପ୍ରଦୀପ କୁମାର ରାୟଙ୍କ ଫେସ୍‌ବୁକ ଆଲେଖରୁ । ପଶ୍ଚିମବଙ୍ଗର ପାଁଶକୁଡ଼ାର ତେର ବର୍ଷର ବାଳକ କୃଷ୍ଣେନ୍ଦୁର କରୁଣ ଆତ୍ମହତ୍ୟାର କାହାଣୀ)

ଚିତ୍ରକଳ୍ପ
ବାଲିଗଣ୍ଡ, କୁଆଁରପୁର
ରାମବାଗ, ଯାଜପୁର -୧୪
ମୋ : ୭୭ ୯୦୦୦୩୪୪୨



# ବାପା

ଅୟସ୍କାନ୍ତ



କି ହେବ ବାପା ହେ
ତମ ବନ୍ଦ ବାକ୍ସ ଭିତରର
ଆଣ୍ଠୁ ନ ନୁଚା ଖଦୀ
ଗୋଲ ଚଷମା
ଅଣ୍ଟା ବନ୍ଧା ଘଡ଼ି
ତମ ନୂଆନୂଆ ସତ୍ୟାଗ୍ରହରେ
ଆଗ୍ରହ ଥିଲେବି,
ଆଉ ଚାଲିପାରେ ନାହିଁ
ଏବେତ
ମୁଁ ଚାଲେନା
ତମେ ଚାଲନା
ତବେ ଚାଲେ
କା' ଛାଇ
କା' ଛାଇ
କା' ଛାଇ!
ତୁଛାଟାରେ ସିନା ସାବରମତୀରେ
ବଂଶୀ ବାହୁନଇ
ମୁଁ ଚାଲେନା
ତମେ ଚାଲନା
ଚାଲେ ଛାଇ
ଚାଲେ ଛାଇ
ଚାଲେ ଛାଇ! ■

ଗ୍ରାମ୍ୟ ନିର୍ମାଣ ଉପବିଭାଜନ
ପଟ୍ଟାମୁଣ୍ଡାଇ, କେନ୍ଦ୍ରାପଡ଼ା
ମୋ: ୮୭୬୩୩୯୩୧୧୬

# କବିତାରେ ଉତ୍ତର ଆଧୁନିକତା

ଡକ୍ଟର ଚନ୍ଦ୍ରକଳା ନାୟକ



ଅନେକ ସାହିତ୍ୟିକଙ୍କ ମତ ଉତ୍ତର ଆଧୁନିକ କବିତା କିଛି ବି ନାହିଁ। ଏହା କେବଳ ଏକ ଶାବ୍ଦିକ ଚାତୁରୀ। ଉତ୍ତର ଆଧୁନିକ ତତ୍ତ୍ୱ ପାଶ୍ଚାତ୍ୟ ସାହିତ୍ୟର ଏକ ଆଧାରିତ ଶବ୍ଦ। ବିଶେଷ ଭାବେ କବିତା ରଚନା କ୍ଷେତ୍ରରେ ଉତ୍ତର ଆଧୁନିକ ତତ୍ତ୍ୱଟି ଆଦୌ ଗ୍ରହଣୀୟ ନୁହେଁ। ଆଧୁନିକ ତ ବୁଝାପଡ଼େ। କିନ୍ତୁ ଉତ୍ତର ଆଧୁନିକ କ'ଣ ? ବୋଧହୁଏ ଏହା ଏକ ସମୟର କବିତା। ୧୯୮୦ ପରବର୍ତ୍ତୀ କବିତାର ଧାରା ଉତ୍ତର ଆଧୁନିକତା ବୋଲି ଗ୍ରହଣ କରାଯାଇଛି। ଏଭଳି ଦ୍ୱନ୍ଦ୍ୱ ତ ସଦାସର୍ବଦା ଲାଗିଛି। ଏହାର ନିଷ୍କର୍ଷ ମଧ କଠିନ।

ବାସ୍ତବ ସତ୍ୟ ଏହା ଯେ, ଏହା ପାଶ୍ଚତ୍ୟ ସାହିତ୍ୟର ଏକ ତତ୍ତ୍ୱ। ଏମିତି ଦେଖିଲେ ଅନେକ ତତ୍ତ୍ୱ ଅଛି, ଯଥା – ବାମବାଦ, ରହସ୍ୟବାଦ, ମାକ୍ସବାଦ, ପ୍ରୟୋଗବାଦ, ଅସ୍ତିତ୍ୱବାଦ, ଅତି ବାସ୍ତବବାଦ। ଏସବୁ ପାଶ୍ଚାତ୍ୟ ସାହିତ୍ୟରୁ ଆଧାରିତ। ଏସବୁକୁ ଆମେ ଆମ ସାହିତ୍ୟରେ ପରୀକ୍ଷାଧର୍ମୀ ଭାବରେ ଗ୍ରହଣ କରିଛେ। ଯଥାସାଧ ପ୍ରୟୋଗ ବି କରିଛେ। ତେବେ ଏଥିରେ ଦ୍ୱନ୍ଦ୍ୱ ରହିବା ଅନାବଶ୍ୟକ। ଆଧୁନିକ ଶବ୍ଦକୁ ନେଇ ମଧ ଅନେକ ଦ୍ୱନ୍ଦ୍ୱ। ଆଧୁନିକ କବିତାଗୁଡ଼ିକ ମଧ ଅନେକ ସମାଲୋଚନାର ଶରବ୍ୟ ହୋଇଛି। ଏହାର କାରଣ ହେଉଛି, ଆଧୁନିକ କବିତାର ଦୁର୍ବୋଧତା, କ୍ଲିଷ୍ଟତା, ଅବୋଧତା ଏବଂ ପାଠକୀୟ ଗ୍ରହଣୀୟତାଠାରୁ ଦୂରରେ ରହିବା। କେବଳ ଆଧୁନିକ କବିତା ବୌଦ୍ଧିକତା ମଧ୍ୟରେ ସୀମାବଦ୍ଧ ହେବା। ଏହି ଆଧୁନିକ କବିତା ନିର୍ଦ୍ଦିଷ୍ଟ ଶ୍ରେଣୀର ପାଠକଙ୍କ ପାଇଁ ରଚିତ ହୋଇଥାଏ। ସାଧାରଣ ମଣିଷର ଚେତନ ଶକ୍ତିକୁ ଏହା ଛୁଇଁ ପାରିନାହିଁ। ତଥାପି ସାହିତ୍ୟରେ ଏହାର ପରୀକ୍ଷା ଅନବରତ ଚାଲିଛି। ଗଦ୍ୟମୟତା ଏହାର ମୁଖ୍ୟ ବିଷୟ। ସାଧାରଣ ଭାବେ ତାର ଅନ୍ତସତ୍ତାକୁ ବୁଝିବା କଷ୍ଟସାଧ। ବାସ୍ତବ ସତ୍ୟଟି ହେଉଛି, ଏହା ପାଶ୍ଚାତ୍ୟ ସାହିତ୍ୟର ଆତ୍ମିକ ସତ୍ତାର ଅନୁକରଣ। ଆମର ନିଜସ୍ୱ ପ୍ରାୟତଃ ଏଥିରେ କିଛି ନାହିଁ। ଇଲିୟାଟୀୟ କାବ୍ୟ ଦୃଷ୍ଟିରୁ ଏହା ମୋହାବିଷ୍ଟ ।

ପଦ୍ମଶ୍ରୀ ସଚ୍ଚି ରାଉତରାୟଙ୍କଠାରୁ ଅଦ୍ୟାବଧି ଅନେକ କବିତା ଏହି ଧାରାରେ ରଚନା କରାଯାଇଛି। ହୁଏତ ସବୁ କବିତା ଏହି ଧାରାର ଅନ୍ତର୍ଭୁକ୍ତ ନୁହନ୍ତି । କହିବାକୁ ଗଲେ ଉତ୍ତର ଆଧୁନିକ କବିତା ଦୁର୍ବୋଧତା ବିରୋଧରେ ଏକ ପ୍ରତିବାଦ। ପାଠକ ଓ ଲେଖକଙ୍କ ମଧ୍ୟରେ ଦୂରତା ହ୍ରାସ କରିବାର ଏକ ପ୍ରୟାସ। ପାଠକର ନିକଟତର ହେବାକୁ କବିଟିର ଏହା ପ୍ରଥମ ଅଭିଳାଷ। ଉତ୍ତର ଆଧୁନିକ କବିତା – ସମାଜର ପ୍ରତିନିଧିଟିଏ। ଏହା କୌଣସି ବ୍ୟକ୍ତିର ଜାଗିର ନୁହେଁ, ବରଂ ଏହା ସର୍ବଜନାଦୃତ ସ୍ରୋତଟିଏ । ଗୋଟିଏ ଅର୍ଥରେ କହିଲେ ପାଠକର ଗ୍ରହଣୀୟତା ହିଁ ଉତ୍ତର ଆଧୁନିକତା। କବିଟିଏ କେବେ ବି ଅହଂକାରୀ ନହେଉ ଏହି ମୂଳତତ୍ତ୍ୱକୁ ଉତ୍ତର ଆଧୁନିକ କବିତା ବଖାଣିଥାଏ।

ରହସ୍ୟମୟତାକୁ ପରିତ୍ୟାଗ କରି ବାସ୍ତବତାରେ ସେ ବିଶ୍ୱାସ କରେ। ମାଟି ପ୍ରତି ଅହେତୁକ ମୋହ ଉତ୍ତର ଆଧୁନିକ କବିତାର ପ୍ରମୁଖ ବିଭବ। ଆଧ୍ୟାତ୍ମିକତା ଅପେକ୍ଷା ଜୀବନ ଜଗତ ଉପରେ ଅଧିକ ଗୁରୁତ୍ୱ ଦିଆ ଯାଇଥାଏ। ଉତ୍ତର ଆଧୁନିକ କବିଟିଏ କେବଳ ଅନ୍ୟର ଇଚ୍ଛା ଅଭୀପ୍ସାକୁ କୋଳାଗ୍ରତ କରିଛି । ଆତ୍ମସଚେତନ ହୋଇ ଆତ୍ମ ଆବିଷ୍କାରକ ହେବା କବି ପାଇଁ ଏକ ସଂକେତ ଆଣିଛି। କାରଣ ଉତ୍ତର ଆଧୁନିକ କବିତାରେ କବିତା ନିଜସ୍ୱ ଚେତନାର ଅଭିବ୍ୟକ୍ତି ସାଜିଥାଏ । ସମାଜ ସହିତ ତା'ର ସଂପୃକ୍ତି, ପାରିପାର୍ଶ୍ୱିକ ପରିବେଶ ପ୍ରତି ଆସକ୍ତି, ନିଜ ଭିତରେ ଅନ୍ୟର ଅନ୍ୱେଷଣ, ଅନ୍ୟ ପ୍ରତି ନିଜର ଅନ୍ତରଙ୍ଗତା, ବିଶେଷ ଭାବରେ ହୃଦୟଶୀଳତା ହିଁ ଏହାର ପ୍ରକୃତ ଉତ୍ସ।

ଉତ୍ତର ଆଧୁନିକ କବି କେବେ ବି ପଳାୟନବାଦୀ ନୁହେଁ। ଜୀବନର ବିବିଧ କ୍ଷେତ୍ରକୁ ସାମ୍ନା ବି କରେ, ତା'ର ସମାଧାନର ବାଟ ବି ଫିଟାଏ। ପରମ୍ପରାକୁ ପୁନଃ ଭାବରେ ଗଢ଼ି ତୋଳେ। ଏହି ଧାରାର କବିଟିଏ ନୂତନ ସାଂସ୍କୃତିକ, ଐତିହାସିକ ଓ ନୈତିକ ଭିତ୍ତିଭୂମିକୁ ସୁଦୃଢ଼ କରେ। ବିଶ୍ୱାସ ରଖେ - ବ୍ୟକ୍ତିର ସ୍ୱତନ୍ତ୍ରତାରେ ଏବଂ ସାଧାରଣ ମଣିଷର ଅନ୍ତସତ୍ତାରେ। ଆତ୍ମିକ ଆବେଦନ ହିଁ କବିତାଟିକୁ ପୂର୍ଣ୍ଣ ରୂପ ପ୍ରଦାନ କରିଥାଏ। ଆଧୁନିକ କବିତାର ସମସ୍ତ ସଂଜ୍ଞାକୁ ଉତ୍ତର ଆଧୁନିକ କବିତା ବିଶ୍ୱାସ କରେନାହିଁ। ବ୍ୟକ୍ତି ସତ୍ତା ଜୀବନ ଜିଜ୍ଞାସା ସହ ସମାହିତ ହୋଇ ଏଥିରେ ଅଭିବ୍ୟକ୍ତ ହୁଏ । ଏହାର କାବ୍ୟିକ ସ୍ୱର କରୁଣା ବିଚଳିତ, କୋମଳତାରେ ସ୍ନିଗ୍ଧତା, ହୃଦୟବତ୍ତା, ଅନ୍ତରଙ୍ଗତା କାବ୍ୟିକ ଚେତନାର ଭୂମି ହୋଇ ଥିବାରୁ ପାଠକଙ୍କୁ ଖୁବ୍ ସ୍ପର୍ଶ କରିପାରେ। କବିତାରେ ଈଶ୍ୱର ଅପେକ୍ଷା ମଣିଷ, ଆଧ୍ୟାତ୍ମିକତା ଅପେକ୍ଷା ମାନବିକତା, ପଳାୟନ ଅପେକ୍ଷା ପରିଗ୍ରହଣତା ଅଧିକ ସଂଗଠିତ ହୋଇଛି। ଉତ୍ତର ଆଧୁନିକ କବିତା ନିଃସଙ୍ଗତା, ବୀତସ୍ପୃହତା, ସ୍ୱପ୍ନ ଭଙ୍ଗରେ ଆଦୌ ଭରସା କରେ ନାହିଁ। ଉତ୍ତର ଆଧୁନିକ କବିତା ଅନ୍ଧାର ଭିତରେ ଏକ ଆଲୋକର ଅନ୍ୱେଷଣ କରେ।

ଲଣ୍ଡନ ପୋଲ ଭାଙ୍ଗି ଯିବାର ଏକ ପୁରୋଦୃଷ୍ଟି ସମ୍ପନ୍ନ ପ୍ରତୀକାତ୍ମକ ବିବିଧତା ଉତ୍ତର ଆଧୁନିକ କବିକୁ କେବେ ବି ବ୍ୟତିବ୍ୟସ୍ତ କରିନାହିଁ। ବର୍ଣ୍ଣବୈଷମ୍ୟ, ମଦମୃତ୍ୟୁ, ବିସ୍ଥାପିତଙ୍କ ଅସହାୟତା, କନ୍ଧମାଳର ଦଙ୍ଗା, ଭଣ୍ଡବାବା, ମହିଳାଙ୍କୁ ହତ୍ୟା – ଏହିଭଳି ନିଷ୍ପେଷିତ ଓ ନିପୀଡ଼ିତ ମାନବାତ୍ମର ସ୍ୱରକୁ ଏହା ବାରମ୍ବାର ଅନୁରଣିତ କରିଛି। ଏଗୁଡ଼ିକ ଉତ୍ତର ଆଧୁନିକ କବିତାର କେତେକ ଉପଜୀବ୍ୟ କାବ୍ୟବସ୍ତୁ।

ଉତ୍ତର ଆଧୁନିକ କବିଟିର ସାମ୍ୟବାଦୀ ଦୃଷ୍ଟି ତୀକ୍ଷ୍ଣ, ସ୍ପଷ୍ଟ, ସତ୍ୟନିଷ୍ଠ। ଏହା ହୃଦୟର ଏକ କାରୁଣିକ ଉପଲବ୍ଧ। ଅନ୍ୟର ଦୁଃଖ ଓ ଉତ୍ପୀଡ଼ନକୁ ନିଜ ଭିତରେ ଆତ୍ମସ୍ଥ କରିବାର ସମସ୍ତ ଭାବନା ତା ଭିତରେ ଉପଲବ୍ଧ କରିହୁଏ। ଉତ୍ତର ଆଧୁନିକ କବିତାର ସାମ୍ୟବାଦୀ ଦୃଷ୍ଟି ବିଶେଷ ଭାବେ ସହାନୁଭୂତି ସମ୍ପନ୍ନ, ଆନ୍ତରିକ, ବ୍ୟକ୍ତିପକ୍ଷ ଓ ଅଭିବ୍ୟକ୍ତି ପକ୍ଷ ଭିତରେ ସନ୍ତୁଳନଟିଏ ବେଶ ସ୍ପଷ୍ଟ। ସ୍ୱାଭାବିକ ଭାବେ ବ୍ୟକ୍ତିଗତ ସ୍ୱତନ୍ତ୍ର ଅନୁଭୂତି ଅନୁଭବର ସାଧାରଣୀକରଣ ମଧ୍ୟରେ ସମ୍ଭବ ହୋଇ ପାରିଛି। ଯଥାର୍ଥରେ ଏଗୁଡ଼ିକ ହିଁ ଉତ୍ତର ଆଧୁନିକ କବିତାର ଆତ୍ମିକ ଭାବବସ୍ତୁ। କିନ୍ତୁ ଏହାର ଆଙ୍ଗିକ ଶୈଶବ ଆତ୍ମା ସହିତ ସଂପୃକ୍ତ।

ଜଣେ ବିଶିଷ୍ଟ କବିଙ୍କ ଭାଷାରେ କବିର ଆଙ୍ଗିକ ହିଁ ଆତ୍ମିକ। ଯେଉଁଥିରେ ଭାବଟି ଗମ୍ଭୀର ଥିବ, କିନ୍ତୁ ଅଙ୍ଗ ଯଦି ଦୁର୍ବଳ ହେବ ତେବେ ତାହା ସଫଳ କବିତା ସୃଷ୍ଟି କରିବା ଅସମ୍ଭବ । ଶବ୍ଦଚିତ୍ର ପ୍ରୟୋଗ ଆଜିର ନୁହେଁ। ମାଟିର ମହାକବି ଶୁଦ୍ରମୁନି ଶାରଳା ଦାସଙ୍କଠାରୁ ଏପର୍ଯ୍ୟନ୍ତ ଏହା କବିତାର ପ୍ରମୁଖ ବିଭବ। ଶବ୍ଦଚିତ୍ର ହିଁ କାବ୍ୟିକ ଭାବାବେଗକୁ ସାନ୍ଦ୍ର କରିଥାଏ । ଶବ୍ଦର ଚୁମ୍ବକୀୟ ଶକ୍ତି ଦ୍ୱାରା ଚିତ୍ରଟି ଆମ ଅନ୍ତରର ଗଭୀରତାକୁ ସ୍ପର୍ଶ କରିଥାଏ। ଚିତ୍ରକଳ୍ପଟିଏ ତ ଆମର ମନନ ଶୀଳତାକୁ ଖୋରାକ ଯୋଗାଇ ଥାଏ। ମାତ୍ର ଅତ୍ୟଧିକ ବିମ୍ବ ପ୍ରୟୋଗ ଦ୍ୱାରା କବିତାକୁ ନିମ୍ନଗାମୀ କରି ଗଢ଼ି ତୋଳେ। ବିଶ୍ୱବ୍ୟାପୀ କାବ୍ୟାଦର୍ଶକୁ ଅନୁକରଣ ଗୁଡ଼ାଏ ଅଯୌକ୍ତିକ ଶବ୍ଦଚିତ୍ର ନିର୍ମାଣ କରିବାର ମାର୍ଗ ଦେଖାଉଛି। ଆତ୍ମଦର୍ଶୀ ସମାଲୋଚକଙ୍କ ଉତ୍ସାହ ପାଇଁ ସିଧାସଳଖ କଥା କହିବାର ଯେଉଁ ଶୈଳୀ ଆମେ ଗ୍ରହଣ କରିବା ଆରମ୍ଭ କରିଛେ, ସେଥିରେ ବିମ୍ବ ତ ରହିବ, ହେଲେ ତାହା କବିତାକୁ ଭାରାକ୍ରାନ୍ତ କରିବ ନାହିଁ । କବି ବିଶ୍ୱର ଆଶ୍ରୟ ନେଇ ବାସ୍ତବ ସତ୍ୟକୁ କେବେ ବି ପ୍ରତାରିତ କରି ପାରିବ ନାହିଁ। ଗୋଟିଏ ବାକ ବିମ୍ବରେ ଯାହା ସତ୍ୟ ତାହାକୁ ସ୍ପଷ୍ଟ ଭାବେ ପ୍ରକାଶ କରିବ। ଏହି ଧର୍ମରେ ଉତ୍ତର ଆଧୁନିକ କବିତା ଇନ୍ଦ୍ରିୟବୋଧ ଓ ଭାବର ସଂପ୍ରସାରଣ ହରାଇ ନାହିଁ। ଏହି କବିତା ଧୀରେ ଧୀରେ ଜଟିଳତାରୁ କିପରି ମୁକ୍ତ ହେବାକୁ ତା'ର ପ୍ରୟାସ ଆରମ୍ଭ କରିଛି। କବିତା ସର୍ବଦା ସ୍ୱୟଂ ସଂପୂର୍ଣ୍ଣ। ଶବ୍ଦଚିତ୍ର ଓ କଥାକଳ୍ପ ଯେ ଉତ୍ତର ଆଧୁନିକ କବିତାରେ ନାହିଁ, ତାହା କହିହେବ ନାହିଁ । କିନ୍ତୁ ତାହା ସାର୍ବଜନୀନତା ଓ ବୋଧଗମ୍ୟତାକୁ ବଜାଇ ରଖିଛି । ସାଧାରଣ ଜୀବନରୁ ତଥ୍ୟ ଆହରଣ କରି ଏହାର ସାର୍ବଜନୀନତା ସର୍ବୋତ୍କୃଷ୍ଟ ହୋଇ ପାରିଛି । ଭାଷା ଓ ଭାବର ସରଳତା, ସ୍ୱଚ୍ଛନ୍ଦତା ଉତ୍ତର ଆଧୁନିକ କବିତାର ଅନ୍ୟତମ ମୁଖ୍ୟ ବୈଶିଷ୍ଟ୍ୟ।

ଉତ୍ତର ଆଧୁନିକ କବିତାର କବି ଚେତନାରେ ଯେଉଁ ଶବ୍ଦଚିତ୍ର ନିର୍ମାଣ କରେ, ସେହି ବିମ୍ବ ଆମ ଭାବବିଶ୍ୱରେ ସହଜରେ ପ୍ରତିଫଳିତ କରେ। ଆମ କଳ୍ପନାର ପରିସରକୁ ପରିବ୍ୟାପ୍ତ କରେ। କବିର ଏକ ପୂର୍ଣ୍ଣାଙ୍ଗ ରୂପରେଖ ତିଆରି କରିବା ସହ ଅନୁଭବକୁ ଏକ ଶାବ୍ଦିକ ଗୁଣ ପ୍ରଦାନ କରେ। ଉତ୍ତର ଆଧୁନିକ କବିତା କବିର ମାନସିକ ଅନ୍ତଃସ୍ୱର ହୋଇ ଥିବାରୁ ରୂପ ବିନ୍ୟାସ ଅପେକ୍ଷା ଭାବ ବିନ୍ୟାସକୁ ଯଥେଷ୍ଟ ଗୁରୁତ୍ୱ ଦିଏ।

ଉତ୍ତର ଆଧୁନିକ କବିତା ବୁଦ୍ଧିର ବିପ୍ଳବ ନୁହେଁ। ଏହା ହୃଦୟର ବିପ୍ଳବ। ଉତ୍ତର ଆଧୁନିକ କବିତା ସିଧା ସଳଖ ହୃଦୟକୁ ଛୁଏଁ। ଭାଷାର ଆନୁଷ୍ଠାନିକତାରୁ ଏହା ଅନେକ ପରିମାଣରେ ବିମୁକ୍ତ। ଆଲଙ୍କାରିକ ଆଟୋପ ନାହିଁ ସତ, ଅଛି ଏଥିରେ ନିଷ୍କପଟ ସ୍ୱାଭାବିକତା। ସର୍ବଶେଷରେ ଉତ୍ତର ଆଧୁନିକ କବିତା ଏକ ଅନୁଶୀଳନାତ୍ମକ ଆଲେଖ୍ୟ। ବିବିଧତାରେ ବିଶ୍ୱାସ କରୁଥିବା ଏହି କବିତା, ଆଙ୍ଗିକର ବିବିଧତାକୁ ମଧ ସମ୍ମାନର ସହ ଗ୍ରହଣ କରିଥାଏ। ■

ଅଧ୍ୟାପିକା
ମହାପୁରୁଷ ହାଡ଼ିଦାସ ମହାବିଦ୍ୟାଳୟ
ଛତିଆ, ଯାଜପୁର
ମୋ: ୯୪୩୭ ୯୫୭ ୬୧୭

### ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୪୯ ● ପାଉଣ୍ଡ ୧୧୯.୬୧
- ୟୁରୋ ୧୦୩.୮୭ ● ୟେନ୍ ୦.୬୨


### ସୁନା, ରୁପା ଦର (ଟଙ୍କାରେ)



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୦୨,୦୦୦ (ଭୁବନେଶ୍ୱର)
- ରୁପା : ୧,୪୨,୦୦୦ (କେଜି)



### ଷ୍ଟକ୍ ମାର୍କେଟ୍



ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୧,୯୦୪.୦୦
- ନିଫ୍ଟି ୨୫,୧୧୪.୦୦

### ପେଟ୍ରୋଲ-ଡିଜେଲ୍



ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦

# ଭାରତ ପାଇଁ କାହିଁକି ଜରୁରୀ ନେପାଳ

ନୂଆଦିଲ୍ଲୀ, ୧୩।୯ (ଏଜେନ୍ସି): ଭାରତର ଗୋଟିଏ ପରେ ଗୋଟିଏ ପଡ଼ୋଶୀ ରାଷ୍ଟ୍ରର ସରକାର ଭୁଶୁଡିବାରେ ଲାଗିଛି। ପ୍ରଥମେ ଶ୍ରୀଲଙ୍କା, ପରେ ପାକିସ୍ତାନ, ବାଂଲାଦେଶ ଏବଂ ଏବେ ନେପାଳରେ ସମାନ ସ୍ଥିତି ରହିଛି। ପୂର୍ବତନ ମୁଖ୍ୟ ବିଚାରପତି ସୁଶୀଳା କାର୍କି କାମଚଳା ପ୍ରଧାନମନ୍ତ୍ରୀ ନିଯୁକ୍ତ ହୋଇଛନ୍ତି। ଭାରତ ସରକାର ଏଠାକାର ସ୍ଥିତି ଉପରେ ତୀକ୍ଷଣ ନଜର ରଖିଛନ୍ତି। ଏହି ଦେଶ ସହ ଭାରତର 'ରୋଟି-ବେଟି' ସମ୍ପର୍କ ପରି। ଭାରତ ଏହି ଦେଶକୁ ପେଟ୍ରୋଲ ଏବଂ ଡିଜେଲ ଯୋଗାଣ କରୁଛି। ଉଭୟ ଦେଶ ମଧ୍ୟରେ ଖୋଲା ସୀମା ରହିଛି। ବିନା ଦ୍ୱିଧାରେ ଲୋକେ ପରସ୍ପରର ଅଞ୍ଚଳକୁ ଯାଉଛନ୍ତି। କିନ୍ତୁ ଜେନ୍-ଜେଡ୍ ଆନ୍ଦୋଳନ ଯୋଗୁଁ ଭାରତ ସୀମା ବନ୍ଦ କରିଦେଇଛି।

ରିପୋର୍ଟ ଅନୁଯାୟୀ ୩୫ ଲକ୍ଷ ନେପାଳୀ ଭାରତରେ କାମ କରୁଛନ୍ତି କିମ୍ବା ରହୁଛନ୍ତି। ନେପାଳର ୩୨ ହଜାର ଗୋରଖା ସୈନିକ ଭାରତୀୟ ସେନାରେ ମୁତୟନ ଅଛନ୍ତି। ଏଥିପାଇଁ ଏକ ସ୍ୱତନ୍ତ୍ର ଚୁକ୍ତି ହୋଇଛି। ଏହା ସହିତ ଭାରତ ଏବଂ ଚୀନ୍ ମଧ୍ୟରେ ନେପାଳ ବଫର ରାଷ୍ଟ୍ର ଭଳି କାମ କରୁଛି। ଏଥିରୁ ଭାରତ ପାଇଁ ନେପାଳର ଗୁରୁତ୍ୱ କିଭଳି ତାହା ବୁଝା ପଡୁଛି। ନେପାଳ ଏକ ହିନ୍ଦୁ ବହୁଳ ରାଷ୍ଟ୍ର। ସୀମାର ଉଭୟ ପାର୍ଶ୍ୱରେ ରହୁଥିବା ଲୋକଙ୍କ ମଧ୍ୟରେ ଗଭୀର ପାରିବାରିକ ସମ୍ବନ୍ଧ ରହିଛି। ଲୋକେ ବିନା ଭିସା ଏବଂ ପାସପୋର୍ଟରେ ଉଭୟ ଦେଶକୁ ଯାଇପାରୁଛନ୍ତି। ପ୍ରତି ବର୍ଷ ଲକ୍ଷାଧିକ ହିନ୍ଦୁ ଶ୍ରଦ୍ଧାଳୁ ଭାରତ ଯାଉଛନ୍ତି।



ନେପାଳ ଭାରତର ସବୁଠୁ ବଡ଼ ବ୍ୟାବସାୟିକ ସହଯୋଗୀ। କିନ୍ତୁ ଦୀର୍ଘ ଦିନ ପର୍ଯ୍ୟନ୍ତ ରାଜନୈତିକ ଅସ୍ଥିରତା ରହିଲେ ଯୋଗାଣ ଶୃଙ୍ଖଳ ପ୍ରଭାବିତ ହୋଇପାରେ। ରପ୍ତାନୀ ଉପରେ ଏହାର ପ୍ରଭାବ ପଡ଼ିପାରେ। ଗତ ବର୍ଷ ନେପାଳକୁ ଭାରତ ମଧ୍ୟରେ ୭.୩୨ ବିଲିୟନ ଡଲାରର ସାମଗ୍ରୀ ରପ୍ତାନୀ କରିଥିଲା। ତେବେ ଭାରତକୁ ଏହି ଦେଶ ୧.୨ ବିଲିୟନ ଡଲାରର ସାମଗ୍ରୀ ପଠାଇ ଥିଲା। ଏଭଳି ସ୍ଥିତିରେ ଭାରତ ବାଣିଜ୍ୟ କ୍ଷେତ୍ରରେ ଲାଭରେ ରହିଛି। ୨୦୨୪ରେ ଭାରତର ରପ୍ତାନୀ ୭ ବିଲିୟନ ଡଲାର ଏବଂ ଆମଦାନୀ ୦.୮୩୧ ବିଲିୟନ ଡଲାର ଥିଲା। ଭାରତ ଗତ ବର୍ଷ ନେପାଳକୁ ୭୮୧.୭ ନିୟୁତ ଡଲାରର ଆଇରନ ଆଣ୍ଡ ଷ୍ଟିଲ, ୬୩୧.୩ ନିୟୁତ ଡଲାରର ମେସିନାରୀ ଆଣ୍ଡ ଇକ୍ୱିପମେଣ୍ଟସ, ୩୬୪.୫ ନିୟୁତ ଡଲାରର ଟ୍ରାନ୍ସପୋର୍ଟ ଇକ୍ୱିପମେଣ୍ଟ, ୩୦୮.୧ ନିୟୁତ ଡଲାରର ଫେରସ ଆଣ୍ଡ ନନ୍-ଫେରସ ମେଟାଲ ଏବଂ ୨୯୦.୭ ନିୟୁତ ଡଲାରର ଔଷଧ, ଫାର୍ମାସିଟ୍ୟିକାଲ୍ସ ଆଣ୍ଡ ଫାଇନ କେମିକାଲ୍ସ ପଠାଇ ଥିଲା।

# ମସ୍କ ପୁଣି ବିଶ୍ୱର ସୁବୁଠୁ ବଡ଼ ଧନୀ

- ୧୮ ତମ ସ୍ଥାନରେ ମୁକେଶ ଅମ୍ବାନୀ
- ଟପ୍-୨୦କୁ ଫେରିଲେ ଗୌତମ ଆଦାନୀ

ୱାସିଂଟନ, ୧୩।୯ (ଏଜେନ୍ସି): ଶିଳ୍ପପତି ପୁଣି ବିଶ୍ୱର ସବୁଠାରୁ ଧନୀ ବ୍ୟକ୍ତି ହୋଇଛନ୍ତି। ସେ ନିଜ ସ୍ଥିତିକୁ ପୂର୍ବାପେକ୍ଷା ଅଧିକ



ମଜବୁତ କରିଦେଇଛନ୍ତି। କିଛି ଦିନ ତଳେ ଓରାକଲ ଫାଉଣ୍ଡର ଲ୍ୟାରୀ ଏଲିସନ ତାଙ୍କୁ ପଛରେ ପକାଇ ବିଶ୍ୱର ସବୁଠୁ ଧନୀ ବ୍ୟକ୍ତି ହୋଇଥିଲେ। କିନ୍ତୁ ଗତ ଦୁଇ ଦିନ ହେଲା ମସ୍କଙ୍କ ସମ୍ପତ୍ତି ଅହେତୁକ ବୃଦ୍ଧି ପାଇଛି। ତାଙ୍କ ସମ୍ପତ୍ତି ୩୫ ବିଲିୟନ ଡଲାର ବୃଦ୍ଧି ପାଇଛି। ଏଥିସହିତ ମସ୍କଙ୍କ ମୋଟ ସମ୍ପତ୍ତି ୪୧୯ ବିଲିୟନ ଡଲାରରେ ପହଞ୍ଚି ଯାଇଛି। ବିଶ୍ୱର ପ୍ରଥମ ବ୍ୟକ୍ତି ଭାବେ ତାଙ୍କ ସମ୍ପତ୍ତି ୪୦୦ ବିଲିୟନ ଡଲାର ପାର କରିଛି। ଚଳିତ ବର୍ଷ ତାଙ୍କ ସମ୍ପତ୍ତି ୧୩.୮ ବିଲିୟନ ଡଲାର ହ୍ରାସ ପାଇଥିଲା। ଏବେ ଏଲିସନଙ୍କ ମୋଟ ସମ୍ପତ୍ତି ୩୪୯ ବିଲିୟନ ଡଲାର ରହିଛି। ଶୁକ୍ରବାର ଏହା ୧୪.୫ ବିଲିୟନ ଡଲାର ହ୍ରାସ ପାଇଥିଲା। ତେବେ ଚଳିତ ବର୍ଷ ତାଙ୍କ ସମ୍ପତ୍ତି ୧୫୭ ବିଲିୟନ ଡଲାର ବୃଦ୍ଧି ପାଇଛି। ସେହିପରି ମେଟା ସିଇଓ ମାର୍କ ଜୁକରବର୍ଗଙ୍କ ସମ୍ପତ୍ତି ୨୬୫ ବିଲିୟନ ଡଲାରରେ ପହଞ୍ଚି ଯାଇଛି। ଏବେ ସେ ବିଶ୍ୱ ଧନୀ ତାଲିକାର ତୃତୀୟ ସ୍ଥାନରେ ଅଛନ୍ତି। ଏହା ପଛକୁ ୨୫୦ ବିଲିୟନ ଡଲାରର ସମ୍ପତ୍ତି ସହ ଜେଫ୍ ବେଜୋସ ରହିଛନ୍ତି। ଭାରତ ତଥା ଏସିଆର ସବୁଠୁ ବଡ଼ ଧନୀ ମୁକେଶ ଅମ୍ବାନୀଙ୍କ ମୋଟ ସମ୍ପତ୍ତି ୯୮.୯ ବିଲିୟନ ଡଲାର ରହିଛି। ସେ ଏହି ତାଲିକାର ୧୮ ତମ ସ୍ଥାନରେ ଅଛନ୍ତି। ଚଳିତ ବର୍ଷ ତାଙ୍କ ସମ୍ପତ୍ତି ୮.୨୫ ବିଲିୟନ ଡଲାର ବଢ଼ିଛି। ସେହିପରି ଆଦାନୀ ଗ୍ରୁପ୍‌ର ଅଧ୍ୟକ୍ଷ ଗୌତମ ଆଦାନୀ ବିଶ୍ୱ ଧନୀ ତାଲିକାର ଟପ୍-୨୦କୁ ଫେରିଛନ୍ତି। ଏବେ ତାଙ୍କ ସମ୍ପତ୍ତି ୮୨.୧ ବିଲିୟନ ଡଲାର ରହିଛି। ଶୁକ୍ରବାର ଏହା ୩.୪୪ ବିଲିୟନ ଡଲାର ବୃଦ୍ଧି ପାଇଥିଲା। ତେବେ ବିଶ୍ୱର ପ୍ରମୁଖ ୨୦ ଧନୀଙ୍କ ମଧ୍ୟରେ ଆମେରିକାର ୧୪ ଜଣ ବ୍ୟବସାୟୀ ସାମିଲ ଅଛନ୍ତି।

# ଟିପିସିଓଡିଏଲ୍ ପକ୍ଷରୁ ନୟାଗଡ଼ରେ ୬୬ ଭାଗ୍ୟଶାଳୀ ଉପଭୋକ୍ତା ପୁରସ୍କୃତ

ଭୁବନେଶ୍ୱର, ୧୩।୯ (ସମିସ): ଟାଟା ପାୱାର ଓ ଓଡ଼ିଶା ସରକାରଙ୍କ ଯୌଥ ଉଦ୍ୟୋଗ ଟିପି ସେଣ୍ଟ୍ରାଲ ଓଡ଼ିଶା ଡିଷ୍ଟ୍ରିବ୍ୟୁସନ୍ ଲିମିଟେଡ୍ (ଟିପିସିଓଡିଏଲ୍) ପକ୍ଷରୁ ନୟାଗଡ଼ ଡିଭିଜନରେ ଆୟୋଜିତ ଏକ ସ୍ୱତନ୍ତ୍ର ପୁରସ୍କାର ବିତରଣ ସମାରୋହରେ 'ବିଲ୍ ପେ ଆଣ୍ଡ ୱିନ୍ ସ୍କିମ୍' ଅଧୀନରେ ୬୬ ଜଣ ଭାଗ୍ୟଶାଳୀ ଗ୍ରାହକଙ୍କୁ ସମ୍ବର୍ଦ୍ଧିତ କରାଯାଇଛି। ବକେୟା ନ ଥିବା ଯୋଗ୍ୟ ଗ୍ରାହକମାନଙ୍କୁ ଏକ ଲକି ଡ୍ର' ଜରିଆରେ ଚୟନ କରାଯାଇଥିଲା। ସେମାନଙ୍କୁ ମୋବାଇଲ୍



ଫୋନ୍ ଓ ଅନ୍ୟାନ୍ୟ ଆକର୍ଷଣୀୟ ପୁରସ୍କାର ଦିଆଯାଇଥିଲା। ଏହି ସ୍କିମ୍ ଠିକ୍ ସମୟରେ ବିଲ୍ ପୈଠକୁ ପ୍ରୋତ୍ସାହିତ କରୁଥିବା ବେଳେ ମୂଲ୍ୟବାନ ଗ୍ରାହକଙ୍କୁ ମାନ୍ୟତା ଦେବା ପାଇଁ ଏକ ମଞ୍ଚ ପ୍ରଦାନ କରିଥିଲା।ଏଭଳି ଅଭିଯାନରେ ଭରସାଯୋଗ୍ୟ ବିଦ୍ୟୁତ୍ ଯୋଗାଣଠାରୁ ଆଗକୁ ବଢ଼ି ଟିପିସିଓଡିଏଲ୍ ଗ୍ରାହକମାନଙ୍କ ସହ ଦୃଢ଼ ସମ୍ପର୍କ ସ୍ଥାପନ କରୁଛି। 'ବିଲ୍ ପେ ଆଣ୍ଡ ୱିନ୍ ସ୍କିମ୍' ହେଉଛି ବିଭିନ୍ନ ଡିଭିଜନରେ କାର୍ଯ୍ୟକାରୀ କରାଯାଇଥିବା ଅନେକ କାର୍ଯ୍ୟକ୍ରମ ମଧ୍ୟରୁ ଅନ୍ୟତମ। ଏହା ଗ୍ରାହକ ସନ୍ତୁଷ୍ଟି ଓ ଗୋଷ୍ଠୀ ବିକାଶ ଉପରେ କମ୍ପାନୀର ପଦକ୍ଷେପକୁ ଦର୍ଶାଉଛି।

# କେନ୍‌ଷ୍ଟାର ଆଣିଲା ନେକ୍ସଟ-ଜେନ ୫ଷ୍ଟାର ୱାଟର ହିଟର

ମୁମ୍ବାଇ, ୧୩।୯ (ସମିସ): ଭାରତର ସବୁଠୁ ବିଶ୍ୱସନୀୟ ବ୍ରାଣ୍ଡ କେନ୍‌ଷ୍ଟାର ଶନିବାର ନିଜର ନେକ୍ସଟ-ଜେନ୍ ୫ ଷ୍ଟାର ୱାଟର ହିଟରର ବଜାର ପ୍ରବେଶ କରିଛି। ଏହି ଅବସରରେ କେନଷ୍ଟାର 'ବାଥ ବନ ଜାଏ' ଅଭିଯାନ ଆରମ୍ଭ କରାଯାଇଛି। ଏହା ବଜାରରେ ଥିବା ଅନ୍ୟ ୱାଟର ହିଟର ତୁଳନାରେ




୨୦ ପ୍ରତିଶତ ଅଧିକ ଗରଣ ପାଣି ପ୍ରଦାନ କରିଥାଏ। ଏଥିରେ ଲାଗିଥିବା ଉଚ୍ଚ-ସାନ୍ଦ୍ରତାଯୁକ୍ତ ପିୟୁଏଫ ଇନସ୍ୟୁଲେସନ ୧୦%ରୁ ଅଧିକ ଉତ୍ତାପ ଗ୍ରହଣକୁ ସୁନିଶ୍ଚିତ କରିଥାଏ। ଏଥିରେ ଜର୍ମାନ ବ୍ଲୁ ସାଫାୟାର ଜ୍ଞାନକୌଶଳ ବ୍ୟବହାର କରାଯାଇଛି। ଏହାର ସ୍ଥାୟୀତ୍ୱ ଅଧିକ ରହିବ। ଏହି ବର୍ଗରେ ୫-ଷ୍ଟାର ବିଇଇ ରେଟ୍ ରହିଛି। ଏହା ଅଧିକ ବିଦ୍ୟୁତ ବିଲ୍ ସଞ୍ଚୟକୁ ଦର୍ଶାଉଛି। ଏହାର ଟାଙ୍କି ଉପରେ ୭ ବର୍ଷର ୱାରେଣ୍ଟି ରହିଛି। ଏହା ସ୍ଥାୟୀତ୍ୱ, ଦକ୍ଷତା ଏବଂ ଗ୍ରାହକ ସନ୍ତୁଷ୍ଟିର ଗ୍ୟାରେଣ୍ଟି ମଧ୍ୟ ଦେଉଛି। କମ୍ପାନୀ ୩ରୁ ୧୦୦ ଲିଟର କ୍ଷମତା ପର୍ଯ୍ୟନ୍ତ ୱାଟର ହିଟର ଆଣିଛି। ଏଥିରେ ଷ୍ଟୋରେଜ ୱାଟର ହିଟର, ଇନଷ୍ଟାଣ୍ଟ ୱାଟର ହିଟର, ଟ୍ୟାଙ୍କଲେସ ୱାଟରହିଟର, ଗ୍ୟାସ ୱାଟର ହିଟର ତଥା ଇମର୍ସନ ରଡ଼ ରହିଛି।

# ଉତ୍କଳ କନିକା ଗ୍ୟାଲେରିଆ ମଲ୍‌ରେ 'ଇଣ୍ଡୋ-ଏରା'ର ନୂଆ ଷ୍ଟୋର



ଭୁବନେଶ୍ୱର, ୧୩।୯ (ସମିସ):ଏଠାକାର କଳ୍ପନା ଛକ ସ୍ଥିତ ଉତ୍କଳ କନିକା ଗ୍ୟାଲେରିଆ ମଲ୍‌ରେ 'ଇଣ୍ଡୋ-ଏରା'ର ନୂଆ ଷ୍ଟୋର ଉଦ୍‌ଘାଟିତ ହୋଇଯାଇଛି। ପୂର୍ବରୁ ଗୁଜୁରାଟରେ ୫ଟି, ପଶ୍ଚିମବଙ୍ଗରେ ଗୋଟାଏ ଷ୍ଟୋର ଥିବା ବେଳେ ଓଡିଶାର ଭୁବନେଶ୍ୱରରେ ଏହା ପ୍ରଥମ। ଆସନ୍ତା ୧୦ ତାରିଖରେ ଦିଲ୍ଲୀରେ ଆଉ ଏକ ଷ୍ଟୋର ଖୋଲାଯିବ। ଏହି ଷ୍ଟୋରରେ କେବଳ ମହିଳା ପୋଷାକ ଉପଲବ୍ଧ ହେବ। ଏଠାରେ କୁର୍ତ୍ତା, ଫ୍ୟାନ୍ସି କୁର୍ତ୍ତା, ସିଙ୍ଗଲ କୁର୍ତ୍ତା, ସାରାରା,କୋର୍ଟ ପରି ଅନେକ ଡିଜାଇନର ପୋଷାକ ରହିଛି। ୧୪୯୯ରୁ ନେଇ ୫୯୯୯ ଟଙ୍କା ପର୍ଯ୍ୟନ୍ତର ପୋଷାକ ଏଠାରେ ଉପଲବ୍ଧ। ସବୁ ପ୍ରକାରର ଫ୍ୟାଶନ, କଲର୍ଚର, ଲାଇଫଷ୍ଟାଇଲ ପୋଷାକ ଏଠାରେ ଉପଲବ୍ଧ ହେବ। ଆଗାମୀ ଦିନରେ ସାରା ଭାରତର ପ୍ରତ୍ୟେକ ସହରରେ ଇଣ୍ଡୋ-ଏରା'ର ଷ୍ଟୋର ଖୋଲିବ ବୋଲି ସଂସ୍ଥା ପକ୍ଷରୁ କୁହାଯାଇଛି।

# ରାୟଗଡ଼ାରେ ଫିଟ୍‌ନେସ ପାର୍କ ଉଦ୍‌ଘାଟନ କଲା ବେଦାନ୍ତ ଆଲୁମିନିୟମ

ଭୁବନେଶ୍ୱର, ୧୩।୯ (ସମିସ): ଭାରତର ସର୍ବବୃହତ ଆଲୁମିନିୟମ ଉତ୍ପାଦକ ବେଦାନ୍ତ ଆଲୁମିନିୟମ ରାୟଗଡ଼ାର ହାତମୁନିଗୁଡ଼ାରେ ଥିବା ରାମକୃଷ୍ଣ ମିଶନ ଆଶ୍ରମ ସ୍କୁଲର ୭୦୦ ଛାତ୍ରଛାତ୍ରୀଙ୍କ ପାଇଁ ଏକ ଉତ୍ସର୍ଗୀକୃତ ଫିଟନେସ୍-କମ୍-ଆମ୍ୟୁଜମେଣ୍ଟ ପାର୍କ ବିକଶିତ କରିଛି। ବିଭିନ୍ନ ପ୍ରକାରର ଖେଳ ଏବଂ ଫିଟନେସ୍ ସୁବିଧା ସହିତ ସଜ୍ଜିତ ଏହି ପାର୍କଟି ଶାରୀରିକ କାର୍ଯ୍ୟକଳାପ, ମନୋରଞ୍ଜନ ଏବଂ ଛାତ୍ରଛାତ୍ରୀଙ୍କ ସାମଗ୍ରିକ ବିକାଶକୁ ପ୍ରୋତ୍ସାହିତ କରିବା ପାଇଁ ଡିଜାଇନ୍ କରାଯାଇଛି। ସ୍କୁଲ କର୍ତ୍ତୃପକ୍ଷଙ୍କ ଉପସ୍ଥିତିରେ ବେଦାନ୍ତ ସିଜିମାଲି



ବକ୍ସାଇଟ୍ ମାଇନ୍ସର ଉପାଧ୍ୟକ୍ଷ ଏବଂ ମୁଖ୍ୟ ପ୍ରତୀକ କୁମାର ଏହି ପାର୍କର ଉଦ୍‌ଘାଟନ କରିଥିଲେ। ଏହା ପରେ ଛାତ୍ରଛାତ୍ରୀ ଉତ୍ସାହର ସହିତ ସେଠାରେ ଅନେକ ସମୟ ଖେଳକୁଦ କରିଥିଲେ। ସ୍କୁଲଗୁଡ଼ିକୁ ଗୁରୁତ୍ୱପୂର୍ଣ୍ଣ ଭିତ୍ତିଭୂମି ସହିତ ସଜ୍ଜିତ କରି ବେଦାନ୍ତ ଆଲୁମିନିୟମ ଛାତ୍ରଛାତ୍ରୀଙ୍କ ଶୈକ୍ଷିକ ସଫଳତା ଏବଂ ସାମଗ୍ରିକ ବିକାଶକୁ ସମର୍ଥନ କରିବା ସହିତ ଏକ ଅନୁକୂଳ ଶିକ୍ଷା ପରିବେଶ ସୃଷ୍ଟି କରିବାକୁ ଲକ୍ଷ୍ୟ ରଖିଛି। ଓଡ଼ିଶା ସରକାରଙ୍କ ଦ୍ୱାରା ପ୍ରଦାନ କରାଯାଇଥିବା ୧୦୦ ଏକର ଜମିରେ ୨୦୦୮ ମସିହାରେ ପ୍ରତିଷ୍ଠିତ ରାମକୃଷ୍ଣ ମିଶନ ଆଶ୍ରମ ସ୍କୁଲ ସିବିଏସଇ ପାଠ୍ୟକ୍ରମ ଅନୁଯାୟୀ ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ଶିକ୍ଷା ପ୍ରଦାନ କରାଯାଉଛି। ଏହାର ସମସ୍ତ ଛାତ୍ରଛାତ୍ରୀ ରାୟଗଡା, କୋରାପୁଟ, ମାଲକାନଗିରି ଏବଂ ନବରଙ୍ଗପୁର ଜିଲ୍ଲା ସମେତ କୋରାପୁଟ ଅଞ୍ଚଳର ଆଦିବାସୀ ସମ୍ପ୍ରଦାୟରୁ ଆସିଥାନ୍ତି।

ବେଦାନ୍ତ ଆଲୁମିନିୟମର ସିଇଓ ରାଜୀବ କୁମାର କହିଛନ୍ତି, ପ୍ରକୃତ ସମ୍ପ୍ରଦାୟ ବିକାଶ ଭିତ୍ତିଭୂମିଠାରୁ ଅଧିକ ଏହାର ସାମଗ୍ରୀକ ବିକାଶ ପାଇଁ ସୁଯୋଗ ସୃଷ୍ଟି କରିଥାଏ। ଏହି ଫିଟନେସ୍-କମ୍-ମନୋରଞ୍ଜନଭିତ୍ତିକ ପାର୍କ ପିଲାମାନଙ୍କୁ ଖେଳ ଏବଂ ଶାରୀରିକ କାର୍ଯ୍ୟକଳାପ ପାଇଁ ସୁଯୋଗ ପ୍ରଦାନ କରିବା ସହିତ ଏକ ଆନନ୍ଦଦାୟକ ପରିବେଶ ଯୋଗାଇଦେବ। ଏହା ପିଲାଙ୍କ ସାମଗ୍ରୀକ ବିକାଶକୁ ସମର୍ଥନ କରେ। ବେଦାନ୍ତ ଆଲୁମିନିୟମ ଶିକ୍ଷା, ସ୍ୱାସ୍ଥ୍ୟସେବା, ସ୍ଥାୟୀ ଜୀବିକା, ଭିତ୍ତିଭୂମି ଏବଂ ତୃଣମୂଳ କ୍ରୀଡା ଏବଂ ସଂସ୍କୃତିକୁ ପ୍ରୋତ୍ସାହିତ କରି ସ୍ଥାନୀୟ ସମ୍ପ୍ରଦାୟକୁ ସଶକ୍ତ କରିବା ପାଇଁ ସମର୍ପିତ ରହିଛି। ଏହି ପ୍ରୟାସଗୁଡ଼ିକ ବେଦାନ୍ତ ଆଲୁମିନିୟମର କାର୍ଯ୍ୟକ୍ଷମ କ୍ଷେତ୍ର ମଧ୍ୟରେ ଏବଂ ବାହାରେ ପରିବର୍ତ୍ତନ ଆଣିବା ପ୍ରତି ପ୍ରତିବଦ୍ଧତାକୁ ରେଖାଙ୍କିତ କରେ। ଓଡ଼ିଶାର ସାମଗ୍ରୀକ ଅଭିବୃଦ୍ଧି ଏବଂ ଉନ୍ନତି ପ୍ରତି ସମ୍ପ୍ରଦାୟ ଅବଦାନର ଭାବନାକୁ ପ୍ରୋତ୍ସାହିତ କରେ। ଗ୍ରାମବାସୀଙ୍କ ସହାୟତାରେ ସାମାଜିକ-ଆର୍ଥିକ ପ୍ରଗତିକୁ ବେଦାନ୍ତ ସୁନିଶ୍ଚିତ କରିଥାଏ।


**AFFIDAVIT**

By virtue of an Affidavit before Notary Public, Malkangiri, I, **Debe Kabasi**, aged about 27 years, W/o.: Irma Kabasi, D/o.: Laka Madkami resident of Village: Fulaguda, PO.: Sikhapali, P.S./Dist.: Malkangiri, Odisha, declare by this Affidavit No.: 1601/2025, Dated: 12.09.2025 that I have changed my name from Debe Madkami to **Debe Kabasi**. Henceforth I shall be known as **Debe Kabasi**, for all future purposes.

**VEHICLE FOR SALE**

MARUTI TOUR S, Model - 2023, Registration No-OD-34-R-0993, in as is where is condition. Contact: M/S Sundaram Finance Limited, JAJPUR ROAD BRANCH, Ph: 94371 02409 within 7 days

**AFFIDAVIT**

I, Smt. Urmila Behera, W/o- Sri Tapan Kumar Behera, resident of Vill./Po.- Mirganguda, Ps.- Nabarangpur, Dist.- Nabarangpur vide affidavit no. 997 dtd.12.9.2025 state that my actual and correct name is **URMILA BEHERA**. At the time of my daughter Sudhansubala Behera's admission in PM Kendriya Vidyalaya, Nabarangpur my name has been entered as Urmilla Behera. Hence **Urmila Behera** and **Urmilla Behera** is one and same person. Henceforth I shall be known as **Urmila Behera** for all official purposes.

**AFFIDAVIT**

By virtue of an affidavit sworn before the Executive Magistrate, Jajpur Road no 3474 dated 07/02/2025 I Amulya Kumar Nayak declare that My wife surname is wrongly printed as Swagatika Nayak in my daughter's birth certificate issued by CHC Korei (700) in place of Swagatika Jena. Hence she will be known as **Swagatika Jena alias Nayak** for all purposes.
**Sd/- AMULYA KUMAR NAYAK**

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, vide No. 776 dt. 10.09.2025 I Sri Puppala Srinivas, S/o- Late Puppala Jagannath Rao resident of Gill Petrol Pump back side, Chamuriaguda, Nabarangpur, Dist.- Nabarangpur, Odisha- 764059 state that I intend to rectify the names in the school admission records and enter our names as **PUPPALA SOHAN KUMAR**, S/O- **PUPPALA SRINIVAS** (Father) and **PUPPALA KALPANA** (Mother) in place of P. SOHAN KUMAR, S/o- P. SRINIVAS (father) and P. KALPANA (mother) in respective columns to avoid future litigations.
Sd/- Puppala Srinivas

**NOTICE**

By virtue of an affidavit sworn before the Notary Public, Cuttack, dated 02.09.2025 I, Basanti Sahoo, W/o – Avimanyu Moharana, D/o. Late Panchanan Sahoo, resident of At– Ramagarh, P.O.- Kotasahi, P.S- Tangi, Dist- Cuttack, Odisha, Pin- 754022 have changed my name from Basanti Moharana to Basanti Sahoo. Henceforth, I shall be known as Basanti Sahoo for all purposes.
**Basanti Sahoo**

**NOTICE**

By virtue of an affidavit sworn before the Notary Public, Cuttack, dated 22.08.2025 I, Swami Anupamanand Saraswati, S/o- Subash Pradhan permanent resident of At- Tholanda, P.O.- Alladi, PS- Jagannath Prasad, Dist- Ganjam, Odisha, Pin- 761120 have changed my name and surname from Bikram Pradhan to Swami Anupamanand Saraswati. Henceforth, I shall be known as **Swami Anupamanand Saraswati** for all purposes.
**Swami Anupamanand Saraswati**

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, dated. 08.09.2025, I Bharat Hial, S/o- Madhu Hial, Vill.- Kamata, Po.- Kamata, Ps.- Tentulikhunti, Dist.- Nabarangpur, Odisha, Pin- 764049, declare that, I have changed my minor Daughter 's name from **SECOND BABY OF LYDIA HIAL** to **ABIGAIL HIAL**. Henceforth she shall be known as **Abigail Hial** for all purposes.
Sd/- **Bharat Hial**

**AFFIDAVIT**

I, Smt. Padmini Kumari Mishra, W/o- Sri Debendra Mishra, resident of Gadia Street, Nabarangpur, Dist.- Nabarangpur state vide affidavit no. 1000 dtd.13.09. 2025 that, my actual and correct name is **Padmini Kumari Mishra** but in my daughter **Eva Mishra**'s admission in PM Kendriya Vidyalaya, Nabarangpur my name has been entered as Padmini Mishra. Hence **Padmini Kumari Mishra** and **Padmini Mishra** is one and same same person. Henceforth, I shall be known as **Padmini Kumari Mishra** for all official purposes.

**VEHICLE FOR SALE**

ITL SONALIKA SOLISYAN DI 42 TRACTOR WITH TRAILER, Model - 2022, Registration No-OD-09-X-3898, in as is where is condition, Contact: M/S Sundaram Finance Limited, JAJPUR ROAD BRANCH, Ph:94371 02409 within 7 days

**AFFIDAVIT**

By virtue of an affidavit vide no.-.3455, dated 10/09/2025 sworn before Executive Magistrate, Banpur declare that, I, Sangram Keshari Palai, S/o- Basudev Palai, At- Nuagada, Po.- Badakul, Ps.- Balugaon, Dist.- Khordha, Odisha, Pin- 752030 declare that, I **Sangram Keshari Palai** and **Sangram Keshri Palai** is one and same person. But I want to keep my name as **Sangram Keshari Palai** as per adhar for all purposes.
Sangram Keshari Palai

**AFFIDAVIT**

By virtue of an affidavit No. 5403 sworn before the Executive Magistrate, Champua on dated- 08/09/2025. I **Alekh Kumar Sahoo**, Permanent resident of Vill- Dhaladihi, Po/Ps- Champua, Dist- Keonjhar, Odisha, Pin- 758041 declare that I have changed my minor daughter's name from **Sangita Sahoo** (old name) To **Aradhya Sahoo** (new name). Henceforth she shall be known as **ARADHYA SAHOO,** D/o- Alekh Kumar Sahoo for all future purposes.
**Sd/- Alekh Kumar Sahoo**

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, dated. 03.09.2025, I Chandralal Durga, S/o- Late Sobha Harijan, Vill.- Tota Street, Nabarangpur, Po.- Nabarangpur, Ps.- Nabarangpur, Dist- Nabarangpur, Odisha, Pin - 764059, declare that, I have changed my minor Daughter's name from **RITWISHALAL HARIJAN** to **RITWISHALAL DURGA**. Henceforth she shall be known as **Ritwishalal Durga** for all purposes.
Sd/- **Chandralal Durga**

**AFFIDAVIT**

By virtue of an affidavit sworn before The Executive Magistrate Banpur, Dist.- Khordha vide no-3404, Dated- 6/9/2025, I Gangadhar Nayak, aged about 57yrs., S/O- Kaibalya Nayak, At- Balipadar, Po./Ps.-Banpur, Dist.- Khordha, Pin-752031, Odisha, declare that I have changed my minor Daughter's name from **Debasmita Debabarni Nayak** to **Debasmita Nayak**, which is mentioned in Certificate. Henceforth, he shall be known as **Debasmita Nayak** for all purpose.
Debasmita Nayak

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, Affidavit No.111, on dated, 12.09.2025, I Triloknath Mohapatra, resident of Plot No.1385/9, Sastri Nagar, Unit-4, Ps- Kharvel Nagar, Bhubaneswar, Dist-Khordha, Odisha, PIN-751001, declare that I have changed my name from Trilok Mohapatra to Triloknath Mohapatra. Henceforth, He shall be known as **TRILOKNATH MOHAPATRA** for all future purposes.

**AFFIDAVIT**

By virtue of an affidavit sworn before Executive Magistrate Angul dated 26/08/2025, I **Shraddha Tulsiyan,** Address: Old Daily Market, Laxmi Bazar, Angul, Pin- 759122, Odisha, declare that I have changed my name from **Shraddha Kansal** to **Shraddha Tulsiyan.** Henceforth, I shall be known as **SHRADDHA TULSIYAN** (new name) for all purposes.
**Shraddha Tulsiyan**

**AFFIDAVIT**

By virtue of an Affidavit sworn before Executive Magistrate, Basudevpur, dated 24 April 2025.I, Sukanta Kishor Mohanty, age- 40 years, S/o- Gagan Mohanty, Address- Village- Mallikadeipur, P.O./ P.S. - Naikanidihi, Dist.: Bhadrak, Odisha, declare that I have changed my name from Sukanta Kishor Mohanty, to Sudarshan Mohanty, S/o- Gagan Mohanty. Henceforth, I shall be know as Sudarshan Mohanty, S/o- Gagan Mohanty for all purposes.
**Sudarshan Mohanty**

**AFFIDAVIT**

By virtue of an affidavit No 12/33 dated 11/09/2025 before the Notary Public, Puri, I, Dasarathi Satapathy, S/o- Late Ramachandra Satapathy, At/Po- Bhagabanpur, PS- Brahmagiri, Puri - 752011 declare that now onwards I shall be known as **DASHARATHI SATAPATHY** for all future purpose.

**AFFIDAVIT**

By virtue of an affidavit sworn before the Executive Magistrate,Cuttack , vide No.7920 dated 11.09.2025, I, Sajida Khatun, M/o Arsalan Raja Khan, Resident of At/Po- Rasulpur, PS-Tirtol, Dist- Jagatsinghpur, PIN-754104, Odisha declare that I have changed my Son's name from Aramlan Raja Khan to Arsalan Raja Khan. Henceforth, He will be known as **ARSALAN RAJA KHAN** for all future purposes.

**AFFIDAVIT**

By virtue of affidavit C.F. No. 2461, dtd. 18.08.2025 in the court of the Executive Magistrate, Sambalpur, I, Balkeshi Yadab, aged about 45 years have changed my name and address from Sawariya Devi, W/o- Bindeshwari Ray, resident of At- Shilauri, Po- Marhowrah, Dist.- Saran (Bihar) to Balkeshi Yadab, aged about 45 years, W/o- Bindheswari Yadab, resident of At- Dindayal Nagar (Dhipapada), Po/Ps- Burla, Dist.- Sambalpur (Vide my Aadhaar Card No. 698622954248) for all purposes.
**Sd/- Balkeshi Yadab**

**DOCUMENT LOST**

I, **Maheswar Panda,** S/o Dinabandhu Panda, resident of GN-4, Ganesh Nagar, Gandamunda, PS- Khandagiri, Bhubaneswar, Dist- Khorda, Odisha do hereby declare that, Original Sale Deed bearing No. 230, 1152, 130 & 1722 & ROR vide Khata No. 453/128, 1133/2436 & Land Passbook No. 07054178/35 has been lost somewhere in Jagamara Bazar while I travelling from Ganesh Nagar To Royal Garden, Aiginia on 08/09/2025. If any person finds the same, may please contact to my address or nearest police station & if anyone will misutilize it I will not be responsible for it.
**Maheswar Panda**

**AFFIDAVIT**

By virtue of an affidavit CF No.-34, dtd.04.09.2025 in the court of the Executive Magistrate, Bhubaneswar, I, Dipa Sethi, W/o- Santosh Kumar Sethi, resident of Plot No. 122, Balanaga, Maa Narayani Mandir, Sainsasan, Po- Dakhinaradasa, Dist.- Puri, Odisha, Pin-752114 have changed my name from Dwipa Sethy to Dipa Sethi. Hencefroth I shall be known as Dipa Sethi for all purposes.
**Sd/- Dipa Sethi**

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, dated. 01.09.2025, I REBATI HARIJAN, W/o- Sahul Bagh, Vill- Bhatisalguda, Nabarangpur, Po.-Nabarangpur, P/s.- Nabarangpur, Dist- Nabarangpur, Odisha, Pin - 764059 declare that, I have changed my name from **SAMA HARIJAN** to **REBATI HARIJAN**. Henceforth I shall be known as **REBATI HARIJAN** for all purposes.
Sd/- **REBATI HARIJAN**

**AFFIDAVIT**

By virtue of an affidavit CF No.-47, dtd.25.07.2025 in the court of the Executive Magistrate, Bhubaneswar, I, Raja Das, S/o- Babu Das, resident of Plot No. 1190, Raghunath nagar, Satya Nagar, Dumduma, Po- Dumduma, Ps- Khandagiri, Bhubaneswar, Dist.- Khordha, Odisha, Pin-751019 have changed my name from Sek Raja to Raja Das. Hencefroth I shall be known as Raja Das for all purposes.
**Sd/- Raja Das**

**AFFIDAVIT**

I, Raja Ramesh, S/o- R. P. Raja resident of Vill.- Balda, Po.- Balda, Ps.- Padwa Dist.- Koraput, Odisha state vide affidavit no.777 dtd.05.9.2025 that, I have changed my son's name from **Raja Yagesh** to **R. Yogesh** and his Date of Birth is **18/03/2009**. Henceforth he will be known as **R. Yogesh** for all future purposes.

**ODISHA HYDRO POWER CORPORATION LTD.,**
O/o Sr. GENERAL MANAGER, HIRAKUD HYDRO ELECTRIC PROJECT,
POST BOX. NO. 5, BURLA – 768017, DISTRICT: SAMBALPUR (ODISHA),
PHONE: 0663-2950721(O), 2950765(R), E-Mail: srgmhps_burla@yahoo.co.in
CIN : U40101OR1995SGC003963
CAD-1739

**No. HHEP/Tech-WK-104, Vol-IV/6161** **Date : 10.09.2025**

**NOTICE INVITING TENDER NO HHEP-53/2025**

Sealed Tenders are invited in two parts i.e. (i) Techno Commercial bid & (ii) Price bid in separate sealed envelopes from the reputed Contractors having **valid HT License with supervision for EHT works** issued from ELBO, Govt of Odisha, valid IT PAN, GST registration certificate and past experience for carrying out such type of work as mentioned below.

| Sl. No. | Description of work/ Service | Cost of tender paper (non-refundable) in Rs. | EMD in shape of DD/BC (Refundable) in Rs. |
|---|---|---|---|
| 1 | Annual Maintenance Contract for two years for maintenance of equipments of 132KV Switchyard, 11KV Switch house & LT Systems of HHEP,Burla | Rs. 11800/- (Rs. 10000 + GST @ 18%) | 57565/- |

- Sale of tender paper: **16.09.2025 (10.00AM) to 03.10.2025 upto 05.30PM**
- Receipt of tender paper: **04.10.2025 upto 03.30PM**
- Date & time of opening of tender: **04.10.2025 at 04.00PM**
- For details of tender documents / terms & conditions / corrigendum / errata / addendum if any please visit our website www.ohpcltd.com.

Sd/-
**OIPR-04007/11/0072/2526** **C&P Head. HHEP. Burla**

# ସ୍ନାତକୋତ୍ତରରେ ସ୍ୱର୍ଣ୍ଣପଦକ ପାଇଲେ ଅଙ୍କିତା

ଓଡ଼ଗାଁ,୧୩।୯ (ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ ତଥା ଏନ୍ଏସି ଅନ୍ତର୍ଗତ ଛାମୁସାହିର ବାସିନ୍ଦା ଅଙ୍କିତା ଚୌଧୁରୀ ସ୍ନାତକୋତ୍ତରରେ ସ୍ୱର୍ଣ୍ଣ ପଦକ ହାସଲ କରି ଓଡ଼ଗାଁ ପାଇଁ ଗୌରବ ଆଣି ଦେଇଛନ୍ତି। ମାତା ପ୍ରଭାସିନୀ ଚୌଧୁରୀ ଓ ପିତା ଦୀପକ କୁମାର ଚୌଧୁରୀଙ୍କ ସୁଯୋଗ୍ୟା ସନ୍ତାନ ଅଙ୍କିତା ସମ୍ବଲପୁର ବିଶ୍ୱବିଦ୍ୟାଳୟରୁ ୨୦୨୫ ବ୍ୟାଚ୍ ଭାବେ ଇକୋନୋମିକ୍ସରେ ସ୍ନାତକୋତ୍ତର କରି ୟୁନିଭରସିଟି ଟପ୍ପର ହୋଇଥିଲେ। ଶନିବାର ସମ୍ବଲପୁର ବିଶ୍ୱବିଦ୍ୟାଳୟ, ବିଜୁ ପଟ୍ଟନାୟକ ଅଡିଟୋରିୟମ୍ ବୁର୍ଲାଠାରେ ଆୟୋଜିତ ସ୍ୱତନ୍ତ୍ର ସମାବର୍ତ୍ତନ ଉତ୍ସବରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ହସ୍ତରୁ ଅଙ୍କିକା ଚୌଧୁରୀ ପ୍ରମାଣପତ୍ର ଓ ଗୋଲ୍ଡ ମେଡାଲ ସହିତ ଏହି ସମ୍ମାନର ଗୌରବ ଅର୍ଜନ କରିଛନ୍ତି।



ତାଙ୍କର ଏହି ସଫଳତା ପାଇଁ ସ୍ୱାମୀ ପ୍ରବୀଣ କୁମାର ପାତ୍ରଙ୍କ ସହ ଅଞ୍ଚଳର ଜନ ନାୟକଙ୍କ ସହ ଶିକ୍ଷାବିତ, ବୁଦ୍ଧିଜିବୀ, ସହପାଠୀ, ଶିକ୍ଷକ ଶିକ୍ଷୟିତ୍ରୀ ଓ ବନ୍ଧୁ ପରିବାରଙ୍କ ଠାରୁ ଶୁଭେଚ୍ଛାର ସୁଅ ଛୁଟୁଛି।

## କିଏ ହେବ ଜିଲ୍ଲା କଂଗ୍ରେସ ସଭାପତି

# ଦୌଡ଼ରେ ରଣଜିତ, ସତ୍ୟବ୍ରତ, ହୁସେନ୍, ବିଭୂ

ନୟାଗଡ଼,୧୩।୯ (ସମିସ):






ନୟାଗଡ଼ ରାଜନୀତିରେ କଂଗ୍ରେସ ଦିନକୁ ଦିନ ରସାତଳଗାମୀ ହେବାକୁ ବସିଥିଲା। ବରିଷ୍ଠ ନେତା ମହେଶ ଶର୍ମା, ପୂର୍ବତନ ମନ୍ତ୍ରୀ ଅମର ପ୍ରଧାନ, ପୂର୍ବତନ ବିଧାୟକ ପ୍ରହଲ୍ଲାଦ ପୁର୍ଡ଼ୀ, ପୂର୍ବତନ ସାଂସଦ ନକୁଳ ନାୟକ ନୟାଗଡ଼ ଜିଲ୍ଲାକୁ ଗସ୍ତ କରିବା ପରେ କଂଗ୍ରେସକୁ ସଂଜୀବନୀ ମିଳିଥିବା ଜଣାପଡ଼ିଛି। ଜିଲ୍ଲା କଂଗ୍ରେସ ଓ ବ୍ଲକ କଂଗ୍ରେସ ପକ୍ଷରୁ ସଂଗଠନ ସୃଜନ କାର୍ଯ୍ୟକ୍ରମ ଜରିଆରେ ଲୋକଙ୍କ ନଜରକୁ ଆସିଛି। ଜିଲ୍ଲା କଂଗ୍ରେସର ଅଧୋପତନ ଗତି ପାରଦ ସାମାନ୍ୟ ଉପରମୁହାଁ ହୋଇଛି। ଯାହାକୁ ନେଇ ଜିଲ୍ଲାରେ ତୃତୀୟ ରାଜନୈତିକ ଦଳ ମର୍ଯ୍ୟାଦାକୁ ପୁଣିଥରେ କଂଗ୍ରେସ ଫେରିଥିବା ଅନୁମାନ କରାଯାଉଛି। ଗତ ସାଧାରଣ ନିର୍ବାଚନ ପରେ ଜିଲ୍ଲାରେ କଂଗ୍ରେସ ସ୍ଥିତି ଅତ୍ୟନ୍ତ ଶୋଚନୀୟ ହୋଇଥିଲା। ତେବେ ଉପରୋକ୍ତ ନେତାଙ୍କ ଗସ୍ତ ସାଂଗଠନିକ ଦୃଷ୍ଟି କୋଣରୁ ବେଶ ଗୁରୁତ୍ୱପୂର୍ଣ୍ଣ ହୋଇଥିବା ବେଳେ ଆଗାମୀ ଜିଲ୍ଲା ସଭାପତି କିଏ ହେବ ବୋଲି ଚର୍ଚ୍ଚାକୁ ନୂଆ ଦିଶା ଦେଇଛି। ଜିଲ୍ଲା ଗସ୍ତରେ ଥିବା ନେତାମାନେ ବ୍ଲକ ଓ ଜିଲ୍ଲା କଂଗ୍ରେସ ସଂଗଠନ ପାଇଁ ନେତା ବାଛିବା କାର୍ଯ୍ୟକୁ ଚୂଡ଼ାନ୍ତ ରୂପ ଦେବାକୁ ଫାଇଲ ଦିଲ୍ଲୀ ଅଭିମୁଖେ ପଠାଇଥିବା ସୂଚନା ମିଳିଛି। ନୟାଗଡ଼ ଜିଲ୍ଲା ସଂଗଠନକୁ ମଜବୁତ କରିବା ପାଇଁ ଜିଲ୍ଲା କଂଗ୍ରେସ ସଭାପତି ପଦ ବେଶ ଗୁରୁତ୍ୱପୂର୍ଣ୍ଣ ହୋଇଥିବା ବେଳେ ଏଥିପାଇଁ ୪ ଜଣ ଆଶାୟୀ ଫର୍ମ ଭରିଥିବା ସୂଚନା ମିଳିଛି। ଏହି ଆଶାୟୀଙ୍କ ମଧ୍ୟରେ ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ରଣଜିତ ଦାଶ, ଜିଲ୍ଲା କଂଗ୍ରେସ ସଂଯୋଜକ ସତ୍ୟବ୍ରତ ନାୟକ, ବରିଷ୍ଠ କଂଗ୍ରେସ ନେତା ହୁସେନ ଖାନ, ରଣପୁରରୁ କଂଗ୍ରେସ ପ୍ରାର୍ଥୀ ହୋଇଥିବା ବିଭୂପ୍ରସାଦ ମିଶ୍ର ରହିଛନ୍ତି। ସାଂଗଠନିକ ଦୃଷ୍ଟି କୋଣରୁ ଜିଲ୍ଲା ସଂଯୋଜକ ସତ୍ୟବ୍ରତ ଓ ରଣଜିତଙ୍କ ମଧ୍ୟରେ ନେକ୍ ଟୁ ନେକ୍ ଫାଇଟ୍ ଅବସ୍ଥାରେ ଜିଲ୍ଲା କଂଗ୍ରେସ ସଭାପତି ପଦ ରହିଥିବା ଆଭ୍ୟନ୍ତରିଣ ମହଲରୁ ସୂଚନା ମିଳିଛି। ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ରଣଜିତ ଦାଶଙ୍କ ବିରୁଦ୍ଧରେ ଅନେକ ବୁଦ୍ଧିଜୀବୀ, ଆଇନଜୀବୀ ବରିଷ୍ଠ ନେତା ମହେଶ ଶର୍ମାଙ୍କୁ ହୋଟେଲରେ ଭେଟିଥିବା ମଧ୍ୟ ସୂଚନା ମିଳିଛି। ଶ୍ରୀଯୁକ୍ତ ଦାଶ ଦୀର୍ଘଦିନ ଧରି କଂଗ୍ରେସକୁ ଜିଲ୍ଲାରେ ବଞ୍ଚାଇ ରଖିଥିବା ବେଳେ ଆଗାମୀ ଦିନର ସ୍ଥିତି କଣ ହେବ ତାହା ବୁଝା ପଡୁନାହିଁ। ରଣଜିତଙ୍କ ନେତୃତ୍ୱ ନେବାର ଦକ୍ଷତା ତାଙ୍କର ମାପକାଠି ହୋଇପାରେ ବୋଲି ଅନୁମାନ କରାଯାଉଛି। ଅନ୍ୟପକ୍ଷେ, ନୂତନ ସଂଯୋଜକ ଭାବେ ଆଗକୁ ଆସିଥିବା ସତ୍ୟବ୍ରତଙ୍କ ବ୍ୟାକ୍ ସର୍ପୋଟରେ ବରିଷ୍ଠ ନେତା ମନୋଜ କୁମାର ସାହୁ ରହିଛନ୍ତି। ସେହିଭଳି ଭାବେ ଅନ୍ୟତମ ବରିଷ୍ଠ ନେତା ହୁସେନ୍ ଖାଁ ସଂଗଠନ ସୃଜନ ଜରିଆରେ ତାଙ୍କ ବଳ ପଦର୍ଶନ କରି ମହେଶ ଶର୍ମାଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ସମାନଭାବେ ପୂର୍ବତନ ମନ୍ତ୍ରୀ ରମାକାନ୍ତ ମିଶ୍ରଙ୍କ ପୁତୁରା ବିଭୂପ୍ରସାଦ ମିଶ୍ର ପରିବାର ପ୍ରଭାବ ଏବଂ ରଣପୁର ଅଞ୍ଚଳରେ ତାଙ୍କ ସାଂଗଠନିକ ଦକ୍ଷତାକୁ ନେଇ ଆଗଭର ଥିବା ଜଣାପଡ଼ିଛି। ଓଡ଼ିଶା ପ୍ରଦେଶ କଂଗ୍ରେସ ଏବଂ ଜାତୀୟ କଂଗ୍ରେସ ଏନେଇ ଆଗାମୀ ଦିନରେ କି ନିଷ୍ପତ୍ତି ଗ୍ରହଣ କରିବ, ତାକୁ ଜିଲ୍ଲାବାସୀ ଉତ୍ସୁକତାର ସହ ଚାହିଁ ରହିଛନ୍ତି।

# କୃଷକ ସଭା ଓ ଜିଲ୍ଲା ସମ୍ମିଳନୀ

ନୟାଗଡ଼,୧୩।୯ (ସମିସ): ୧୧ ତମ ଓଡିଶା କୃଷକ ସଭା ନୟାଗଡ଼ ଜିଲ୍ଲା ସମ୍ମିଳନୀ ନୟାଗଡ଼ ଶିକ୍ଷକ ଭବନଠାରେ ଅନୁଷ୍ଠିତ ହୋଇଯାଇଛି। କୃଷକ ସଭାର ପତାକାକୁ ଗୋଲକ ବିହାରୀ ମୁଦୁଲି ଉତ୍ତୋଳନ କରିବା ପରେ ସହିଦ ବେଦିରେ ପୁଷ୍ପମାଲ୍ୟ ଦେବା ପରେ ରାଜ୍ୟ ସଭାପତି ଜମ୍ବେଶ୍ୱର ସାମନ୍ତରା ଅନୁଷ୍ଠାନିକ ଭାବେ ସଭା କାର୍ଯ୍ୟ ଆରମ୍ଭ କରିଥିଲେ। ସମ୍ପାଦକ ହରିଶ୍ଚନ୍ଦ୍ର ମିଶ୍ର ଚିଠା ପ୍ରସ୍ତାବ ଆଗତ କରିଥିଲେ। ଉକ୍ତ ପ୍ରସ୍ତାବ ୧୨ ଜଣ ପ୍ରତିନିଧି ଆଲୋଚନା କରିବା ପରେ ପ୍ରସ୍ତାବ ଗୃହୀତ ହୋଇଥିଲା। ତା ସହିତ ଚାଷୀଙ୍କ ବିରୁଦ୍ଧରେ ହୋଇଥିବା ବିଭିନ୍ନ ଚାଷୀ ବିରୋଧୀ ଆଇନ ବିଷୟରେ ଆଲୋଚନା ହୋଇଥିଲା। କେନ୍ଦ୍ର ଓ ରାଜ୍ୟ ସରକାର ସ୍ୱାମୀନାଥନ କମିଶନ ନୀତିକୁ କାର୍ଯ୍ୟକାରୀ କରୁ ନଥିବାରୁ ସମ୍ମିଳନୀ ଏହାକୁ ନିନ୍ଦା କରିଥିଲା। ଠିକ ସମୟରେ ସାର ଯୋଗାଣ, ଫସଲ ବୀମା, କୃଷିଋଣ ଚାଷୀଙ୍କୁ ନମିଳିବାରୁ ଚାଷୀମାନେ ବିଭିନ୍ନ ଅସୁବିଧାର ଶିକାର ହେଉଛନ୍ତି। ତା' ବିରୋଧରେ ଜିଲ୍ଲାରେ ଦୁର୍ବାର ଆନ୍ଦୋଳନ କରିବା ପାଇଁ ସ୍ଥିର କରାଯାଇ ଆଗାମୀ ତିନି ବର୍ଷ ପାଇଁ ଏକ ୧୭ ଜଣିଆ କମିଟି ଗଠନ କରାଗଲା। ସଭାପତି ହରିଶ୍ଚନ୍ଦ୍ର ମିଶ୍ର, ସମ୍ପାଦକ ପବିତ୍ର କୁମାର ଇନ୍ଦ୍ରଜିତ, କୋଷାଧକ୍ଷ ଗଦାଧର ପ୍ରଧାନ ନିର୍ବାଚିତ ହୋଇଥିଲେ। ଶେଷରେ କୃଷକ ସଭାର ପୂର୍ବତନ ରାଜ୍ୟ ସଭାପତି ଅଭିରାମ ବେହେରା ଉଦଯାପନୀ ଭାଷଣ ଦେବାପରେ ସମ୍ମିଳନୀ କାର୍ଯ୍ୟ ଶେଷ କରାଯାଇଥିଲା।

# ଜାତୀୟ ସେବା ଯୋଜନା ଉଦ୍ଯାପିତ

ଗଣିଆ,୧୩।୯ (ସମିସ): ଗଣିଆରେ ଥିବା ରଘୁନାଥଜୀଉ ଡିଗ୍ରୀ ମହାବିଦ୍ୟାଳୟ ପରିସରରେ ଚାଲିଥିବା ଜାତୀୟ ସେବା ଯୋଜନା ଶିବିର ଉଦଯାପନୀ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ମୁଖ୍ୟଅତିଥି ଭାବେ ଜାତୀୟ ସେବା ଯୋଜନାର ଜିଲ୍ଲା ସଂଯୋଜକ ଡ. ଚିତ୍ତରଞ୍ଜନ ଦାଶ, ଅଧ୍ୟକ୍ଷ ଲକ୍ଷ୍ମୀକାନ୍ତ ପଣ୍ଡା, ପୂର୍ବତନ ଅଧ୍ୟକ୍ଷ ଅଖିଳ କୁମାର ହୋତା,ଅଧ୍ୟାପକ ଅଶୋକ କୁମାର ମିଶ୍ର, ପ୍ରୋଗ୍ରାମ ଅଧିକାରୀ ଶର୍ମିଳା ଦାଶ, ଭଗବାନ ପୃଷ୍ଟି, ଶ୍ରୀକାନ୍ତ ଷଡ଼ଙ୍ଗୀ ପ୍ରମୁଖ ମଞ୍ଚାସୀନ ଥିଲେ। ୭ ଦିନ ଧରି ଚାଲିଥିବା ଶିବିର ଉଦଯାପନ ହୋଇଥିବା ବେଳେ ଶିବିରାର୍ଥି ମାନେ ନିଜ ନିଜର ଅଭିଜ୍ଞତା ପ୍ରକାଶ କରିଥିଲେ। ଏହି ଶିବିରର ମୁଖ୍ୟ ଲକ୍ଷ୍ୟ ଥିଲା ଦ'ମା ପାଇଁ ଗଛଟିଏ' କାର୍ଯ୍ୟକ୍ରମ। ବ୍ଲକର ବିଭିନ୍ନ ସ୍ଥାନରେ ବୃକ୍ଷ ରୋପଣ କାର୍ଯ୍ୟକ୍ରମ କରାଯାଇଥିଲା। ଏତଦବ୍ୟତୀତ ସଡ଼କ ସୁରକ୍ଷା ସଚେତନତା, ପରିଷ୍କାର ପରିଚ୍ଛନ୍ନତା ଆଦି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ମହାବିଦ୍ୟାଳୟର ପ୍ରାୟ ୧୦୦ରୁ ଅଧିକ ଛାତ୍ରଛାତ୍ରୀ ଏହି ଶିବିରରେ ଅଂଶଗ୍ରହଣ କରିଥିଲେ। ନିଃସ୍ୱାର୍ଥପର ଭାବେ ସେବା କରିବା ଦରକାର ବୋଲି ଅଧ୍ୟାପକ ମାନେ ନିଜ ଅଭିଭାଷଣରେ ଜଣାଇଥିଲେ। ସରକାରଙ୍କର ଏହି ଯୋଜନା ଅତ୍ୟନ୍ତ ଦରକାରୀ ବୋଲି ମୁଖ୍ୟଅତିଥି ପ୍ରକାଶ କରିବା ସହିତ ସମସ୍ତେ ଗୋଟିଏ ଗୋଟିଏ ବୃକ୍ଷ ରୋପଣ କରିବା ଏବଂ ତା'ର ଯତ୍ନ ନେବାକୁ ସେ ପରାମର୍ଶ ଦେଇଥିଲେ। ଗଣିଆ କଲେଜରେ ୧୯୯୮ ମସିହାରେ ଜାତୀୟ ସେବା ଯୋଜନା ଶୁଭାରମ୍ଭ ହୋଇଥିବା ବେଳେ ଆଜି ପର୍ଯ୍ୟନ୍ତ ତାହା ଚାଲୁ ରହିଥିବାରୁ ମହାବିଦ୍ୟାଳୟର ଛାତ୍ରଛାତ୍ରୀ ତଥା କର୍ମଚାରୀଙ୍କୁ ସେ କୃତଜ୍ଞତା ଜ୍ଞାପନ କରିଥିଲେ। ଛାତ୍ର ଛାତ୍ରୀଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା କରାଯାଇଥିବା ବେଳେ ଶିବିରାର୍ଥିଙ୍କୁ ମାନପତ୍ର ପ୍ରଦାନ କରାଯାଇଥିଲା।

# ବ୍ଲକ୍ସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା




ଗଣିଆ,୧୩।୯ (ସମିସ): ଗଣିଆ ବ୍ଲକ କିଶୋର ଚନ୍ଦ୍ରନୋଡାଲ ବିଦ୍ୟାପୀଠ ପରିସରରେ ବ୍ଲକ ସ୍ତରୀୟ ଯୋଗ, ଚେସ୍ ଏବଂ ବ୍ୟାଡମିଣ୍ଟନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏହି ପ୍ରତିଯୋଗିତାରେ ବ୍ଲକ ଶିକ୍ଷା ଅଧିକାରୀ ରବୀନ୍ଦ୍ରନାଥ ରାଉତରାୟଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବେ ସରପଞ୍ଚ ଗିରିଧାରୀ ସେଠୀ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ସମିତି ସଭ୍ୟ ଫକୀର ମୋହନ ଡାକୁଆ, କିଶୋର ଚନ୍ଦ୍ର ନୋଡାଲ ବିଦ୍ୟାପୀଠର ପ୍ରଧାନଶିକ୍ଷୟିତ୍ରୀ ନିହାର ବାଳା ରାଉତ ପ୍ରମୁଖ ଉପସ୍ଥିତ ଥିଲେ। ମୁଖ୍ୟଅତିଥି କ୍ରୀଡ଼ା ପତାକାକୁ ଉତ୍ତୋଳନ କରି ଉଦଘାଟନ କରିଥିଲେ। ଛାତ୍ରଛାତ୍ରୀ ଖେଳୁଆଡ ମନୋଭାବ ନେଇ ଖେଳିବାକୁ ଅତିଥି ମାନେ ମତ ଦେଇଥିଲେ। କ୍ରୀଡ଼ା ଶରୀରକୁ ସୁସ୍ଥ ଓ ନିରୋଗ ରଖିବା ସହିତ ଆନନ୍ଦ ପ୍ରଦାନ କରିଥାଏ। ଉନ୍ନତ ମାନର ଖେଳ ପ୍ରଦର୍ଶନ କରି ବ୍ଲକ, ଜିଲ୍ଲା ତଥା ରାଜ୍ୟରେ ନାଁ ରଖିବାକୁ ଅତିଥିମାନେ ପ୍ରକାଶ କରିଥିଲେ। ବ୍ଲକର ବିଭିନ୍ନ ବିଦ୍ୟାଳୟର ପ୍ରାୟ ୧୦୦ରୁ ଅଧିକ ଛାତ୍ର ଛାତ୍ରୀ ଉପସ୍ଥିତ ରହି ଖେଳକୁ ଉପଭୋଗ କରିଥିଲେ। ଛାତ୍ରଛାତ୍ରୀ ଶାନ୍ତିଶୃଙ୍ଖଳାରେ କ୍ରୀଡ଼ା କାର୍ଯ୍ୟ ସମ୍ପାଦନ କରିବାକୁ ଶପଥ ଗ୍ରହଣ କରିଥିଲେ। କ୍ରୀଡ଼ା ଶିକ୍ଷକ ବିକାଶ ରଞ୍ଜନ ମଲ୍ଲ, ନିରଞ୍ଜନ ମହାରଣା, କୁମୁଦିନୀ ଦେଇ, ବିଶ୍ୱରଂଜନ ସାହୁ ପ୍ରମୁଖ ଉପସ୍ଥିତ ରହି କ୍ରୀଡ଼ା ପରିଚାଳନା କରିଥିଲେ। ବ୍ଲକ ସ୍ତରରେ ସଫଳତା ଲାଭ କରିଥିବା ଛାତ୍ରଛାତ୍ରୀ ଜିଲ୍ଲାସ୍ତରୀୟ ଖେଳରେ ଯୋଗ ଦେବେ ବୋଲି ଜଣାପଡିଛି।

# ପୋଖରୀ ତୁଠରେ ମହିଳାଙ୍କ ମୃତ୍ୟୁ

ଭାପୁର,୧୩।୯ (ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ ବିଜିପୁର ପଞ୍ଚାୟତ ବିଜିପୁର ଗ୍ରାମର ଜଣେ ମହିଳା ପୋଖରୀ ତୁଠରେ ପଡି ଗୁରୁତର ଆହତ ହୋଇ ମୃତ୍ୟୁ ହୋଇଯାଇଛି। ମୃତକ ଜଣଙ୍କ ହେଲେ ରାଜକିଶୋର ରାଉତଙ୍କ ସ୍ତ୍ରୀ ଚାରି ରାଉତ। ଶୁକ୍ରବାର ଅପରାହ୍ନ ସମୟରେ ଚାରି ରାଉତ ପୋଖରୀକୁ ନିତ୍ୟ କର୍ମ କରିବାକୁ ଯାଇଥିବା ସମୟରେ ଅସାବଧାନତା ବଶତଃ ପାହାଚ ତୁଠରେ ପଡି ଗୁରୁତର ଆହତ ହୋଇଥିଲେ। ତାଙ୍କୁ ତୁରନ୍ତ ଭାପୁର ଡାକ୍ତରଖାନାରେ ଚିକିତ୍ସିତ କରାଯାଇଥିଲା। ସେଠାରେ ତାଙ୍କର ଅବସ୍ଥା ଗୁରୁତର ହେବାରୁ ତାଙ୍କୁ ଖୋର୍ଦ୍ଧା ନିଆଯାଇଥିଲା। ସେଠାରେ ତାଙ୍କର ମୃତ୍ୟୁ ହୋଇଯାଇଛି।

# ଦେଶୀ ମଦ ଜବତ; ଜଣେ ଗିରଫ

ଭାପୁର/ଖଣ୍ଡପଡ଼ା,୧୩।୯ (ସମିସ): ନୟାଗଡ଼ ଜିଲ୍ଲା ଖଣ୍ଡପଡ଼ା ଅବକାରୀ ବିଭାଗ ଶନିବାର ଭୋର ୪ଟା ସମୟରେ ଫତେଗଡ ଥାନା ବନମାଳୀପୁର ପଞ୍ଚାୟତ କାଚେରାସାହି ଛକରେ ଚଢ଼ଉ କରିଥିଲେ। ଚଢ଼ଉ ସମୟରେ ନିମପାଟଣା ଗ୍ରାମର ଜିତେନ୍ଦ୍ର କୁମାର ସାହୁ ତାଙ୍କର ବାଇକରେ ୪୦ ଲିଟର ଚୋରା ଦେଶୀ ମଦ ନେଇ ଯାଉଥିବା ସମୟରେ ତାଙ୍କୁ କାବୁ କରି ଗିରଫ କରି କୋର୍ଟଚାଲାଣ କରିଛି। ଏହି ଚଢ଼ାଉରେ ଖଣ୍ଡପଡା ଅବକାରୀ ଥାନା ଅଧିକାରୀ ଦୀପକ କୁମାର ଜେନା ତାଙ୍କର ସହଯୋଗୀ ଲକ୍ଷ୍ମୀଧର ବେହେରା, ନୀଳରୋହିତ ମଲ୍ଲିକ, ମିତା ନାଏକ ଓ ପ୍ରତ୍ୟୁଷ ଦେହୁରୀ ଭାଗ ନେଇଥିଲେ।

# ଟାସ୍କଫୋର୍ସ କମିଟି ତ୍ରୈମାସିକ ସମୀକ୍ଷା ବୈଠକ

ଖଣ୍ଡପଡ଼ା,୧୩।୯ (ସମିସ): ଖଣ୍ଡପଡ଼ା ବ୍ଲକ ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ କନକ ଲତା ପୂଜାରୀଙ୍କ ସଭାପତିତ୍ୱରେ ଶୁକ୍ରବାର ପୂର୍ବାହ୍ନରେ ପଞ୍ଚାୟତ ସମିତି ସଭାଗୃହରେ ଶିକ୍ଷାନୁଷ୍ଠାନ ସମେତ ବିଭିନ୍ନ କାର୍ଯ୍ୟାଳୟରେ ଗଠିତ ଆଭ୍ୟନ୍ତରୀଣ ଅଭିଯୋଗ କମିଟି (ଆଇସିସି) ସଭ୍ୟଙ୍କ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ବିଭାଗୀୟ ଜିଲ୍ଲା ସୁରକ୍ଷା ଅଧିକାରୀ ଜୟଶ୍ରୀ ପ୍ରଧାନ ଯୋଗଦେଇ କମିଟି ସଦସ୍ୟଙ୍କୁ ଆଭ୍ୟନ୍ତରୀଣ ଅଭିଯୋଗ କମିଟି ଗଠନର ମୂଳ ଲକ୍ଷ୍ୟ, ଉଦ୍ଦେଶ, ଆଭିମୁଖ୍ୟ ଓ କାର୍ଯ୍ୟଧାରା ସମ୍ବନ୍ଧରେ ସବିଶେଷ ପ୍ରଶିକ୍ଷଣ ପ୍ରଦାନ କରିଥିଲେ। ଏଥିସହିତ ପୋସ୍କୋ ଆକ୍ଟ ୨୦୧୩ ଓ ଅଭିଯୋଗ ପ୍ରଦାନ ପାଇଁ ଉଦ୍ଦିଷ୍ଟ ଟୋଲ ଫ୍ରିନମ୍ବର ଗୁଡ଼ିକ ସମ୍ବନ୍ଧରେ ସଚେତନତା କରାଯାଇଥିଲା। କାର୍ଯ୍ୟକ୍ରମ ରେ ଅନ୍ୟମାନଙ୍କ ମଧ୍ୟରେ ନିସ୍ୱାର୍ଥ ସେବା ସଂସ୍ଥାର ଅରୁଣ କୁମାର ମହାନ୍ତି, ଖଣ୍ଡପଡ଼ା ଥାନା ଏସଆଇ ମନସ୍ୱିତା ସାହୁ ପ୍ରମୁଖ ମଞ୍ଚାସିନ ରହି ଶିଶୁ ଶ୍ରମିକଙ୍କ ଉପରେ ହେଉଥିବା ନିର୍ଯ୍ୟାତନା, ବାଲ୍ୟ ବିବାହ, ଯୌନ ନିର୍ଯାତନା, ଶିଶୁ ଚାଲାଣ ଆଦି ବିରୁଦ୍ଧରେ ସଚେତନତା ସୃଷ୍ଟି କରିବା ଆମ ସମସ୍ତଙ୍କର ମୂଳ ଲକ୍ଷ୍ୟ ବୋଲି କହିଥିଲେ। ସେହିପରି ବ୍ଲକ ମିଶନ ଶକ୍ତି ବିପିସି ଦିଲ୍ଲୀପ କୁମାର ନାୟକଙ୍କ ସମେତ ଅନ୍ୟାନ କର୍ମଚାରୀ ମାନେ ଉପସ୍ଥିତ ରହିଥିଲେ।

## ଜିଲ୍ଲା ଶ୍ରମ କାର୍ଯ୍ୟାଳୟ

# ବାବୁଙ୍କଠାରୁ ଡ୍ରାଇଭର ପାୱାରଫୁଲ

**ହିତାଧିକାରୀ ଓ ଶ୍ରମିକ ନେତାଙ୍କୁ ଦୁର୍ବ୍ୟବହାର**

ନୟାଗଡ଼,୧୩।୯ (ସମିସ): ନୟାଗଡ଼ ଜିଲ୍ଲା ଶ୍ରମ ଅଧିକାରୀ ଚିତ୍ତରଞ୍ଜନ ରାଉତ ଭିଜିଲାନ୍ସ ଜାଲରେ ଛନ୍ଦି ହୋଇ ଗିରଫ ହୋଇଛନ୍ତି। ସେ ଗିରଫ ପରେ ତାଙ୍କ ପାଇଁ ଦଲାଲି କରୁଥିବା ଡ୍ରାଇଭର ଶ୍ରମ କାର୍ଯ୍ୟାଳୟରେ ଆତଙ୍କରାଜ ଚଳାଉଛନ୍ତି। ଶ୍ରମ କାର୍ଯ୍ୟାଳୟକୁ ଆସୁଥିବା ସାଧାରଣ ହିତାଧିକାରୀ ଏବଂ ଅନେକ ଶ୍ରମିକ ନେତାଙ୍କୁ ଦୁର୍ବ୍ୟବହାର କରୁଛନ୍ତି। ଶ୍ରମିକ ନେତା ଶ୍ରୀକାନ୍ତ ପଟ୍ଟନାୟକଙ୍କୁ ଦୁର୍ବବହାର ଓ ଧମକ ଦିଆଯାଇଥିବା ନେଇ ସେ ଟାଉନଥାନାରେ ଅଭିଯୋଗ କରିଛନ୍ତି। ବିଗତ ଦିନରେ ଡ୍ରାଇଭର ଜଣଙ୍କ ଶ୍ରମ ଅଧିକାରୀଙ୍କ ନିର୍ଦ୍ଦେଶରେ ଭିତିରି କାରବାର କରୁଥିବା ନେଇ ବାରମ୍ବାର ଅଭିଯୋଗ ହୋଇଥିଲା। ଶ୍ରମ କାର୍ଯ୍ୟାଳୟକୁ ଶ୍ରମିକ ନେତାମାନେ ଆସିବା ପାଇଁ ଭୟ କରୁଥିଲେ। ଶ୍ରମ ଅଧିକାରୀ ଭିଜିଲାନ୍ସରେ ପଡ଼ିବା ପରେ ପରିସ୍ଥିତି ସୁଧୁରିବ ବୋଲି ଆଶା କରାଯାଉଥିଲା। ମାତ୍ର ଡ୍ରାଇଭରଙ୍କ ପ୍ରଭାବ ଓ ପ୍ରକୋପ ଆଜି ଅସହ୍ୟ ପରିସ୍ଥିତି ସୃଷ୍ଟି କରିଥିବା ଅଭିଯୋଗ ହୋଇଛି। ଆଜି ଶ୍ରମ କାର୍ଯ୍ୟାଳୟକୁ ଯାଇଥିବା ବରିଷ୍ଠ ଶ୍ରମିକ ନେତା ଶ୍ରୀକାନ୍ତ ପଟ୍ଟନାୟକଙ୍କୁ ଡ୍ରାଇଭର ଜଣଙ୍କ ଅଶ୍ଳିଳ ଗାଳି ଗୁଲଜ କରିବା ସହ ଜୀବନରୁ ମାରି ଦେଇଥିବା ଥାନାରେ ଅଭିଯୋଗ ହୋଇଛି। ଏହି ଡ୍ରାଇଭର ଜଣଙ୍କ ନୟାଗଡ଼ ସଦରଥାନା ଅନ୍ତର୍ଗତ ଲକ୍ଷ୍ମୀପ୍ରସାଦ ଗ୍ରାମର ପ୍ରକାଶ ଚନ୍ଦ୍ର ମହାନ୍ତି ବୋଲି ସୂଚନା ମିଳିଛି। ନୟାଗଡ଼ ପୁଲିସ ଘଟଣାର ତଦନ୍ତ ଆରମ୍ଭ କରିଥିବା ବେଳେ ଜିଲ୍ଲାପାଳ ଓ ଶ୍ରମ ବିଭାଗ ତାଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାକୁ ଦାବି ହେଉଛି।

# ଆଦି କର୍ମଯୋଗୀ ଅଭିଯାନ କର୍ମଶାଳା

ଦଶପଲ୍ଲା,୧୩।୯ (ସମିସ): ଭାରତ ସରକାରଙ୍କ ଆଦିବାସୀ ମନ୍ତ୍ରଣାଳୟ ତରଫରୁ ଧରିତ୍ରୀ ଆବା ଜନଜାତି ଗ୍ରାମ ଉତ୍କର୍ଷ ଅଭିଯାନର ଦ୍ୱାରା ଦଶପଲ୍ଲା ବ୍ଲକସ୍ତରୀୟ ଆଦି କର୍ମଯୋଗୀ ଅଭିଯାନର ଏକ ପ୍ରୟୋଗଶାଳା ଦଶପଲ୍ଲା ବ୍ଲକରେ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମକୁ ଦଶପଲ୍ଲା ମଣ୍ଡଳ ଉନ୍ନୟନ ଅଧିକାରୀ ଓ ଜିଲ୍ଲା ମଙ୍ଗଳ ଅଧିକାରୀ ଶୁଭାରମ୍ଭ କରିଥିଲେ। ଏହି କାର୍ଯ୍ୟକ୍ରମ ଦ୍ୱାରା ଦଶପଲ୍ଲା ବ୍ଲକର ମୋଟ ୧୧୦ ଟି ଅନୁସୁଚିତ ଜନଜାତି ବହୁଳ ଗ୍ରାମର ସାମଗ୍ରିକ ଉନ୍ନତ କରାଯିବାର ଲକ୍ଷ୍ୟ ରଖାଯାଇଛି। ସେଇ ଗ୍ରାମର ଜନଜାତି ଯୁବକ ଯୁବତୀମାନେ ସଶକ୍ତ ହେବା ସହ ଗ୍ରାମ ଓ ସରକାରୀ କର୍ମଚାରୀଙ୍କ ସହ ସଂଯୋଗ ସ୍ଥାପନା କରି ବିକାଶ ବାହକ ହେବେ। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ପ୍ରଶିକ୍ଷକ ଭାବେ ମଣ୍ଡଳ ଉନ୍ନୟନ ଅଧିକାରୀ, ଗୋଷ୍ଠୀ ଶିକ୍ଷା ଅଧିକାରୀ, ଜିଲ୍ଲା ମଙ୍ଗଳ ଅଧିକାରୀ ସହ ବ୍ଲକ ପ୍ରଶିକ୍ଷକମାନେ ପ୍ରଶିକ୍ଷଣ ପ୍ରଦାନ କରିଥିଲେ। ଦଶପଲ୍ଲା ବ୍ଲକ ଅତିରିକ୍ତ ମଣ୍ଡଳ ଅଧିକାରୀ, ସିଡିପିଓ ଦଶପଲ୍ଲା ସହ ବ୍ଲକସ୍ତରୀୟ ଅଧିକାରୀମାନେ ଏବଂ ୧୮ ଗୋଟି ପଞ୍ଚାୟତର ନିର୍ବାହୀ ଅଧିକାରୀ, ସରପଞ୍ଚ, ଡିଏଯୁଗା ଗ୍ରାମର ଗ୍ରାମବାସୀ ଓ ବସୁନ୍ଧରା ଓ ନିର୍ମାଣ ଆଦି ଏଞ୍ଜିଓର କର୍ମକର୍ତ୍ତାମାନେ ଉପସ୍ଥିତ ରହି ଏହି କାର୍ଯ୍ୟକ୍ରମରେ ପ୍ରଶିକ୍ଷଣ ନେଇଥିଲେ। ଏହି ବ୍ଲକସ୍ତରୀୟ ପ୍ରୟୋଗଶାଳାରେ ମଙ୍ଗଳ ସଂପ୍ରସାରଣ ଅଧିକାରୀ ଧନ୍ୟବାଦ ପ୍ରଦାନ କରିଥିଲେ।

# ମହାବିଦ୍ୟାଳୟ ବୁଲିଲେ ବିଦ୍ୟାଳୟ ଛାତ୍ରଛାତ୍ରୀ

ଶରଣକୁଳ,୧୩।୯ (ସମିସ): ଛାତ୍ରଛାତ୍ରୀଙ୍କ ମନରେ ଉତ୍ତମ ଶିକ୍ଷା ଓ ଜ୍ଞାନର ଅଭିବୃଦ୍ଧି ପାଇଁ କେଏସ୍‌ବି ପବ୍ଲିକ ସ୍କୁଲ ଶରଣକୁଳ ପକ୍ଷରୁ ଛାତ୍ରଛାତ୍ରୀଙ୍କୁ ନେଇ ବିଭିନ୍ନ ଅନୁଷ୍ଠାନ ପରିଭ୍ରମଣ ଶିକ୍ଷା ଅନୁଷ୍ଠିତ ହୋଇଛି। ବିଦ୍ୟାଳୟରେ ଅଧ୍ୟୟନରତ ନବମ ଓ ଦଶମ ଶ୍ରେଣୀ ଛାତ୍ରଛାତ୍ରୀ ଜିଲ୍ଲାର ବିଭିନ୍ନ ଅନୁଷ୍ଠାନ ପରିଭ୍ରମଣ କରି ବିଭିନ୍ନ ଜ୍ଞାନ କୌଶଳ ଉପରେ ଶିକ୍ଷା ଲାଭ କରିଛନ୍ତି। ବିଦ୍ୟାଳୟର ଅଧ୍ୟକ୍ଷ ନୀଳମାଧବ ତ୍ରିପାଠୀ, ସହକାରୀ ଶିକ୍ଷକ ଗୌରହରି ସାହୁ, କମଳ ଲୋଚନ ମହାପାତ୍ରଙ୍କ ତତ୍ତ୍ୱାବଧାନରେ ବିଦ୍ୟାଳୟର ଛାତ୍ରଛାତ୍ରୀ ନୟାଗଡ଼ ଲାଠିପଡାଠାରେ ଥିବା ସରକାରୀ ମଡେଲ ଡିଗ୍ରୀ କଲେଜ ପରିଭ୍ରମଣ କରି ବିଜ୍ଞାନ ଗାର ଗୁଡିକ



ବୁଲି ପ୍ରତ୍ୟକ୍ଷ ଜ୍ଞାନ ଆହରଣ କରିଥିଲେ। ଏଥିରେ ବିଦ୍ୟାଳୟର ନବମଓ ଦଶମ ଶ୍ରେଣୀର ୪୦ରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ସମ୍ପାଦକ ପ୍ରଶାନ୍ତ କୁମାର ଦାଶ କାର୍ଯ୍ୟକ୍ରମ ସଂଚାଳନା କରିଥିଲେ।

# ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ

ଗଣିଆ,୧୩।୯ (ସମିସ): ରଘୁନାଥଜୀଉ ଡିଗ୍ରୀ ମହାବିଦ୍ୟାଳୟର ୟୁଥ୍ ରେଡକ୍ରସ ୟୁନିଟ୍ ତରଫରୁ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ ପାଳିତ ହୋଇଯାଇଛି। ଡିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଲକ୍ଷ୍ମୀକାନ୍ତ ପଣ୍ଡା ମୁଖ୍ୟଅତିଥି ଭାବେ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ପୂର୍ବତନ ଅଧ୍ୟକ୍ଷ ତଥା ରାଜନୀତି ବିଜ୍ଞାନ ପ୍ରଫେସର ଅଖିଳ କୁମାର ହୋତା, ଇତିହାସ ବିଭାଗର ଅଧ୍ୟାପକ ଅଶୋକ କୁମାର ମିଶ୍ର, ଅଧ୍ୟାପକ ରାକେଶ କୁମାର ବରାଡ ପ୍ରମୁଖ ମଞ୍ଚାସୀନ ଥିଲେ। ମହାବିଦ୍ୟାଳୟରେ ଥିବା ୟୁଥ୍ ରେଡକ୍ରସ ୟୁନିଟର ପ୍ରଶଂସନୀୟ କାର୍ଯ୍ୟ ସମ୍ପର୍କରେ ମହାବିଦ୍ୟାଳୟର ଅଧ୍ୟକ୍ଷ ମତ ଦେଇଥିଲେ। ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ ପାଳନର ଉଦ୍ଦେଶ୍ୟ ସମ୍ପର୍କରେ ଅତିଥି ମାନେ ମତବ୍ୟକ୍ତ କରିଥିଲେ। ମହାବିଦ୍ୟାଳୟର ୧୦୦ରୁ ଅଧିକ ଛାତ୍ରଛାତ୍ରୀଙ୍କୁ ନେଇ ଗଣିଆ ବଜାର, ଗ୍ରାମ ପରିକ୍ରମା କରାଯାଇ ସଚେତନତା ବାର୍ତ୍ତା ପ୍ରଦାନ କରାଯାଇଥିଲା।

# ରାଷ୍ଟ୍ରୀୟ ଲୋକ ଅଦାଲତ; ୬୭୮୮ ମାମଲା ଫଇସଲା

ନୟାଗଡ଼,୧୩।୯ (ସମିସ):



ଜାତୀୟ ଆଇନ ସେବା ପ୍ରାଧିକରଣଙ୍କ ନିର୍ଦ୍ଦେଶ କ୍ରମେ ଜିଲ୍ଲା ଜଜ ତଥା ଜିଲ୍ଲା ଆଇନ ସେବା ପ୍ରାଧୁକରଣ ଅଧକ୍ଷ ଆନନ୍ଦ ନାରାୟଣ ମହାରଣା ଓ ସଚିବ ଅଞ୍ଜଳି ମଛଖଣ୍ଡଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଆଜି ନୟାଗଡ ଜିଲ୍ଲା ସମସ୍ତ ବିଚାର ବିଭାଗୀୟ ଅଦାଲତ ପରିସରରେ ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଯାଇଛି। ନୟାଗଡ଼ ଜିଲ୍ଲା ଉକ୍ତ ଲୋକ ଅଦାଲତରେ ୬ଟି ମୋଟର ଦୁର୍ଘଟଣା ଜନିତ ମାମଲା ଫଇସଲା କରାଯାଇ କ୍ଷତିପୂରଣ ବାବଦକୁ ୪୦ ଲକ୍ଷ ୮୫ ହଜାର ଟଙ୍କା ପ୍ରଦାନ କରିବା ପାଇଁ ବୀମା କମ୍ପାନୀଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ସେହିପରି ୧୪୨ ଦେୱାନି ମାମଲା ଫଇସଲା କରାଯାଇଥିଲା। ଏନଆଇ ଆକ୍ଟ କେସ ୯ଟି ଫଇସଲା କରାଯାଇ ୧୪ ଲକ୍ଷ ୬୬ ହଜାର ୧୦୦ ଟଙ୍କା ଆଦାୟ କରଯାଇଥିଲା ଏବଂ ବିବାହ ଜନିତ ୧୫ଟି ମାମଲା, ଅନ୍ୟାନ୍ୟ ଫୌଜଦାରୀ ୧୯୨ଟି ମାମଲା ଫଇସଲା କରଯାଇଥିଲା। ବ୍ୟାଙ୍କରୁ ଋଣ ନେଇ ଋଣ ପରିଶୋଧ କରିନଥିବା ୧୧୩ ଜଣ ଋଣ ଗ୍ରହିତାଙ୍କଠାରୁ ୪୨ ଲକ୍ଷ ୩୮ ହଜାର ୧୮୫.୨୬ ଟଙ୍କା ଦେବା ପାଇଁ ରାଜିନାମା ସ୍ୱାକ୍ଷରିତ କରାଯାଇଥିଲା। ସେହିପରି ୬୭୮୮ଟି ରାଜସ୍ୱ ମାମଲା ଫଇସଲା କରାଯାଇ ୫ ଲକ୍ଷ ୪୯ ହଜାର ୧୮୬ ଟଙ୍କା ଆଦାୟ କରଯାଇଥିଲା ଏବଂ ଅନ୍ୟାନ୍ୟ ଦେୱାନି ୭୯ ଟି ମାମଲାର ଫଇସଲା ହୋଇଥିଲା। ବିଦ୍ୟୁତ ସମ୍ବନ୍ଧୀୟ ୩ଟି ମାମଲା ଫଇସଲା ହୋଇଥିଲା। ରଫାଯୋଗ୍ୟ ଫୌଜଦାରି ମାମଲା ୧ଟି ଫଇସଲା କରାଯାଇ ୧୫୦୦ ଟଙ୍କା ଆଦାୟ କରଯାଇଥିଲା। ଏହି ଲୋକ ଅଦାଲତରେ ଜିଲ୍ଲା ଓ ଦୌରା ଜଜ ଆନନ୍ଦ ନାରାୟଣ ମହାରଣା, ପରିବାର ଅଦାଲତ ବିଚାରପତି ଡ. ଇନ୍ଦୁ ଶର୍ମା, ଅତିରିକ୍ତ ଜିଲ୍ଲା ଓ ଦୌରାଜଜ ରିଜା ରାୟ, ବରିଷ୍ଠ ଦେୱାନି ଅଦାଲତ ବିଚାରପତି ସତ୍ୟବ୍ରତ ରଣା, ବରିଷ୍ଠ ଦେୱାନି ଅଦାଲତ ବିଚାରପତି ରବି ନାରାୟଣ ବେହେରା, ଉପଖଣ୍ଡ ଫୌଜଦାରୀ ବିଚାରପତି ସମାପିକା ସମଦର୍ଶିନୀ, ଜେଏମ୍ଏଫସି ଲଳିତା ପାତ୍ର ଏବଂ ଶୁଶ୍ରିତା ମିଶ୍ର। ଉପସ୍ଥିତ ରହି ନିଜ ନିଜ ଅଦାଲତ ପରିଚାଳନା କରିଥିବା ବେଳେ ମୁଖ୍ୟ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ଶୃତିସ୍ମିଗ୍ଧା ଦାସ, ଜିଲ୍ଲା ଆଇନ ସେବା ପ୍ରାଧିକରଣ ସଚିବ ଅଞ୍ଜଳି ମଚ୍ଛଖଣ୍ଡ, ବରିଷ୍ଠ ଦେୱାନି ବିଚାରପତି ତଥା ସହକାରୀ ଦୌରାଜଜ ମହିଳା ଅଦାଲତ ସ୍ୱର୍ଣ୍ଣ ପ୍ରଭା ଆଚାର୍ଯ୍ୟ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଲୋକ ଅଦାଲତକୁ ସଫଳ କରିବା ପାଇଁ ସରକାରୀ ଓକିଲ ଦଣ୍ଡପାଣି ସ୍ୱାଇଁ, ବରିଷ୍ଠ ଅଧିବକ୍ତା ରମେଶ ଚନ୍ଦ୍ର ମହାରଣା, ଏବଂ ଜିଲ୍ଲା ଆଇନ ସେବା ପ୍ରାଧିକରଣର ସମସ୍ତ କର୍ମଚାରୀ ଓ ସମସ୍ତ ନ୍ୟାୟ ମିତ୍ର ଉପସ୍ଥିତ ରହି ସହଯୋଗ କରିଥିଲେ।

ଓଡ଼ଗାଁ : ନୟାଗଡ଼ ଜିଲ୍ଲା ଓଡ଼ଗାଁ ଅଦାଲତରେ ଜିଲ୍ଲା ଓ ଦୌରାଜଜ୍ ତଥା ତାଲୁକ ଆଇନ ସେବା କମିଟିର ଅଧକ୍ଷ ସଂଘମିତ୍ରା ଶର୍ମା, ବରିଷ୍ଠ ଦେୱାନୀ ବିଚାରପତି ଜନ୍ମେଜୟ ଦାସ, ଜୁନିଅର ସିଭିଲ ଜଜ୍ ପ୍ରେରଣାଶ୍ରୀ ଦେଓ, ଗ୍ରାମ ନ୍ୟାୟାଳୟ ନ୍ୟାୟାଧିକାରି ସୌମ୍ୟାଶ୍ରୀ ମହାପାତ୍ରଙ୍କ ଉପସ୍ଥିତି ଏବଂ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଓଡ଼ଗାଁ ଅଦାଲତ ପରିସରରେ ଅନୁଷ୍ଠିତ ୩ୟ ରାଷ୍ଟ୍ରୀୟ ଲୋକ ଅଦାଲତରେ ୧୮୯ରୁ ୧୪୨ ମାମଲା ଫଇସଲା ହୋଇଥିଲା। କେବଳ ଅର୍ଥ ସମ୍ବନ୍ଧୀୟ ୧୬୭ ମାମଲାରୁ ୨୨ମାମଲାର ଫଇସଲା କରିବା ବାବଦରେ ୧ଲକ୍ଷ ୫୦ ହଜାର ୬ଶହ ଟଙ୍କା ଅସୁଲ ହୋଇଛି। ସେହିପରି ବିଚାରଧୀନ ଥିବା ୧୦୭ ଦେୱାନୀ ମାମଲାରୁ ୧୦୪ ମାମଲାର ଫଇସଲା ହୋଇଥିବା ବେଳେ କ୍ରିମିନାଲ କମ୍ପାଉଣ୍ଡେବୁଲ ୩, ଏନ୍ଆଇ ଆଇନ ମାମଲା ୯, ଅର୍ଥ ଆଦାୟ ମାମଲା ୫ ଏବଂ ମୋଟର ଦୁର୍ଘଟଣା ଜନିତ କ୍ଷୟକ୍ଷତି ଦାବି ସମ୍ପର୍କିତ ୬ ମାମଲା ରହିଥିଲା। ବରିଷ୍ଠ ସରକାରୀ ଅଧିବକ୍ତା ଇନ୍ଦୁ ଭୂଷଣ ମିଶ୍ର, ପ୍ରମୋଦ କୁମାର ବିଶ୍ୱାଳ, ଅମୂଲ୍ୟ ପ୍ରସାଦ ପ୍ରଧାନଙ୍କ ସହିତ ଅନ୍ୟ ଅଧିବକ୍ତାଙ୍କ ମଧ୍ୟରୁ ରାଧାକୃଷ୍ଣ ମହାପାତ୍ର, ବିବେକାନନ୍ଦ ସରସ୍ୱତୀ ଏବଂ ମହାଦେବ ବିଶ୍?ାଳ ପ୍ରମୁଖ ଲୋକ ଅଦାଲତରେ ଉପସ୍ଥିତ ରହିଥିଲେ। ତାଲୁକ ଆଇନ ସେବା କମିଟି ସଂଯୋଜିକା ଶ୍ରଦ୍ଧାଞ୍ଜଳି ରଥ କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ।

# ସାର ନେବାକୁ ଚାଷୀଙ୍କ ମଧ୍ୟରେ ଟଣାଓଟରା

ଓଡ଼ଗାଁ,୧୩।୯ (ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ ଏବଂ ଏନ୍ଏସି ଅଞ୍ଚଳରେ ସାର ଅଭାବ ପାଇଁ ଚାଷୀମାନେ ଚିନ୍ତାରେ ପଡ଼ି ଯାଇଥିବା ବେଳେ ଏହି ବ୍ଲକରେ ୨ରୁ ୩ ଗୋଟି ସମିତିକୁ ଛାଡ଼ି ଦେଲେ ଅନ୍ୟ କୌଣସି କୃଷି ସେବା ସମବାୟ ସମିତିକୁ ଆଦୌ ସାର ମିଳିନଥିବା ସେମାନଙ୍କ ଚିନ୍ତାକୁ ଦୁଇଗୁଣିତ କରିଦେଇଛି। ଅନ୍ୟପକ୍ଷରେ ଯେଉଁ ସମିତିକୁ ସାର ମିଳିଛି ହଜାରେ ବସ୍ତା ଆବଶ୍ୟକତା କ୍ଷେତ୍ରରେ ମାତ୍ର ୨ ଶହ ବସ୍ତା ସାର ଯୋଗାଣ ହୋଇଛି। ଫଳରେ ସାର ନେବାପାଇଁ ୨ ଶହ ଜାଗାରେ ୪ ଶହ ଚାଷୀ ପହଞ୍ଚିବାରୁ କୋମଣ୍ଡ ସମବାୟ ସମିତିର ସାର ବିକ୍ରୟ କେନ୍ଦ୍ରଠାରେ ଚାଷୀ ମାନଙ୍କ ମଧ୍ୟରେ ସାମାନ୍ୟ ଉତ୍ତେଜନା ପ୍ରକାଶ ପାଇଥିଲା। ସମିତି ସମ୍ପାଦକ ଓ ସଭାପତି ଚାଷୀଙ୍କୁ ବୁଝା ସୁଝା କରିବା ପରେ ପରିସ୍ଥିତି ଶାନ୍ତ ପଡ଼ିଥିଲା। ପ୍ରଚାର ପ୍ରସାରର ଅଭାବରୁ ଜୈବିକ ସାର ବ୍ୟବହାର ଏକପ୍ରକାର ଲୋପ୍ ପାଇଥିବା ବେଳେ ଚାଷୀ ଜମିକୁ କମଣି କରି ଆବଶ୍ୟକ କାମ ସାରିଲା ପରେ ପ୍ରାୟ ୧ ମାସ ହେଲା ରସାୟନିକ ସାରର ଅପେକ୍ଷାରେ ଅନାଇ ବସିଛି। ଜମିରେ ସାର ପ୍ରୟୋଗ କଲେ ଧାନଗଛ ହୃଷ୍ଟ ପୃଷ୍ଟ ହୋଇ ଭଲ ଥୋଡ ଧରିବ। ଫଳରେ ଚାଷୀ ଅଧିକ ଅମଳ ପାଇପାରିବ। କିନ୍ତୁ ସାର ପ୍ରୟୋଗରେ ବହୁ ବିଳମ୍ବ କାରଣରୁ ଅମଳରେ ବାଧା ପହଞ୍ଚିବା ନିଶ୍ଚିତ। ଏଥିପ୍ରତି ସରକାରଙ୍କ ଉଦାସୀନତା ମନୋଭାବ ଚାଷିମାନଙ୍କୁ ବ୍ୟଥିତ କରିଛି।

# ଗଣେଶଙ୍କ ସ୍ମୃତିରେ ଶ୍ମଶାନରେ ଜଳିଲା ବିଜୁଳି





ନିରାକାରପୁର, ୧୩।୯ (ସମିସ): ଖୋର୍ଦ୍ଧା ଜିଲ୍ଲା ନିରାକାରପୁର ନନ୍‌ପଡ଼ା ଗ୍ରାମର ଯୁବ ବ୍ୟବସାୟୀ ତଥା ଗଣେଶ ପୂଜା କମିଟିର ସକ୍ରିୟ ସଦସ୍ୟ ଗଣେଶ ପ୍ରଧାନ ଓରଫ ପିଲୁଙ୍କର ଶରୀର ଅସୁସ୍ଥତାରୁ ଅଳ୍ପବୟସରେ ଦେହାନ୍ତ ଘଟିଥିଲା। ତେବେ ତାଙ୍କର ଅନ୍ତିମ ସଂସ୍କାର ସମୟରେ ଶ୍ମଶାନଟି ସମ୍ପୂର୍ଣ୍ଣ ଅନ୍ଧକାର ଥିଲା। ଏପରିକି ଶବ ଦାହ ନିମନ୍ତେ ଯାଇଥିବା ସାଙ୍ଗସାଥୀ ଓ ଆତ୍ମୀୟ ସ୍ୱଜନ ବସିବା ପାଇଁ ମଧ୍ୟ ସେଠାରେ ସେଭଳି କିଛି ସୁବିଧା ନଥିଲା ହ୍ଣ ତେଣୁ ସ୍ୱର୍ଗତ ପିଲୁଙ୍କ ସ୍ମୃତିରେ ଉକ୍ତ ଶ୍ମଶାନକୁ ଆଲୋକୀକରଣ କରିବା ନିମନ୍ତେ ସ୍ଥାନୀୟ ଯୁବଗୋଷ୍ଠୀ ପଣ କରିଥିଲେ। ନିରାକାରପୁର ପଞ୍ଚାୟତର ପ୍ରାକ୍ତନ ସରପଞ୍ଚ ହୃଷିକେଶ ରାଉତରାୟଙ୍କ ନେତୃତ୍ୱରେ ସ୍ୱର୍ଗତ ପିଲୁଙ୍କର ଏକାଦଶ ତିଥିରେ ଶ୍ମଶାନକୁ ଆଲୋକିତ କରିବା ସହିତ ଏହା ମଧ୍ୟରେ କଂକ୍ରିଟ ବେଞ୍ଚ୍ ପକାଯାଇଛି। ଏଥିପାଇଁ ସ୍ଥାନୀୟ ଯୁବଗୋଷ୍ଠୀ ଆର୍ଥିକ ସହାୟତା ଦେଇଛନ୍ତି। ଆଜିର ଉଦ୍‌ଘାଟନ କାର୍ଯ୍ୟକ୍ରମରେ ଗାଁର ଯୁବକମାନେ ଉପସ୍ଥିତ ଥିଲେ। ଯୁବକଙ୍କ ଏଭଳି ଜନହିତକର କାର୍ଯ୍ୟକ୍ରମକୁ ବୁଦ୍ଧିଜୀବୀ ମହଲରେ ସ୍ୱାଗତ କରାଯାଇଛି।

# ଡକାୟତି ଯୋଜନା ପଣ୍ଡ; ୫ ଗିରଫ

ଖୋର୍ଦ୍ଧା,୧୩।୯ (ସମିସ): ଜାତୀୟ ଓ ରାଜ୍ୟ ରାଜପଥ କଡ଼ରେ ଥିବା ପେଟ୍ରୋଲ ପମ୍ପରୁ ବଡ଼ଧରଣର ଲୁଟ୍ ଯୋଜନା କରୁଥିବା ଏକ ଗ୍ୟାଙ୍ଗକୁ ଧରିବା ସହ ଡକାୟତି ଯୋଜନା ପଣ୍ଡ କରିଛି ଖୋର୍ଦ୍ଧା ଶିଳ୍ପାଞ୍ଚଳ ଥାନା ପୁଲିସ। ଡକାୟତି ଯୋଜନା କରୁଥିବା ୫ଜଣଙ୍କୁ ପୁଲିସ ବେଣାପଞ୍ଜରୀ-ଗଡ଼ଖୋର୍ଦ୍ଧା ରୋଡ୍‌ରେ ଥିବା ଗଡ଼ଚଣ୍ଡୀ ମନ୍ଦିର ନିକଟରୁ ଗିରଫ କରିଛି। ସେମାନେ ହେଲେ ତମାଣ୍ଡୋ ଥାନା ପାତ୍ରପଡ଼ା ସିଜୁଆର ଦୁଇଭାଇ ଅନୀଲ ପ୍ରଧାନ ଓରଫ ଟିମା (୩୦) ଓ ସୁନୀଲ ପ୍ରଧାନ ଓରଫ ରାଜା (୩୬), ଶିଳ୍ପାଞ୍ଚଳ ଥାନା ମୁକୁନ୍ଦପ୍ରସାଦର କ୍ରିଷ୍ଣାକୁମାର ପ୍ରଧାନ ଓରଫ ପିନୁ (୨୬), ତାଜ ଖାନ୍ ଓରଫ୍ ତାଜ (୨୭) ଏବଂ ଆଦର୍ଶ ଥାନା ଅନ୍ତର୍ଗତ ଗଡ଼ଦ୍ୱାରସାହିର ମୀନକେତନ ଆଚାର୍ଯ୍ୟ (୩୪)। ସେମାନଙ୍କ ଠାରୁ ପୁଲିସ ଗୋଟିଏ ବନ୍ଧୁକ, ୪ଟି ଦେଶୀବୋମା, ଖଣ୍ଡା, ଛୁରି, ଆରି ପାତ, ପ୍ଲାସ୍, ୨ଟି ହେଲମେଟ୍ ଓ ୨ଟି ବାଇକ୍ ଜବତ କରିଛି।



ସୂଚନା ଅନୁସାରେ, ଗତକାଲି ବିଳମ୍ବିତ ରାତିରେ କେତେକ ଯୁବକ ଗଡ଼ଚଣ୍ଡୀ ମନ୍ଦିର ନିକଟ ଏକ ପିଣ୍ଡିରେ ବସି କିଛି ଯୋଜନା କରୁଥିବା ପୁଲିସ ବିଶେଷ ସୂତ୍ରରୁ ଖବର ପାଇଥିଲା। ସେମାନଙ୍କୁ ଧରିବା ଲାଗି ଏସ୍‌ପି ବିବେକାନନ୍ଦ ଶର୍ମାଙ୍କ ନିର୍ଦ୍ଦେଶକ୍ରମେ ଭାରପ୍ରାପ୍ତ ଏସ୍‌ଡିପିଓ ଅନୀଲ ମହାନ୍ତି ଓ ଭାରପ୍ରାପ୍ତ ଥାନା ଅଧିକାରୀ ବାସୁଦେବ ଜୟସିଂଙ୍କ ତତ୍ତ୍ୱାବଧାନରେ ଏକ ଟିମ୍ ଗଠନ କରାଯାଇଥିଲା। ଏହି ଟିମ୍ ଏସ୍‌ଆଇ ସୁନିତା ବେହେରାଙ୍କ ନେତୃତ୍ୱରେ ରାତି ପ୍ରାୟ ୪.୪୦ମି. ସମୟରେ ଉକ୍ତ ପିଣ୍ଡିଠାରେ ଚଢ଼ଉ କରିଥିଲା। ଚଢ଼ଉବେଳେ ସୁନୀଲ ଓ ଅନୀଲ ସମେତ ୫ଜଣ ବନ୍ଧୁକ ଏବଂ ବୋମା ଦେଖାଇ ଖସିବାକୁ ଉଦ୍ୟମ କରିଥିଲେ ହେଁ ଏସ୍‌ଆଇ ଶ୍ରୀମତୀ ବେହେରା କୌଶଳକ୍ରମେ ବନ୍ଧୁକ ଓ ବୋମା ଛଡ଼ାଇ ସେମାନଙ୍କୁ ଧରିବାରେ ସଫଳ ହୋଇଥିଲେ। ସେମାନଙ୍କୁ ଥାନାରେ ପଚରାଉଚରା ସମୟରେ

## ବନ୍ଧୁକ, ବୋମା ସହ ୨ବାଇକ୍ ଜବତ

ଜାତୀୟ ଓ ରାଜ୍ୟ ରାଜପଥ କଡ଼ରେ ଥିବା ପେଟ୍ରୋଲ ପମ୍ପ ଏବଂ ରାସ୍ତାରେ ଯାଉଥିବା ବଡ଼ ଗାଡ଼ିରୁ ବଡ଼ଧରଣର ଲୁଟ୍ କରିବାକୁ ଯୋଜନା କରିଥିବା ପୁଲିସ ଜାଣିବାକୁ ପାଇଥିଲା। ଏ ନେଇ ୨୧୭/୨୫ରେ ଏକ ମାମଲା ରୁଜୁ କରି ସେମାନଙ୍କୁ ଗିରଫ କରି ପୁଲିସ କୋର୍ଟ ଚାଲାଣ କରିଛି। ଏହି ଚଢ଼ଉରେ ଶ୍ରୀମତୀ ବେହେରାଙ୍କ ସମେତ କନଷ୍ଟେବଲ ଗୋପୀନାଥ ମଙ୍ଗରାଜ, ପ୍ରଦୀପ ହରିଚନ୍ଦନ ପ୍ରମୁଖ ସାମିଲ ଥିଲେ। ଏହାର ତଦନ୍ତଭାର ଏସ୍‌ଆଇ ଅଶୋକ ମହାନ୍ତିଙ୍କୁ ଦିଆଯାଇଥିବା ଜଣାଯାଇଛି।

# ଓଡ଼ିଶା ପ୍ରୋ ଟି-୨୦ ଲିଗ୍ କ୍ରିକେଟ: ଜିଲ୍ଲାର ୭ ଖେଳାଳି ମନୋନୀତ

ଖୋର୍ଦ୍ଧା,୧୩।୯ (ସମିସ): ଓଡ଼ିଶା କ୍ରିକେଟ ଆସୋସିଏସନ ଆନୁକୂଲ୍ୟରେ ଆସନ୍ତା ୧୭ରୁ ୨୬ ତାରିଖ ପର୍ଯ୍ୟନ୍ତ କଟକ ବାରବାଟୀ ଷ୍ଟାଡିୟମ ଠାରେ ଅନୁଷ୍ଠିତ ହେବାକୁ ଥିବା ଓଡ଼ିଶା ପ୍ରୋ ଟି -୨୦ ଲିଗ କ୍ରିକେଟ ଟୁର୍ଣ୍ଣାମେଣ୍ଟରେ ଅଂଶ ଗ୍ରହଣ କରୁଥିବା ୬ଟି ଦଳରେ ଖେଳିବାକୁ ଥିବା ଖେଳାଳିଙ୍କ ନିଲାମ ପ୍ରକ୍ରିୟାରେ ଖୋର୍ଦ୍ଧା ଜିଲ୍ଲାରୁ ୭ଜଣ ଖେଳାଳି ବିଭିନ୍ନ ଫ୍ରାଞ୍ଚାଇଜ ପାଇଁ ମନୋନୀତ ହୋଇଛନ୍ତି। ଆର୍ଯ୍ୟଶ୍ରୀ ଦେବାଶିଷ ଭଞ୍ଜ ଭୁବନେଶ୍ୱର ଟାଇଗର୍ସ, ଦେବବ୍ରତ ପ୍ରଧାନ ଏବଂ ବିଶ୍ୱଭୂଷଣ ବିହାରୀ କେନ୍ଦୁଝର ମାଇନର୍ସ, ରୁଦ୍ର ପ୍ରାସାଦ ମଲ୍ଲିକ ଏବଂ ଆଦିତ୍ୟ ଜୟସିଂ ପୁରୀ ଟାଇଟନ୍ସ, ରାକେଶ ପଟ୍ଟନାୟକ ଏବଂ ହେମନ୍ତ ରଥ୍ ସମ୍ବଲପୁର ୱାରିୟର୍ସ ପାଇଁ ଖେଳିବାକୁ ମନୋନୀତ ହୋଇଛନ୍ତି। ଚଳିତ ବର୍ଷର ପ୍ରୋ ଟି ୨୦ ଲିଗ୍‌ରେ ଜିଲ୍ଲାର ଏତେ ସଂଖ୍ୟ ପିଲା ମନୋନୀତ ହୋଇଥିବାରୁ ଜିଲ୍ଲା ଖେଳ ପ୍ରେମୀଙ୍କ ମଧ୍ୟରେ ଖୁସି ପରିଲକ୍ଷିତ ହୋଇଛି। ଜିଲ୍ଲା କ୍ରିକେଟ ସଙ୍ଘ, ଖୋର୍ଦ୍ଧାର ସଭାପତି ତଥା ପୂର୍ବତନ ଖୋର୍ଦ୍ଧା ଜିଲ୍ଲା ଯୋଜନା କମିଟି ଅଧ୍ୟକ୍ଷ ରାଜେନ୍ଦ୍ର କୁମାର ସାହୁ ଖେଳାଳିଙ୍କ ଉନ୍ନତ ପ୍ରଦର୍ଶନ କାମନା କରିଛନ୍ତି। ରବିବାର ସମସ୍ତ ଖେଳାଳିଙ୍କୁ ସମ୍ବର୍ଦ୍ଧିତ କରାଯିବ ବୋଲି ଆସୋସିଏସନ ସମ୍ପାଦକ ତଥା ଓସିଏ କୋଷାଧ୍ୟକ୍ଷ ବିକାଶ ପ୍ରଧାନ ପ୍ରକାଶ କରିଛନ୍ତି।

## ୨୧ କେଜିରୁ ଊର୍ଦ୍ଧ୍ୱ ଗଞ୍ଜେଇ ଜବତ, ଜଣେ ଗିରଫ

ନିରାକାରପୁର,୧୩।୯ (ସମିସ): ଖୋର୍ଦ୍ଧା ଜିଲ୍ଲା ଜଙ୍କିଆ ଥାନା ଛଣଗିରି ନୂଆ ଜଗନ୍ନାଥ ସଡ଼କ କବରସ୍ଥାନ ସମ୍ମୁଖରେ ଆଜି ଜଙ୍କିଆ ଥାନା ଆଇଆଇସି ସୁଶାନ୍ତ କୁମାର ବେହେରାଙ୍କ ନିର୍ଦ୍ଦେଶରେ ସିକୋ ଫାଣ୍ଡି ଅଧିକାରୀ ପ୍ରସନ୍ନ ଜେନା ଅନ୍ୟ ଦୁଇ ଜଣ କର୍ମଚାରୀ ଚଢ଼ଉ କରି ୨୧ କେଜି ୫୦୦ ଗ୍ରାମ ଗଞ୍ଜେଇ ଜବତ କରିବା ସହିତ ଜଣଙ୍କୁ ଗିରଫ କରିଥିବା ଜଣାପଡ଼ିଛି। ଓଡି ୦୭- ୩୪୮୮ ବିଶିଷ୍ଟ ଗାଡ଼ିକୁ ଅଟକାଇ ଯାଞ୍ଚ କରିବାବେଳେ ଏହି ଗାଡ଼ିରେ ଏକ ଜରି ବସ୍ତାରେ ଚୋରା ଚାଲାଣ ହେଉଥିବା ଗଞ୍ଜେଇକୁ ଜବତ କରିଥିଲେ। ଏହାକୁ ନେଇ ଯାଉଥିବା ଜଙ୍କିଆ ଥାନା ସିକୋ ଗ୍ରାମର ମାଗୁଣି ସାହୁ (୬୨)ଙ୍କୁ ଗିରଫ କରାଯାଇଛି। ତାଙ୍କ ଠାରୁ ନଗଦ ୩୭୨୦ ଟଙ୍କା ମଧ୍ୟ ଜବତ କରାଯାଇଛି। ସେ ଏହି ଗଞ୍ଜେଇ ରଣପୁର ଆଡୁ ଆଣି ଖୋର୍ଦ୍ଧା ଅଞ୍ଚଳକୁ ନେଉଥିବା ପ୍ରକାଶ କରିଥିଲେ। ଜଙ୍କିଆ ପୁଲିସ କେସ ନଂ ୩୨୭/୨୫ ରେ ଏକ ମାମଲା ରୁଜୁ କରି ମାଗୁଣିଙ୍କୁ କୋର୍ଟ ଚାଲାଣ କରି ତଦନ୍ତ ଚଳାଇଥିବା ଜଣାପଡ଼ିଛି।



**ଜିଲ୍ଲାସ୍ତରୀୟ ମହକ ଓ ଉତ୍ସାହ ଉଦ୍‌ଯାପିତ**

# ସାମିଲ ହେଲେ ୧୦ ଶିଶୁ ଯତ୍ନ ଅନୁଷ୍ଠାନର ୨୫୦ ଅନ୍ତେବାସୀ



ଖୋର୍ଦ୍ଧା,୧୩।୯ (ସମିସ): ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍ ଆନୁକୂଲ୍ୟରେ ଚାଲିଥିବା ଜିଲ୍ଲାସ୍ତରୀୟ ମହକ ଓ ଉତ୍ସାହ ୨୦୨୫ ଉଦ୍‌ଯାପିତ ହୋଇଯାଇଛି। ଗତକାଲି ଉତ୍ସାହ - ୨୦୨୫ ଖୋର୍ଦ୍ଧା ଷ୍ଟାଡିୟମ ଠାରେ ଅନୁଷ୍ଠିତ ହୋଇଥିବା ବେଳେ ଆଜି ମହକ-୨୦୨୫ ଖୋର୍ଦ୍ଧା ବିଜେବି ଉଚ୍ଚ ବିଦ୍ୟାଳୟ ଠାରେ ଅନୁଷ୍ଠିତ ହୋଇଥିଲା। ଡେପୁଟି କଲେକ୍ଟର ଶ୍ରୀତପା ମିଶ୍ର ମୁଖ୍ୟ ଅତିଥି ରୂପେ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥିଭାବେ ବିଜେବି ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ବିଭୁ ପ୍ରସାଦ ସେନାପତି, ଅତିରିକ୍ତ ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ ଡଃ ଇନ୍ଦିରା ରଥ, ଶିଶୁ କଲ୍ୟାଣ ସମିତିର ସଦସ୍ୟ ସ୍ୱପ୍ନା ତ୍ରିପାଠୀ ଏବଂ ମନୀଷା ପଣ୍ଡା ପ୍ରମୁଖ ଯୋଗ ଦେଇଥିଲେ। ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ବାଣୀଶ୍ରୀ ପଟ୍ଟନାୟକ ସ୍ୱାଗତ ଭାଷଣ ଦେବା ସହିତ ଏହି କାର୍ଯ୍ୟକ୍ରମର ଆଭିମୁଖ୍ୟ ଉପରେ ଆଲୋଚନା କରିଥିଲେ। ମହକ ଓ ଉତ୍ସାହରେ ଫୁଟବଲ, କ୍ୟାରମ, ଚେସ, ୧୦୦ ମିଟର ଦୌଡ଼, ଉଚ୍ଚ ଡିଆଁ, ଲମ୍ବ ଡିଆଁ, ନୃତ୍ୟ, ସଙ୍ଗୀତ, ବକ୍ତୃତା, ପ୍ରଶ୍ନୋତ୍ତରୀ ଏବଂ ଚିତ୍ରାଙ୍କନ ପ୍ରଭୃତି ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ଖୋର୍ଦ୍ଧା ଜିଲ୍ଲାର ୧୦ଟି ଶିଶୁ ଯତ୍ନ ଅନୁଷ୍ଠାନର ୨୫୦ ଜଣ ଅନ୍ତେବାସୀ ଭାଗ ନେଇଥିଲେ।

ଉଦଯାପନୀ ଉତ୍ସବରେ ଶିଶୁ ମଙ୍ଗଳ ସମିତିର ସଭ୍ୟ ବ୍ରଜ କିଶୋର ମହାପାତ୍ର, ମନୀଷା ପଣ୍ଡା, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ବାଣୀଶ୍ରୀ ପଟ୍ଟନାୟକ, ଓଡ଼ିଶାର ଜଣାଶୁଣା ଚଳଚିତ୍ର ଜଗତର ସଙ୍ଗୀତଜ୍ଞ ଶୈଳେନ୍ଦ୍ର ପାତ୍ର, ଗୀତିକାର ସୂର୍ଯ୍ୟ ଶ୍ରୀକାନ୍ତ ପ୍ରମୁଖ ଯୋଗ ଦେଇଥିଲେ। ସଚିନ୍ଦ୍ର ନାଥ ସାହୁ, ଅଶୋକ କୁମାର ସେଠୀ, ସୁକାନ୍ତ ପୃଷ୍ଟି, ରଞ୍ଜନ ଗୋଛାୟତ, ରୀତାଞ୍ଜାଳି ମହାନ୍ତି, ମନସ୍ୱିନୀ ମହାପାତ୍ର, ସତ୍ୟବ୍ରତ ସମାନ୍ତରା, ସଚ୍ଚିଦାନନ୍ଦ ସେଠୀ, ଶୁଭାଶିଷ ପଟ୍ଟନାୟକ, ନିରାଳି ପ୍ରଧାନ, ଅର୍ଚ୍ଚନା ରାୟ, ସ୍ୱେଚ୍ଛାସେବୀ ଅନୁଷ୍ଠାନ ଭୈରବୀ କ୍ଲବ୍ ଏବଂ ବିଷ୍ଣୁ ଜୀବନ ସେବା ସଂଘର ସ୍ୱେଚ୍ଛାସେବୀ ପରିଚାଳନାରେ ସହଯୋଗ କରିଥିଲେ।

# ଆନ୍ତଃରାଜ୍ୟ ପ୍ରବାସୀ ଶ୍ରମିକ ସଚେତନତା ଶିବିର

ବାଣପୁର,୧୩।୯ (ସମିସ) : ଶ୍ରମ ବିଭାଗ ଓ ଜିଲ୍ଲା ପ୍ରଶାସନର ମିଳିତ ଆନୁକୂଲ୍ୟରେ ବାଣପୁର ବ୍ଲକ ଅନ୍ତର୍ଗତ କୁମାରାଙ୍ଗ ଶାସନ ଗ୍ରାମ ପଞ୍ଚାୟତ ବାତ୍ୟା ଆଶ୍ରୟସ୍ଥଳୀ ପରିସରରେ ପଞ୍ଚାୟତସ୍ତରୀୟ ଅନ୍ତଃରାଜ୍ୟ ପ୍ରବାସୀ ଶ୍ରମିକ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ସହକାରୀ ଶ୍ରମ ଅଧିକାରୀ ସୌମ୍ୟ ରଞ୍ଜନ କର, ସରପଞ୍ଚ, ନାଏବ ସରପଞ୍ଚ, ସମିତି ସଭ୍ୟ, ଟ୍ରେଡ୍ ୟୁନିଅନ ପ୍ରତିନିଧିଙ୍କ ସମେତ ସ୍ଥାନୀୟ ଅଞ୍ଚଳର ଶ୍ରମିକ ସାମିଲ ହୋଇଥିଲେ। ଏହି କାର୍ଯ୍ୟକ୍ରମରେ ଶ୍ରମିକ ମାନଙ୍କ ପାଇଁ ଉଦ୍ଦିଷ୍ଟ ବହୁବିଧ ଯୋଜନା ଗୁଡିକ ସମ୍ପର୍କରେ ଆଲୋଚନା କରା ଯାଇଥିବା ସହ ଆନ୍ତଃରାଜ୍ୟ ଶ୍ରମିକମାନଙ୍କ ପାଇଁ ଉପଲବ୍ଧ ବିଭିନ୍ନ ଆଇନ ପ୍ରାବଧାନ ସମ୍ପର୍କରେ ତଥା ଦେଶ ବାହାରେ କାର୍ଯ୍ୟରତ ଶ୍ରମିକ ମାନଙ୍କ ଲାଗି ଉପଲବ୍ଧ ଥିବା ବିଭିନ୍ନ ଯୋଜନା ସମ୍ପର୍କରେ ଉପସ୍ଥିତ ପ୍ରବାସୀ ଶ୍ରମିକଙ୍କୁ ସଚେତନ କରାଯାଇଥିଲା। ଏହି ଅବସରରେ ୧୪ଜଣଙ୍କୁ ନିର୍ମାଣ ଶ୍ରମିକ କାର୍ଡ ବଣ୍ଟନ କରାଯାଇଥିଲା। ଅନୁରୂପ ଭାବେ ବାଣପୁର ବ୍ଲକ୍ ଦୁଇ ଗ୍ରାମପଞ୍ଚାୟତ ଗାଲୁଆ ଓ ବିଷ୍ଣୁଡିହ ପଞ୍ଚାୟତ କାର୍ଯ୍ୟାଳୟରେ ପୃଥକ୍ ଭାବେ ପଞ୍ଚାୟତସ୍ତରୀୟ ଅନ୍ତଃରାଜ୍ୟ ପ୍ରବାସୀ ଶ୍ରମିକ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ୬ ଜଣଙ୍କୁ ନିର୍ମାଣ ଶ୍ରମିକ କାର୍ଡ ଓ ଜଣଙ୍କୁ ଅଣସଂଗଠିତ ଶ୍ରମିକ ସାମାଜିକ ସୁରକ୍ଷା କାର୍ଡ ବଣ୍ଟନ କରାଯାଇଥିବା ବେଳେ ଏହି କାର୍ଯ୍ୟକ୍ରମରେ ବିଭିନ୍ନ ଅଞ୍ଚଳର ବହୁ ଶ୍ରମିକ ତଥା ଅଞ୍ଚଳବାସୀ ସାମିଲ ହୋଇଥିଲେ।



## ବାଣପୁରରେ ବିଶ୍ୱ ଭ୍ରାତୃତ୍ୱ ଦିବସ

ବାଣପୁର,୧୩।୯ (ସମିସ) : ବିବେକାନନ୍ଦ କେନ୍ଦ୍ର କନ୍ୟାକୁମାରୀ ବାଣପୁର ଓ ବାଲୁଗାଁ ଶାଖା ତରଫରୁ ବାଣପୁର ଗୋଦାବରୀଶ ମହାବିଦ୍ୟାଳୟ ପରିସରରେ ବିଶ୍ୱ ଭ୍ରାତୃତ୍ୱ ଦିବସ ପାଳିତ ହୋଇଯାଇଛି। ନଗର ସଞ୍ଚାଳକ ସତ୍ୟ ନାରାୟଣ ଷଡ଼ଙ୍ଗୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିଥି ଭାବେ ମହାବିଦ୍ୟାଳୟର ଅଧ୍ୟକ୍ଷ ଡକ୍ଟର୍ ସୁର୍ ପ୍ରତାପ ନରେନ୍ଦ୍ର ସିଂହ ବର୍ମା ଓ ବାଲୁଗାଁ ମହାବିଦ୍ୟାଳୟର ଅଧ୍ୟାପକ ଡକ୍ଟର୍ କୈଳାସ ଚନ୍ଦ୍ର ମହାରଣା ଯୋଗଦେଇ ଭ୍ରାତୃତ୍ୱ ଦିବସ ସମ୍ପର୍କରେ ଆଲୋକପାତ କରିବା ସହ ବର୍ତ୍ତମାନର ଯୁବ ପିଢ଼ି ସ୍ୱାମିଜୀଙ୍କ ବାଣୀରେ ଅନୁପ୍ରାଣିତ ହେବାକୁ ପରାମର୍ଶ ଦେଇଥିଲେ। କେନ୍ଦ୍ର ପକ୍ଷରୁ ଅନୁଷ୍ଠିତ ହୋଇଯାଇଥିବା ସ୍ୱାମିଜୀଙ୍କ ଜୀବନୀ ଉପରେ ଅଧାରିତ ସ୍ୱାଧ୍ୟାୟ ପରୀକ୍ଷାରେ କୃତିତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀଙ୍କୁ ପ୍ରମାଣ ପତ୍ର ସହ ପୁରସ୍କାର ପ୍ରଦାନ କରାଯାଇଥିଲା। ସୁକାନ୍ତ ଜେନା, ଅଧ୍ୟାପିକା ମିକି ମନସ୍ୱିନୀ ଓ ଡକ୍ଟର୍ ଅରବିନ୍ଦ ନାୟକ କାର୍ଯ୍ୟକ୍ରମ ପରିଚଳାନା କରିଥିଲେ। ବୈରାଗୀଚରଣ ବଳ ଧନ୍ୟବାଦ ଅର୍ପଣ କରିଥିଲେ।

## ନାଟୁଣୀ ବଜାର ପ୍ରଶସ୍ତୀକରଣ ପାଇଁ ମାପଚୁପ ଆରମ୍ଭ

ଚିଲିକା,୧୩।୯ (ସମିସ): ପୁରାତନ ୫ନମ୍ବର ଜାତୀୟ ରାଜପଥର ନାଟୁଣୀ ବଜାରରେ ରାସ୍ତା ପ୍ରଶସ୍ତୀକରଣ ପାଇଁ ମାପଚୁପ ଆରମ୍ଭ ହୋଇଛି। ରାସ୍ତାର ମଧ୍ୟଭାଗରୁ ଦୁଇ ପାର୍ଶ୍ୱରେ ୪୫ଫୁଟ ଯାଏଁ ରାସ୍ତା ଚଉଡ଼ା କରାଯାଇ ଏହାକୁ ୯୦ଫୁଟ ବିଶିଷ୍ଟ କରାଯିବ ବୋଲି ଜଣାପଡ଼ିଛି। ଏହା ଫଳରେ ବେଆଇନ ଭାବେ ସରକାରୀ ଜମିକୁ ଜବରଦଖଲ କରି ଦୋକାନ କରିଥିବା ବହୁ ବ୍ୟବସାୟୀ ପ୍ରଭାବିତ ହେବେ ବୋଲି ଆଜିର ମାପଚୁପ ଓ ସ୍ଥାନ ଚିହ୍ନଟ ପରେ ସ୍ପଷ୍ଟ ହୋଇଛି। ପ୍ରଥମ ଦିବସରେ ଉତ୍ତର ପଟୁ ଓଭର ବ୍ରିଜ୍ ଠାରୁ ନାଟୁଣୀ ବଜାର ମଧ୍ୟସ୍ଥ ତ୍ରିଛକ ଯାଏଁ ମାପଚୁପ ସରିଥିବା ବେଳେ ଦ୍ୱିତୀୟ ଦିବସରେ ପୁଣି ମାପଚୁପ ଚାଲିଛି। ଏହି କାର୍ଯ୍ୟକ୍ରମ ବାଣପୁର ତହସିଲଦାର ଡି. ପଦ୍ମନାଭ ଦୋରାଙ୍କ ନେତୃତ୍ୱରେ ହୋଇଥିବାବେଳେ ରାସ୍ତା ଓ ନିର୍ମାଣ ବିଭାଗର ଉପଖଣ୍ଡ ଅଧିକାରୀ ସାଇଦୀପ ସାହୁ, ନାଟୁଣୀ ରାଜସ୍ୱ ନିରୀକ୍ଷକ ଏବଂ ନାଟୁଣୀ ପୁଲିସ ପ୍ରଶାସନ ସହାୟତା କରିଥିଲେ।

## ରାଷ୍ଟ୍ରୀୟ ଲୋକ ଅଦାଲତରେ ୧୯୫ ମାମଲା ଫଇସଲା

ଖୋର୍ଦ୍ଧା,୧୩।୯ (ସମିସ): ଖୋର୍ଦ୍ଧା କୋର୍ଟ ପରିସରରେ ତାଲୁକ୍ ଆଇନ ସେବା କମିଟି ପକ୍ଷରୁ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଯାଇଛି। ରାଷ୍ଟ୍ରୀୟ ଲୋକ ଅଦାଲତ ଅଧ୍ୟକ୍ଷ ତଥା ପ୍ରଥମ ଅତିରିକ୍ତ ଜିଲ୍ଲା ଦୌରାଜଜ୍ ରଞ୍ଜୁଲତା ଲେଙ୍କା ଏଥିରେ ଅଧ୍ୟକ୍ଷତା କରିଥିଲେ। ଏଥିରେ ଫୌଜଦାରୀ, ଦେୱାନୀ, ମଟର ଦୁର୍ଘଟଣା ଜନିତ, ବୈବାହିକ ମାମଲା ଏବଂ ବିଭିନ୍ନ ଜାତୀୟକରଣ ବ୍ୟାଙ୍କ ଗୁଡ଼ିକର ମାମଲା ଫଇସଲା ହୋଇଛି। ମୋଟ ୪୯୯ ଟି ମକଦ୍ଦମା ବିଚାରକୁ ଆସିଥିବାବେଳେ ୧୯୫ଟି ମୋକଦ୍ଦମା ଫଇସଲା କରାଯାଇଛି। ଏ ବାବଦକୁ ୧, ୮୪,୫୧,୦୦୦ଟଙ୍କା ଜରିମାନା ବାବଦକୁ ଆଦାୟ କରାଯାଇଛି। ଏଥିସହିତ ୨୦ଟି ଜାତୀୟକରଣ ବ୍ୟାଙ୍କର ୧୯ଟି ମାମଲା ବିଚାରକୁ ନିଆଯାଇ ୧୭ଟି ଫଇସଲା କରାଯାଇ ମୋଟ ୪,୪୫,୫୦୦ ଟଙ୍କା ଆଦାୟ କରାଯାଇଛି। ଏଥିରେ ଖୋର୍ଦ୍ଧା ଜିଲ୍ଲା କୋର୍ଟର ସମସ୍ତ ବିଚାରପତି ସହଯୋଗ କରିଥିଲେ। ତାଲୁକଆଇନ ସେବା ସମ୍ପାଦକ ବସନ୍ତ ଶଥପଥି ସଂଯୋଜନା କରିଥିଲେ। ଓକିଲ ସଂଘର ସଭାପତି ଜୀବନଜ୍ୟୋତି ମିଶ୍ର, ସମ୍ପାଦକ କ୍ଷୀରୋଦ ମୋହନ ସ୍ୱାଇଁ, ଆଇନଜୀବୀ ପ୍ରଭାତ ବେହେରା, ବିକ୍ରମ ଚମ୍ପତି, ମନ୍ମଥ ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ।

## ବନ୍ଧୁଙ୍କ ସ୍ମୃତିରେ ୨୫ ୟୁନିଟ୍ ରକ୍ତ ସଂଗୃହୀତ

ଖୋର୍ଦ୍ଧା,୧୩।୯ (ସମିସ): ନବିନାବାଗସ୍ଥିତ ବକ୍ସି ଜଗବନ୍ଧୁ କ୍ଲବ୍‌ର ସଭ୍ୟ ତଥା ଯୁବ ସ୍ୱେଚ୍ଛାସେବୀ ଦିବଂଗତ ଲେଲିନ ପାଇକରାୟଙ୍କ ଦ୍ୱାଦଶ ଅବସରରେ ବକ୍ସି ଜଗବନ୍ଧୁ କ୍ଲବ୍ ଆନୁକୂଲ୍ୟରେ ଆଜି ସ୍ଥାନୀୟ ଏକ ମଣ୍ଡପ ଠାରେ ରକ୍ତଦାନ ଶିବିର ଓ ସ୍ମୃତି ଚାରଣ ସଭା ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମକୁ ଯୁବ ସମାଜସେବୀ ଡଃ ସଞ୍ଜୟ ପଟ୍ଟନାୟକ ଉଦ୍‌ଘାଟନ କରିଥିଲେ। ଏହି କାର୍ଯ୍ୟକ୍ରମରେ କ୍ଲବର ସଦସ୍ୟ, ତାଙ୍କର ସାଙ୍ଗ ସାଥୀ ଓ ସମ୍ପର୍କୀୟମାନେ ରକ୍ତଦାନ କରିଥିଲେ। ଶିବିରରେ ମୋଟ ୨୫ୟୁନିଟ୍ ରକ୍ତ ସଂଗୃହୀତ ହୋଇଛି। କାର୍ଯ୍ୟକ୍ରମରେ କ୍ଲବ୍‌ର ସଭାପତି ଦେବେନ୍ଦ୍ର ଶତପଥୀ, ଖୋର୍ଦ୍ଧା ବ୍ଲକ୍ ଉପାଧ୍ୟକ୍ଷ ପ୍ରକାଶ ସାମନ୍ତରାୟ, ବ୍ଲଡ୍ ବ୍ୟାଙ୍କ କର୍ମଚାରୀ ଡଃ ସୌରଭ ସୁନ୍ଦର ରାୟ, ଡଃ ଜୟନାରୟଣ ପାଢ଼ୀ, ଅରୁଣ କୁମାର ସାହୁ, ସ୍ମିତ ରଞ୍ଜନ ବଳିୟାରସିଂହ, ଦିଲନ୍ କୁମାର ଜେନା, ନିରାକାର ବଳିୟାରସିଂହ, ଦେବାଶିଷ ସାହୁ, ସତ୍ୟ ପ୍ରକାଶ ସାହୁ, ସମୀର ସ୍ୱାଇଁ ଓ ପ୍ରିୟବ୍ରତ ବାରିକ ପ୍ରମୁଖ ଉପସ୍ଥିତ ରହି ଉକ୍ତ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।



**ଗଣଶିକ୍ଷା, ମିଶନଶକ୍ତି ସଚିବଙ୍କ ଖୋର୍ଦ୍ଧା ଗସ୍ତ**

# ‘ଗ୍ରାମାଞ୍ଚଳର ବିକାଶରେ ଏସ୍‌ଏଚ୍‌ଜିର ଭୂମିକା ଗୁରୁତ୍ୱପୂର୍ଣ୍ଣ’

ଖୋର୍ଦ୍ଧା/ବେଗୁନିଆ,୧୩।୯ (ସମିସ)



ରାଜ୍ୟ ସରକାରଙ୍କ ସ୍କୁଲ ଓ ଗଣଶିକ୍ଷା ବିଭାଗ ଏବଂ ମିଶନଶକ୍ତି ଶାସନ ସଚିବ ଶାଳିନୀ ପଣ୍ଡିତ ଦିନିକିଆ ଖୋର୍ଦ୍ଧା ଗସ୍ତରେ ଆସି ବିଭିନ୍ନ ଯୋଜନାର ସମୀକ୍ଷା କରିଛନ୍ତି। ଉନ୍ନତମାନର ଶିକ୍ଷା, ଶୈକ୍ଷିକ ବାତାବରଣ ଏବଂ ଡ୍ରପ୍‌ଆଉଟ ସଂଖ୍ୟା ହ୍ରାସ ଉପରେ ଗୁରୁତ୍ୱାରୋପ କରିଛନ୍ତି। ଗ୍ରାମାଞ୍ଚଳର ମହିଳାଙ୍କୁ ସାମାଜିକ ସ୍ରୋତରେ ସାମିଲ ଉପରେ ଗୁରୁତ୍ୱ ଦେଇଛନ୍ତି। ସେହିପରି ‘ଗ୍ରାମାଞ୍ଚଳର ବିକାଶରେ ସ୍ୱୟଂ ସହାୟିକା ଗୋଷ୍ଠୀ (ଏସ୍‌ଏଚ୍‌ଜି)ର ଭୂମିକା ଗୁରୁତ୍ୱପୂର୍ଣ୍ଣ’ ବୋଲି କହିଥିଲେ ।

ପୂର୍ବାହ୍ନରେ ବେଗୁନିଆ ବ୍ଲକ୍ ବାଘମାରୀ ପଞ୍ଚାୟତର ବାମଡିହସ୍ଥିତ ଏକ ବ୍ରଏଲର କୁକୁଡ଼ା ଫାର୍ମ ପରିଦର୍ଶନ କରିଥିଲେ। ସେଠାରୁ କୁଶପଲ୍ଲୀସ୍ଥିତ ଅଙ୍ଗନବାଡ଼ିକେନ୍ଦ୍ର ପରିଦର୍ଶନ କରି ପିଲାଙ୍କ ଉପସ୍ଥାନ, ଟିକାକରଣ, ସରକାରଙ୍କ ବିଭିନ୍ନ ଯୋଜନାର କାର୍ଯ୍ୟକାରିତା ସମ୍ପର୍କରେ ସମୀକ୍ଷା କରିଥିଲେ। ଅଙ୍ଗନବାଡ଼ି କେନ୍ଦ୍ରର ସ୍ୱଚ୍ଛତା, ପିଲାଙ୍କୁ ଉନ୍ନତମାନର ଖାଦ୍ୟ, ବିଭିନ୍ନ ସମୟରେ ସରକାରଙ୍କ ପକ୍ଷରୁ ଜାରି କରାଯାଉଥିବା ଯୋଜନାଗୁଡ଼ିକର ସଫଳ ରୂପାୟନ ଦିଗରେ ଅଙ୍ଗନବାଡ଼ି କର୍ମୀଙ୍କ ପ୍ରମୁଖ ଭୂମିକା ରହିଛି ବୋଲି କହିଥିଲେ। ପିଲାଙ୍କ ସ୍ୱାସ୍ଥ୍ୟର ଯତ୍ନନେବା ଉପରେ ଗୁରୁତ୍ୱାରୋପ କରିଥିଲେ। ଦାୟିତ୍ୱରେ ଥିବା ଅଙ୍ଗନବାଡ଼ି କର୍ମୀ, ସହାୟିକା, ସ୍ଥାନୀୟ ସିଡିପିଓଙ୍କୁ ବିଭିନ୍ନ ଯୋଜନା ସମ୍ପର୍କରେ ପଚାରି ବୁଝିଥିଲେ। ସେଠାରୁ ଏକ ମହିଳା ଗୋଷ୍ଠୀ ଉତ୍ପାଦନକେନ୍ଦ୍ର ପରିଦର୍ଶନ କରି ସେମାନଙ୍କ ସହିତ ଉତ୍ପାଦିତ ସାମଗ୍ରୀର ଗୁଣବତ୍ତା ବଜାୟ ରଖିବାକୁ ପରାମର୍ଶ ଦେଇଥିଲେ।

ମହିଳାଙ୍କ ଆର୍ଥିକ ବିକାଶ, ସ୍ୱାବଲମ୍ବୀ ଉପରେ ସରକାର ଗୁରୁତ୍ୱ ଦେଉଛନ୍ତି। ଗ୍ରାମାଞ୍ଚଳର ବିକାଶରେ ସ୍ୱୟଂସହାୟିକା ଗୋଷ୍ଠୀଙ୍କର ଏକ ପ୍ରମୁଖ ଭୂମିକା ରହିଛି ବୋଲି କହିଥିଲେ। ବିଭିନ୍ନ ଯୋଜନାରେ ଦିଆଯାଉଥିବା ଋଣକୁ ସଠିକ କାର୍ଯ୍ୟରେ ଲଗାଇ ଆର୍ଥିକ ସ୍ୱାବଲମ୍ବନ ହେବାକୁ ପରାମର୍ଶ ଦେଇଥିଲେ। ସେହିପରି କୁଶପଲାରେ ନିର୍ମାଣଧୀନ ମେଗା ପାନୀୟ ଜଳ ପ୍ରକଳ୍ପ ଅଗ୍ରଗତି ସମ୍ପର୍କରେ ବିଭାଗୀୟ ଅଧିକାରୀ ଓ ଯନ୍ତ୍ରୀଙ୍କ ସହ ଆଲୋଚନା କରିଥିଲେ। ପରେ ସେଠାରୁ ରାଉତପଡ଼ା ବୁଣାକାର ଉତ୍ପାଦକ ଗୋଷ୍ଠୀ କେନ୍ଦ୍ରକୁ ପରିଦର୍ଶନ କରିଥିଲେ। ପରେ ସେଠାରୁ ଖୋର୍ଦ୍ଧା ବ୍ଲକ୍ ନନ୍ଦପୁର ପଞ୍ଚାୟତର ଅନ୍ତ୍ୟୋଦୟ ହିତାଧିକାରୀ ମାଗି ଦେବୀ ଏବଂ କୁସୁମ ନାୟକଙ୍କ ଘର ପରିଦର୍ଶନ କରିଥିଲେ।

ପରେ ଜଟଣୀ ବ୍ଲକ ବେଣାପଞ୍ଜରୀ ପଞ୍ଚାୟତର ଗ୍ରାମୀଣ ଶିଳ୍ପ ପରିଦର୍ଶନ କରିଥିଲେ। ସେଠାରେ କାର୍ଯ୍ୟରତ ମହିଳା ଏସ୍‌ଏଚ୍‌ଜି ମାନଙ୍କ ସହ ଆଲୋଚନା କରିଥିଲେ। ଶାଳିନୀ ପଣ୍ଡିତଙ୍କ ଏହି ଗସ୍ତ ବେଳେ ଜିଲ୍ଲାପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ଜ୍ୟୋତି ଶଙ୍କର ସାହୁ, ବିଭାଗୀୟ ଅଧିକାରୀ, ସ୍ଥାନୀୟ ବିଡିଓ, ସିଡିପିଓ ପ୍ରମୁଖ ଉପସ୍ଥିତଥିଲେ।

# ଚିଲିକା-ବାଲୁଗାଁ ରୋଟାରୀ କ୍ଲବର ଅଧିଷ୍ଠାନ ସମାରୋହ

ବାଲୁଗାଁ,୧୩।୯ (ସମିସ) : ଚିଲିକା-ବାଲୁଗାଁ ରୋଟାରୀ କ୍ଲବର ଦଶମ ଅଧିଷ୍ଠାନ ଉତ୍ସବ ଓ ରାଷ୍ଟ୍ରନିର୍ମାତା ସମ୍ବର୍ଦ୍ଧନା ସମାରୋହ ଶନିବାର ବାଲୁଗାଁର ଏକ ହୋଟେଲ ପରିସରରେ ଅନୁଷ୍ଠିତ ହୋଇଯାଇଛି। ରୋଟାରିଆନ ଗଜେନ୍ଦ୍ର ସେଠୀଙ୍କ ସଭାପତିତ୍ୱ ଆୟୋଜିତ ଅଧିଷ୍ଠାନ ସମାରୋହରେ ଅତିଥି ଭାବେ ରୋଟାରୀ ଜିଲ୍ଲାର ପୂର୍ବତନ ଗଭର୍ଣ୍ଣର ରୋଟାରିଆନ ଶିବବ୍ରତ ଦାଶ, ରୋଟରିଆନ ଆଶୁତୋଷ ସାମନ୍ତସିଂହାର ଓ ବିଶିଷ୍ଟ ଚିକିତ୍ସକ ଡାକ୍ତର ସୁରେନ୍ଦ୍ରନାଥ ଦାସ ପ୍ରମୁଖ ଯୋଗ ଦେଇଥିଲେ। ପ୍ରଥମେ ଶ୍ରୀଜଗନ୍ନାଥଙ୍କ ମୂର୍ତ୍ତିରେ ମାଲ୍ୟାର୍ପଣ ସହ ରୋଟାରୀ ପ୍ରତିଷ୍ଠାତା ପଲ ହରିସ୍‌ଙ୍କ ଫଟୋ ଚିତ୍ରରେ ପୁଷ୍ପ ଅର୍ପଣ କରି କାର୍ଯ୍ୟକ୍ରମର ଉଦଘାଟନ କରିଥିଲେ। କାର୍ଯ୍ୟକ୍ରମକୁ ଡକ୍ଟର କୈଳାସ ଚନ୍ଦ୍ର ମହାରଣା ସଂଚାଳନ କରିଥିବା ବେଳେ ରୋଟାରିଆନ ଜାନକୀ ବଲ୍ଲଭ ପଟ୍ଟନାୟକ ଅତିଥି ପରିଚୟ ଦେଇଥିଲେ। ଚଳିତ ବର୍ଷର କ୍ଲବର ନୂତନ ସଭାପତି ଭାବେ ଗଜେନ୍ଦ୍ର ସେଠୀ ଓ ସମ୍ପାଦକ ଭାବେ ଯଦୁମଣି ତରାଇଙ୍କୁ ନୂତନ ପଦବୀରେ ଅଧିଷ୍ଠିତ କରାଯାଇଥିଲା। ବୋର୍ଡ ନିର୍ଦ୍ଦେଶକ ଭାବେ ଆଶୁତୋଷ ସାମନ୍ତସିଂହାର, ଜାନକୀବଲ୍ଲଭ ପଟ୍ଟନାୟକ, ଡକ୍ଟର କୈଳାସ ଚନ୍ଦ୍ର ମହାରଣା, ସତ୍ୟେନ୍ଦ୍ର ସ୍ୱାଇଁ, ନମିତା ଝା, ଅମୂଲ୍ୟ ମହାପାତ୍ର ଓ ରୋଟାରାକ୍ଟ ସଭାପତି ଦାୟିତ୍ୱ ଗ୍ରହଣ କରିଥିଲେ। ନୂତନ ସଭାପତି ଓ ସମ୍ପାଦକ ଚଳିତ ବର୍ଷର ପ୍ରସ୍ତାବିତ ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ବିବରଣୀ ଉପସ୍ଥାପନ କରିଥିଲେ। ଏହି ଅବସରରେ କ୍ଲବରେ ନୂତନ ଭାବେ ଯୋଗ ଦେଇଥିବା ୧୪ଜଣ ସଦସ୍ୟଙ୍କୁ ମୁଖ୍ୟ ଅତିଥି ସ୍ୱାଗତ ଜଣାଇ ଥିବା ବେଳେ କୃତୀ ଶିକ୍ଷୟିତ୍ରୀ ବିଶ୍ୱରଂଜିତା ପ୍ରଧାନ, ଶିକ୍ଷକ ପ୍ରଶାନ୍ତ କୁମାର ସାହୁ, କୁମାର ଆଭାମୟ ରଥ, ପବିତ୍ର ବେହେରା, ହାଡିବନ୍ଧୁ ବେହେରାଙ୍କୁ ଚଳିତ ବର୍ଷର ରାଷ୍ଟ୍ରନିର୍ମାତା ପୁରସ୍କାର ପ୍ରଦାନ କରାଯାଇଥିଲା। ଗମ୍ଭାରିମୁଣ୍ଡା ପତିତପାବନ ବିଦ୍ୟାପୀଠ ଓ ବାଲୁଗାଁ ଯୁଗଳ ଚରଣ ବାଳିକା ଉଚ୍ଚ ବିଦ୍ୟାଳୟରେ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। କାର୍ଯ୍ୟକ୍ରମକୁ ବରିଷ୍ଠ ରୋଟାରିଆନ ଶ୍ରୀକାନ୍ତ ପାଇକରାୟ, ନିରଜ ଝା, ପୀୟୂଷ ହରିଚନ୍ଦନ, ପଞ୍ଚାନନ ଜେନା ଓ ତ୍ରିଲୋଚନ ବାରିକ ପରିଚାଳନାରେ ସହଯୋଗ କରିଥିବା ବେଳେ ରୋଟାରିଆନ ପଞ୍ଚାନନ ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ କଳାକାର ବିଜୟଲକ୍ଷ୍ମୀ ପଣ୍ଡା ଓ ସୁପ୍ରଭା ବାରିକ ଓଡିଶୀ ନୃତ୍ୟ ପରିବେଷଣ କରିଥିଲେ।



## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ରାଜସ୍ଥାନରୁ ୧୫ରେ...

ଜୁନ ୨୯ ରେ ଅର୍ଥାତ ୯ ଦିନ ପୂର୍ବରୁ ପୂରା ଦେଶକୁ ମୌସୁମୀ ପରିବ୍ୟାପ୍ତ ହୋଇଥିଲା। ସାଧରଣତଃ ଏହା ଜୁଲାଇ ୮ରେ ସାରା ଦେଶକୁ ସମ୍ପୂର୍ଣ୍ଣ ଭାବେ କଭର କରିଥାଏ। ମିଳିଥିବା ସୂଚନା ଅନୁଯାୟୀ ମୌସୁମୀ ଏଥର ସାରାଦେଶରେ ଆକଳନ ଠାରୁ ଅଧିକ ବର୍ଷିଛି । ସାରା ଦେଶରେ ଏପର୍ଯ୍ୟନ୍ତ ୮୩୫.୨ ମିମି ବର୍ଷା ହୋଇଛି ଯାହାକି ସ୍ୱାଭାବିକ ଠାରୁ ୭ ପ୍ରତିଶତ ଅଧିକ।

ଇତିମଧ୍ୟରେ ହିମାଚଳ ପ୍ରଦେଶର ବିଳାଶପୁରର ନାମହୋଲରେ ଶୁକ୍ରବାର ବିଳମ୍ବିତ ରାତିରେ ବାଦଲ ଫଟା ବର୍ଷା ହୋଇଥିଲା। ଫଳରେ ଆବର୍ଜନା ତଳେ ୧୦ଟି ଗାଡି ଦବି ଯାଇଛି। ଅନେକ ଘର ମଧ୍ୟ କ୍ଷତିଗ୍ରସ୍ତ ହୋଇଛି। ସେହିପରି ମଣ୍ଡି ଜିଲ୍ଲାର ଧର୍ମପୁରରେ ସପଡ଼ି ରୋହ ଗାଁରେ ଶନିବାର ସକାଳେ ଭୂସ୍ଖଳନ ହେବାରୁ ଅନେକ ଘର ପାଣିାରେ ରହିଛି। ହିମାଚଳରେ ବର୍ଷା, ବନ୍ୟା ଓ ଭୂସ୍ଖଳନରେ ଏପର୍ଯ୍ୟନ୍ତ ମୋଟ ୩୮୬ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ରାଜ୍ୟରେ ଏଥର ସମାନ୍ୟଠାରୁ ଅଧିକ ୪୩ ପ୍ରତିଶତ ବର୍ଷା ହୋଇଛି। ଜୁନ୍ ୧ରୁ ସେପ୍ଟେମ୍ବର ୧୨ ପର୍ଯ୍ୟନ୍ତ ହାରାହାରି ୬୭୮.୪ ମିମି ବର୍ଷା ହୋଇଥାଏ। କିନ୍ତୁ ଏଥର ମୌସୁମୀ ଋତୁରେ ୯୬୭.୨ ମିମି ବର୍ଷା ହୋଇଛି। ଉତ୍ତରପ୍ରଦେଶର ଉନ୍ନାଓରେ ଗଙ୍ଗା ନଦୀର ଜଳସ୍ତର ବିପଦ ସଂକେତର ୨୩ ସେମି ଉଚ୍ଚରେ ରହିଛି। ଫଳରେ ୮୦ଟି ଗାଁ ବନ୍ୟା ଘେରରେ ରହିଛି। ୧୦୦ରୁ ଉର୍ଦ୍ଧ୍ୱ ପରିବାର ବାସହାର ହୋଇଛନ୍ତି। ହିମାଚଳରେ ଏପର୍ଯ୍ୟନ୍ତ ସାମାନ୍ୟଠାରୁ ୧୩୩ ପ୍ରତିଶତ ଅଧିକ ବର୍ଷା ହୋଇଛି।

### ସହଯୋଗୀ ଖୋଜୁଛନ୍ତି...

ଟ୍ରମ୍ପ ଆଜି ନାଟୋ ଦେଶମାନଙ୍କୁ ମଧ୍ୟ ଭାରତ ଓ ଚୀନ ଉପରେ କଟକଣା ଲଗାଇବାକୁ ଅନୁରୋଧ କରିଛନ୍ତି। ନାଟୋ ସଂଗଠନର ସଭ୍ୟମାନଙ୍କୁ ପତ୍ର ଲେଖି ସେ କହିଛନ୍ତି ଯେ ସେମାନେ ମଧ୍ୟ ରୁଷ ଠାରୁ ତେଲ କିଣିବା ବନ୍ଦ କରନ୍ତୁ। ୟୁକ୍ରେନ ଉପରେ ରୁଷ ଆକ୍ରମଣ ବନ୍ଦ ନକରିବା ପର୍ଯ୍ୟନ୍ତ ଚୀନ ଓ ଭାରତ ଉପରେ ୫୦ରୁ ୧୦୦ ପ୍ରତିଶତ ଶୁଳ୍କ ଧାର୍ଯ୍ୟ କରିବାକୁ ସେ ଚାପ ପକାଇଛନ୍ତି। କାରଣ ଏହି ଦୁଇ ଦେଶ ରୁଷରୁ ସର୍ବାଧିକ ତେଲ କିଣୁଛନ୍ତି। ନାଟୋ ଏଥିରେ ସହଯୋଗ କଲେ ସେ ରୁଷ ଉପରେ ଅଧିକ କଠୋର କଟକଣା ଲଗାଇବାକୁ ପ୍ରସ୍ତୁତ ବୋଲି ଟ୍ରମ୍ପ କହିଛନ୍ତି। ତେବେ ନାଟୋ ଦେଶଙ୍କ ପ୍ରତିକ୍ରିୟା ମିଳିନାହିଁ।

### ଭାରତ-ପାକ୍...

ଅପମାନସୂଚକ ଶବ୍ଦ ବ୍ୟବହାର କରୁଛନ୍ତି। ଏଭଳି ସ୍ଥିତିରେ ସେମାନଙ୍କ ସହିତ ଖେଳାଯିବା ଉଚିତ ନୁହେଁ। ପହଲଗାମ ଆକ୍ରମଣର ଶିକାର ପରିବାର ମଧ୍ୟ ଏହି ମ୍ୟାଚ୍‌କୁ ବିରୋଧ କରିଛନ୍ତି। ସେମାନେ କହିଛନ୍ତି ଯେ ପହଲଗାମ ଆତଙ୍କବାଦୀ ଆକ୍ରମଣରେ ଯେଉଁ ୨୬ ଜଣ ପ୍ରାଣ ହରାଇଛନ୍ତି, ସେମାନଙ୍କ ପ୍ରତି ବିସିସିଆଇର ଟିକିଏ ହେଲେ ସମବେଦନା ନାହିଁ।

ଅନ୍ୟପକ୍ଷରେ ବିଜେପି ନେତା ତଥା ପୂର୍ବତନ କେନ୍ଦ୍ର ମନ୍ତ୍ରୀ ଅନୁରାଗ ଠାକୁର କହିଛନ୍ତି ଯେ ଆତଙ୍କବାଦକୁ ସମର୍ଥନ କରୁଥିବା ପର୍ଯ୍ୟନ୍ତ ପାକିସ୍ତାନ ସହିତ ଦ୍ୱିପାକ୍ଷିକ ମ୍ୟାଚ୍ ନାଖେଳିବାକୁ ଭାରତ ନିଷ୍ପତ୍ତି ନେଇଛି। କିନ୍ତୁ ବହୁଦେଶୀୟ ଟୁର୍ଣ୍ଣାମେଣ୍ଟରେ ଏହା ସମ୍ଭବ ନୁହେଁ, କାରଣ ଭାରତୀୟ ଟିମ୍‌କୁ ଏହା କ୍ଷତି ପହଞ୍ଚାଇବ। ଦେଶ ଭିତରେ ଏହି ମ୍ୟାଚ୍‌କୁ ନେଇ ଉତ୍ତେଜନା ଦେଖାଦେଇଥିବା ବେଳେ ବିସିସିଆଇ ମୁହଁ ଖୋଲୁ ନାହିଁ। ତେବେ ଯାହା ଖବର ମିଳିଛି ଯେ ଏହାର ଅଧିକାରୀ ଆସନ୍ତାକାଲିର ମ୍ୟାଚ୍‌ରେ ଉପସ୍ଥିତ ରହିବେ ନାହିଁ। କେବଳ ଜଣେ ଅଧିକାରୀ ଉପସ୍ଥିତ ରହିବେ। ସୂଚନାଯୋଗ୍ୟ ଯେ ଭାରତ ଓ ପାକିସ୍ତାନ ଏକଦିବସୀୟ ମ୍ୟାଚରେ ୧୩୬ ଥର ମୁହାଁମୁହିଁ ହୋଇଥିବା ବେଳେ ଭାରତ ୫୮ଟିରେ ବିଜୟୀ ହୋଇଥିବା ବେଳେ ପାକିସ୍ତାନ ୭୩ଟି ମ୍ୟାଚ୍ ଜିତିଛି। ସେହିଭଳି ଟି-୨୦ରେ ଉଭୟ ଦେଶ ୧୩ ଥର ମୁହାଁମୁହିଁ ହୋଇଥିବା ବେଳେ ଭାରତ ୧୦ ଥର ଜିତିଥିବା ବେଳେ ପାକିସ୍ତାନ ତିନି ଥର ଜିତିଛି।

### ନୂଆପଡ଼ାରେ ହେବ...

ଅନୁଯାୟୀ, ସେପ୍ଟେମ୍ବର ୧୪ ତାରିଖ ସୁଦ୍ଧା ମତଦାନ କେନ୍ଦ୍ରର ପୁନଃବ୍ୟବସ୍ଥାପନ ବା ପରିବର୍ତ୍ତନ ସହ ୧୫ତାରିଖରେ ସମନ୍ୱିତ ଚିଠା ଭୋଟର ତାଲିକା ପ୍ରକାଶ ପାଇବ। ସେହିଦିନଠାରୁ ସେପ୍ଟେମ୍ବର ୨୯ ତାରିଖ ପର୍ଯ୍ୟନ୍ତ ଏହା ଉପରେ ଦାବି ଓ ଆପତ୍ତି ଦାଖଲ ଆହ୍ୱାନ, ଅକ୍ଟୋବର ୭ ସୁଦ୍ଧା ଦାବି ଓ ଆପତ୍ତିର ସମାଧାନ ଏବଂ ଅକ୍ଟୋବର ୯ ତାରିଖରେ ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ ପାଇଁ ନିର୍ବାଚନ ଅଧିକାରୀ କାର୍ଯ୍ୟସୂଚୀ ଜାରି କରିଛନ୍ତି। ଏହାପରେ ମତଦାନ ପାଇଁ ପରବର୍ତ୍ତୀ ପ୍ରକ୍ରିୟା ଆରମ୍ଭ କରାଯିବ ବୋଲି ଜଣାପଡ଼ିଛି।

### ମେଲୋଡି ଗାର୍ଲଙ୍କୁ...

ଥାନା ପୋଖରାନ୍ ଭିଲେଜ୍‌ସ୍ଥିତ ଶ୍ରୀମାର୍ଗ ଗେଷ୍ଟହାଉସ୍ (ଓୟୋ)କୁ ଡକାଇଥିଲା। ଲୋକେସନ୍ ପଠାଇବା ସହ ଯୁବତୀଙ୍କ ରୁମ୍ ପାଖରୁ ଗେଷ୍ଟହାଉସ୍ ଆସିବାକୁ ଏକ କ୍ୟାବ ବୁକ୍ କରିଦେଇଥିଲା। ବୁଧବାର ଦିନ ପ୍ରାୟ ୧୨ଟା ବେଳକୁ ଯୁବତୀଜଣଙ୍କ ଉକ୍ତ ଗେଷ୍ଟହାଉସ୍‌ରେ ପହଞ୍ଚିଥିଲେ। ଗେଷ୍ଟହାଉସ୍‌ଟି ସାଧାରଣ ଘର ଭଳି ହୋଇଥିବାରୁ ଯୁବତୀଜଣଙ୍କ କିଛି ସନ୍ଦେହ କରିନଥିଲେ। ପୂର୍ବ ଯୋଜନା ମୁତାବକ, ଚନ୍ଦନ ଓ ପ୍ରସନ୍ନ ଯୁବତୀଙ୍କୁ ଥଣ୍ଡା ପାନୀୟରେ ନିଶା ଦେଇ ଅଚେତ କରିବା ପରେ ରୁମ ଭିତରେ ଜଣଙ୍କ ପରେ ଜଣେ ବାରମ୍ବାର ଦୁଷ୍କର୍ମ କରିଥିଲେ।

ଅପରାହ୍ଣରେ ଯୁବତୀଙ୍କ ଚେତା ଫେରିବା ବେଳକୁ ରୁମକୁ ବାହାର ପଟରୁ ତାଲା ପଡ଼ିଥିଲା। କବାଟ ବାଡ଼େଇବା ପରେ କେୟାରଟେକର୍ ରାଜେଶ ତାଲା ଖୋଲି ରୁମକୁ ଆସିଥିଲା। ରାଜେଶ ମଧ୍ୟ ଦୁଷ୍କର୍ମ କରିବାକୁ ଚାହୁଁଛି ବୋଲି ଯୁବତୀଙ୍କୁ କହିଥିଲା। ତା' କଥା ଶୁଣି ଯୁବତୀଜଣଙ୍କ କାନ୍ଦିବାରୁ ଚନ୍ଦନ ଓ ପ୍ରସନ୍ନ ରୁମରେ ପହଞ୍ଚିଥିଲେ। ପରେ ଏକ କାର୍ ଭଡ଼ା କରି ଯୁବତୀଙ୍କୁ ପଠାଇ ଦେଇଥିଲେ। କାର୍ ଚାଳକଜଣଙ୍କ ପୀଡ଼ିତାଙ୍କୁ ରସୁଲଗଡ଼ ଛକରେ ଛାଡ଼ି ପଳାଇଥିଲା। ସେହି ସମୟରେ ପୀଡ଼ିତାଙ୍କ ସାଙ୍ଗ ଫୋନ୍ କରିବାରୁ ସେ କାନ୍ଦି କାନ୍ଦି ସବୁ କଥା କହିଥିଲେ। ପୀଡ଼ିତାଙ୍କ ସାଙ୍ଗ ତାଙ୍କୁ ରସୁଲଗଡ଼ ଛକରୁ ଉଦ୍ଧାର କରି ଘରକୁ ନେଇଥିଲେ। ଏହାର ପରଦିନ ପୀଡ଼ିତାଙ୍କ ବଡ଼ ଭଉଣୀ ମହିଳା ଥାନାରେ ଅଭିଯୋଗ କରିବା ପରେ ପୁଲିସ ମାମଲା ରୁଜୁ କରିଥିଲା। ପୀଡ଼ିତାଙ୍କ ଡାକ୍ତରୀମାଇନା କରିବା ସହ ଭାରତୀୟ ନାଗରିକ ସୁରକ୍ଷା ସଂହିତା ଧାରା ୧୮୩ ଅନୁସାରେ ମାଜିଷ୍ଟ୍ରେଟଙ୍କ ଉପସ୍ଥିତିରେ ପୀଡ଼ିତାଙ୍କ ବୟାନ ରେକର୍ଡ କରିଥିଲା। ଆଜି ମୁଖ୍ୟ ଅଭିଯୁକ୍ତ ଚନ୍ଦନ, ପ୍ରସନ୍ନ ଓ କେୟାରଟେକର୍ ରାଜେଶକୁ ଗିରଫ କରି କୋର୍ଟଚାଲାଣ କରିଛି।

## ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟର ସମାବର୍ତ୍ତନ ଉତ୍ସବ

# ଆପଣଙ୍କ ପାଖେ ଭାରତର ଭାଗ୍ୟ ବଦଳାଇବା କ୍ଷମତା ଅଛି : ରାଜ୍ୟପାଳ




ସମ୍ବଲପୁର, ୧୩।୯ (ସମିସ): ଗାଁ ପାଇଁ ଜଳବାୟୁ ସମସ୍ୟାର ସମାଧାନଠାରୁ ଆରମ୍ଭ କରି ସ୍ୱାସ୍ଥ୍ୟସେବାରେ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସର ବ୍ୟବହାର ଏବଂ ସହର ପାଇଁ ସ୍ମାର୍ଟ ଭିତ୍ତିଭୂମି ପର୍ଯ୍ୟନ୍ତ, ଆପଣମାନଙ୍କ ପାଖରେ ଭାରତର ଭାଗ୍ୟ ବଦଳାଇବାର ଶକ୍ତି ରହିଛି। ୭୦ ବର୍ଷରୁ ଅଧିକ ସୁଦୀର୍ଘ ଯାତ୍ରାରେ ଭିସୁଟ୍ ଦେଶରେ ପ୍ରଯୁକ୍ତିବିଦ୍ୟା କ୍ଷେତ୍ରରେ ଏକ ପ୍ରମୁଖ ଅନୁଷ୍ଠାନ ରୂପେ ସ୍ଥାନ ହାସଲ କରିଛି।

### ଓଡ଼ିଶାରେ 'ନ୍ୟୁ ଏଜ୍ ଅର୍ଥନୀତି'ର ନେତୃତ୍ୱ ନେବ ଭିସୁଟ୍:ଧର୍ମେନ୍ଦ୍ର

ଏହି ବିଶ୍ୱବିଦ୍ୟାଳୟର ପୁରାତନ ଛାତ୍ରମାନେ ବିଭିନ୍ନ କ୍ଷେତ୍ରରେ ଦେଶ-ବିଦେଶରେ କୀର୍ତ୍ତି ଅର୍ଜନ କରୁଛନ୍ତି। ବର୍ତ୍ତମାନ ଆମେ ଏପରି ଏକ ଦୁନିଆରେ ରହୁଛୁ, ଯେଉଁଠାରେ କେବଳ ଆପଣଙ୍କର ବୁଦ୍ଧି ସବୁଠାରୁ ବଡ଼ ଶକ୍ତି ନୁହେଁ, ବରଂ ଅଖଣ୍ଡତା ହେଉଛି ତମର ଶକ୍ତି। ଗର୍ବର ସହ କିନ୍ତୁ ଅହଙ୍କାର ବିନା, ନିଜର ଲକ୍ଷ୍ୟ ଉପରେ ଆଧାରିତ ମହତ୍ତ୍ୱାକାଂକ୍ଷା ଏବଂ ମୂଲ୍ୟବୋଧ ଉପରେ ଆଧାରିତ ସ୍ୱପ୍ନ ସହିତ ଆଗକୁ ବଢ଼ନ୍ତୁ। ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟ (ଭିସୁଟ୍)ର ୧୬ତମ ସମାବର୍ତ୍ତନ ଉତ୍ସବରେ ଯୋଗଦେଇ ରାଜ୍ୟପାଳ ତଥା କୁଳାଧିପତି ଡଃ ହରିବାବୁ କମ୍ଭମପାଟି ଆଜି ଛାତ୍ରଛାତ୍ରୀମାନଙ୍କୁ ଏପରି ଆହ୍ୱାନ ଦେଇଛନ୍ତି।

ସାର୍ ବିଶ୍ୱେଶରାୟ ପ୍ରେକ୍ଷାଳୟରେ ଆଜି ଅପରାହ୍ଣରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଲେ ଯେ ଦେଶ ସ୍ୱାଧୀନତାର ପରବର୍ତ୍ତୀ କାଳରେ ଓଡ଼ିଶାରେ ଯେତେବେଳେ ଜଳସେଚନ ଓ କୃଷି ବିକାଶର ନୂଆ ଧାରା ଆରମ୍ଭ ହୋଇଥିଲା, ସେତେବେଳେ ଏହି ଶିକ୍ଷାନୁଷ୍ଠାନ ପରିବର୍ତ୍ତନର ମଙ୍ଗ ଧରିଥିଲା। ଆଜି ଯେତେବେଳେ ଓଡ଼ିଶାରେ 'ନ୍ୟୁ ଏଜ୍ ଅର୍ଥନୀତି'ର ଧାରା ଆରମ୍ଭ ହୋଇଛି, ଭିସୁଟ୍ ତାହାର ନେତୃତ୍ୱ ନେବ। ଭିସୁଟ୍‌କୁ ଭବିଷ୍ୟତ ଆଧାରିତ ବୈଷୟିକ ବିଶ୍ୱବିଦ୍ୟାଳୟରେ ପରିଣତ କରିବା ପାଇଁ ସମସ୍ତଙ୍କୁ ଦାୟିତ୍ୱ ନେବାକୁ ଶ୍ରୀ ପ୍ରଧାନ ଆହ୍ୱାନ ଦେଇଛନ୍ତି।

ଏହି ଅବସରରେ ଶିକ୍ଷାରେ ଉତ୍କୃଷ୍ଟତା ଓ ସଫଳ ପ୍ରଦର୍ଶନ ପାଇଁ ୨୭ଜଣଙ୍କୁ ବିଶ୍ୱବିଦ୍ୟାଳୟ ସ୍ୱର୍ଣ୍ଣପଦକ, ୮ଜଣଙ୍କୁ ଡୋନର୍ସ ସ୍ୱର୍ଣ୍ଣପଦକ, ୩୦ଜଣଙ୍କୁ ସାର୍ଟିଫିକେଟ ଅଫ୍ ମେରିଟ୍ ପ୍ରଦାନ ସହ ୪ଜଣ ଶ୍ରେଷ୍ଠ ଆଲୁମିନିଙ୍କୁ ସମ୍ମାନିତ କରାଯାଇଥିଲା। ଏହାସହ ପିଏଚ୍‌ଡି ପାଠ୍ୟକ୍ରମରେ ୭୪ଜଣ, ଏମ୍.ଟେକ୍‌ରେ ୧୦୪ ଜଣ, ଏମ୍‌ବିଏରେ ୩୯ଜଣ, ଏମ୍‌ଏସ୍‌ସିରେ ୫୯ଜଣ, ଇଣ୍ଟିଗ୍ରେଟେଡ୍ ଏମ୍‌ଏସ୍‌ସିରେ ୪୭ଜଣ, ବି.ଟେକ୍‌ରେ ୮୭୬ ଜଣ, ୪ ଜଣଙ୍କୁ ବିଟେକ୍ ଓ ଏମ୍‌ଟେକ୍ ଦ୍ୱୈତ ଡିଗ୍ରୀ; ଏହିଭଳି ମୋଟ ୧୨୨୦ ଜଣ ଛାତ୍ରଛାତ୍ରୀଙ୍କୁ ଡିଗ୍ରୀ ପ୍ରଦାନ କରାଯାଇଥିଲା।

କାର୍ଯ୍ୟକ୍ରମରେ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ମନ୍ତ୍ରୀ ରବି ନାରାୟଣ ନାଏକ, ବିଧାୟକ ଜୟ ନାରାୟଣ ମିଶ୍ର, ବିଧାୟକ ତଥା ପରିଚାଳନା କମିଟି ସଭ୍ୟ ଇରାଶିଷ ଆଚାର୍ଯ୍ୟ ଓ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ଡଃ ଦୀପକ କୁମାର ସାହୁ ପ୍ରମୁଖ ଯୋଗ ଦେଇଥିଲେ।

## ଏନ୍‌କାଉଣ୍ଟର୍‌ରେ ଦୁଇ ମାଓବାଦୀ ନିହତ

ମାଲକାନଗିରି, ୧୩।୯ (ସମିସ): ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡ଼ର ବିଜାପୁର ଜିଲ୍ଲାର ନ୍ୟାସନାଲ ପାର୍କ ଜଙ୍ଗଲରେ ପୁଲିସ୍ ଏନ୍‌କାଉଣ୍ଟର୍‌ରେ ଦୁଇ କୁଖ୍ୟାତ ମାଓବାଦୀ ନିହତ ହୋଇଛନ୍ତି। ମୃତ ଦୁଇ ମାଓବାଦୀଙ୍କ ମୁଣ୍ଡ ଉପରେ ୮ ଲକ୍ଷ ଟଙ୍କା ଲେଖାଏଁ ମୋଟ ୧୬ଲକ୍ଷ ଟଙ୍କାର ପୁରସ୍କାର ରାଶି ରହିଥିଲା। ସୂଚନାନୁଯାୟୀ, ଗତକାଲି ସନ୍ଧ୍ୟାରେ ଏହି ଗୁଳିବିନିମୟ ହୋଇଥିଲା। ମାଓ ଦମନ ପାଇଁ ଡିଆରଜି, ଏସ୍‌ଟିଏଫ୍ ଓ ସିଆରପିଏଫ୍‌ର ଯବାନମାନେ ତଲାସି ଅଭିଯାନ କରୁଥିବା ବେଳେ ଏହି ଗୁଳି ବିନିମୟ ଘଟିଥିଲା। ମାଓବାଦୀମାନେ ଯବାନଙ୍କ ସାମ୍ନା କରି ନପାରି ଛତ୍ରଭଙ୍ଗ ଦେଇଥିଲେ। ରାତିତମାମ ସେଠାରେ ଯବାନମାନେ ତଲାସି ଅଭିଯାନ ଜାରି ରଖିଥିବା ବେଳେ ଘଟଣାସ୍ଥଳରୁ ୨ ମାଓବାଦୀଙ୍କ ମରଶରୀର ସହ ୨ଟି ବନ୍ଧୁକ ଓ ବିପୁଳ ପରିମାଣର ମାଓ ବିସ୍ଫୋରକ ସାମଗ୍ରୀ ଜବତ ହୋଇଥିଲା। ପୁଲିସ ପାଇଁ ଏହା ଏକ ବଡ଼ ସଫଳତା ବୋଲି ବିଜାପୁର ଏସ୍‌ପି ଜିତେନ୍ଦ୍ର ଯାଦବ କହିଛନ୍ତି।

## ମାଓନେତ୍ରୀ ସୁଜାତାଙ୍କ ଆତ୍ମସମର୍ପଣ

ମାଲକନାଗରି, ୧୩।୯ (ସମିସ): ମାଓ ସଂଗଠନକୁ ପୁଣି ଏକ ବଡ଼ ଝଟ୍‌କା ଲାଗିଛି। କୁଖ୍ୟାତ ମାଓନେତ୍ରୀ ସୁଜାତା ତେଲେଙ୍ଗାନା ପୁଲିସ ନିକଟରେ ଆତ୍ମସମର୍ପଣ କରିଛନ୍ତି। ସେ ମାଓବାଦୀ କେନ୍ଦ୍ରୀୟ କମିଟି ସଦସ୍ୟ ଥିଲେ। ତାଙ୍କ ମୁଣ୍ଡ ଉପରେ ୧ କୋଟି ଟଙ୍କାର ପୁରସ୍କାର ରାଶି ରହିଥିଲା।

**ମୁଣ୍ଡ ଉପରେ ଥିଲା କୋଟିଏ ଟଙ୍କାର ପୁରସ୍କାର**



ସୂଚନାନୁଯାୟୀ, ସୁଜାତା ଦୀର୍ଘ ବର୍ଷ ଧରି ମାଓ ସଙ୍ଗଠନରେ ରହି ଅନେକ ହିଂସାକାଣ୍ଡର ନେତୃତ୍ୱ ନେଇଥିଲେ। ଗତ କିଛି ବର୍ଷ ଧରି ସଂଗଠନର ବିଭିନ୍ନ ଦାୟିତ୍ୱରେ ରହି କେନ୍ଦ୍ରୀୟ କମିଟିର ସଦସ୍ୟ ଭାବେ କାର୍ଯ୍ୟ କରୁଥିଲେ। ସେ ବିଭିନ୍ନ ହିଂସାକାଣ୍ଡ ଘଟାଇବା ପାଇଁ ସଠିକ୍ ରଣନୀତି ପ୍ରସ୍ତୁତ କରିବା ସହ ମାଷ୍ଟରମାଇଣ୍ଡ ଭାବେ କାର୍ଯ୍ୟ କରୁଥିଲେ। ତେଲେଙ୍ଗାନା, ଆନ୍ଧ୍ର, ଓଡ଼ିଶା ସହ ଛତିଶଗଡ଼ର ଅନେକ ହିଂସାକାଣ୍ଡର ମଧ୍ୟ ସେ ନେତୃତ୍ୱ ନେଇଥିଲେ। ସୁଜାତା ନକ୍ସଲ ସଂଗଠନର ଦକ୍ଷିଣ ଉପ-ଜୋନାଲ କମିଟିର ବ୍ୟୁରୋ ଇନ୍‌ଚାର୍ଜ ମଧ୍ୟ ରହିଥିଲେ। ବିଶେଷକରି, ସେ ଛତିଶଗଡ଼ ବସ୍ତର୍ ଅଞ୍ଚଳରେ ସକ୍ରିୟ ରହିବା ସହ ମାଓ ସଙ୍ଗଠନକୁ ସକ୍ରିୟ ରଖିବାରେ ତାଙ୍କର ବଡ଼ ଭୂମିକା ଥିଲା। ସୁଜାତାଙ୍କ ସ୍ୱାମୀ ତଥା ନକ୍ସଲ କମାଣ୍ଡର୍ କିଶାନଜୀ ମଧ୍ୟ ଟପ୍ ମାଓନେତା ଭାବେ ସଂଗଠନ ପାଇଁ ବିଭିନ୍ନ ସ୍ଥାନରେ କାର୍ଯ୍ୟ କରୁଥିବା ବେଳେ ପଶ୍ଚିମବଙ୍ଗରେ ଯବାନଙ୍କ ଗୁଳିରେ ନିହତ ହୋଇଥିଲେ। ତେଲେଙ୍ଗାନା ଡିଜିପିଙ୍କ ନିକଟରେ ସେ ଆତ୍ମସମର୍ପଣ କରିଥିବା ବେଳେ ଏହା ମାଓ ସଙ୍ଗଠନ ପାଇଁ ଏକ ଶକ୍ତ ଧକ୍କା ବୋଲି କୁହାଯାଉଛି।

### ଛାତ୍ରଙ୍କ ଆଖିରେ ସହପାଠୀ ଫେଭି-କୁଇକ୍ ଲଗାଇବା ଘଟଣା

## ପ୍ରଧାନ ଶିକ୍ଷକ ନିଲମ୍ବିତ

ଫିରିଙ୍ଗିଆ, ୧୩।୯ (ସମିସ): କନ୍ଧମାଳ ଜିଲ୍ଲା ଫିରିଙ୍ଗିଆ ବ୍ଲକ୍ ସଲାଗୁଡ଼ା ପଞ୍ଚାୟତ ସଲାଗୁଡ଼ା ସେବାଶ୍ରମରେ ୮ ଜଣ ତୃତୀୟ ଓ ଚତୁର୍ଥ ଶ୍ରେଣୀ ଛାତ୍ରଙ୍କ ଆଖିରେ ସହପାଠୀ ଫେଭିକୁଇକ ଲଗାଇବା ଘଟଣାରେ କାର୍ଯ୍ୟାନୁଷ୍ଠାନ ହୋଇଛି। ଜିଲ୍ଲାପାଳ ବେଦଭୂଷଣ ଏହି ଘଟଣାରେ ସ୍କୁଲର ପ୍ରଧାନଶିକ୍ଷକ ମନୋରଞ୍ଜନ ସାହୁଙ୍କୁ ନିଲମ୍ବନ କରିଛନ୍ତି। କାର୍ଯ୍ୟରେ ଅବହେଳା, ବିଦ୍ୟାଳୟରେ ଅନୁପସ୍ଥିତ ରହିବା ନେଇ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ସୂଚନାଯୋଗ୍ୟ, ଗୁରୁବାର ରାତିରେ ସେବାଶ୍ରମରେ ସମସ୍ତେ ଖାଇପିଇ ଶୋଇଥିବା ବେଳେ ୪ର୍ଥ ଓ ୫ମରେ ପଢୁଥିବା ୮ ଛାତ୍ରଙ୍କ ଆଖିରେ ସେମାନଙ୍କର କିଛି ସହପାଠୀ ଫେଭିକୁଇକ୍ ଲଗାଇ ଦେଇଥିଲେ। ସେମାନଙ୍କ ମଧ୍ୟରୁ ୭ଜଣଙ୍କୁ ଗୁରୁତର ଅବସ୍ଥାରେ ଫୁଲବାଣୀ ଜିଲ୍ଲା ଚିକିତ୍ସାଳୟକୁ ଅଣାଯାଇଥିଲା। ସେମାନଙ୍କ ମଧ୍ୟରୁ ଜଣଙ୍କ ଅବସ୍ଥା ଭଲ ନ ଥିବା ଜଣାପଡ଼ିଛି। ବିଦ୍ୟାଳୟରେ ଶିକ୍ଷକଙ୍କ ଅବହେଳାରୁ ଏଭଳି ଘଟିଥିବାରୁ ଅଞ୍ଚଳରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।

## ଭୁଶୁଡ଼ିଲା ମାର୍କେଟ୍ କମ୍ପ୍ଲେକ୍ସ; ଜଣେ ମୃତ




କୋରାପୁଟ, ୧୩।୯ (ସମିସ): ଜିଲ୍ଲା ପୁଲିସ ମୁଖ୍ୟାଳୟ ସମ୍ମୁଖ କୋରାପୁଟ ପୌରପରିଷଦର ବିଶ୍ୱାସ ରାୟ ମାର୍କେଟ୍ କମ୍ପ୍ଲେକ୍ସରେ ଏକ ଛାତ ଭୁଶୁଡ଼ି ପଡିବାରୁ ଜଣଙ୍କର ମୃତ୍ୟୁ ଘଟିଛି। ଏହି ଦୁର୍ଘଟଣାରୁ ଅନେକ ଅଳ୍ପକେ ବର୍ତ୍ତି ଯାଇଛନ୍ତି। ମୃତକ ହେଲେ, ଲୋକନାଥ ପାତ୍ର (୬୨)। ସୂଚନାନୁଯାୟୀ, ଉକ୍ତ କମ୍ପ୍ଲେକ୍ସର ହରି ପାତ୍ର ବେକେରୀରେ ମରାମତି କାର୍ଯ୍ୟ ଚାଲୁଥିଲା ବେଳେ ଅଚାନକ ଛାତ ଭୁଶୁଡ଼ି ପଡ଼ିଥିଲା। ଫଳରେ କମ୍ପ୍ଲେକ୍ସର ଉପର ମହଲା ମଧ୍ୟ ଧରାଶାୟୀ ହୋଇଥିଲା। ସୌଭାଗ୍ୟବଶତଃ ଷ୍ଟଲ୍ ଭିତରେ କାମ କରୁଥିବା ଶ୍ରମିକମାନେ ଦୌଡ଼ି ବାହାରକୁ ଚାଲି ଆସିଥିଲେ। କିନ୍ତୁ ବେକେରୀ ସମ୍ମୁଖରେ ପାନ ଦୋକାନ କରି ପରିବାର ଚଳାଉଥିବା ବେକେରୀ ମାଲିକଙ୍କ ଭାଇ ଲୋକନାଥ ପାତ୍ର ଛାତ ତଳେ ଚାପି ହୋଇ ରହି ଯାଇଥିଲେ। ଖବର ପ୍ରଚାର ହେବା ମାତ୍ରେ ୬ଟି ଜେସିବି ମେସିନ୍ ସହ ଓଡ୍ରାଫ ଟିମ୍ କୋରାପୁଟ, ଜୟପୁର, ସେମିଳିଗୁଡା ଏବଂ ଲକ୍ଷ୍ମୀପୁର ଅଗ୍ନିଶମ ବିଭାଗ କର୍ମଚାରୀ ତଲାସୀ କୁକୁର ନେଇ ଘଟଣାସ୍ଥଳରେ ପହଞ୍ଚି ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲେ।

କୋରାପୁଟ ବିଧାୟକ ରଘୁରାମ ମାଛ, କୋଟପାଡ଼ ବିଧାୟକ ରୁପୁ ଭତ୍ରା, ଏସ୍‌ପି ରୋହିତ ବର୍ମା, ଅତିରିକ୍ତ ଜିଲ୍ଲାପାଳ ତପନ କୁମାର ନାୟକ, ପୌର ଅଧକ୍ଷ ଲଲାଟ ରଞ୍ଜନ ସେଠୀ ଏବଂ ଅନ୍ୟ ଅଧିକାରୀ ସେଠାରେ ପହଞ୍ଚିଥିଲେ। କଟର୍ ଦ୍ୱାରା ଛାତ କାଟି ଚାପି ହୋଇ ରହିଥିବା ଲୋକନାଥ ପାତ୍ରଙ୍କୁ ଗୁରୁତର ଅବସ୍ଥାରେ ତୁରନ୍ତ କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସପିଟାଲକୁ ନିଆଯାଇଥିଲା। ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ। କମ୍ପ୍ଲେକ୍ସ ପ୍ରାୟ ୪୦ବର୍ଷ ପୁରୁଣା ଓ ଅତ୍ୟନ୍ତ ବିପଜ୍ଜନକ ଅବସ୍ଥାରେ ଥିବାରୁ ଜିଲ୍ଲା ପ୍ରଶାସନ ଏହାକୁ ବିପଦସଂକୁଳ ବୋଲି ଘୋଷଣା କରିଛି। କୌଣସି ବ୍ୟବସାୟୀ ବିଶ୍ୱାସ ରାୟ ମାର୍କେଟ୍ କମ୍ପ୍ଲେକ୍ସରେ ଦୋକାନ ନ ଖୋଲିବା ଏବଂ ଜନସାଧାରଣ ସେଠାକୁ ନଯିବା ପାଇଁ ପ୍ରଶାସନ ପକ୍ଷରୁ ଘୋଷଣା କରାଯାଇଛି। ଅନ୍ୟପକ୍ଷରେ, ମୃତକଙ୍କ ପରିବାରକୁ ଜିଲ୍ଲା ପ୍ରଶାସନ ପକ୍ଷରୁ ରେଡକ୍ରସ ପାଣ୍ଠିରୁ ୩୦ହଜାର ଟଙ୍କା ସହାୟତା ଦିଆଯାଇଛି ଏବଂ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୪ଲକ୍ଷ ଟଙ୍କାର ସହାୟତା ଯୋଗାଇ ଦେବାକୁ ଅନୁରୋଧ କରାଯାଇଥିବା ଅତିରିକ୍ତ ଜିଲ୍ଲାପାଳ ତପନ କୁମାର ନାୟକ ସୂଚନା ଦେଇଛନ୍ତି।

### ସହକାରୀ ଜିଲ୍ଲାପାଳ ସୁସ୍ମିତା ମିଞ୍ଜ ମୃତ୍ୟୁ ମାମଲା

## ସତ୍ୟପାଠ ଦାଖଲ କରିବେ ଗୃହ ସଚିବ ଓ ଡିଜିପି

କଟକ,୧୩।୯ (ସମିସ): ରାଉରକେଲାର ତତ୍କାଳୀନ ସହକାରୀ ଜିଲ୍ଲାପାଳ ସୁସ୍ମିତା ମିଞ୍ଜ ମୃତ୍ୟୁ ମାମଲାରେ ପୁଲିସ ଉପଯୁକ୍ତ କାର୍ଯ୍ୟାନୁଷ୍ଠାନ ବା ପଦକ୍ଷେପ ଗ୍ରହଣ କରିନଥିବା ଅଭିଯୋଗରେ ଦାୟର ମାମଲାକୁ ହାଇକୋର୍ଟ ଗୁରୁତ୍ୱର ସହ ଗ୍ରହଣ କରିଛନ୍ତି। ଏହି ମାମଲାରେ ସତ୍ୟପାଠ ଦେବାକୁ ରାଜ୍ୟ ଗୃହ ସଚିବ ଓ ପୁଲିସ ଡିଜିଙ୍କୁ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି ହାଇକୋର୍ଟ। ସୁସ୍ମିତାଙ୍କୁ ହତ୍ୟା କରାଯାଇଥିବା ଅଭିଯୋଗ ସହ ଏହାର କ୍ରାଇମବ୍ରାଞ୍ଚ ତଦନ୍ତ ପ୍ରାର୍ଥନା କରି ସୁସ୍ମିତାଙ୍କ ଭାଇ ସନ୍ଦୀପ ମିଞ୍ଜଙ୍କ ପକ୍ଷରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ ଚିତ୍ତରଂଜନ ଦାଶ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଆବେଦନକାରୀ ଆଣିଥିବା ଅଭିଯୋଗ ଉପରେ ପରବର୍ତ୍ତୀ ଶୁଣାଣି ସୁଦ୍ଧା ପୁଲିସ ପ୍ରଶାସନ ଜବାବ ରଖିବ। ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ଅକ୍ଟୋବର ୨୨ତାରିଖକୁ ଧାର୍ଯ୍ୟ କରାଯାଇଛି। ମାମଲାରୁ ପ୍ରକାଶ, ସୁସ୍ମିତାଙ୍କ ସନ୍ଦେହଜନକ ମୃତ୍ୟୁ ମାମଲାର କ୍ରାଇମବ୍ରାଞ୍ଚ ବା ଅନ୍ୟ ସ୍ୱାଧୀନ ଏଜେନ୍ସି ମାଧ୍ୟମରେ ତଦନ୍ତ ପାଇଁ ନିର୍ଦ୍ଦେଶ ଦିଆଯାଉ ବୋଲି ଦର୍ଶାଇ ହାଇକୋର୍ଟରେ ଏହି ମାମଲା ରୁଜୁ ହୋଇଛି। ପୀଡ଼ିତ ପରିବାର ଦେଇଥିବା ଏତଲା ପୁଲିସ ପଞ୍ଜୀକରଣ କରୁନାହିଁ। ଏଥିସହ ଘଟଣାର ମଧ୍ୟ ଉପଯୁକ୍ତ ତଦନ୍ତ ମଧ୍ୟ ପୁଲିସ କରୁନାହିଁ ବୋଲି ଆବେଦନରେ ଉଲ୍ଲେଖ କରାଯାଇଥିଲା। ଗତ ୨୦୨୩ ସେପ୍ଟେମ୍ବରରେ ସୁସ୍ମିତାଙ୍କ ମୃତଦେହ ଏକ ପୋଖରୀରୁ ମିଳିଥିଲା। ରାଉରକେଲା ପ୍ଲାଣ୍ଟସାଇଟ୍ ଥାନାରେ ଏ ସଂକ୍ରାନ୍ତରେ କେବଳ ଅପମୃତ୍ୟୁ ମାମଲା ରୁଜୁ କରାଯାଇଥିଲା। ପୂର୍ବରୁ ହାଇକୋର୍ଟଙ୍କ ନିର୍ଦ୍ଦେଶକ୍ରମେ ଆବେଦନକାରୀ ସାନି ଅଭିଯୋଗ କରିଥିଲେ। ହେଲେ ଏ ସଂକ୍ରାନ୍ତରେ କୌଣସି ପଦକ୍ଷେପ ନିଆଯାଇନଥିଲା। ମାମଲାରେ ଗୃହ ସଚିବ, ପୁଲିସ ଡିଜି, ରାଉରକେଲା ଏସପି, ଉଦିତନଗର ଥାନା, ପ୍ଲାଣ୍ଟ ସାଇଟ ଥାନା ଆଇଆଇସି, ଓ କ୍ରାଇମବ୍ରାଞ୍ଚ ଏଡିଜିଙ୍କୁ ପକ୍ଷଭୁକ୍ତ କରାଯାଇଛି। ଆବେଦନକାରୀଙ୍କ ତରଫରୁ ଆଇନଜୀବୀ ଶିବଶଙ୍କର ମହାନ୍ତି ମାମଲା ପରିଚାଳନା କରୁଛନ୍ତି।

### ଇନ୍‌ଷ୍ଟାଗ୍ରାମ୍‌ରୁ ପ୍ରେମ, ପ୍ରତାରଣା

## ବିବାହ ପ୍ରତିଶ୍ରୁତି ଦେଇ ଦିବ୍ୟାଙ୍ଗ ଯୁବକଙ୍କଠାରୁ ଟଙ୍କା ଲୁଟ୍

ରାଜନଗର, ୧୩।୯ (ସମିସ): ଇନ୍‌ଷ୍ଟାଗ୍ରାମ୍‌ରୁ ପ୍ରେମ, ପ୍ରେମରୁ ପ୍ରତାରଣା। ପ୍ରତାରଣାର ଶିକାର ହୋଇଛନ୍ତି ଜଣେ ଦିବ୍ୟାଙ୍ଗ ଯୁବକ। ପ୍ରେମ ଜାଲରେ ଫସାଇ, ବିବାହର ପ୍ରଲୋଭନ ଦେଖାଇ ଜଣେ ଯୁବତୀ ତାଙ୍କଠାରୁ ୧ ଲକ୍ଷ ୨୫ ହଜାର ଟଙ୍କା ଲୁଟି ନେଇଛି। ଠକେଇର ଶିକାର ଯୁବକଜଣଙ୍କ ହେଲେ, କେନ୍ଦ୍ରାପଡ଼ା ଜିଲ୍ଲା ରାଜନଗର ଥାନା ଅନ୍ତର୍ଗତ ପ୍ରହରାଜପୁର ଗ୍ରାମର ନବକିଶୋର ପ୍ରଧାନ।

ନବ ଜଣେ ଦିବ୍ୟାଙ୍ଗ। ଦୁର୍ଘଟଣାରେ ସେ ଡାହାଣ ଗୋଡ଼ ହରାଇବା ପରେ ଆନ୍ଧ୍ରପ୍ରଦେଶର ରାଜମହେନ୍ଦ୍ରୀଠାରେ ରହି ଟ୍ରେନରେ ଜିନିଷପତ୍ର ବିକ୍ରି କରି ପେଟ ପୋଷୁଥିଲେ। କିଛି ମାସ ତଳେ ରାଜନଗର ବ୍ଲକ୍ ବାଲିକଣା ଗ୍ରାମର ଜଣେ ଯୁବତୀଙ୍କ ସହ ଇନଷ୍ଟାଗ୍ରାମ୍‌ରେ ତାଙ୍କର ପରିଚୟ ହୋଇଥିଲା। ଚାଟିଂରୁ ଉଭୟଙ୍କ ଭିତରେ ପ୍ରେମସମ୍ପର୍କ ଗଢ଼ି ଉଠିଥିଲା। କିଛି ମାସ ଏମିତି ଚାଲିବା ପରେ ଯୁବତୀଜଣଙ୍କ ନବଙ୍କୁ ବିବାହର ପ୍ରତିଶ୍ରୁତି ଦେଇଥିଲେ ଏବଂ ବିଭିନ୍ନ ଆଳ ଦେଖାଇ ବିଭିନ୍ନ ପର୍ଯ୍ୟାୟରେ ତାଙ୍କଠାରୁ ୧ଲକ୍ଷ ୨୫ହଜାର ଟଙ୍କା ନେଇଥିଲେ। ତେବେ ନବ ବିବାହ ପାଇଁ କହିବାରୁ ଯୁବତୀଜଣଙ୍କ ତାଙ୍କୁ ବ୍ଲାକମେଲ୍ କରିବା ଆରମ୍ଭ କରିଦେଇଥିଲେ। ଟ୍ରେନ୍‌ରେ ଜିନିଷପତ୍ର ବିକି ନବ ଯାହା ସଞ୍ଚୟ କରିଥିଲେ, ତାହା ଯିବା ପରେ ଏବେ ନବ ହତୋତ୍ସାହିତ ହୋଇପଡ଼ିଛନ୍ତି। ଏ ସଂପର୍କରେ ସେ ରାଜନଗର ଥାନାରେ ଅଭିଯୋଗ କରିଥିବା ଜଣାପଡ଼ିଛି।

### ୩୦ଜିଲ୍ଲାରେ ରାଷ୍ଟ୍ରୀୟ ଲୋକ ଅଦାଲତ

## ୩୦୬୬୯୫ ମାମଲାର ଫଇସଲା

କଟକ,୧୩।୯ (ସମିସ): ଜାତୀୟ ଆଇନ ସେବା ପ୍ରାଧିକରଣ ପକ୍ଷରୁ ରାଜ୍ୟ ଆଇନ ସେବା ପ୍ରାଧିକରଣ ଆନୁକୂଲ୍ୟରେ ରାଜ୍ୟବ୍ୟାପୀ ୩୦ଗୋଟି ଜିଲ୍ଲା ଓ ବିଭିନ୍ନ ତାଲୁକ ସ୍ତରରେ ଆଜି ଚଳିତ ବର୍ଷର ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୋଟ ୩,୦୬,୬୯୫ଟି ମାମଲା ଫଏସଲା ହୋଇଛି ଓ ମୋଟ ୨୬୫କୋଟି ୨୬ଲକ୍ଷ ୯୫ହଜାର ୭୩୯ଟଙ୍କା କ୍ଷତିପୂରଣ ରାଶି ସ୍ଥିରୀକୃତ ହୋଇଛି। ସମାଧାନ ହୋଇଥିବା ମାମଲା ଗୁଡିକ ମଧ୍ୟରେ ପ୍ରାକ ମକଦ୍ଦମା ସ୍ତରୀୟ ୭୬୪୪ଟି ମାମଲା ଓ ବିଚାରାଧିନ କୋର୍ଟ ମାମଲା ୨୨୯୩୬ଟି ଓ ୨,୭୬,୦୯୩ଟି ରାଜସ୍ୱ ମାମଲା ଏହିପରି ମୋଟ ୩,୦୬,୬୯୫ଟି ମାମଲା ଫଏସଲା କରାଯାଇଛି। ଫଏସଲା ହୋଇଥିବା ବିଚାରାଧୀନ ମାମଲା ଗୁଡିକ ମଧ୍ୟରେ ୩୭୦ଟି ଫୌଜଦାରୀ (କ୍ରିମିନାଲ କମ୍ପାଉଣ୍ଡେବଲ), ଏନଆଇ ଆକ୍ଟ ମାମଲା ୨୨୦୦ଟି, ଟଙ୍କା ଅସୁଲି ମାମଲା ୬୮୨ଟି ଓ ୧୩୦୯ଟି ମୋଟରଯାନ ଦୁର୍ଘଟଣାଜନିତ ମାମଲା ଫଏସଲା କରାଯାଇପାରିଛି । ସେହିଭଳି ୬୬୦ଟି ପାରିବାରିକ ଓ ବୈବାହିକ ବିବାଦ(ବିବାହ ବିଛେଦ ବ୍ୟତୀତ), ୨ଟି ଜମି ଅଧିଗ୍ରହଣ ବିବାଦ, ୩୫ଟି ବିଦ୍ୟୁତ, ଜଳ ବିଲ୍ ସଂପର୍କିତ, ୩୯ଟି ଶ୍ରମ ଓ ନିଯୋଜନ ସଂପର୍କିତ ୨୭୬୦୯୩ଟି ରାଜସ୍ୱ ମାମଲା, ଅନ୍ୟାନ୍ୟ ଫୋ÷ଜଦାରୀ ମାମଲା ୧୫,୩୭୯ଟି ,ଖାଉଟି ଓ କ୍ୱାସି ଜୁଡିସିଆଲ ମାମଲା ୩୨ଟି,୨୨୨୮ଟି ଅନ୍ୟାନ୍ୟ ଦେୱାନୀ ମାମଲା ,ରାଜ୍ୟ ଖାଉଟି ବିବାଦ ସମାଧାନ ଆୟୋଗ ୨ଟି,ଡିଆରଟି ମାମଲା୮ଟି , ଶିକ୍ଷା ଟ୍ରିବୁନାଲ ମାମଲା ୮ଟି, ଶ୍ରମ ଅଦାଲତ ମାମଲା ୨ଟି,ଶିଳ୍ପ ଟ୍ରିବୁନାଲ ମାମଲା ୨ଟି ଅନ୍ତର୍ଭୁକ୍ତ ବୋଲି ରାଜ୍ୟ ଆଇନସେବା ପ୍ରାଧିକରଣ ପକ୍ଷରୁ ସୂଚନା ଦିଆଯାଇଛି। ହାଇକୋର୍ଟ ମୁଖ୍ୟ ବିଚାରପତି ତଥା ରାଜ୍ୟ ଆଇନ ସେବା ପ୍ରାଧିକରଣର ମୁଖ୍ୟ ଉପଦେଷ୍ଟା ଜଷ୍ଟିସ ହରିଶ ଟଣ୍ଡନ, ରାଜ୍ୟ ଆଇନ ସେବା ପ୍ରାଧିକରଣର କାର୍ଯ୍ୟନିର୍ବାହୀ ଅଧକ୍ଷ ଜଷ୍ଟିସ ମାନସ ରଂଜନ ପାଠକଙ୍କ ପ୍ରତ୍ୟକ୍ଷ ମାର୍ଗଦର୍ଶନରେ ଏହି ଲୋକ ଅଦାଲତ ରାଜ୍ୟର ବିଭିନ୍ନ ଜିଲ୍ଲା,ତାଲୁକ ଓ ଟ୍ରିବୁନାଲ ସ୍ତରରେ ଅନୁଷ୍ଠିତ ହୋଇଥିଲା।

**୨୬୫କୋଟି ଟଙ୍କା କ୍ଷତିପୂରଣ ରାଶି ସ୍ଥିରୀକୃତ**

## ତୃତୀୟ ଶ୍ରେଣୀ ଛାତ୍ରକୁ ବାକ୍ସରେ ପୂରାଇଦେଲେ ସହପାଠୀ


ବଣାଇଁ, ୧୩।୯ (ସମିସ): ଜଣେ ତୃତୀୟ ଶ୍ରେଣୀ ଛାତ୍ରକୁ ସହପାଠୀ ଏକ ବାକ୍ସ ଭିତରେ ପୂରାଇଦେବା ଏବଂ ୪ ଘଣ୍ଟା ପରେ ଛାତ୍ରଜଣଙ୍କ ମୁମୂର୍ଷୁ ଅବସ୍ଥାରେ ଉଦ୍ଧାର ହେବା ଘଟଣା ସୁନ୍ଦରଗଡ଼ ଜିଲ୍ଲା ଗୁରୁଣ୍ଡିଆ ବ୍ଲକ୍ ଅଞ୍ଚଳରେ ଚର୍ଚ୍ଚାର ବିଷୟ ହୋଇଛି। ଜର୍ଡା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଆଜି ଏହି ଅଘଟଣ ଘଟିଛି। ସୂଚନାନୁସାରେ, ଶୁକ୍ରବାର ସ୍କୁଲ ହଷ୍ଟେଲରେ ରହୁଥିବା ଦୁଇ ଛାତ୍ରଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ଫଳରେ, ତୃତୀୟ ଶ୍ରେଣୀର ସ୍ୱସ୍ତିକ କିସାନ ନାମକ ଜଣେ ଛାତ୍ରକୁ ଅନ୍ୟ ଜଣେ ଛାତ୍ର ଏକ ବାକ୍ସରେ ବନ୍ଦ କରିଦେଇଥିଲା। ସ୍ୱସ୍ତିକ କ୍ଲାସ୍‌କୁ ନ ଆସିବାରୁ ଶିକ୍ଷକ ଏବଂ ଅନ୍ୟ ଛାତ୍ରଛାତ୍ରୀମାନେ ତାକୁ ଖୋଜାଖୋଜି କରିଥିଲେ। କିନ୍ତୁ ଦୀର୍ଘ ସମୟ ପରେ ମଧ୍ୟ ନ ପାଇବାରୁ ପ୍ରଧାନ ଶିକ୍ଷକ ତା' ପରିବାରଲୋକଙ୍କୁ ଖବର ଦେଇଥିଲେ। ବାପା-ମାଆ ମଧ୍ୟ ସ୍କୁଲରେ ପହଞ୍ଚି ଖୋଜାଖୋଜି କରିଥିଲେ। ତେବେ ଦୀର୍ଘ ୪ ଘଣ୍ଟା ପରେ ସ୍ୱସ୍ତିକର ବାକ୍ସକୁ ଖୋଲିବାରୁ ତା' ଭିତରେ ସେ ମୁମୂର୍ଷୁ ଅବସ୍ଥାରେ ଥିବା ଦେଖିବାକୁ ପାଇଥିଲେ। ଚେତା ଫେରିବା ପରେ ବାପା-ମାଆ ତାକୁ ସାଙ୍ଗରେ ଘରକୁ ନେଇଯାଇଥିଲେ। ଏ ସଂପର୍କରେ ପ୍ରଧାନ ଶିକ୍ଷକ ଗଙ୍ଗାଧର ସେଠଙ୍କ ପଚାରିବାରୁ ଛାତ୍ରଜଣଙ୍କ ବଡ଼ଛାତ୍ରଙ୍କ ମାଡ଼ ଭୟରେ ନିଜ ବାକ୍ସରେ ପଶି ଲୁଚି ରହିଥିବା କହିଥିଲେ।

**ଅଚେତ ଅବସ୍ଥାରେ ଉଦ୍ଧାର**

## ୬୨୯ ଫୁଟ୍ ଛୁଇଁଲା ହୀରାକୁଦ ଜଳସ୍ତର

ସମ୍ବଲପୁର, ୧୩।୯ (ସମିସ): ଶନିବାର ଅପରାହ୍ଣ ୩ଟା ସୁଦ୍ଧା ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୮.୯୧ ଫୁଟ୍ ଛୁଇଁଛି। ନଦୀବନ୍ଧର ବାମ ପାର୍ଶ୍ୱ ଓ ଡାହାଣ ପାର୍ଶ୍ୱର ଗୋଟିଏ ଲେଖାଏଁ ଏହିଭଳି ମୋଟ ୨ଟି ସ୍ଲୁଇସ୍ ଗେଟ୍ ଖୋଲାଯାଇ ବନ୍ୟାଜଳ ନିଷ୍କାସନ କରାଯାଉଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୧,୦୨,୪୯୪ ଘନଫୁଟ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚେନାଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୬୪,୩୭୫ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୩୨,୭୦୪ ଘନଫୁଟ ଜଳ ପ୍ରବାହିତ ହେଉଥିବା ବେଳେ ପାୱାର ଚେନାଲ ଦେଇ ୨୭,୦୬୯ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୪୩ ଘନଫୁଟ, କେନାଲ ପାଇଁ ୪,୩୫୯ ଘନଫୁଟ ଜଳ ନିଷ୍କାସିତ ହେଉଛି। ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୩.୨୦ ମିମି ବର୍ଷା ହୋଇଥିବା ବେଳେ ତଳମୁଣ୍ଡରେ ୩.୨୮ ମିମି ବର୍ଷା ହୋଇଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୮.୩୩ ଫୁଟ୍ ରହିଥିଲା।





## ଓଡ଼ିଆ ସଂସ୍କୃତି, ପରମ୍ପରା ଓ ପର୍ଯ୍ୟଟନ ବିକାଶର କଥା କହୁଛି

# ଲହରୀ

କୋଲକାତା ଅନ୍ତର୍ଜାତୀୟ ଚଳଚ୍ଚିତ୍ର ମହୋତ୍ସବ ଓ ମେଲବୋର୍ଣ୍ଣ ଚଳଚ୍ଚିତ୍ର ମହୋତ୍ସବରେ ପ୍ରଦର୍ଶିତ ହୋଇ ପ୍ରଶଂସା ସାଉଁଟିବା ପରେ 'ଲହରୀ' ବଡ଼ ପରଦାରେ ମୁକ୍ତିଲାଭ କରିଛି । ଏହି ସିନେମାରେ ରହିଛି ମାଟିର କଥା ଓ ଓଡ଼ିଶାର ସଂସ୍କୃତି, ପରମ୍ପରା ଓ ପର୍ଯ୍ୟଟନ ବିକାଶର କଥା । ସାମାଜିକ ଜୀବନରେ ମୂଳ ତତ୍ତ୍ୱ ସହ ନିଜକୁ ଯୋଡ଼ି ରଖିବା ଓ ବାପ ପୁଅର ସମ୍ପର୍କ ଉପରେ ଆଧାରିତ ଏହାର କାହାଣୀ ଦର୍ଶକଙ୍କୁ ବେଶ୍ ପସନ୍ଦ ଆସିଥିବା ପ୍ରଥମ ଦିନରୁ ଜଣାପଡ଼ିଛି ।

ଅନ୍ତର୍ଜାତୀୟ ଖ୍ୟାତିସମ୍ପନ୍ନ ଓ ଜାତୀୟ ପୁରସ୍କାରପ୍ରାପ୍ତ ଚଳଚ୍ଚିତ୍ର ନିର୍ଦ୍ଦେଶକ ଅମର୍ତ୍ତ୍ୟ ଭଟ୍ଟାଚାର୍ଯ୍ୟ ଫିଲ୍ମର ନିର୍ଦ୍ଦେଶନା ଦେଇଥିବା ବେଳେ ପ୍ରଯୋଜନା କରିଛନ୍ତି ଓଡ଼ିଶାର ଲୋକପ୍ରିୟ ଅଭିନେତ୍ରୀ ତଥା ସ୍ୱନାମଧନ୍ୟ ଯୁବ ନିର୍ମାତ୍ରୀ ଝିଲିକ୍ ଭଟ୍ଟାଚାର୍ଯ୍ୟ । ଏଥିରେ ବିଭିନ୍ନ ଭୂମିକାରେ ଚୌଧୁରୀ ଜୟପ୍ରକାଶ ଦାସ, ଚୌଧୁରୀ ବିକାଶ ଦାସ, ସ୍ମୃତି ମହଲା, ଦୀପାନ୍ୱିତ ଦାସ ମହାପାତ୍ର, ସୁଶାନ୍ତ ମିଶ୍ର, ହର ରଥ, ପ୍ରସେନଜିତ୍, ସ୍ୱସ୍ତିକ ଚୌଧୁରୀ ପ୍ରମୁଖ ଅଭିନୟ କରିଥିବା ବେଳେ ଲୋକପ୍ରିୟ ତାରକା ଦେବାଶିଷ ପାତ୍ର ଅତିଥି କଳାକାର ଭୂମିକାରେ ଏବଂ ସୁପରଷ୍ଟାର ବାବୁଶାନ ମହାନ୍ତିଙ୍କୁ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ଦେଖିବାକୁ ମିଳିଛି । ସିନେମାରେ ଥିବା 'ଝିଅର ସ୍କୁ ଟା ଢିଲା..' ଗୀତଟି ଏବେ ଟ୍ରେଣ୍ଡିଙ୍ଗରେ ରହିଥିବା ବେଳେ ଏଥିରେ କଣ୍ଠଦାନ କରିଛନ୍ତି ଗୌରବ ଆନନ୍ଦ ଓ ନବ୍ୟା ଜାଇତି । ସାରା ଓଡ଼ିଶାରେ ୩୧ଟି ପ୍ରେକ୍ଷାଳୟରେ ମୁକ୍ତିଲାଭ କରିଥିବା ଏହି ସିନେମାର ଗ୍ରାଣ୍ଡ ପ୍ରିମିୟର ରାଜଧାନୀର ଏସ୍‌ପ୍ଲାନେଡ୍ ସିନେପଲିସରେ ଅନୁଷ୍ଠିତ ହୋଇଯାଇଛି । ବରିଷ୍ଠ ରାଜନେତା ପ୍ରଫୁଲ୍ଲ ଚନ୍ଦ୍ର ଘଡ଼ାଇ ମୁଖ୍ୟଅତିଥି ଭାବେ ଯୋଗଦେଇ କେକ୍ କାଟିବା ସହ 'ଲହରୀ'ର ଟିମ୍ ସଦସ୍ୟଙ୍କୁ ଶୁଭେଚ୍ଛା ଜଣାଇଥିଲେ । ବୁକ୍ ମାଇଁ ଶୋ' ପ୍ରଥମ ଦିନ ପ୍ରତ୍ୟେକ ଟିକଟ୍ ଉପରେ ୫୦ ପ୍ରତିଶତ ରିହାତି ଥିବା ବେଳେ ପ୍ରଥମ ଦିନର ପ୍ରଥମ ଶୋ ହାଉସଫୁଲ୍ ଦେଖିବାକୁ ମିଳିଥିଲା । ସିନେମାଟି ଉଭୟ କଳାତ୍ମକ ଏବଂ ବ୍ୟାବସାୟିକ ଦୃଷ୍ଟିକୋଣରୁ ବେଶ୍ ଭଲ ହୋଇଛି ବୋଲି ଦର୍ଶକ ମତବ୍ୟକ୍ତ କରିଛନ୍ତି ।






# ବଡ଼ ବଜେଟ୍‌ର 'ଚ୍ୟାଲେଞ୍ଜ'

ଚଳିତ ଦଶହରାରେ ମୁକ୍ତିଲାଭ କରିବ ବିଗ୍ ବଜେଟ ନୂଆ ଓଡ଼ିଆ ସିନେମା 'ଚ୍ୟାଲେଞ୍ଜ' । ଅର୍ଦ୍ଧେନ୍ଦୁ ସାହୁ, ଏଲିନା ସାମନ୍ତରାୟ, ପୁପିନ୍ଦର ସିଂହ, ଲିପି ମହାପାତ୍ର, ହରିହର ମହାପାତ୍ର ଏବଂ ପୁନିତ ଇଶାର୍‌ଙ୍କୁ ନେଇ ନିର୍ମାଣ ହୋଇଛି ଏହି ବଡ଼ ବଜେଟ୍‌ର ସିନେମା । ଏଥିରେ ଆକ୍ସନ ଷ୍ଟାର୍ ଅର୍ଦ୍ଧେନ୍ଦୁଙ୍କ ଜବରଦସ୍ତ ଆକ୍ସନ ଦେଖିବାକୁ ପାଇବେ ଦର୍ଶକେ । ଏହାସହ ପୁପିନ୍ଦର, ଲିପିଙ୍କ ପୁରୁଣା ଯୋଡ଼ିକୁ ପୁଣି ଥରେ ମନେ ପକାଇବେ । 'ଆଦିଲକ୍ଷ୍ମୀ ଏଣ୍ଟରଟେନମେଣ୍ଟ ବ୍ୟାନର୍'ରେ ଆଦିକନ୍ଦ ସାହୁଙ୍କ ପ୍ରଯୋଜନାରେ ଜୀ ସାର୍ଥକର ସହଭାଗିତାରେ ପ୍ରସ୍ତୁତ ହୋଇଥିବା ଏହି ଚଳଚ୍ଚିତ୍ରକୁ ସାଇ କିରଣ ମଙ୍ଗରାଜ ନିର୍ଦ୍ଦେଶନା ଦେଇଛନ୍ତି । କାହାଣୀ ଓ ଚିତ୍ରନାଟ୍ୟ ରଚନା କରିଛନ୍ତି ମାନସ ପଢ଼ିଆରୀ । ସିନେମାର ଚିତ୍ରତ୍ତୋଳନ କରିଛନ୍ତି ପ୍ରତାପ ରାଉତ ଏବଂ ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି ଗୌରଭ ଆନନ୍ଦ । ତେବେ ଏହା ଦଶହରାରେ ଦର୍ଶକଙ୍କର ଯଥେଷ୍ଟ ମନୋରଞ୍ଜନର ଖୋରାକ ଯୋଗାଇବ ବୋଲି ପ୍ରଯୋଜନା ସଂସ୍ଥା ପ୍ରକାଶ କରିଛନ୍ତି ।

## ପରଦା ପଛର କାହାଣୀ

# ଅଭିନେତ୍ରୀଙ୍କୁ ବଞ୍ଚାଇବାକୁ ନିଆଁକୁ ଡେଇଁଥିଲେ ଅଭିନେତା

୧୯୫୭ ମସିହାରେ ମୁକ୍ତିଲାଭ କରିଥିଲା କଲ୍ଟ୍ କ୍ଲାସିକ୍ ଫିଲ୍ମ 'ମଦର ଇଣ୍ଡିଆ' । ଏହି ଫିଲ୍ମରେ ଅଭିନେତ୍ରୀ ନର୍ଗିସ୍, ଅଭିନେତା ସୁନିଲ ଦତ୍ତ ଏବଂ ରାଜେନ୍ଦ୍ର କୁମାର ଚମତ୍କାର ଅଭିନୟ କରିଛନ୍ତି । ଏଥିରେ ନର୍ଗିସ୍ ଦୁଇଜଣ ଅଭିନେତାଙ୍କ ମାଆ ଚରିତ୍ରରେ ଅଭିନୟ କରିଥିଲେ । ନିକଟରେ ଏହି ଫିଲ୍ମ ସହ ଜଡ଼ିତ ଏକ ରୋଚକୀୟ ଫଟୋ ସାମ୍ନାକୁ ଆସିଛି । ଯେଉଁଥିରେ ଅଭିନେତା ନିଜ ଜୀବନକୁ ବାଜି ଲଗାଇ ଅଭିନେତ୍ରୀଙ୍କୁ ବଞ୍ଚାଇ ଥିଲେ । 'ମଦର ଇଣ୍ଡିଆ'ର ସୁଟିଂ ସମୟରେ ସେଟ୍‌ରେ ନିଆଁ ଲାଗିଯାଇଥିଲା । ଅଧିକାଂଶ କ୍ରିଉ ମେମ୍ବର ଓ ଅଭିନେତ୍ରୀ ସେହି ନିଆଁ ମଧ୍ୟରେ ଫସି ରହିଥିଲେ । ନର୍ଗିସଙ୍କୁ ନିଆଁରେ ଦେଖି ଅଭିନେତା ତାଙ୍କୁ ବଞ୍ଚାଇବାକୁ ଭୟଙ୍କର ନିଆଁ ମଧ୍ୟକୁ ଝାସ ଦେଇଥିଲେ । ଅଭିନେତ୍ରୀଙ୍କୁ ବଞ୍ଚାଇବା ପାଇଁ ସୁନୀଲ ଦତ୍ତ ସେହି ନିଆଁରେ ଫସି ଯାଇଥିଲେ । ଏଥିରେ ତାଙ୍କ ମୁହଁର କିଛି ଅଂଶ ଜଳି ଯାଇଥିଲା । ସୁନୀଲ ସୁସ୍ଥ ହେବା ଯାଏ ତାଙ୍କ ସହିତ ରହି ନର୍ଗିସ୍ ଦେଖାଶୁଣା କରିଥିଲେ । ଏହି ସମୟରେ ଦୁହିଁଙ୍କ ମଧ୍ୟରେ ପ୍ରେମ ସମ୍ପର୍କ ଗଢ଼ି ଉଠିଥିଲା । କିଛି ଦିନ ପରେ ନର୍ଗିସଙ୍କୁ ବିବାହ ପାଇଁ ସୁନୀଲ ଦତ୍ତ ପ୍ରସ୍ତାବ ଦେଇଥିଲେ । ପ୍ରଥମେ ମନା କରିବା ପରେ ଦ୍ୱିତୀୟ ଥର ନର୍ଗିସ୍ ବିବାହ ପାଇଁ ରାଜି ହୋଇଥିଲେ । ଏହାପରେ ୧୯୫୮ ମସିହାରେ ଦୁହେଁ ବିବାହ କରିଥିଲେ ।



ନିକଟରେ ସାମାଜିକ ଗଣମାଧ୍ୟମରେ ସୁନିଲ ଦତ୍ତ ଓ ନର୍ଗିସଙ୍କ ଏକ ଫଟୋ ଭାଇରାଲ୍ ହୋଇଥିବା ଦେଖିବାକୁ ମିଳିଛି । ଏହା 'ମଦର ଇଣ୍ଡିଆ' ଫିଲ୍ମର ନିଆଁ ଲାଗିବା ସମୟର ଦୃଶ୍ୟ ବୋଲି ଜଣାପଡ଼ିଛି ।

## ୨୨ରୁ ଆଓ ନେକ୍ସଟ୍‌ରେ

# ଘମାଘୋଟ୍



ଓଡ଼ିଶାର ବିଭିନ୍ନ ଫିଲ୍ମ ହଲ୍‌ରେ ଦର୍ଶକଙ୍କ ଭଲ ପାଇବା ସାଉଁଟିବା ପରେ ଓଡ଼ିଆ ହାଇ-ଆକ୍ସନ ଫିଲ୍ମ 'ଘମାଘୋଟ୍' ଆସନ୍ତା ସେପ୍ଟେମ୍ବର ୨୨ ତାରିଖରୁ ଓଡ଼ିଶାର ଲୋକପ୍ରିୟ ଷ୍ଟ୍ରିମିଂ ପ୍ଲାଟଫର୍ମ 'ଆଓ ନେକ୍ସଟ୍'ରେ ଡିଜିଟାଲ ପ୍ରିମିୟର ହେବାକୁ ଯାଉଛି । କୌଶିକ ଦାସଙ୍କ ଦ୍ୱାରା ପ୍ରଯୋଜିତ ଓ ରାଜା.ଡି.ଙ୍କ ନିର୍ଦ୍ଦେଶିତ ଫିଲ୍ମ 'ଘମାଘୋଟ୍' ଗତ ମାର୍ଚ୍ଚ ମାସରେ ହଲ୍‌ରେ ରିଲିଜ ହୋଇ ବକ୍ସ ଅଫିସ୍‌ରେ ହିଟ୍ ହୋଇଥିଲା । ଜବରଦସ୍ତ ଡ୍ରାମା ଏବଂ ଆକର୍ଷଣୀୟ କାହାଣୀ ସହିତ ଏହି ଫିଲ୍ମଟି ଗ୍ୟାଙ୍ଗ ୱାର୍‌ର ଅନ୍ଧାର ଦୁନିଆର ଗଭୀରତାକୁ ଅତି ସରଳ ଭାବରେ ଦର୍ଶକଙ୍କ ପାଖରେ ପହଞ୍ଚାଇ ଥିଲା । ନିର୍ଦ୍ଦେଶକ କହିଛନ୍ତି ଯେ, ଆକ୍ସନ୍ ସିକ୍ୱେନ୍ସ ଗୁଡ଼ିକ ରଶି ବିନା ପ୍ରଦର୍ଶନ କରାଯାଇଥିଲା । ଫଳରେ ଫାଇଟ୍ ଦୃଶ୍ୟଗୁଡ଼ିକ ଅତ୍ୟନ୍ତ ନିଛକ ଏବଂ ବାସ୍ତବବାଦୀ ହୋଇଛି । ଫିଲ୍ମରେ ଅଭିଷେକ ପଣ୍ଡା, ଦୀପକ ପରିଡ଼ା, ବିଶ୍ୱଜିତ ରାଉତ, ଜୋଣ୍ଟି, ଆକାଶ ହୋତା, ଆକାଶ ରାଉତ, ସନ୍ଦୀପ ମିଶ୍ର, ସନୋଜ କୁମାର, ଗୋଲ୍ଡି ଦାସ, ଶକ୍ତି, ରାଜେଶ କୁମାର ସାହୁ, ତପି ମିଶ୍ର, ଆଇମନ୍ ପ୍ରଧାନ, ଶୈଳେନ୍ଦ୍ର ସାମନ୍ତରାୟ ଏବଂ କ୍ରୀଷ୍ଣା କରଙ୍କ ପରି ପ୍ରତିଭାଶାଳୀ କଳାକାରମାନେ ନିଜର ଅଭିନୟର ଯାଦୁ ଦେଖାଇଛନ୍ତି । ତେବେ ଯେଉଁ ଦର୍ଶକମାନେ ଫିଲ୍ମଟିକୁ ହଲରେ ଦେଖି ପାରି ନ ଥିଲେ ସେମାନେ ସେପ୍ଟେମ୍ବର ୨୨ରୁ ଆଓ ନେକ୍ସଟରେ ଏହି ଓଡ଼ିଆ ହାଇ-ଆକ୍ସନ ଫିଲ୍ମ ଦେଖିପାରିବେ ।

# 'ଓଡ଼ିଶାର ବେଷ୍ଟ ସିନେ ଷ୍ଟାର୍‌ର ଖୋଜ୍'ରେ ରଞ୍ଜିତ ବେଦୀ



ଜୀ ସାର୍ଥକରେ ପ୍ରସାରିତ ହେଉଥିବା ଓଡ଼ିଶାର ବଡ଼ ରିୟାଲିଟି ଶୋ' "ଓଡ଼ିଶାର ବେଷ୍ଟ ସିନେ ଷ୍ଟାରର ଖୋଜ୍" ମଞ୍ଚରେ ମୁମ୍ବାଇ ଚଳଚ୍ଚିତ୍ର ଇଣ୍ଡଷ୍ଟ୍ରିର ବରିଷ୍ଠ ଅଭିନେତା ତଥା ପ୍ରଖ୍ୟାତ ଖଳନାୟକ ରଞ୍ଜିତ ବେଦୀ ଅତିଥି ବିଚାରକ ଭାବେ ଯୋଗ ଦେଇଛନ୍ତି । ଓଡ଼ିଶାର ପ୍ରତିଟି କୋଣ ଅନୁକୋଣରେ ଥିବା ପ୍ରତିଭାବାନ କଳାକାର ସୃଷ୍ଟି କରିବା ପାଇଁ ଜୀ ସାର୍ଥକ ଯେଉଁ ପ୍ଲାଟଫର୍ମ ଯୋଗାଇଦେଉଛି ସେଥିପାଇଁ ଚ୍ୟାନେଲକୁ ସାଧୁବାଦ ଜଣାଇଛନ୍ତି ରଞ୍ଜିତ । ପରିଶ୍ରମ କଲେ ନିଶ୍ଚିତ ଭାବେ ଜଣେ ଜଣେ ସୁପ୍ରତିଷ୍ଠିତ କଳାକାର ହୋଇପାରିବେ ବୋଲି ସେ କହିଛନ୍ତି । ତେବେ ଏହି ଶୋ' ହେଉଛି ଏକ ଅନନ୍ୟ ପ୍ରତିଭା ଖୋଜିବାର ପ୍ରୟାସ । ଏହି ରିୟାଲିଟି ଶୋ'ରେ ବିଭିନ୍ନ ନାଟକୀୟ ଦୃଶ୍ୟଠାରୁ ଆରମ୍ଭ କରି କମେଡି ଡ୍ରାମା ସହ ଆକ୍ସନ ସିକ୍ୱେନ୍ସ ପର୍ଯ୍ୟନ୍ତ ନିଜର ପ୍ରତିଭା ଦ୍ୱାରା ଏହି ମଞ୍ଚକୁ ଜୀବନ୍ତ କରିବେ ପ୍ରତିଯୋଗୀ । ବିଭିନ୍ନ ପର୍ଯ୍ୟାୟରେ ପ୍ରତିଯୋଗୀମାନେ ନିଜର କଳା ପ୍ରଦର୍ଶନ କରିବେ ଓ ଗ୍ରାଣ୍ଡ ଫିନାଲେରେ ଜଣେ ଅଭିନେତା ଓ ଅଭିନେତ୍ରୀ ବିଜୟୀ ମୁକୁଟ ପିନ୍ଧିବେ । ସେମାନଙ୍କୁ ଆଗାମୀ ଜୀ ସାର୍ଥକ ଫିଲ୍ମସ ଓ ମ୍ୟୁଜିକ ଭିଡିଓରେ ମୁଖ୍ୟ କଳାକାର ଭାବରେ ଲଞ୍ଚ କରାଯିବ । ଏହି ରିୟାଲିଟି ଶୋ'ରେ ବିଚାରକ ଭାବରେ ଶ୍ରୀତମ, ଲିପି ଏବଂ ନମ୍ରତା ଥାପ୍ପା ରହିଛନ୍ତି । ଉପସ୍ଥାପନା ଦାୟିତ୍ୱ ତୁଲାଉଛନ୍ତି ଅଭିନେତ୍ରୀ ଅନନ୍ୟା ଏବଂ ଅଭିନେତା ରଞ୍ଜନ ।

ଭାଷା ଓ ଭାବ

# "ସଫଳ କଳାକାର ହେବା ମୋର ଲକ୍ଷ୍ୟ"

## ରିତିକ୍ ପାଣିଗ୍ରାହୀ



ଭାଷା ଅପେକ୍ଷା ଭାବନାକୁ ନୃତ୍ୟ ଅଧିକ ଗଭୀର ଭାବରେ ପ୍ରସାର କରିବାରେ କ୍ଷମତା ପ୍ରଦାନ କରିଥାଏ । ଅଙ୍ଗଭଙ୍ଗୀ ମାଧ୍ୟମରେ ଜଣେ ନୃତ୍ୟଶିଳ୍ପୀ ନିଜର ସଂସ୍କୃତି ଓ ପରମ୍ପରାକୁ ଉଜ୍ଜୀବିତ ରଖିପାରନ୍ତି । ତେବେ ଖୁବ୍ କମ୍ ନୃତ୍ୟଶିଳ୍ପୀଙ୍କ ଭାଗ୍ୟ ତାଙ୍କୁ କଳାକାର ସଜାଇଦିଏ । ଏମିତି ଜଣେ ଉଦୀୟମାନ କଳାକାର ହେଉଛନ୍ତି ରାଉରକେଲାର ରିତିକ୍ ପାଣିଗ୍ରାହୀ । 'ଡିଓଡି' ଓ 'ବିଗ୍ ବ୍ରେକ୍-୨' ପରି ରିଆଲିଟି ଶୋ'ରେ ସେ ନିଜର ପ୍ରତିଭା ଦେଖାଇଥିଲେ । 'ଡିଓଡି' ପ୍ଲାଟ୍‌ଫର୍ମରେ ଫାଇନାଲିଷ୍ଟ ଟପ୍ ୧୮ ରେ ରହିଥିଲେ । ଅନେକ ଷ୍ଟେଜ୍ ପ୍ରୋଗ୍ରାମରେ ସେ ଦର୍ଶକଙ୍କ ମନ ଜିଣିଛନ୍ତି । ୪ରୁ ୫ଟି ମ୍ୟୁଜିକ୍ ଭିଡିଓରେ ସେ କାମ କରିସାରିଛନ୍ତି । 'ମଙ୍ଗୁଳା କନ୍ୟା' ତାଙ୍କର ପ୍ରଥମ ଧାରାବାହିକ । ତେବେ ଅଭିନୟ ଜଗତକୁ ସେ କେମିତି ଆସିଲେ, ଏଥିପାଇଁ ସେ କେତେ ସଂଘର୍ଷ କରିଛନ୍ତି ଜାଣିବା ତାଙ୍କଠାରୁ ।

### ନୃତ୍ୟଶିଳ୍ପୀରୁ ଅଭିନେତା କେମିତି ହେଲେ?

● ପିଲାଟିଦିନରୁ ନୃତ୍ୟ ପ୍ରତି ମୋର ଦୁର୍ବଳତା ଥିଲା । ମୁଁ ସୁପରଷ୍ଟାର୍ ଶାହରୁଖ ଖାନ୍‌ଙ୍କ ବହୁତ ବଡ଼ ପ୍ରଶଂସକ । ବିଭିନ୍ନ ଷ୍ଟେଜ୍ ପ୍ରୋଗ୍ରାମରେ ନୃତ୍ୟ କରିଛି । ଡ୍ୟାନ୍ସ ଓଡ଼ିଶା ଡ୍ୟାନ୍ସ (ଡିଓଡି) ରେ ଭାଗ ନେଇ ଏଥିରେ ଟପ୍ ୧୮ ଯାଏଁ ରହିଛି । ବାପୀ ପଲେଇ ସାର୍ ଓ ରୋଜା ରଣା ମାଡାମ୍ ହେଉଛନ୍ତି ମୋ ନୃତ୍ୟ ଗୁରୁ/ ଗୁରୁମା । ଦଶମ ପରେ ମୁଁ 'ବିଗ୍ ବ୍ରେକ୍-୨' ରିଆଲିଟି ଶୋ'କୁ ଯାଇଥାଏ । ସେଠି ଟପ୍ ୧୬ ଯାଏଁ ଯାଇଥିଲି । 'ଏ ଜାଇଫୁଲ' ମୋର ପ୍ରଥମ ମ୍ୟୁଜିକ୍ ଭିଡିଓ । ମୋର ବିପକ୍ଷରେ ଥିଲେ ଗାର୍ଗୀ । ଏହି ଭିଡିଓଟି ମୋର ୨୬ ଲକ୍ଷ ଭିଉ ଯାଇଥିଲା । ପରେ କିଛି ୟୁଟ୍ୟୁବ୍ ଚ୍ୟାନେଲର କାମ କରିଛି । 'ଲଭ୍ ଟ୍ୟୁନ୍' ସମେତ ୫ଟି ମ୍ୟୁଜିକ୍ ଆଲବମ୍ କରିବାକୁ ମୋତେ ସୁଯୋଗ ମିଳିଛି । ତାହାରି ଭିତରେ ମୋତେ ଅଭିନୟ କରିବାକୁ ବି ଇଚ୍ଛା ଥାଏ । ସ୍ନାତକ ପଢ଼ା ସମୟରେ ସିଦ୍ଧାର୍ଥ ଟିଭିର 'ମଙ୍ଗୁଳା କନ୍ୟା' ଧାରାବାହିକ ପାଇଁ ଅଡିସନ୍ ଦେବାକୁ ମୋତେ ସୁଯୋଗ ମିଳିଲା । ଏଥିରେ ମୁଖ୍ୟ ନାୟକ ଅନୁରାଗ ଚରିତ୍ରରେ କାମ କରିଥିଲି ।

### ପ୍ରଥମ ପ୍ରୋଜେକ୍ଟରେ ଦର୍ଶକ ଗ୍ରହଣ କରିଥିଲେ କି?

● "ମଙ୍ଗୁଳା କନ୍ୟା' ଧାରାବାହିକରେ ଅନ୍ୟ ଜଣଙ୍କ ସ୍ଥାନରେ ଏହି ଚରିତ୍ର ମୋତେ ମିଳିଥିଲା । ପ୍ରଥମ ପ୍ରୋଜେକ୍ଟରେ ଦର୍ଶକଙ୍କଠାରୁ ଆଶାଠାରୁ ଅଧିକ ଭଲପାଇବା ପାଇଥିଲି । ଯେହେତୁ ପ୍ରଥମ ଧାରାବାହିକରେ ବରିଷ୍ଠ କଳାକାରଙ୍କ ସହ କାମ କରୁଥିଲି । ରାତି ରାତି ସୁଟ୍ କରିବା, ପାଠ ପାଇଁ ସମୟ ଦେବା, ସଂଳାପ କହିବା ଆଦି ସବୁ ପାଇଁ ସମୟ ଲାଗିଥିଲା । ବରିଷ୍ଠ କଳାକାରଙ୍କଠାରୁ ବହୁତ କିଛି ଶିଖିବାକୁ ମୋତେ ସୁଯୋଗ ମିଳିଥିଲା ।

### ପଢ଼ା ଆଉ ଅଭିନୟ ପାଇଁ କେମିତି ସମୟ ଦିଅନ୍ତି?

● ଯେତେ କାମ କଲେ ବି ପାଠକୁ ଗୁରୁତ୍ୱ ଦେଇଆସିଛି । ଡ୍ୟାନ୍ସ, ମ୍ୟୁଜିକ୍ ଭିଡିଓ ଏବଂ ଧାରାବାହିକକୁ ବାଦ୍ ଦେଲେ, ଅନେକ ଗୁଡ଼ିଏ ବିଜ୍ଞାପନ କରିଛି । ଯେହେତୁ ମୁଁ ମାସ୍ କମ୍ୟୁନିକେସନ ଆଣ୍ଡ ଜର୍ଣ୍ଣାଲିଜିମ୍‌ରେ ସ୍ନାତକୋତ୍ତର କରିଥିଲି । ଏବେ ଏକ ଇଭେଣ୍ଟ କମ୍ପାନୀର ମିଡିଆ ପ୍ଲାନର ଭାବେ କାମ କରୁଛି । କାର୍ଯ୍ୟବ୍ୟସ୍ତତା ଯୋଗୁଁ ଅଭିନୟଠାରୁ ଦୂରେଇ ଯାଇଛି । ଭଲ କାହାଣୀ ମିଳିଲେ ମୁଁ ନିଶ୍ଚିତ କାମ କରିବି । ଏଥିପାଇଁ ପ୍ରସ୍ତୁତ ଜାରି ରଖିଛି । ଅଭିନୟ ମୋର ନିଶା, ଚାକିରି ମୋର ପେଶା ।

### ଡ୍ରିମ୍ ରୋଲ୍?

● ଡ୍ରିମ୍ ରୋଲର ସ୍ୱପ୍ନ ମୁଁ ଦେଖିନି । କିନ୍ତୁ ହଁ ଜୀବନ ଥିବା ଯାଏଁ ମୁଁ ଅଭିନୟ ଆଉ ନୃତ୍ୟ ଜାରି ରଖିବି । ସଫଳ କଳାକାରଟିଏ ହେବା ମୋର ଲକ୍ଷ୍ୟ । ତେଣୁ ମୋତେ ଯେଉଁ ଚରିତ୍ର ମିଳିଲେ ମୁଁ କରିବି ।

### ଅଭିନୟକୁ ମାର୍ଜିତ କରିବାକୁ କେମିତି ପ୍ରସ୍ତୁତ ହେବା ଦରକାର?

● ପ୍ରଥମେ ନିଜର ଗୋଲ୍ ସେଟ୍ କରନ୍ତୁ । ଫିଲ୍ମ ଲାଇନ୍‌ରେ ଯିବେ, କ'ଣ କରିପାରିବେ ତାହାକୁ ଗୁରୁତ୍ୱ ଦେଇ ଆଗକୁ ବଢ଼ନ୍ତୁ । ସବୁ ଲାଇନ୍‌ରେ କଷ୍ଟ ଆଉ ସଂଘର୍ଷ କରିବାକୁ ପଡ଼ିଥାଏ । ରାତିରାତି ସଫଳ ହେବାକୁ ଇଚ୍ଛା ନ ରଖି କଠିନ ପରିଶ୍ରମ କରନ୍ତୁ । ଚେଷ୍ଟା କରି ବିଫଳ ହେବାରେ ମଜା ଥାଏ । ସେହିପରି ସ୍କ୍ରିପ୍ଟ ଯାହା ମାଗୁଛି ତା' ଅନୁସାରେ ଅଭିନୟ କରିଲେ ଏହା ପ୍ରଶଂସନୀୟ ହୋଇଥାଏ ।

# ଭାରତ-ପାକିସ୍ତାନ ହାଇଭୋଲ୍ଟେଜ୍ ମୁକାବିଲା ଆଜି



**ଦୁବାଇ, ୧୩।୯ (ଏଜେନ୍ସି):** ବିଶ୍ୱ କ୍ରିକେଟର ଦୁଇ ଶକ୍ତି ତଥା ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଭାରତ ଓ ପାକିସ୍ତାନ ମଧ୍ୟରେ ଏସିଆ କପ୍ କ୍ରିକେଟର ଗ୍ରୁପ୍-ବି' ମୁକାବିଲା ଆସନ୍ତାକାଲି ବା ରବିବାର ଏଠାରେ ଖେଳାଯିବ। ଏହାକୁ ଏକ ହାଇଭୋଲ୍ଟେଜ ମ୍ୟାଚ୍ ବା ଆଉ କେତେକ ମହାମୁକାବିଲା ଭାବେ ବର୍ଣ୍ଣନା କରୁଥିଲେ ମଧ୍ୟ ଏଥର ସେଭଳି ଉତ୍ସାହ ନାହିଁ। ବିଶେଷ କରି ଭାରତ ଓ ପାକିସ୍ତାନ ଯେଉଁଠାରେ ଖେଳିଲେ ମଧ୍ୟ ଏମାନଙ୍କ ମୁକାବିଲା ପୂର୍ବରୁ ଟିକଟ ଅଧଘଣ୍ଟା ମଧ୍ୟରେ ବିକ୍ରି ହୋଇଯାଇଥାଏ। କିନ୍ତୁ ଏଠାରେ ତାହା ଦେଖିବାକୁ ମିଳିନାହିଁ। ୨୫,୦୦୦ କ୍ଷମତା ବିଶିଷ୍ଟ ଦୁବାଇ ଇଣ୍ଟରନ୍ୟାସନାଲ ଷ୍ଟାଡିୟମ୍‌ରେ ଏଯାଏ ଅନେକ ଟିକଟ ବିକ୍ରି ହୋଇପାରି ନାହିଁ। ଏହାର କାରଣ ଯାହା ହେଉନା କାହିଁକି ମ୍ୟାଚ୍‌ରେ ଷ୍ଟାଡିୟମ୍ ପୂରା କରିବାକୁ ଆୟୋଜକମାନେ କୌଣସି ଉଦ୍ୟମ ଛାଡୁନାହାନ୍ତି ଓ ସମସ୍ତ ଟିକଟ ବିକ୍ରି ହୋଇଯିବ ବୋଲି ଆଶା ରଖିଛନ୍ତି। ଏହା ମଧ୍ୟରେ ଉଭୟ ଦଳ ଗୋଟିଏ ଲେଖାଏଁ ଗ୍ରୁପ୍-ଲିଗ୍ ମ୍ୟାଚ୍ ଖେଳିସାରିଛନ୍ତି। ଉଭୟ ଦଳ ପ୍ରଥମ ମୁକାବିଲାକୁ ସହଜରେ ଜିତିଥିଲାବେଳେ ଆସନ୍ତାକାଲି ମ୍ୟାଚ୍‌ରେ ଯେଉଁ ଦଳ ଜିତିବ, ସେହି ଦଳ ଗ୍ରୁପ୍‌ରେ ପ୍ରଥମସ୍ଥାନ ଅଧିକାର କରିବ ଓ ପ୍ରଥମେ ସୁପର-୪'ରେ ପ୍ରବେଶ କରିବ। ଏଣୁ ଭାରତକୁ ହରାଇବା ଲାଗି ପାକିସ୍ତାନ ଦଳ କୌଣସି ସାମାନ୍ୟତମ ସୁଯୋଗକୁ ହାତଛଡ଼ା କରିବ ନାହିଁ ବୋଲି ଆଶାକରାଯାଉଛି।

### • ନୂଆ ଖେଳାଳିଙ୍କ ଆକର୍ଷଣ କମ୍

ଏସିଆ କପ୍‌ରେ ଏଥର ଭାଗନେଇଥିବା ଅନେକ ଖେଳାଳି ନବାଗତ। ଘରୋଇ ତଥା ଫ୍ରାଞ୍ଚାଇଜ୍ କ୍ରିକେଟର ସଫଳତାକୁ ନେଇ ଉଭୟ ଦେଶର ଦଳ ଗଠନ କରାଯାଇଛି। ଯେହେତୁ ଏହା ଟି-୨୦ ଫର୍ମାଟରେ ଖେଳାଯାଉଛି, ସେଥିଲାଗି ଯୁବ ଖେଳାଳିଙ୍କୁ ଗୁରୁତ୍ୱ ଦିଆଯାଉଛି। ଉଭୟ ଅଧିନାୟକ ଭାରତର ସୂର୍ଯ୍ୟକୁମାର ଯାଦବ ଓ ପାକିସ୍ତାନର ସଲମାନ ଅଲି ଆଘା ପ୍ରଥମଥର ଏସିଆ କପ୍‌ରେ ଦଳର ନେତୃତ୍ୱ ନେଉଛନ୍ତି। ଏଣୁ ସମର୍ଥକଙ୍କ ନିକଟରେ ଏମାନେ ଏତେ ଅଧିକ ଲୋକପ୍ରିୟତା ହାସଲ କରିପାରିନାହାନ୍ତି। ଏହାର ଅର୍ଥ ନୁହେଁ ଯେ ସେମାନଙ୍କ ନିକଟରେ ଦକ୍ଷତା ନାହିଁ। ଭାରତୀୟ ଦଳ ବିଶ୍ୱକପ୍ ଚାମ୍ପିଅନ ହୋଇଥିଲାବେଳେ ପାକିସ୍ତାନ ଟିକେ ପଛରେ ପଡ଼ିଛି। ଉଭୟ ଦେଶ ମୁକାବିଲା ବେଳେ ଏଭଳି ତଥ୍ୟର କିଛି ମୂଲ୍ୟ ନ ଥାଏ। ଏଣୁ ଏହି ମ୍ୟାଚ୍‌ର ଫଳାଫଳ ଏକତରଫା ହେଉ କି ପ୍ରତିଦ୍ୱନ୍ଦ୍ୱିତାମୂଳକ, ଷ୍ଟାଡିୟମ ନିଶ୍ଚିତ ଭରପୁର ରହିବ।

ଉଭୟଦେଶର ଖେଳାଳି ସେମାନଙ୍କ ପ୍ରିମିୟର ଲିଗ୍‌ରେ ଶ୍ରେଷ୍ଠତ୍ୱ ପ୍ରଦର୍ଶନ କରିଛନ୍ତି। ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱରେ ଗଠିତ ଭାରତୀୟ ଦଳର ୧ରୁ ୧୧ ନମ୍ବର ଖେଳାଳିଙ୍କ ନିକଟରେ ମ୍ୟାଚ୍ ଜିତାଇବାର ଦକ୍ଷତା ରହିଛି। ପାକିସ୍ତାନର ଖେଳାଳିମାନେ ମଧ୍ୟ କମ୍ ନୁହଁନ୍ତି। କିନ୍ତୁ ଏମାନଙ୍କ ମଧ୍ୟରେ ଯିଏ ଜିତୁ ନା କାହିଁକି, ମୁକାବିଲା ଅଧିକାଂଶ ସମୟ ଏକତରଫା ହୋଇଥାଏ। ପ୍ରଥମ ମ୍ୟାଚ୍‌ରେ ଭାରତ ଯେପରି ୪.୩ ଓଭରରେ ବା ପାୱାରପ୍ଲେ'ରେ ମ୍ୟାଚ୍ ଜିତିଲା ତାହା ଅନ୍ୟ ଦଳପ୍ରତି ଏକ ଚେତାବନୀ। ବୋଲର ହୁଅନ୍ତୁ କିମ୍ବା ବ୍ୟାଟର ଏମାନେ ଯେ କୌଣସି ପ୍ରତିଦ୍ୱନ୍ଦ୍ୱୀଙ୍କୁ ଏକତ୍ର ହୋଇ ପରାଜିତ କରିବାର ଅନେକ ନଜର ରହିଛି। ବିଶ୍ୱଚାମ୍ପିଅନ ଭାରତୀୟ ଦଳ ଦମ୍ ଦେଖାଇବ ବୋଲି ଆଶା କରାଯାଉଛି।

| ଭାରତ-ପାକିସ୍ତାନ |
|---|
| ସ୍ଥାନ : ଦୁବାଇ |
| ଖେଳ ଆରମ୍ଭ : ରାତି ୮ଟା |
| ପ୍ରସାରଣ : ସୋନି ସ୍ପୋର୍ଟ୍ସ ନେଟୱର୍କ |

ଆଜିର ମ୍ୟାଚ୍

## ରେକର୍ଡରେ ଭାରତ ଆଗୁଆ

୧୩ ବର୍ଷ ହେଲା ଭାରତ ଓ ପାକିସ୍ତାନ ମଧ୍ୟରେ ଦ୍ୱିପାକ୍ଷିକ କ୍ରିକେଟ ସିରିଜ୍ ଖେଳାଯାଉନାହିଁ। ଉଭୟ ଦେଶ ରାଜନୈତିକ ବାତାବରଣ ଯୋଗୁଁ ଅନ୍ୟ ଦେଶକୁ ଲୋକପ୍ରିୟ କ୍ରିକେଟକୁ ପଠାଇବାକୁ ଚାହୁଁ ନାହାନ୍ତି। କିନ୍ତୁ କ୍ରିକେଟ ଖେଳର ସର୍ବୋଚ୍ଚ ସଂସ୍ଥା ଆଇସିସି ଦ୍ୱାରା ଆୟୋଜିତ ଟୁର୍ଣ୍ଣାମେଣ୍ଟରେ ଉଭୟ ଦଳ ପରସ୍ପର ସହ ଖେଳୁଛନ୍ତି। ୨୦୦୭ରେ ପ୍ରଥମଥର ଆୟୋଜିତ ଟି-୨୦ ବିଶ୍ୱକପ୍‌ରେ ଉଭୟ ଦଳ ପରସ୍ପର ସହ ଭେଟାଭେଟି ହୋଇଥିଲେ। ବିଶ୍ୱ କ୍ରିକେଟରେ ୨୦୦୭ ସେପ୍ଟେମ୍ବର ୧୪ରେ ଉଭୟ ଦଳ ପରସ୍ପର ସହ ପ୍ରଥମ ମ୍ୟାଚ୍ ଖେଳିଥିଲେ। ଏବେ ଏସିଆ କପ୍‌ରେ ଦୀର୍ଘ ୧୮ ବର୍ଷ ପରେ ସେହି ସେପ୍ଟେମ୍ବର ୧୪ରେ ଉଭୟଙ୍କ ମଧ୍ୟରେ ୧୪ତମ ଟି-୨୦ ମୁକାବିଲା ଅନୁଷ୍ଠିତ ହେବ। ଏହା ପୂର୍ବରୁ ଖେଳାଯାଇଥିବା ୧୩ଟି ମଧ୍ୟରୁ ପ୍ରଥମ ମ୍ୟାଚ୍‌ଟି ଟାଇ ରହିଥିଲା। ତତ୍କାଳୀନ ନିୟମ ଅନୁଯାୟୀ ଭାରତ ବୋଲ ଆଉଟରେ ଏହି ମ୍ୟାଚ୍‌କୁ ଜିତିଥିଲା। ଭାରତ ମଧ୍ୟ ଫାଇନାଲରେ ପାକିସ୍ତାନକୁ ୫ ରନ୍‌ରେ ହରାଇ ପ୍ରଥମ ଟାଇଟଲ ଜିତିଥିଲା। ଉଭୟଙ୍କ ମଧ୍ୟରେ ଖେଳାଯାଇଥିବା ୧୨ଟି ପୂର୍ଣ୍ଣାଙ୍ଗ ମୁକାବିଲା ମଧ୍ୟରୁ ଭାରାତ ୯ଟିରେ ଓ ପାକିସ୍ତାନ ମାତ୍ର ୩ଟିରେ ବିଜୟୀ ହୋଇଛି। ଏସିଆ କପ୍‌ରେ ୩ଟି ଟି-୨୦ ମୁକାବିଲାରୁ ଭାରତ ୨ଟିରେ ଜିତିଛି। କିନ୍ତୁ ଉଭୟ ଦଳ ମଧ୍ୟରେ ଖେଳାଯାଇଥିବା ଶେଷ ୫ଟି ମୁକାବିଲା ମଧ୍ୟରୁ ଭାରତ ୩ଟି ଓ ପାକିସ୍ତାନ ୨ଟି ମ୍ୟାଚ୍‌ରେ ବିଜୟୀ ହୋଇଛି। ଏଣୁ ଗତ ୫ଟି ମୁକାବିଲାରେ ଭାରତ ସହ କଡା ଟକ୍କର ଦେଇଛି ପାକିସ୍ତାନ। ଏଠାରେ ମଧ୍ୟ ସମାନ ଅବସ୍ଥା ଦେଖିବାକୁ ମିଳିବ ବୋଲି ଆଶା କରାଯାଉଛି।

## ଖେଳାଳି ତାଲିକା

**ଭାରତ:** ସୂର୍ଯ୍ୟକୁମାର ଯାଦବ (ଅଧିନାୟକ), ଶୁବମନ ଗିଲ (ଉପଅଧିନାୟକ), ଅଭିଷେକ ଶର୍ମା, ସଞ୍ଜୁ ସାମସନ, ଜିତେଶ ଶର୍ମା (ଉଭୟ ୱିକେଟରକ୍ଷକ), ତିଲକ ବର୍ମା, ହାର୍ଦ୍ଦିକ ପାଣ୍ଡ୍ୟା, ଶିବମ ଦୁବେ, ରିଙ୍କୁ ସିଂ, ଅକ୍ଷର ପଟେଲ, କୁଲଦୀପ ଯାଦବ, ବରୁଣ ଚକ୍ରବର୍ତ୍ତୀ, ଯଶପ୍ରୀତ୍ ବୁମ୍‌ରା, ଅର୍ଶଦୀପ ସିଂହ, ହର୍ଷିତ ରାଣା।


**ପାକିସ୍ତାନ:** ସଲମାନ ଅଲି ଆଘା (ଅଧିନାୟକ), ଆବ୍ରାର ଅହମ୍ମଦ୍, ଫହୀମ ଅଶ୍ରଫ୍, ଫକର ଜମାନ, ହାରିସ୍ ରୌଫ୍, ହାସନ ଅଲି, ହାସନ ନୱାଜ, ହୁସେନ ତଲତ, ଖୁସ୍‌ଦିଲ ଶାହ, ମହମ୍ମଦ୍ ହାରିସ୍ (ୱିକେଟରକ୍ଷକ), ମହମ୍ମଦ୍ ନୱାଜ, ମହମ୍ମଦ୍ ୱାସିମ୍, ସାହିବଜାଦା ଫରହାନ, ସାଇମ ଆୟୁବ, ସଲମାନ ମିର୍ଜା, ସାହିନ ଆଫ୍ରିଦୀ ଓ ସୁଫିୟାନ ମୁକୀମ୍।

### • ଏସିଆ କପ୍ କ୍ରିକେଟ୍

## ଶ୍ରୀଲଙ୍କାର ସହଜ ବିଜୟ

ଆବୁଧାବି, ୧୩।୯ (ଏଜେନ୍ସି): ଚଳିତ ଏସିଆ କପ୍ ଟି-୨୦ କ୍ରିକେଟ୍‌ରେ ଶନିବାର ଅନୁଷ୍ଠିତ ଗ୍ରୁପ୍-ବି'ର ଏକ ମ୍ୟାଚରେ ଶ୍ରୀଲଙ୍କା ସହଜରେ ୬ ୱିକେଟରେ ବାଂଲାଦେଶକୁ ହରାଇ ଅଭିଯାନ ଆରମ୍ଭ କରିଛି। ସ୍ଥାନୀୟ ଶେଖ୍ ଜାୟେଦ ଷ୍ଟାଡିୟମରେ ଅନୁଷ୍ଠିତ ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରି ବାଂଲାଦେଶ ୫୩ ରନରେ ୫ ୱିକେଟ୍ ହରାଇ ପ୍ରାରମ୍ଭିକ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ତେବେ ଏହାପରେ ଜାକର ଅଲି (୪୧ ରନ) ଓ ସମିମ ହୋସେନ (୪୨ ରନ) ଶେଷ ପର୍ଯ୍ୟନ୍ତ ଅପରାଜିତ ଉପଯୋଗୀ ପାଳି ଖେଳିବାରୁ ଦଳ ୫ ୱିକେଟ୍‌ରେ ୧୩୯ ରନ କରିପାରିଥିଲା। ଶ୍ରୀଲଙ୍କାର ୱାନିନ୍ଦୁ ହାସରଙ୍ଗାଙ୍କୁ ସର୍ବାଧିକ ୨ଟି ୱିକେଟ୍ ମିଳିଥିଲା। ଜବାବରେ ଶ୍ରୀଲଙ୍କା ଓପନର୍ ପାଥୁମ ନିଶାଙ୍କ'ଙ୍କ ଅର୍ଦ୍ଧଶତକ ବଳରେ ୧୪.୪ ଓଭରରେ ୪ ୱିକେଟ୍ ହରାଇ ଲକ୍ଷ୍ୟ ହାସଲ କରିନେଇଥିଲା। ନିଶାଙ୍କ ୫୦ ଓ କାମିଲ ମିଶାରା ଅପରାଜିତ ୪୬ ରନ କରିଥିଲେ। ବିଜୟ ସହ ଶ୍ରୀଲଙ୍କା ୨ ପଏଣ୍ଟ ପାଇ ଖାତା ଖୋଲିଛି। ଶ୍ରୀଲଙ୍କା ପରବର୍ତ୍ତୀ ମ୍ୟାଚରେ ସୋମବାର ହଂକଂକୁ ଭେଟିବ। ଅପରପକ୍ଷରେ ପ୍ରଥମ ମ୍ୟାଚରେ ହଂକଂକୁ ୭ ୱିକେଟରେ ହରାଇଥିବା ବାଂଲାଦେଶ ଏବେ ସୁପର୍-୪ ପର୍ଯ୍ୟାୟରେ ପ୍ରବେଶ କରିବା ନେଇ ଆଶଙ୍କାରେ ରହିଛି। ବାଂଲାଦେଶ ଏହାର ଶେଷ ଗ୍ରୁପ୍ ମ୍ୟାଚରେ ମଙ୍ଗଳବାର ଆଫଗାନିସ୍ତାନକୁ ଭେଟିବ।

## ସୁଟିଂ ବିଶ୍ୱକପ୍‌ରେ ସ୍ୱର୍ଣ୍ଣ ଜିତିଲେ ଇଶା



ନିନବୋ, ୧୩।୯ (ଏଜେନ୍ସି): ଚାଇନାରେ ଚାଲିଥିବା ଆଇଏସ୍‌ଏସ୍‌ଏଫ୍ ରାଇଫଲ୍/ପିସ୍ତଲ ସୁଟିଂ ବିଶ୍ୱକପ୍‌ରେ ଭାରତର ଇଶା ସିଂ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି। ଶନିବାର ଅନୁଷ୍ଠିତ ମହିଳା ୧୦ ମିଟର ଏୟାର ପିସ୍ତଲ ଇଭେଣ୍ଟରେ ଇଶା ପୋଡିୟମର ପ୍ରଥମ ସ୍ଥାନରେ ରହି ଏହି ସଫଳତା ପାଇଥିଲେ। ଫାଇନାଲରେ ଇଶା ଓ ଘରୋଇ ଚାଇନା ସୁଟର୍ ୟାଓ ଜିଆନଜୁନଙ୍କ ମଧ୍ୟରେ କଡ଼ା ଟକ୍କର ଦେଖିବାକୁ ମିଳିଥିଲା। ଶେଷରେ ଇଶା ମାତ୍ର ୦.୧ ସ୍କୋରରେ ବାଜିମାତ୍ କରି ଚାମ୍ପିଅନ ହୋଇଥିଲେ। ଇଶା ୨୪୨.୬ ସ୍କୋର କରିଥିଲେ। ସେହିଭଳି ଜିଆନଜୁନ ୨୪୨.୫ ସ୍କୋର ସହ ଅଳ୍ପକେ ଶୀର୍ଷ ସ୍ଥାନ ହରାଇଥିଲେ। ଡିଫେଣ୍ଡିଂ ଅଲିମ୍ପିକ ଚାମ୍ପିଅନ ଦକ୍ଷିଣ କୋରିଆର ଓହ ୟେଜିନ ୩ୟ ସ୍ଥାନରେ ରହି କାଂସ୍ୟ ପଦକରେ ସନ୍ତୁଷ୍ଟ ରହିଥିଲେ।

## ମହିଳା ଫୁଟ୍‌ବଲ୍ ଚୟନ କମିଟିରେ ଶ୍ରଦ୍ଧାଞ୍ଜଳି ଅଧ୍ୟକ୍ଷା



ଭୁବନେଶ୍ୱର, ୧୩।୯ (ସମିସ): ଫୁଟ୍‌ବଲ ଆସୋସିଏସନ ଅଫ୍ ଓଡ଼ିଶା (ଫାଓ) ପକ୍ଷରୁ ଶନିବାର ରାଜ୍ୟ ମହିଳା ଫୁଟ୍‌ବଲର ନୂତନ ଚୟନ କମିଟି ଗଠନ କରାଯାଇଛି। ଜାତୀୟ ଦଳର ପୂର୍ବତନ ଅଧିନାୟିକା ତଥା ଫାଓ ଯୁଗ୍ମ ସମ୍ପାଦକ ଶ୍ରଦ୍ଧାଞ୍ଜଳି ସାମନ୍ତରାୟ ଉଭୟ ସିନିଅର ଓ ଜୁନିଅର ଦଳ ଚୟନ କମିଟିର ଅଧ୍ୟକ୍ଷା ନିଯୁକ୍ତ ହୋଇଛନ୍ତି। ସିନିଅର ଚୟନ କମିଟିରେ ରଞ୍ଜିତା ମହାନ୍ତି, ଗୀତାଞ୍ଜଳି ଖୁଣ୍ଟିଆ, ଗାୟତ୍ରୀ ମଲ୍ଲିକ ଓ ସସ୍ମିତା ମଲ୍ଲିକ ସଦସ୍ୟ ରହିଛନ୍ତି। ସେହିଭଳି ସରିତା ଜୟନ୍ତୀ ବେହେରା, ମମତା କୁମାରୀ ସାମନ୍ତ, ଆଲୋଚନା ସେନାପତି, ସୁପ୍ରଭା ସାମଲ ଓ ସ୍ୱର୍ଣ୍ଣମୟୀ ସାମଲ ଜୁନିଅର ଚୟନ କମିଟିରେ ସଦସ୍ୟ ଭାବେ ସ୍ଥାନ ପାଇଛନ୍ତି। ବିଭିନ୍ନ ଜାତୀୟସ୍ତରୀୟ ସିନିଅର ଓ ଜୁନିଅର ଟୁର୍ଣ୍ଣାମେଣ୍ଟ ଲାଗି ଏହି କମିଟି ଦଳ ଚୟନ କରିବ। ଏହି ଅବସରରେ ଫାଓ ସମ୍ପାଦକ ଆଶୀର୍ବାଦ ବେହେରାଙ୍କ ସମେତ ଅନ୍ୟ କର୍ମକର୍ତ୍ତା ସମସ୍ତଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## ଦୁଲୀପ ଟ୍ରଫି: ଡ୍ରାଇଭର ସିଟ୍‌ରେ କେନ୍ଦ୍ରାଞ୍ଚଳ

ବେଙ୍ଗାଲୁରୁ, ୧୩।୯ (ଏଜେନ୍ସି): ଏଠାରେ ଚାଲିଥିବା ଦୁଲୀପ୍ ଟ୍ରଫି ଫାଇନାଲ ମୁକାବିଲାରେ ଦକ୍ଷିଣାଞ୍ଚଳ ବିପକ୍ଷରେ କେନ୍ଦ୍ରାଞ୍ଚଳ ଦୃଢ଼ସ୍ଥିତିରେ ରହିଛି। ୩୬୨ ରନ ପଛରେ ଥାଇ ଦ୍ୱିତୀୟ ପାଳି ଆରମ୍ଭ କରିଥିବା ଦକ୍ଷିଣାଞ୍ଚଳ ଶନିବାର ୩ୟ ଦିବସ ଷ୍ଟମ୍ପ ସୁଦ୍ଧା ୩୩ ଓଭରରେ ୨ ୱିକେଟ ହରାଇ ୧୨୯ ରନ ସଂଗ୍ରହ କରିଛି। ଆଠ ୱିକେଟ୍ ବଳକା ଥାଇ ପାଳି ପରାଜୟ ଏଡ଼ାଇବା ଲାଗି ଦକ୍ଷିଣାଞ୍ଚଳ ଆହୁରି ୨୩୩ ରନ ଆବଶ୍ୟକ କରୁଛି। ପୂର୍ବରୁ ଶନିବାର ସକାଳେ କେନ୍ଦ୍ରାଞ୍ଚଳ ଏହାର ଅସମାପ୍ତ ପ୍ରଥମ ପାଳି ସ୍କୋର ୩୮୪/୫ରୁ ବ୍ୟାଟିଂ ଆରମ୍ଭ କରି ୫୧୧ ରନରେ ସୀମିତ ରହିଥିଲା। ୧୩୭ ରନ କରି ଅପରାଜିତ ରହିଥିବା ଯଶ ରାଠୋଡ ଆଜି ୧୯୪ ରନରେ ଆଉଟ୍ ହୋଇ ଅଳ୍ପକେ ଦ୍ୱିଶତକରୁ ବଞ୍ଚିତ ହୋଇଥିଲେ। ଦକ୍ଷିଣାଞ୍ଚଳର ଦୁଇ ବୋଲର ଗୁରଜାପନୀତ୍ ସିଂହ ଓ ଅଙ୍କିତ ଶର୍ମା ୪ଟି ଲେଖାଏ ୱିକେଟ୍ ନେଇଥିଲେ। ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ଦକ୍ଷିଣାଞ୍ଚଳ ୧୪୯ ରନରେ ଅଲ୍‌ଆଉଟ୍ ହୋଇଥିଲା। ଖେଳ ଆହୁରି ୨ ଦିନ ବାକି ଥିବାରୁ କେନ୍ଦ୍ରାଞ୍ଚଳ ମ୍ୟାଚକୁ ନିଜ ନିୟନ୍ତ୍ରଣରେ ରଖିଛି।

## ୩୦ ଲିଟର ମାତୃକ୍ଷୀର ଦାନ କଲେଣି ଜ୍ୱାଲା



ହାଇଦରାବାଦ୍, ୧୩।୯ (ଏଜେନ୍ସି): ପୂର୍ବତନ ଭାରତୀୟ ବ୍ୟାଡ୍‌ମିଣ୍ଟନ ଖେଳାଳି ଜ୍ୱାଲା ଗୁଟ୍ଟା ଏକ ଅନନ୍ୟ ପ୍ରୟାସ ଆରମ୍ଭ କରିଛନ୍ତି। ଯାହାକୁ ନେଇ ସେ ବର୍ତ୍ତମାନ ବେଶ୍ ଚର୍ଚ୍ଚାରେ ରହିଛନ୍ତି। ଗତ ଏପ୍ରିଲରେ ମାତୃତ୍ୱ ଲାଭ କରିଥିବା ୪୨ ବର୍ଷୀୟା ଜ୍ୱାଲା ସମ୍ପ୍ରତି ହାଇଦରାବାଦର ଏକ ସରକାରୀ ହସ୍ପିଟାଲକୁ ପ୍ରତିଦିନ ନିଜର ୬୦୦ ଗ୍ରାମ ମାତୃକ୍ଷୀର ଦାନ କରୁଛନ୍ତି। ଯେଉଁ ନବଜାତ ଶିଶୁମାନଙ୍କର ମା ନାହାନ୍ତି ସେମାନଙ୍କୁ ସାହାଯ୍ୟ କରିବାକୁ ଜ୍ୱାଲା ନିଜର ଅତିରିକ୍ତ କ୍ଷୀରକୁ ଦାନ କରିବା ଭଳି ମହନୀୟ ନିଷ୍ପତ୍ତି ନେଇଛନ୍ତି। ଛୋଟ ଓ ନିଷ୍ପାପ ଶିଶୁଙ୍କ ଜୀବନ ବଞ୍ଚାଇବା ଲାଗି ସେ ଆରମ୍ଭ କରିଥିବା ଏହି ପ୍ରୟାସକୁ ନେଇ ତାଙ୍କୁ ଚାରିଆଡୁ ପ୍ରଶଂସା କରାଯାଉଛି। ତାଙ୍କର ଏହି କାର୍ଯ୍ୟକୁ ପ୍ରେରଣାଦାୟୀ ଭାବେ ଦେଖାଯାଉଛି। ରିପୋର୍ଟ ଅନୁସାରେ ଜ୍ୱାଲା ସେପ୍ଟେମ୍ବର ୧୨ ସୁଦ୍ଧା ମୋଟ୍ ୩୦ ଲିଟର କ୍ଷୀର ଦାନ କରିସାରିଲେଣି। ଉଲ୍ଲେଖଯୋଗ୍ୟ, ଜ୍ୱାଲା ୨୦୦୫ରେ ସାଥୀ ଖେଳାଳି ଚେତନ ଆନନ୍ଦଙ୍କୁ ବିବାହ କରିଥିଲେ। ୨୦୧୧ରେ ଉଭୟଙ୍କ ମଧ୍ୟରେ ବିଚ୍ଛେଦ ଘଟିଥିଲା। ଏହାପରେ ଜ୍ୱାଲା ୨୦୨୧ରେ ତାମିଲ ଅଭିନେତା ବିଷ୍ଣୁ ବିଶାଲଙ୍କୁ ଦ୍ୱିତୀୟ ବିବାହ କରିଥିଲେ।

## ଫାଇନାଲରେ ଲକ୍ଷ୍ୟ, ସାତ୍ୱିକ-ଚିରାଗ

**ନୂଆଦିଲ୍ଲୀ, ୧୩।୯ (ଏଜେନ୍ସି):** ଚଳିତ ହଂକଂ ଓପନ୍ ବ୍ୟାଡ୍‌ମିଣ୍ଟନର ଦୁଇଟି ଇଭେଣ୍ଟରେ ଭାରତୀୟ ଖେଳାଳିମାନେ ଫାଇନାଲରେ ପ୍ରବେଶ କରିଛନ୍ତି। ପୁରୁଷ ସିଙ୍ଗଲ୍ସ ସେମିଫାଇନାଲରେ ଲକ୍ଷ୍ୟ ସେନ୍ ୨୩-୨୧, ୨୨-୨୦ ସିଧାସଳଖ ଗେମରେ ଚାଇନିଜ ତାଇପେଇର ଚୋଉ ତିଏନଙ୍କୁ ପରାସ୍ତ କରି ଫାଇନାଲ୍‌ରେ ପହଞ୍ଚିଛନ୍ତି। ଅପରପକ୍ଷରେ ପୁରୁଷ ଡବଲ୍ସରେ ସାତ୍ୱିକସାଇରାଜ ରାନକିରେଡ୍ଡୀ ଓ ଚିରାଗ ସେଟ୍ଟୀ ଯୋଡ଼ି ମଧ୍ୟ ଟାଇଟଲ୍ ଲଢ଼େଇରେ ଅବତୀର୍ଣ୍ଣ ହୋଇଛନ୍ତି। ସାତ୍ୱିକ-ଚିରାଗ ଯୋଡ଼ି ସେମିରେ ୨୧-୧୭, ୨୧-୧୫ରେ ଚାଇନିଜ ତାଇପେଇ ଯୋଡ଼ିଙ୍କୁ ପରାସ୍ତ କରିଥିଲେ।


### ■ କଳିଙ୍ଗରେ ଏସୀୟ ଟିଟି ଟିମ୍ ଚାମ୍ପିଅନସିପ

## ଭାଗନେବେ ୨୨ ଦେଶର ୪୫୦ ଖେଳାଳି

ଭୁବନେଶ୍ୱର,୧୩।୯ (ସମିସ): ଏସୀୟ ଟେବଲ ଟେନିସର ଟିମ୍ ଚାମ୍ପିଅନସିପ୍ ପ୍ରଥମଥର ଆଇକନିକ କଳିଙ୍ଗ ଷ୍ଟାଡିୟମ୍‌ରେ ଅକ୍ଟୋବର ୧୧ରୁ ଆରମ୍ଭ ହେବ। ଏହି ପ୍ରତିଯୋଗିତା ଲାଗି ରାଜ୍ୟ ଟିଟି ଖେଳାଳି ଓ ସମର୍ଥକ ତଥା କ୍ରୀଡ଼ାପ୍ରେମୀଙ୍କ ମଧ୍ୟରେ ଉତ୍ସାହ ପରିଲକ୍ଷିତ ହୋଇଛି। ବିଶେଷକରି ଟିଟିରେ ଏସିଆ ମହାଦେଶର ବିକଳ୍ପ ଏଯାଏ ସୃଷ୍ଟି ହୋଇପାରିନାହିଁ। ବିଶ୍ୱରେ ଚୀନ୍ ଏକ ଅପରାଜେୟ ଦଳ ଭାବେ ପ୍ରତିଷ୍ଠା ଲାଭ କରିଛି। ଦକ୍ଷିଣ କୋରିଆ, ଜାପାନ, ମାଲେସିଆ ଓ ଇଣ୍ଡୋନେସିଆ ମଧ୍ୟ ବିଶ୍ୱରେ ପ୍ରତିଷ୍ଠା ଲାଭ କରିଛନ୍ତି। ଏଠାରେ ଦୁଇଟି ଗୁରୁତ୍ୱପୂର୍ଣ୍ଣ ଘଟଣା ଘଟିବାକୁ ଯାଉଛି। ଗୋଟିଏ ହେଉଛି ଲଣ୍ଡନରେ ହେବାକୁ ଥିବା ୨୦୨୬ ୱାର୍ଲ୍ଡ ଟିମ୍ ଚାମ୍ପିଅନସିପ୍ ଲାଗି ପ୍ରସ୍ତୁତି ଏବଂ ଦ୍ୱିତୀୟଟି ହେଉଛି ଏସୀୟ ଟେବଲ ଟେନିସ ୟୁନିଅନ୍‌ର କାର୍ଯ୍ୟନିର୍ବାହୀ ବୋର୍ଡ ବୈଠକ। ଅକ୍ଟୋବର ୧୩ରେ ବୈଠକ ହେବାର କାର୍ଯ୍ୟକ୍ରମ ଥିଲାବେଳେ ୧୫ରେ ପ୍ରତିଯୋଗିତା ଶେଷ ହେବ।

### ଦ୍ୱିତୀୟ ଟି-୨୦ରେ ଦକ୍ଷିଣ ଆଫ୍ରିକା ଧରାଶାୟୀ

## ସଲ୍ଟଙ୍କ ଶତକରେ ଇଂଲଣ୍ଡର ରେକର୍ଡ ବିଜୟ



**ମାଞ୍ଚେଷ୍ଟର, ୧୩।୯ (ଏଜେନ୍ସି):** ଓପନର୍ ଫିଲ୍ ସଲ୍ଟଙ୍କ ବିସ୍ଫୋରକ ଶତକ ବଳରେ ଏଠାରେ ଖେଳାଯାଇଥିବା ଦ୍ୱିତୀୟ ଟି-୨୦ରେ ଘରୋଇ ଇଂଲଣ୍ଡ ରେକର୍ଡ ୧୪୬ ରନରେ ଦକ୍ଷିଣ ଆଫ୍ରିକାକୁ ପରାସ୍ତ କରିଛି। ଟି-୨୦ରେ ରନ ବ୍ୟବଧାନରେ ଇଂଲଣ୍ଡର ଏହା ସର୍ବବୃହତ ବିଜୟ ହୋଇଛି। ପୂର୍ବରୁ ପ୍ରଥମ ଟି-୨୦କୁ ୧୪ ରନରେ ହାରିଥିବା ଇଂଲଣ୍ଡ ଏଥିସହ ସିରିଜକୁ ୧-୧'ର ସମାନସ୍ତରକୁ ଆଣିଛି। ରବିବାର ନିର୍ଣ୍ଣାୟକ ତଥା ୩ୟ ଟି-୨୦ ଖେଳାଯିବ।

ଏହି ମ୍ୟାଚରେ ଟସ୍ ହାରି ଇଂଲଣ୍ଡ ବ୍ୟାଟିଂ ଆମନ୍ତ୍ରଣ ପାଇଥିଲା। ଇଂଲଣ୍ଡ ପାଇଁ ଦୁଇ ଓପନର୍ ଜୋଶ୍ ବଟଲର ଓ ଫିଲ୍ ସଲ୍ଟ ବିଧ୍ୱଂସୀ ବ୍ୟାଟିଂ କରି ପ୍ରଥମ ୬ ଓଭରରେ ୧୦୦ ଓ ୮ ଓଭରରେ ରେକର୍ଡ ୧୨୬ ଉଠାଇଥିଲେ। ଅଭିଜ୍ଞ ବଟଲର ୩୦ ବଲରେ ୮୩ ରନ କରି ଆଉଟ୍ ହୋଇଥିଲେ। ଏହି ବିସ୍ଫୋରକ ପାଳିରେ ସେ ୮ ଚୌକା ଓ ୭ ଛକା ମାରିଥିଲେ। ଏହାପରେ ଅନ୍ୟତମ ଓପନର୍ ସଲ୍ଟ କିନ୍ତୁ ତାଙ୍କ ଦ୍ରୁତ ବ୍ୟାଟିଂ ଜାରି ରଖିଥିଲେ। ୩୯ ବଲରେ ଶତକ ହାସଲ କରିଥିବା ସଲ୍ଟ ୬୦ ବଲରୁ ୧୪୧ ରନ (୧୫ଟି ଚୌକା ଓ ୮ଟି ଛକା) କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଫଳରେ ଇଂଲଣ୍ଡ ୨ ୱିକେଟ୍‌ରେ ୩୦୪ ରନର ବିଶାଳ ସ୍କୋର ଠିଆ କରାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ଜାକବ ବେଥେଲ ୨୬ ଓ ଅଧିନାୟକ ହ୍ୟାରୀ ବ୍ରୁକ ଅପରାଜିତ ୪୨ ରନ କରିଥିଲେ। ଜବାବରେ ଦକ୍ଷିଣ ଆଫ୍ରିକା ବିପର୍ଯ୍ୟୟର ସମ୍ମୁଖୀନ ହୋଇ ୧୫୮ ରନରେ ଅଲ୍‌ଆଉଟ୍ ହୋଇଥିଲା। ଏହି ମ୍ୟାଚରେ ଇଂଲଣ୍ଡ ଏକାଧିକ ରେକର୍ଡ କରିଛି। ଟି-୨୦ରେ ୩ୟ ଦଳ ଭାବେ ଇଂଲଣ୍ଡ ୩୦୦ ରନ ଅତିକ୍ରମ କରିଛି। କିନ୍ତୁ ଟେଷ୍ଟ ମାନ୍ୟତାପ୍ରାପ୍ତ ଦୁଇ ଦେଶ ମଧ୍ୟରେ ଅନୁଷ୍ଠିତ ଏକ ଟି-୨୦ରେ ପ୍ରଥମଥର ଦଳଗତ ସ୍କୋର ୩୦୦ ଡେଇଁଛି। ପୂର୍ବରୁ ୨୦୨୪ରେ ବାଂଲାଦେଶ ବିପକ୍ଷରେ ଭାରତ ୬ ୱିକେଟ୍‌ରେ ୨୯୭ ରନ କରିଥିଲା। ତେବେ ଟି-୨୦ରେ ସର୍ବାଧିକ ଦଳଗତ ସ୍କୋର ଜିମ୍ବାୱେ (୩୪୪/୪ ବନାମ ଗାମ୍ବିଆ) ନାମରେ ରହିଛି।

### ଯୁବ ଏସିଆନ ହ୍ୟାଣ୍ଡବଲ୍

## ଭାରତୀୟ ଦଳରେ ସୁପ୍ରଜିତ ଓ ସ୍ୱସ୍ତିକ; ଗୌରୀ ପ୍ରଶିକ୍ଷକ



ଭୁବନେଶ୍ୱର, ୧୩।୯ (ସମିସ): ଜୋର୍ଡାନର ରାଜଧାନୀ ଅମାନ ସହରରେ ସେପ୍ଟେମ୍ବର ୧୫ ତାରିଖରୁ ଯୁବ ଏସିଆନ ହ୍ୟାଣ୍ଡବଲ ଚାମ୍ପିଅନସିପ (୧୭ ବର୍ଷରୁ କମ୍)ର ପ୍ରଥମ ସଂସ୍କରଣ ଅନୁଷ୍ଠିତ ହେବ। ଏଥିଲାଗି ଘୋଷିତ ଭାରତୀୟ ଦଳରେ ଓଡ଼ିଶାର ଦୁଇଜଣ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ସୁପ୍ରଜିତ ବେହେରା ଓ ସ୍ୱସ୍ତିକ ମହାପ୍ରସାଦ। ସେହିଭଳି ଯୁବ ଭାରତୀୟ ହ୍ୟାଣ୍ଡବଲ ଦଳର ପ୍ରଶିକ୍ଷକ ଭାବେ ଓଡ଼ିଶାର ଗୌରୀ ଶଙ୍କର ମିଶ୍ର ଜୋର୍ଡାନ ଯାତ୍ରା କରିଛନ୍ତି। ଏହି ଅବସରରେ ଓଡ଼ିଶା ହ୍ୟାଣ୍ଡବଲ୍ ସଂଘ ପକ୍ଷରୁ ସଭାପତି ବିପ୍ଳବ ଚୌଧୁରୀ, ସମ୍ପାଦକ ମାନସ ସିଂ, କୋଷାଧ୍ୟକ୍ଷ ଶୀତେନ୍ଦ୍ରନାଥ ଦାସ ପ୍ରମୁଖ ଏହି ତିନିଜଣଙ୍କୁ ଶୁଭେଚ୍ଛା ଓ ଶୁଭକାମନା ଜଣାଇଛନ୍ତି।

## ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା ଟେକ୍‌ନିକାଲ କମିଟିରେ ଗଗନେନ୍ଦୁ



ଭୁବନେଶ୍ୱର, ୧୩।୯ (ସମିସ): ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ାର ୫ମ ସଂସ୍କରଣ ଆସନ୍ତା ନଭେମ୍ବରରେ ରାଜସ୍ଥାନରେ ଖେଳାଯିବ। ଜୟପୁରର ପୂର୍ଣ୍ଣିମା ବିଶ୍ୱବିଦ୍ୟାଳୟ ଓ ରାଜସ୍ଥାନ ବିଶ୍ୱବିଦ୍ୟାଳୟ ମିଳିତ ଭାବେ ଏହି ମେଗା ଇଭେଣ୍ଟକୁ ଆୟୋଜିତ କରିବେ। ଏହି ପ୍ରତିଯୋଗିତାରେ ୨୦ଟି ଇଭେଣ୍ଟରେ ୮୦୦୦ରୁ ଊର୍ଦ୍ଧ୍ୱ ଆଥ୍‌ଲେଟ୍ ଅଂଶଗ୍ରହଣ କରିବାର ସମ୍ଭାବନା ରହିଛି। ଏଥିଲାଗି ସର୍ବଭାରତୀୟ ବିଶ୍ୱବିଦ୍ୟାଳୟ ସଂଘ (ଏଆଇୟୁ) ପକ୍ଷରୁ କିଟ୍ ବିଶ୍ୱବିଦ୍ୟାଳୟର ଡ. ଗଗନେନ୍ଦୁ ଦାଶଙ୍କୁ ଏକ ବଡ଼ ଦାୟିତ୍ୱ ପ୍ରଦାନ କରାଯାଇଛି। ଗେମ୍ସ ଟେକନିକାଲ କଣ୍ଡକ୍ଟ କମିଟି (ଜିଟିସିସି)ରେ ପୂର୍ବାଞ୍ଚଳରୁ ସଦସ୍ୟ ଭାବେ ଗଗନେନ୍ଦୁଙ୍କୁ ମନୋନୀତ କରାଯାଇଛି। ଏଥିଲାଗି କିଟ୍ ଓ କିସ୍ ବିଶ୍ୱବିଦ୍ୟାଳୟ ପକ୍ଷରୁ ତାଙ୍କୁ ଅଭିନନ୍ଦନ ଜଣାଯାଇଛି।

### ଏସିଆ କପ୍ ମହିଳା ହକି

## ଆଜି ଭାରତ-ଚୀନ୍ ଫାଇନାଲ ମୁକାବିଲା



**ହାଙ୍ଗଝୋଉ,୧୩।୯ (ଏଜେନ୍ସି):** ଭାରତ ଓ ଚୀନ୍ ମଧ୍ୟରେ ଚଳିତ ଏସିଆ କପ୍ ମହିଳା ହକି ପ୍ରତିଯୋଗିତାର ଫାଇନାଲ ମୁକାବିଲା ହେବ। ଏହି ମ୍ୟାଚଟି ରବିବାର ଭାରତୀୟ ସମୟ ସନ୍ଧ୍ୟା ୫ଟା ୩୦ରୁ ଆରମ୍ଭ ହେବ। ଆଜି ତଥା ଶନିବାର ଖେଳାଯାଇଥିବା ସୁପର-୪'ର ଶେଷ ପର୍ଯ୍ୟାୟ ଶେଷ ଲିଗ୍ ମ୍ୟାଚ୍‌ରେ ଚୀନ୍ ୧-୦ ଗୋଲରେ ଦକ୍ଷିଣ କୋରିଆକୁ ପରାସ୍ତ କରିବା ପରେ ଭାରତ ଫାଇନାଲ ଖେଳିବା ରାସ୍ତା ପରିଷ୍କାର କରିନେଇଥିଲା।

କୋରିଆ ପରାଜିତ ହେବା ପରେ ଚୀନ୍ ୩ଟି ମ୍ୟାଚ୍‌ରୁ ୩ଟିରେ ବିଜୟୀ ହୋଇ ସୁପର-୪'ରେ ପ୍ରଥମ ସ୍ଥାନ ଅଧିକାର କରି ଫାଇନାଲରେ ସ୍ଥାନ ପକ୍କା କରିଥିଲା। ପୂର୍ବରୁ ଭାରତ ୧-୧ ଗୋଲ୍‌ରେ ଜାପାନ ସହ ମ୍ୟାଚ୍ ଡ୍ର ରଖିବା ଫଳରେ ଫାଇନାଲ ଖେଳିବା ନେଇ ଆଶଙ୍କା ପ୍ରକାଶ ପାଇଥିଲା। କିନ୍ତୁ ଦଳ ୩ଟି ମ୍ୟାଚ୍‌ରୁ ଗୋଟିଏ ବିଜୟ, ଗୋଟିଏ ଡ୍ର ଓ ଗୋଟିଏ ପରାଜୟରୁ ୪ ପଏଣ୍ଟ ପାଇ ସୁପର-୪'ରେ ଦ୍ୱିତୀୟସ୍ଥାନରେ ରହିଥିଲା। ସୁପର-୪'ରେ ଚୀନ୍ ଓ ଭାରତ ପ୍ରଥମ ଦୁଇଟି ସ୍ଥାନ ଅଧିକାର କରି ଫାଇନାଲ ଖେଳିବାକୁ ଯୋଗ୍ୟତା ଅର୍ଜନ କରିଥିଲେ। ଜାପାନ ବିପକ୍ଷରେ ଭାରତ ଆଜି ଖେଳିଥିବା ମ୍ୟାଚ୍‌ରେ ଭାରତ ଆରମ୍ଭରୁ ସୁଯୋଗ ପାଇ ଏହାର ସଦ୍‌ବ୍ୟବହାର କରିଥିଲା। ଖେଳର ପ୍ରଥମ କ୍ୱାର୍ଟରର ୭ମ ମିନିଟରେ ନେହାଙ୍କଠାରୁ ପାସ୍ ପାଇ ବିଉଟି ଡୁଙ୍ଗ ଡୁଙ୍ଗ୍ ଗୋଲ ଦେବାରେ ସମର୍ଥ ହୋଇଥିଲେ। ଏହି ଗୋଲ ପରେ ଭାରତୀୟ ଖେଳାଳି ଉତ୍ସାହିତ ହୋଇଥିଲାବେଳେ ଜାପାନ ଖେଳାଳିମାନେ ଆକ୍ରମଣାତ୍ମକ ହୋଇପଡ଼ିଥିଲେ। ଏହା ପରେ ଜାପାନ ଏକାଧିକ ଆକମଣ ରଚନା କରିଥିଲେ ମଧ୍ୟ ଗୋଲ ଦେଇ ପାରି ନ ଥିଲା। ଖେଳର ଶେଷ ସମୟରେ ଅର୍ଥାତ୍ ୫୮ତମ ମିନିଟ୍‌ରେ ସିହୋ କୋବାୟାକା ଗୋଲ ଶୁଝାଇ ଦେଇଥିଲେ। ଅବଶିଷ୍ଟ ସମୟରେ କେହି କାହାରିକୁ ଗୋଲ ଦେଇ ନପାରିବା ଫଳରେ ଖେଳ ୧-୧ ଗୋଲରେ ସମାନସ୍ତରରେ ରହିଥିଲା।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS